

ସୁଟିଂ ସାରିଲେ ସାହିଦ

▸ପୃଷ୍ଠା ୨ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-71 ◆THURSDAY ◆4 SEPTEMBER 2025 ◆PAGE-12 ◆₹ 6.00

JEYPORE

◆ବର୍ଷ-୪୩ ◆ସଂଖ୍ୟା-୭୧ ◆ଗୁରୁବାର ◆୪ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ସେବି ବିରୋଧରେ ମାମଲା ରୁଜୁକଲା ଆମେରିକୀୟ କମ୍ପାନୀ

■ **ମୁମ୍ବଇ, ୩।୯ (ଏଜେନ୍ସି):** ଭାରତୀୟ ସେୟାର ବଜାର ନିୟାମକ ସେବି ତଥା 'ସିକ୍ୟୁରିଟିଜ ଆଣ୍ଡ ଏକ୍ସଚେଞ୍ଜ ବୋର୍ଡ ଅଫ୍ ଇଣ୍ଡିଆ' ବିରୋଧରେ ଆମେରିକୀୟ ଟ୍ରେଡିଂ କମ୍ପାନୀ 'ଜେନ୍ ଷ୍ଟ୍ରିଟ୍ ଗ୍ରୁପ' ମାମଲା ରୁଜୁ କରିଛି। ଜାଲିଆତି କରି ୪,୮୪୪ କୋଟି ଟଙ୍କାର ଲାଭ (ବେଆଇନ) ଉଠାଇ ଥିବା ଅଭିଯୋଗରେ ସେବି ପୂର୍ବରୁ ଏହି କମ୍ପାନୀକୁ ସେୟାର ବଜାରରୁ ନିଷିଦ୍ଧ କରିଦେଇଥିଲା। ରିପୋର୍ଟ ଅନୁଯାୟୀ ସେବିର ଏହି ନିଷ୍ପତ୍ତିକୁ ବିରୋଧ କରି ଜେନ୍ ଷ୍ଟ୍ରିଟ ସିକ୍ୟୁରିଟିଜ୍ ଅପିଲେଟ ଟ୍ରିବ୍ୟୁନାଲ (ସ୍ୟାଟ)ରେ ଆବେଦନ ଦାଏର କରିଛି। ସେୟାର ବଜାରକୁ ନେଇ ନିୟାମକ ଦେଇଥିବା ନିଷ୍ପତ୍ତି ଉପରେ ସ୍ୟାଟ୍‌ରେ ଶୁଣାଣି ହୋଇଥାଏ। ତେବେ ଏହାକୁ ଜେନ୍ ଷ୍ଟ୍ରିଟ୍ କିମ୍ବା ସେବି ପକ୍ଷରୁ କୌଣସି ଟିପ୍ପଣୀ ଦିଆଯାଇ ନାହିଁ। ସୂଚନା ଅନୁଯାୟୀ ଗତ ଜୁଲାଇ ୩ ତାରିଖରେ ଜେନ୍ ଷ୍ଟ୍ରିଟ୍‌ର କାରବାର ଉପରେ ସେବି କଟକଣା ଲଗାଇ ଦେଇଥିଲା। ଏହି କମ୍ପାନୀ ନିଫ୍ଟି-୫୦ ଏବଂ ବ୍ୟାଙ୍କ ନିଫ୍ଟିରେ ଜାଲିଆତି କରି ବିପୁଳ ଲାଭ କମାଇ ଥିବା କୁହାଯାଇଥିଲା। ୨୦୨୩ ଜାନୁଆରୀରୁ ୨୦୨୫ ମେ' ମଧ୍ୟରେ ଜେନ୍ ଷ୍ଟ୍ରିଟ୍ ୩୬, ୬୭୧ କୋଟି ଟଙ୍କା ଲାଭ କରିଥିଲା। ଏଥିରୁ ୪,୮୪୪ କୋଟି ଟଙ୍କାର ଲାଭ ବେଆଇନ ଭାବେ ଉପାର୍ଜନ କରିଥିଲା। ପୁଣି ଥରେ କାରବାର କରିବା ପାଇଁ ଏହି ଅର୍ଥକୁ ଏସ୍କ୍ରୋ ଆକାଉଣ୍ଟରେ ଜମା କରିବାକୁ ସେବି ନିର୍ଦ୍ଦେଶ ଦେଇଥିଲା। ପରେ ଜୁଲାଇ ୧୧ରେ ଜେନ୍ ଷ୍ଟ୍ରିଟ ଏହି ରାଶି ଜମା କରିଥିଲା। ଜୁଲାଇ ୧୮ରେ ସେବି ଏହି କମ୍ପାନୀକୁ କିଛି ସର୍ତ୍ତରେ ପୁଣି କାରବାର ପାଇଁ ଅନୁମତି ଦେଇଥିଲା ବୋଲି ସୂଚନା ମିଳିଛି। ତେବେ ଜାଲିଆତି କରୁଥିବା ସହଯୋଗୀ କମ୍ପାନୀଠାରୁ ଦୂରେଇ ରହିବାକୁ ଜେନ୍ ଷ୍ଟ୍ରିଟ୍‌କୁ ଚେତାବନୀ ଦେଇଥିଲା।

## ପାକିସ୍ତାନରେ ଆତ୍ମଘାତୀ ବିସ୍ଫୋରଣ; ୧୪ ମୃତ

■ **କ୍ୱେଟା, ୩।୯ (ଏଜେନ୍ସି):** ପାକିସ୍ତାନର କ୍ୱେଟାରେ ମଙ୍ଗଳବାର ରାତିରେ ଆୟୋଜିତ ବାଲୋଚ୍ ନ୍ୟାସନାଲ ପାର୍ଟି (ବିଏନ୍‌ପି)ର ଏକ ରାଲିରେ ହୋଇଥିବା ଆତ୍ମଘାତୀ ବିସ୍ଫୋରଣରେ ୧୪ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନ୍ୟ ୩୦ ଜଣ ଆହତ ହୋଇଛନ୍ତି। ଆହତମାନଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସେମାନଙ୍କ ମଧ୍ୟରୁ ଅନେକଙ୍କ ଅବସ୍ଥା ଗୁରୁତର ରହିଛି।

ଆହତଙ୍କ ମଧ୍ୟରେ ବିଏନ୍‌ପି ନେତା ଅହମ୍ମଦ ନୱାଜ ଓ ମୁସା ବାଲୋଚ ସାମିଲ ରହିଛନ୍ତି। ବେଲୁଚିସ୍ତାନ ପୂର୍ବତନ ମୁଖ୍ୟମନ୍ତ୍ରୀ ସର୍ଦ୍ଦାର ଅତାଉଲ୍ଲା ମେନଗାଲଙ୍କ ଚତୁର୍ଥ ଶ୍ରାଦ୍ଧବାର୍ଷିକୀରେ ଶାହୱାନୀ ଷ୍ଟାଡିୟମରେ ଏହି ରାଲିର ଆୟୋଜନ କରାଯାଇଥିଲା। ରାଲି ସରିବାର କିଛି ସମୟ ପୂର୍ବରୁ ପାର୍କିଂ ଅଞ୍ଚଳରେ ଏହି ବିସ୍ଫୋରଣ ହୋଇଥିଲା। ଗତ ମାର୍ଚ୍ଚରେ ଲାକଡାରାରେ ମଧ୍ୟ



ଏଭଳି ଏକ ଆତ୍ମଘାତୀ ବିସ୍ଫୋରଣ ଘଟିଥିଲା। ତେବେ ଘଟଣା ପାଇଁ କୌଣସି ସଂଗଠନ ନିଜକୁ ଦାୟୀ କରିନାହାନ୍ତି। ଜଣେ ୩୫ରୁ ୪୦ ବର୍ଷର ବ୍ୟକ୍ତି ୮ କେଜିର ବିସ୍ଫୋରକ ନେଇ ଏହି କାଣ୍ଡ ଘଟାଇଛି ବୋଲି ପ୍ରତ୍ୟକ୍ଷଦର୍ଶୀ କହିଛନ୍ତି।

# ଉତ୍ତର ଭାରତରେ ବର୍ଷାର ତାଣ୍ଡବ



### ପଞ୍ଜାବରେ ଭୀଷଣ ବନ୍ୟା; ୩୦ ମୃତ
### ହିମାଚଳରେ ଭୂସ୍ଖଳନ ଯୋଗୁଁ ୧୧ ମୃତ
### ଦିଲ୍ଲୀରେ ପଶିଲା ଯମୁନା ନଦୀର ପାଣି
### ୧୦ ହଜାର ଲୋକ ସୁରକ୍ଷିତ ସ୍ଥାନାନ୍ତର
### ୟୁପିର ୨୦ ସହରରେ ବି ପ୍ରବଳ ବର୍ଷା

■ **ନୂଆଦିଲ୍ଲୀ, ୩।୯ (ଏଜେନ୍ସି):** ଦେଶର ସମ୍ପୂର୍ଣ୍ଣ ଉତ୍ତର ପଶ୍ଚିମ ଭାଗରେ ପ୍ରବଳ ବର୍ଷା ଜାରି ରହିଛି ।। ଦିଲ୍ଲୀ ସମେତ ପଞ୍ଜାବ, ହରିୟାଣା, ହିମାଚଳ, ଜମ୍ମୁ- କଶ୍ମୀର, ରାଜସ୍ଥାନ ଓ ଉତ୍ତରାଖଣ୍ଡରେ ଆଜି ମଧ୍ୟ ପ୍ରବଳ ବର୍ଷା ଜାରି ରହିଛି। ଫଳରେ ସାଧାରଣ ଜନଜୀବନ ଅସ୍ତବ୍ୟସ୍ତ ହୋଇ ପଡ଼ିଛି। ବର୍ଷା ଓ ବନ୍ୟା ଯୋଗୁଁ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ପଞ୍ଜାବ। ରାଜ୍ୟର ୨୩ଟି ଜିଲ୍ଲାର ଏବେ ବି ୧୨୦୦ ଗାଁ ପାଣି ଘେରରେ ରହିଛି। ବର୍ଷା ଓ ବନ୍ୟାରେ ୩୦ ଜଣ ପ୍ରାଣ ହରାଇଲେଣି ଏବଂ ୩ ଲକ୍ଷ ଲୋକ କ୍ଷତିଗ୍ରସ୍ତ ହୋଇଛନ୍ତି। ରାଜ୍ୟରେ ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ସବୁ ସ୍କୁଲ ଓ କଲେଜକୁ ବନ୍ଦ କରିଦିଆଯାଇଛି। ହରିୟାଣାର ଝାଜ୍ଜର, ହିସାର, ଯମୁନାନଗର, କୁରୁକ୍ଷେତ୍ର, ଅମ୍ବାଲା ଓ ପଞ୍ଚକୁଲା ଜିଲ୍ଲାର ଅଧିକାଂଶ ଅଞ୍ଚଳ ପାଣିରେ ବୁଡ଼ି ରହିଛି ଓ ୩ରୁ ୫ ଫୁଟ ଉଚ୍ଚରେ ପାଣି ଜମି ରହିଛି। ଖାସ୍ କରି ଅମ୍ବାଲାର ସ୍ଥିତି ଗମ୍ଭୀର ରହିଛି। ହଜାର ହଜାର ଘରେ ୨ରୁ ୪ ଫୁଟ୍ ପର୍ଯ୍ୟନ୍ତ ପାଣି ପଶିଯାଇଛି। ୨୦୦ରୁ ଅଧିକ ସ୍କୁଲକୁ ବନ୍ଦ କରିଦିଆଯାଇଛି।

ରାଜଧାନୀ ଦିଲ୍ଲୀ ଅବସ୍ଥା ମଧ୍ୟ ଖରାପ। ବର୍ଷା ଓ ବନ୍ୟା ଯୋଗୁଁ ରାଜଧାନୀ ବେହାଲ। ଦିଲ୍ଲୀରେ ଯମୁନା ନଦୀର ଜଳ ବିପଦ ସଂକେତ (୨୦୫ ମିଟର) ଉପରେ ଅର୍ଥାତ ୨୦୬.୮ ମିଟରରେ ପ୍ରବାହିତ ହେଉଛି। ୧୨ ବର୍ଷ ପରେ ପ୍ରଥମ ଥର ଲାଗି ଯମୁନା ଭୟଙ୍କର ରୂପ ଧାରଣ କରିଛି। ଦିଲ୍ଲୀର ଯମୁନା ବଜାର, ତିବତ୍ତ ବଜାର, ମୋନେଷ୍ଟ୍ରି ବଜାରରେ ପାଣି ପଶି ଯାଇଛି। ତଳିଆ ଅଞ୍ଚଳରେ ୧୦ ହଜାର ଲୋକଙ୍କୁ ଉଦ୍ଧାର କରାଯାଇଛି। ଦିଲ୍ଲୀରେ ସ୍କୁଲକୁ ବନ୍ଦ ରଖାଯାଇଛି ଓ ଅନ୍‌ଲାଇନ୍ କ୍ଲାସ ଜାରି ରହିଛି। ଇନ୍ଦିରା ଗାନ୍ଧୀ ବିମାନବନ୍ଦରରେ ପଶରି ଜମି ରହିଥିବାରୁ ୩୪୦ରୁ ଅଧିକ ବିମାନ ସେବା ବାଧାପ୍ରାପ୍ତ ହୋଇଛି। ଅନେକ ସ୍ଥାନରେ ପାଣି ଜମି ରହିଥିବାରୁ ଟ୍ରାଫିକ ସମସ୍ୟା ସୃଷ୍ଟି ହୋଇଛି।

ସେହିପରି ରାଜସ୍ଥାନର ଜୟପୁରରେ ମଧ୍ୟ ପ୍ରବଳ ବର୍ଷା ଜାରି ରହିଛି। ଏଠାରେ ଥିବା ସବୁଠୁ ବଡ଼ ଏମ୍‌ଏମ୍‌ଏସ୍ ହସ୍ପିଟାଲରେ ପାଣି ପଶିଯାଇଛି। କୋଟାର ଦରା ରେଲୱେ ଷ୍ଟେସନ ନିକଟ ଥିବା ରେଲୱେ ଟ୍ରାକ୍ ଉପରେ ଭୂସ୍ଖଳନ ହୋଇଛି। ହିମାଚଳ ପ୍ରଦେଶରେ ୧୩୦୦ରୁ ଉର୍ଦ୍ଧ୍ୱ ▸ପୃଷ୍ଠା-୭

## ଜିଏସ୍‌ଟି ପରିଷଦ ବୈଠକ ଆରମ୍ଭ

# ୧୨%, ୨୮% ଟିକସ ସ୍ଲାବ୍ ହଟାଇବାକୁ ମଞ୍ଜୁରି



■ **ନୂଆଦିଲ୍ଲୀ, ୩।୯ (ଏଜେନ୍ସି):** ଦ୍ରବ୍ୟ ଏବଂ ସେବା କର (ଜିଏସ୍‌ଟି) ପରିଷଦର ୫୬ତମ ବୈଠକ ବୁଧବାର ନୂଆଦିଲ୍ଲୀରେ ଆରମ୍ଭ ହୋଇଛି। ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କ ଅଧ୍ୟକ୍ଷତାରେ ବସିଥିବା ଏହି ବୈଠକର ପ୍ରଥମ ଦିନରେ ୧୨ ପ୍ରତିଶତ ଏବଂ ୨୮ ପ୍ରତିଶତ ସ୍ଲାବକୁ ହଟାଇବା ପାଇଁ ମଞ୍ଜୁରି ମିଳିଛି। ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟ ଅନୁଯାୟୀ ବର୍ତ୍ତମାନର ଟିକସ ବ୍ୟବସ୍ଥାକୁ ସରଳ କରିବା ପାଇଁ ୫ ପ୍ରତିଶତ ଏବଂ ୧୮ ପ୍ରତିଶତ ଶୁଳ୍କ କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନିଆଯାଇଛି। ଏହା ସହିତ ବ୍ୟବସାୟୀଙ୍କ ଉପରୁ ବୋଝ କମ୍ କରିବା ପାଇଁ ସହମତି ପ୍ରକାଶ ପାଇଛି। ଏଥିରେ

### ୫%, ୧୮% ସ୍ଲାବ ଲାଗୁ ହେବ
### ଷ୍ଟାର୍ଟଅପ୍ ପଞ୍ଜୀକରଣ ସମୟସୀମା ତିନି ଦିନକୁ ହ୍ରାସ
### ସ୍ୱୟଂଚାଳିତ ଜିଏସ୍‌ଟି ରିଫଣ୍ଡ ବ୍ୟବସ୍ଥାକୁ ଅନୁମୋଦନ
### ରାଜସ୍ୱ ସୁରକ୍ଷା ପାଇଁ ବିରୋଧୀ ଶାସିତ ରାଜ୍ୟଙ୍କ ଦାବି

ଏମଏସଏମଇ ଏବଂ ଷ୍ଟାର୍ଟଅପ୍‌ର ପଞ୍ଜିକରଣ ସମୟକୁ ୩୦ ଦିନରୁ ତିନି ଦିନ ହ୍ରାସ ▸ପୃଷ୍ଠା-୭

## ଦିଲ୍ଲୀରେ ମୋହନ, ମନମୋହନ

# ଚୂଡ଼ାନ୍ତ ହେବ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ !

■ **ଭୁବନେଶ୍ୱର, ୩।୯ (ସମିସ):** ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ କଳ୍ପନାଜଳ୍ପନା ଜାରି ରହିଥିବା ବେଳେ ବୁଧବାର ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଦିଲ୍ଲୀ ଗସ୍ତରେ ଯାଇଛନ୍ତି। ସୋମବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ୪ ଦିନିଆ ଦିଲ୍ଲୀ ଗସ୍ତରେ ଯାଇଥିବା ବେଳେ ମନମୋହନ ଦିଲ୍ଲୀ ଯିବା ଚର୍ଚ୍ଚାକୁ ଅଧିକ ଖୋରାକ୍ ଯୋଗାଇଛି। ଆସନ୍ତା ମୌସୁମୀ ଅଧିବେଶନ ପୂର୍ବରୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣର ସମ୍ଭାବନା ରହିଥିବା ନେଇ ରାଜନୈତିକ ସମୀକ୍ଷକ ଅନୁମାନ କରୁଛନ୍ତି। ଏପରିସ୍ଥଳରେ ମୁଖ୍ୟମନ୍ତ୍ରୀ ଏବଂ ରାଜ୍ୟ ବିଜେପି ସଭାପତିଙ୍କ ଏକା ସମୟରେ ଦିଲ୍ଲୀ ଗସ୍ତ ପରେ ଖୁବଶୀଘ୍ର ରାଜ୍ୟରେ ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳ ଗଠନ ଓ ମନ୍ତ୍ରୀ ପରିଷଦରେ ଆଉ ୬ ମନ୍ତ୍ରୀଙ୍କୁ ସ୍ଥାନ ମିଳିବା ଚର୍ଚ୍ଚା ଦାନା ବାନ୍ଧିଛି। ଗତ ଅଗଷ୍ଟରେ ମଧ୍ୟ ମୋହନ-ମନମୋହନ ଯୋଡ଼ି ଏକାସାଙ୍ଗରେ ଦିଲ୍ଲୀ ଗସ୍ତ କରିଥିଲେ। ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ ବୋର୍ଡ ଓ ନିଗମରେ ନିଯୁକ୍ତି ନେଇ ସେତେବେଳେ ଆଲୋଚନା ହୋଇଥିଲେ ହେଁ କୌଣସି ନିଷ୍କର୍ଷ ବାହାରି ପାରିନଥିଲା। ଏହାପରେ ଏକାଧିକ ବାର ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ ସଂଗଠନ ବିସ୍ତାର ନେଇ ଏକାଧିକ ବାର ରାଜ୍ୟ ଓ ଶୀର୍ଷ ନେତୃତ୍ୱ ଆଲୋଚନା କରି ସାରିଛନ୍ତି। ମାତ୍ର ପ୍ରତିଥର ବିଭିନ୍ନ କାରଣ ଯୋଗୁଁ ଏନେଇ କୌଣସି ନିର୍ଯ୍ୟାସ ବାହାରି ପାରିନାହିଁ।

ବିଜେପିର ଆଭ୍ୟନ୍ତରୀଣ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ବୋର୍ଡ, ନିଗମ ନିଯୁକ୍ତିକୁ ନେଇ ଦଳରେ ଅସନ୍ତୋଷ ବୃଦ୍ଧିକୁ ନେଇ ଶାସକ ଦଳରେ ଏକ ଅସ୍ୱସ୍ତିକର ପରିସ୍ଥିତି ସୃଷ୍ଟି ହୋଇଥିଲା। ସରକାର ଗଠନର ୧୪ ମାସ ବିତିଥିଲେ ମଧ୍ୟ ବିଭିନ୍ନ ନିଗମ ଓ ବୋର୍ଡ଼୍‌ରେ ଦଳୀୟ ନେତାଙ୍କୁ ଥଇଥାନ ନ ହେବା ଯୋଗୁଁ ଦଳୀୟ ନେତାଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଥିଲା। ଏହା ବ୍ୟତୀତ ଦଳରେ ଗୋଷ୍ଠୀ ବିବାଦ ଓ ବିଭିନ୍ନ ନେତାଙ୍କ ସମର୍ଥକଙ୍କ ମଧ୍ୟରେ ସମ୍ଭାବ୍ୟ ମନ୍ତ୍ରୀପଦକୁ ନେଇ ଟଣାଓଟରା ଆରମ୍ଭ ହୋଇଥିଲା। ଏହି ଖବର ▸ପୃଷ୍ଠା-୭

## ସ୍ନାତକଙ୍କ ପାଇଁ ବାହାରୁନି ଚାକିରି

■ **ଭୁବନେଶ୍ୱର, ୩।୯ (ସମିସ):** ସ୍ନାତକ ପଢୁଆ ପିଲାଙ୍କ ପାଇଁ ରାଜ୍ୟରେ ନୂତନ ନିଯୁକ୍ତି ବାହାରୁ ନାହିଁ। ଚଳିତବର୍ଷ ଓଡ଼ିଶା ଲୋକସେବା ଆୟୋଗ (ଏପିଏସ୍‌ସି) ପରିଚାଳିତ ମହାଲେଖାଗାର ଏଏସ୍‌ଓ ପଦରେ ନିଯୁକ୍ତି ପାଇଁ ୨୯ ଟି ପଦ ବ୍ୟତୀତ ଅନ୍ୟ କୌଣସି ପଦ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ରାଜ୍ୟରେ ବହୁ ପଦ ଖାଲି ପଡ଼ିଥିବା ସତ୍ତ୍ୱେ ନିଯୁକ୍ତି ବାହାରୁ ନ ଥିବାରୁ ଲକ୍ଷାଧିକ ଆଶାୟୀ ନିରାଶ ହେଉଛନ୍ତି।

ରାଜ୍ୟରେ ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ସରକାର ଘୋଷଣା କରିଛନ୍ତି। ଖୋଦ୍ ମୁଖ୍ୟମନ୍ତ୍ରୀ ଦୁଇବର୍ଷ ମଧ୍ୟରେ ୬୫ ହଜାର ଓ ୫ବର୍ଷରେ ଅଢ଼େଇ ଲକ୍ଷ ନିଯୁକ୍ତି ଦେବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଥିବା କହିଛନ୍ତି। ହେଲେ ଚଳିତ ବର୍ଷ କେବଳ ସ୍ନାତକ ଶିକ୍ଷାପ୍ରାପ୍ତ ପିଲାଙ୍କ ପାଇଁ ଆବଶ୍ୟକ ପଦ ବାହାରି ନାହିଁ। ସ୍ୱତନ୍ତ୍ର ଡିଗ୍ରୀଧାରୀଙ୍କ ପାଇଁ ଡାକ୍ତର, ନର୍ସ, ଶିକ୍ଷକ ପରି ପଦ ବାହାରିବା ସହ ନିଯୁକ୍ତି ପ୍ରକ୍ରିୟା ▸ପୃଷ୍ଠା-୭

**ଲଘୁଚାପ ସକ୍ରିୟ**

# ରାଜ୍ୟସାରା ନିର୍ଘୂମ୍ ବର୍ଷା

■ **ଭୁବନେଶ୍ୱର, ୩।୯ (ସମିସ):** ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ କ୍ଷେତ୍ର ଅଧିକ ଘନୀଭୂତ ହୋଇ ସୁଦୃଶ ଲଘୁଚାପରେ ପରିଣତ ହୋଇଛି। ଏହା ପ୍ରଭାବରେ ବୁଧବାର ରାଜ୍ୟର ଅଧିକାଂଶ ଅଞ୍ଚଳରେ ବର୍ଷା ହୋଇଛି। ଗତ ୩୬ ଘଣ୍ଟା ମଧ୍ୟରେ ବାଲେଶ୍ୱରଠାରୁ ଗଞ୍ଜାମ ପର୍ଯ୍ୟନ୍ତ

### ଫୁଲୁଛି ସବୁ ନଦୀ

ଉପକୂଳବର୍ତ୍ତୀ ଜିଲ୍ଲା ଓ ଏହାର ସଂଲଗ୍ନ ଜିଲ୍ଲାଗୁଡ଼ିକରେ ସବୁଠୁ ଅଧିକ ବର୍ଷା ହୋଇଛି। ଯାଜପୁରରେ ସର୍ବାଧିକ ୧୪୦ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଚାନ୍ଦବାଲିରେ ୯୦ ମିମି ବର୍ଷା ରେକର୍ଡ ହୋଇଛି। ଏହାସହିତ ଭୁବନେଶ୍ୱରରେ ୬୭ ମିମି ବର୍ଷା ସହ ବାଲେଶ୍ୱର ୫୦, ପାରାଦୀପ ୪୨, ବାରିପଦା



୫୦, କେନ୍ଦୁଝର ୫୦, ଛତ୍ରପୁର ୫୦, ଦେବଗଡ଼ ୫୮, ନୂଆପଡ଼ା ମଧ୍ୟ ୩୮ ମିମି ବର୍ଷା ରେକର୍ଡ ହୋଇଛି।

ଏହି ସଦୃଶ ଲଘୁଚାପ ଟି ଆସନ୍ତା ୨୪ ଘଣ୍ଟା ପଶ୍ଚିମ ଉତ୍ତର-ପଶ୍ଚିମ ଦିଗରେ ଗତି କରିବା ସହ ଉତ୍ତର ଓଡିଶା ମଧ୍ୟ ଦେଇ ଝାଡ଼ଖଣ୍ଡ ଓ ଛତିଶଗଡ଼ ମୁହାଁ ହେବ। ଏହା ପ୍ରଭାବରେ ରାଜ୍ୟରେ ଗୁରୁବାର ମଧ୍ୟ ଅନେକ ସ୍ଥାନରେ ବର୍ଷା ସମ୍ଭାବନା ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗୁରୁବାର ସୁନ୍ଦରଗଡ଼, ସମ୍ବଲପୁର ଓ ▸ପୃଷ୍ଠା-୭

# ନିଶା ନିବାରଣ କେନ୍ଦ୍ରରେ ହତ୍ୟା

■ **ଭୁବନେଶ୍ୱର, ୩।୯ (ସମିସ):** କିଛି ଦିନର ବ୍ୟବଧାନ ପରେ ପୁଣି ନିଶା ନିବାରଣ କେନ୍ଦ୍ରରେ ଘଟିଛି ଅଭାବନୀୟ ଘଟଣା। ନିଶା ଛାଡ଼ିବାକୁ ଆସିଥିବା ଜଣେ



### ପାଳନ ହେଉନାହିଁ ମାର୍ଗଦର୍ଶିକା
### ପୁଲିସ ପାଖରେ ନାହିଁ କେନ୍ଦ୍ରର ତଥ୍ୟ

ଯୁବକ ପ୍ରାଣ ହରାଇଛନ୍ତି। ଭରତପୁର ଥାନା ଅନ୍ତର୍ଗତ ଜିଏ କଲୋନୀରେ ଥିବା ଡିୟର ଲାଇଫ୍ ୱେଲନେସ ହିଲନେସ୍ ସେଣ୍ଟରରେ ଏଭଳି ଅଘଟଣ ଘଟିଛି। ମୃତକ ହେଉଛନ୍ତି ବାଙ୍କୀ ସିଂହନାଥପୁରର ସୂର୍ଯ୍ୟକାନ୍ତ ମହାପାତ୍ର (୨୮)। ସୂର୍ଯ୍ୟକାନ୍ତଙ୍କୁ ହତ୍ୟା କରାଯାଇଥିବା ନେଇ ପ୍ରଶାନ୍ତ କୁମାର ମହାପାତ୍ର ଅଭିଯୋଗ କରିଛନ୍ତି। ନିଶା ନିବାରଣ କେନ୍ଦ୍ରକୁ ନେଇ ରହିଥିବା ଏସ୍‌ଓପି ପାଳନ ହେଉନଥିବାରୁ ବାରମ୍ବାର ଏଭଳି ଅଘଟଣ ସାମ୍ନାକୁ ଆସୁଛି। ପୁଲିସ ନିଶା ନିବାରଣ କେନ୍ଦ୍ରଗୁଡ଼ିକ ପ୍ରତି କୋହଳ ମନୋଭାବ ପୋଷଣ କରୁଥିବାରୁ ଅନ୍ତେବାସୀଙ୍କ ଜୀବନ ଯାଉଛି ବୋଲି ଅଭିଯୋଗ ହୋଇଛି।

ଅଭିଯୋଗ ଅନୁଯାୟୀ, ସିଂହନାଥପୁରର ସୂର୍ଯ୍ୟକାନ୍ତଙ୍କୁ ଗତ ୨୯ ତାରିଖରେ ପରିବାର ଲୋକେ ଜିଏ କଲୋନୀସ୍ଥିତ ଡିୟର ଲାଇଫ୍ ୱେଲନେସ ହିଲନେସ୍ ନିଶା ▸ପୃଷ୍ଠା-୭

**ସରକାରୀ ଅର୍ଥ ହଡ଼ପ ଅଭିଯୋଗ**

## ୮ ଏସ୍‌ଏଚ୍‌ଜି ମହିଳାଙ୍କୁ ଗିରଫ କଲା ଭିଜିଲାନ୍ସ

■ **ଜଗତସିଂହପୁର, ୩।୯ (ସମିସ):** ଜଗତସିଂହପୁର ଜିଲ୍ଲା ନାଉଗାଁ ଥାନା ଅଧୀନ କୁରୁକି ଗ୍ରାମର ୮ ଜଣ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାଙ୍କୁ ସରକାରୀ ଅର୍ଥ ହଡ଼ପ ଅଭିଯୋଗରେ ଆଜି ଭିଜିଲାନ୍ସ ଗିରଫ କରିଥିବା ସୂଚନା ଦେଇଛନ୍ତି ଭିଜିଲାନ୍ସର ଡିଏସ୍‌ପି ଅନୁପମା ସାହୁ। ପରେ ସେମାନଙ୍କୁ କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର କରାଯାଇଥିଲା ଏବଂ ସେଠାରେ ସମସ୍ତ ୮ ଜଣଙ୍କୁ ଜାମିନ ମିଳିଥିବା ସୂଚନା ମିଳିଛି। ସେମାନେ ହେଲେ ମାନୀ ଦାସ, ପ୍ରଭାତୀ ଦାସ, ପ୍ରମିଳା ଦାସ, ଲିଲି ଦାସ, ଛବିଲତା ଦାସ, ହେମା ଦାସ, ଶାନ୍ତିଲତା ପରିଡା ଏବଂ ମମତା ପରିଡ଼ା। ଗତ ୨୦୧୦ ମସିହାରେ ଏକ ସ୍ୱୟଂ ସହାୟକ ଗୋଷ୍ଠୀର ▸ପୃଷ୍ଠା-୭

**ହାଇକୋର୍ଟରେ ସମ୍ବଲପୁର ମହାନଗର ନିଗମ ମାମଲା**

# ନିର୍ବାଚନ ପାଇଁ ଫିଟିଲା ବାଟ

## ୬ସପ୍ତାହ ମଧ୍ୟରେ ସାନି ବିଜ୍ଞପ୍ତି ପ୍ରକାଶ ପାଇଁ ସରକାରଙ୍କୁ ନିର୍ଦ୍ଦେଶ

■ **କଟକ, ୩।୯ (ସମିସ):** ଦୀର୍ଘ ୧୦ବର୍ଷ ପରେ ସମ୍ବଲପୁର ମହାନଗର ନିଗମ ନିର୍ବାଚନ ପାଇଁ ବାଟ ଫିଟିଛି। ଏକ ଦଶନ୍ଧି ଧରି ବିଚାରାଧୀନ ମାମଲାର ଶୁଣାଣିରେ ହାଇକୋର୍ଟ ପୂର୍ଣ୍ଣଚ୍ଛେଦ ପକାଇଛନ୍ତି। ଏଥିସହ ଆସନ୍ତା ୬ସପ୍ତାହ ମଧ୍ୟରେ ସଂରକ୍ଷଣ ନିୟମ ଅନୁସାରେ ସାନି ୱାର୍ଡ ସଂରକ୍ଷଣ ବିଜ୍ଞପ୍ତି ଜାରି କରିବାକୁ ଅଦାଲତ ନିର୍ଦ୍ଦେଶ ପ୍ରଦାନ କରିବା ସହ ଗତ ୨୦୧୫ର ବିଜ୍ଞପ୍ତିକୁ ରଦ୍ଦ କରିଦେଇଛନ୍ତି। ଅଜୟ କୁମାର ମହାନ୍ତିଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ରାଧାକ୍ରିଷ୍ଣ ପଟ୍ଟନାୟକ ଏପରି ନିର୍ଦ୍ଦେଶ ପ୍ରଦାନ କରି ପୂର୍ବରୁ ଜାରି ଅନ୍ତରୀଣ ରହିତାଦେଶକୁ ଉଠାଇଦେଇଛନ୍ତି। ୨୦୧୩ ନଭେମ୍ବର ମାସ ୧୫ତାରିଖରେ ସମ୍ବଲପୁର ସହରକୁ



**ପ୍ରକାଶ ପାଇବ ସାନି ୱାର୍ଡ ସଂରକ୍ଷଣ ତାଲିକା**

ମହାନଗର ନିଗମର ମାନ୍ୟତା ମିଳିଥିଲା। ତେବେ ଆଜି ପର୍ଯ୍ୟନ୍ତ ସମ୍ବଲପୁର ମହାନଗର ନିଗମର ନିର୍ବାଚନ ହୋଇପାରି ନାହିଁ। ୱାର୍ଡ ପୁନର୍ଗଠନ ଓ ସଂରକ୍ଷଣ ପାଇଁ ୧୫ ଜାନୁଆରୀ ୨୦୧୫ରେ ଗେଜେଟ ବିଜ୍ଞପ୍ତି ଜାରି କରିଥିଲେ ସରକାର।


ସେହିଭଳି ୧୩ ଫେବୃଆରୀ ୨୦୧୫ରେ ୱାର୍ଡ ପୁନର୍ଗଠନ ଓ ସଂରକ୍ଷଣର ତାଲିକା ପ୍ରକାଶ ପାଇଥିଲା। ହେଲେ ସଂରକ୍ଷିତ ବର୍ଗଙ୍କ ପାଇଁ ନିୟମ ଉଲ୍ଲଙ୍ଘନ କରି ୫୦ ପ୍ରତିଶତରୁ ଅଧିକ ପଦ ସଂରକ୍ଷିତ ରହିବାକୁ ବିରୋଧ କରି ହାଇକୋର୍ଟରେ ଏହି ଜନସ୍ୱାର୍ଥ ମାମଲା ରୁଜୁ ହୋଇଥିଲା। ସେପଟେ ସମ୍ବଲପୁର ପୌର ପରିଷଦରେ ବୁର୍ଲା ଏନଏସି ଓ ହୀରାକୁଦ ଏନଏସି ସହ ଧନକଉଡା ଓ ମାନେଶ୍ୱରର ୧୨ଟି ପଞ୍ଚାୟତର ୫୬ଟି ଗାଁକୁ ନେଇ ମହାନଗର ନିଗମର ୪୧ ୱାର୍ଡ ଗଠନ ହୋଇଥିଲା।

ନିୟମାନୁସାରେ ସଂରକ୍ଷଣ ହୋଇନଥିବା ହେତୁ ହାଇକୋର୍ଟ ଏହି ପୌର ନିର୍ବାଚନ ଉପରେ ଗତ ୨୦୧୫ରେ ଅନ୍ତରୀଣ ରହିତାଦେଶ ଜାରି କରିଥିଲେ। ଯାହା ବିଭିନ୍ନ ସମୟରେ ବଳବତ୍ତର ରହିଆସିଥିଲା। ଫଳରେ ସମ୍ବଲପୁର ମହାନଗର ନିଗମର ନିର୍ବାଚନ ହୋଇପାରୁ ନ ଥିଲା।

## ଆଜିର ଇତିହାସ

- ୧୮୮୮- ଗାନ୍ଧିଜୀ ଇଂଲଣ୍ଡକୁ ଜଳ ଯାତ୍ରା ଆରମ୍ଭ କଲେ।
- ୧୯୨୭- ନାଗପୁର ଦଙ୍ଗାରେ ୨୨ ଲୋକଙ୍କ ମୃତ୍ୟୁ ଓ ୧୦୦ରୁ ଅଧିକ ଆହତ ହୋଇଥିଲେ।
- ୧୯୫୨- ବଲିଉଡ୍ ଅଭିନେତା ଋଷି କପୁରଙ୍କ ଜନ୍ମ।
- ୧୯୬୭- ମହାରାଷ୍ଟ୍ରରେ ୬.୫ ତ୍ରୀବ୍ରତାର ଭୂମିକମ୍ପ ଆସିବା ଯୋଗୁଁ ୨୦୦ରୁ ଅଧିକ ଲୋକଙ୍କ ମୃତ୍ୟୁ ହୋଇଥିଲା।
- ୧୯୮୫- ଟାଇଟାନିକ୍ ଜାହାଜ ବୁଡ଼ିବାର ୭୩ ବର୍ଷ ପରେ ଏହାର ଚିତ୍ର ସାମ୍ନାକୁ ଆସିଲା।
- ୨୦୦୦- ସିଡ୍‌ନୀରେ ୨୭ତମ ଅଲମ୍ପିକ୍ ଖେଳର ଆରମ୍ଭ ହୋଇଥିଲା।
- ୨୦୧୯- ପଞ୍ଜାବର ବାଟଲାରେ ଏକ ବାଣ ଫ୍ୟାକ୍ଟ୍ରିରେ ବିସ୍ଫୋରଣ ଯୋଗୁଁ ୨୩ ଜଣଙ୍କ ମୃତ୍ୟୁ ହୋଇଥିଲା।

# ବିଶାଳଙ୍କ ଫିଲ୍ମର ସୁଟିଂ ସାରିଲେ ଶାହିଦ୍



ବଲିଉଡ୍ ଅଭିନେତା ଶାହିଦ୍ କପୁର ପୁଣି ଥରେ ବିଶାଳ ଭରଦ୍ୱାଜଙ୍କ ଏକ ଫିଲ୍ମରେ କାମ କରୁଛନ୍ତି। ଏହାପୂର୍ବରୁ ଶାହିଦ୍, ବିଶାଳଙ୍କ ଫିଲ୍ମ 'କମିନେ', 'ହୈଦର', 'ରେଙ୍ଗୁନ୍'ରେ କାମ କରିଥିଲେ। ଇତିମଧ୍ୟରେ ଶାହିଦ୍ ଏହି ଫିଲ୍ମର ସୁଟିଂ ମଧ୍ୟ ସାରି ଦେଇଛନ୍ତି। ଫିଲ୍ମର ଟାଇଟଲ କ'ଣ ହେବ ତାହା ଏଯାବତ୍ ଫାଇନାଲ କରାଯାଇ ନାହିଁ। ଏଥିରେ ତ୍ରିପ୍ତି ଦିମ୍‌ରି ଶାହିଦ୍‌ଙ୍କ ବିପକ୍ଷରେ ଦେଖାଯିବେ। ଦିଶା ପଟାନି, ନାନା ପାଟେକର୍ , ଫରିଦା ଜଲାଲ, ଅବିନାଶ ତିୱାରି ପ୍ରମୁଖ ମଧ୍ୟ ଏଥିରେ ନଜର ଆସିବେ।

ନିକଟରେ ଶାହିଦ୍ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ଫଟୋ ସେୟାର୍ କରିଥିଲେ। ଏଥିରେ ବିଶାଳ ଶାହିଦ୍‌ଙ୍କୁ କିଛି ବୁଝାଉଥିବାର ଦେଖାଯାଇଥିଲେ। ଶାହିଦ୍ ଏହି ଫଟୋ ସହିତ ଏକ ନୋଟ୍ ମଧ୍ୟ ଲେଖିଥିଲେ। ଶାହିଦ୍ ଲେଖିଥିଲେ ଯେ, ' ବିଶାଳଙ୍କ ସହ ମୋର ଚତୁର୍ଥ ଫିଲ୍ମର ସୁଟିଂ ଶେଷ ହୋଇଛି। ସବୁଥର ଭଳି ମୋ ପାଇଁ ଏକ ସଂପୂର୍ଣ୍ଣ ଏକ ନୂଆ ଦୁନିଆ ଓ ପୂରାପୂରି ଏକ ଅଲଗା ଚରିତ୍ର। ଖୁବ୍ ଶୀଘ୍ର ଫିଲ୍ମର ଘୋଷଣା କରାଯିବ। ତ୍ରିପ୍ତିଙ୍କ ସହ କାମ କରି ବହୁତ ଭଲ ଲାଗିଲା। ନାନା ପାଟେକର ବହୁତ ଜଟିଳ ସିନ୍‌ଗୁଡ଼ିକ ବି ସରଳ କରି ଦେଉଥିଲେ। ଫରିଦା ଜଲାଲଙ୍କ ଶାଳୀନତା ପାଇଁ ଧନ୍ୟବାଦ। ଅବିନାଶ ତିୱାରୀ ଆପଣଙ୍କ ପ୍ଲେଲିଷ୍ଟ ପାଇଁ ଧନ୍ୟବାଦ। ଦିଶା ଆପଣ ଓ ମୁଁ ଦୁଇଟି ଗୀତରେ ବେଶ୍ ଭଲ ପ୍ରଦର୍ଶନ କରିଛନ୍ତି।' ଏହି ଫିଲ୍ମ ଡିସେମ୍ବର ୫ରେ ରିଲିଜ୍ ହୋଇପାରେ ବୋଲି କୁହାଯାଉଛି।

# ଫୁଡ୍ ଡେଲିଭରି କରୁଛି ରୋବୋ ଡଗ୍




ଏଆଇ ଶିକ୍ଷା କ୍ଷେତ୍ରଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟ କ୍ଷେତ୍ର ସବୁଠିକି ପ୍ରବେଶ କରି ସାରିଛି। ଅନଲାଇନ୍ ଫୁଡ୍ ଡେଲିଭରିରେ ମଧ୍ୟ ଏଆଇ ତା'ର ଆଧିପତ୍ୟ ବିସ୍ତାର କଲାଣି। ଏଯାବତ୍ ୧୦ ମିନିଟ୍‌ରେ ଖାଦ୍ୟ ପହଞ୍ଚାଇବାର କାମ ଡେଲିଭରି ବୟ କରୁଥିବା ବେଳେ ଏବେ ଏହି କାମ ଏଆଇ ରୋବଟ୍ କରିବା ଆରମ୍ଭ କଲାଣି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଏହା ଥକ୍କି ନ ଯାଇ ଯେକୌଣସି ପ୍ରତିକୂଳ ସ୍ଥିତିରେ ବି ଗ୍ରାହକଙ୍କ ପାଖରେ ଖାଦ୍ୟକୁ ଠିକ୍ ସମୟରେ ପହଞ୍ଚାଇବ। ଏହା ଫୁଡ୍ ଡେଲିଭରି କାର୍ଯ୍ୟକୁ ଆହୁରି ସୁବିଧା ଓ ସହଜ କରିବ ବୋଲି ଏଥିରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ସୁଇଜରଲ୍ୟାଣ୍ଡର ଜ୍ୟୁରିଖ ସହରରେ ଏବେ ଖାଦ୍ୟ ଡେଲିଭରିର କାମ ଏଆଇ ରୋବୋ ଡଗ୍ କରୁଛନ୍ତି। ଡଚ୍ କମ୍ପାନି 'ଜଷ୍ଟ ଇଟ୍ ଟେକ୍‌ଆୱେ ଡଟ୍‌କମ୍' ସ୍ୱିସ୍ ରୋବୋଟିକ୍ସ କମ୍ପାନି 'ଆର୍‌ଆଇଭିଆର୍' ସହିତ ମିଶି ଖାଦ୍ୟ ଡେଲିଭରି କରିବା ଲାଗି ରୋବୋ ଡଗ୍ ବ୍ୟବହାର କରିବା ଆରମ୍ଭ କରିଛି। ଅବଶ୍ୟ ଏହି ଏଆଇ ରୋବୋ ଡଗ୍ ସାଧାରଣ ଡେଲିଭରି ରୋବଟ୍‌ଠାରୁ ଅଲଗା। ଖାଦ୍ୟ ଡେଲିଭରି ଲାଗି ଏମାନଙ୍କୁ କୌଣସି ଗାଡ଼ିର ଆବଶ୍ୟକତା ପଡ଼ି ନ ଥାଏ। ରୋବୋ ଡଗ୍‌ର ଗୋଡ଼ ସହ ଚକ ମଧ୍ୟ ଲାଗିଛି। ତେଣୁ ଏହା ସହରର ଅଣଓସରିଆ ତଥା ଅତି ସଂକୀର୍ଣ୍ଣ ରାସ୍ତାରେ ବି ଅତି ସହଜରେ ଗତି କରିପାରେ। ଏଥିରେ ଫିଜିକାଲ ଏଆଇ ଟେକ୍ନିକ୍‌ର ବ୍ୟବହାର କରାଯାଇଛି। ଏହା ସିଡ଼ିଗୁଡ଼ିକୁ ବେଶ୍ ସହଜରେ ଚଢ଼ିପାରେ। କେବଳ ସେତିକି ନୁହେଁ, ଏହା ମଣିଷ, ଗାଡ଼ି, ସାଇକଲ, ଡଷ୍ଟବିନ୍ ଆଦିକୁ ଏଡ଼ାଇ ବେଶ୍ ସହଜରେ ଚାଲିପାରେ। ଏହାବାଦ୍ ଅତ୍ୟଧିକ ବର୍ଷା, ଝଡ଼, ତୋଫାନ, ତୁଷାରପାତ ବେଳେ ବି ଏହା କାର୍ଯ୍ୟ କରିଥାଏ। ଏହା ଘଣ୍ଟା ପ୍ରତି ୧୫ କିଲୋମିଟର ବେଗରେ ଦୌଡ଼ି ପାରିବ। ଆବଶ୍ୟକ ପଡ଼ିଲେ ରିମୋଟ୍ ଦ୍ୱାରା ମଧ୍ୟ ଏହାକୁ ନିୟନ୍ତ୍ରଣ କରାଯାଇପାରିବ। ସେହିପରି ଏହା ହେଉଛି ୟୁରୋପର ପ୍ରଥମ କମ୍ପାନି, ଯାହାକି ଫୁଡ୍ ଡେଲିଭରି ଲାଗି ଫିଜିକାଲ ଏଆଇ ଟେକ୍ନିକ୍ ଯୁକ୍ତ ରୋବୋ ଡଗ୍‌କୁ ବ୍ୟବହାର କରୁଛି। ଅନ୍ୟପଟେ ରୋବୋ ଡଗ୍ କେବଳ ଫାଷ୍ଟଫୁଡ୍ ପର୍ଯ୍ୟନ୍ତ ସୀମିତ ନାହାନ୍ତି, ବରଂ ତେଜରାତି ଜିନିଷ, ଔଷଧ, ଡ୍ରେସ୍ ଆଦି ନିତିଦିନିଆ ଜିନିଷର ଡେଲିଭରି କରିବାକୁ ମଧ୍ୟ ସକ୍ଷମ। ଅନ୍‌ଲାଇନ୍ ସପିଂର ବଢ଼ୁଥିବା ଚାହିଦାକୁ ଦେଖିଲେ ସହରରେ ଡେଲିଭରି କାର୍ଯ୍ୟର ଚାହିଦା ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏଭଳି ସ୍ଥିତିରେ ଏ ପ୍ରକାର ରୋବଟ୍ ଡେଲିଭରି କାର୍ଯ୍ୟକୁ ଅଧିକ ସହଜ, ଦ୍ରୁତ ଓ ସୁବିଧାଜନକ କରିପାରିବ।

# କନ୍ୟା ସନ୍ତାନ ଜନ୍ମରେ ଡାକ୍ତର ନିଅନ୍ତିନି ଫି'



ସାଧାରଣତଃ କ୍ୱଚିତ୍ ଡାକ୍ତର ମାଗଣାରେ ରୋଗୀଙ୍କ ଚିକିତ୍ସା କରିଥାନ୍ତି। ଏହି କ୍ରମରେ ଏମିତି ବି ଜଣେ ଡାକ୍ତର ଅଛନ୍ତି, ସେ ଚିକିତ୍ସା କରୁଥିବା କୌଣସି ମହିଳା କନ୍ୟା ସନ୍ତାନକୁ ଜନ୍ମ ଦେଲେ ତାଙ୍କଠାରୁ ଆଦୌ ଫି' ନିଅନ୍ତି ନାହିଁ। ଏହି କଥା ବିଶିଷ୍ଟ ଉଦ୍ୟୋଗପତି ଆନନ୍ଦ ମହିନ୍ଦ୍ରା ସାମାଜିକ ଗଣମାଧ୍ୟମରେ ସେୟାର୍ କରିବା ପରେ ସମସ୍ତଙ୍କ ନଜରକୁ ଆସିଛି। ଏହାସହ ସେ ଡାକ୍ତର ଗଣେଶ ରାଖଙ୍କ ଅସାଧାରଣ କରୁଣା ଏବଂ ମାନବିକତାକୁ ପ୍ରଶଂସା କରିଛନ୍ତି। ତେବେ ଡା. ଗଣେଶଙ୍କ ଏହି ମହାନ କାମ ସମ୍ପର୍କରେ ପ୍ରଥମେ ଆଇଏଏସ୍ ଅଧିକାରୀ ଡି. ପ୍ରଶାନ୍ତ ନାୟର ସାମାଜିକ ଗଣମାଧ୍ୟମରେ ସେୟାର୍ କରିଥିଲେ। ଆନନ୍ଦଙ୍କ ନଜର ଏହି ପୋଷ୍ଟ ଉପରେ ପଡ଼ିବା ପରେ ସେ ମଧ୍ୟ ଏହାକୁ ସେୟାର୍ କରିଥିଲେ। ନାୟାରଙ୍କ ପୋଷ୍ଟ ଅନୁସାରେ, 'ଜଣେ ଦିନମଜୁରିଆ ନିଜ ସ୍ତ୍ରୀଙ୍କୁ ପ୍ରସବ ଲାଗି ହସ୍‌ପିଟାଲରେ ଭର୍ତ୍ତି କରାଇଥିଲେ। ଶ୍ରମିକ ଜଣକ ଭାବିଥିଲେ ସିଜରିଆନର ଖର୍ଚ୍ଚ ଉଠାଇବା ଲାଗି ଘର ଜମିବାଡ଼ି ବନ୍ଧା ପକାଇବାକୁ ପଡ଼ିପାରେ। ତେବେ ପିଲାଟି ଜନ୍ମ ପରେ ପୁଅ ନା ଝିଅ ହୋଇଛି ସେ ଡା. ଗଣେଶଙ୍କୁ ପଚାରିଥିଲେ। ଡା. ଗଣେଶ ତାଙ୍କ ଘରକୁ ପରୀ ଆସିଥିବା କହିଲେ। ହସ୍‌ପିଟାଲ ଫି'କୁ ନେଇ ବ୍ୟକ୍ତି ଜଣକ ଦ୍ୱନ୍ଦ୍ୱରେ ଥିବା ବେଳେ ଡା. ଗଣେଶ କହିଲେ, ଝିଅ ଜନ୍ମ ନେଲେ ସେ ଟଙ୍କା ନିଅନ୍ତି ନାହିଁ। ଏହି କଥାରେ ଝିଅଟିର ବାପା ଭାବପ୍ରବଣ ହୋଇ ଡା. ଗଣେଶଙ୍କୁ ଦେବତା ବୋଲି କହିଥିଲେ। ତେବେ ଏକ ଦଶକରୁ ଅଧିକ ସମୟ ଧରି ଡା. ଗଣେଶ ଏହି ମହାନ୍ କାର୍ଯ୍ୟ କରି ଆସୁଛନ୍ତି। ସେ ୨୦୦୭ ମସିହାରେ ନିଜର ହସ୍‌ପିଟାଲ କରିବା ପରେ ଏକ ହଜାରରୁ ଊର୍ଦ୍ଧ୍ୱ କନ୍ୟା ସନ୍ତାନଙ୍କର ସେ ମାଗଣାରେ ପ୍ରସବ କରାଇଛନ୍ତି। ଏକଦା ଏକ ସାକ୍ଷାତକାରେ ଡାକ୍ତର ଗଣେଶ କହିଥିଲେ ଯେ, ଯେତେବେଳେ ଲୋକେ ଝିଅ ଜନ୍ମର ଖୁସିକୁ ପାଳନ କରିବେ, ସେ ପୁଣି ଥରେ ଫି' ନେବା ଆରମ୍ଭ କରିବେ। ଅନ୍ୟପକ୍ଷରେ ଡାକ୍ତରଙ୍କ ଏହି କାମକୁ ଲୋକେ ଖୁବ୍ ପ୍ରଶଂସା କରୁଛନ୍ତି।

# ରଙ୍ଗ ଚିହ୍ନଟ କରି ଶୁଆର ବିଶ୍ୱ ରେକର୍ଡ

ଶୁଆକୁ ସବୁଠାରୁ ଚାଲାକ ପକ୍ଷୀ କୁହାଯାଏ। ମଣିଷର କଥାକୁ ଶୁଆ ଅତି ସହଜରେ ନକଲ କରିପାରେ। ତେବେ ତାଲିମ୍ ଦେଲେ ଏହା ବହୁ ଅବିଶ୍ୱସନୀୟ କାର୍ଯ୍ୟ କରିପାରେ, ବୋଲି ପ୍ରମାଣ କରିଛି ଚୀନ୍‌ର ଏକ ଶୁଆ। ଜିୟାଓଗୁୟୀ ନାମରେ ପରିଚିତ ଏହି ଶୁଆଟି ୧୦ଟି ରଙ୍ଗ ଚିହ୍ନଟ କରି ବିଶ୍ୱ ରେକର୍ଡ କରିଛି। ତେବେ ଜିୟାଓଗୁୟୀ ମାତ୍ର ୩୩.୫୦ ସେକେଣ୍ଡରେ ଏହି କାରନାମା କରି ଦେଖାଇଥିଲା। ଶୁଆଟି ସାମ୍ନାରେ ଛୋଟ ଛୋଟ ୧୦ଟି ପ୍ଲାଷ୍ଟିକ୍ ଡବା ରଖାଯାଇଥିଲା। ଏହି ପ୍ଲାଷ୍ଟିକ୍ ଡବାଗୁଡ଼ିକ ଭିନ୍ନ ଭିନ୍ନ ରଙ୍ଗର ଥିଲା। ଡବାଗୁଡ଼ିକ ସହ ୧୦ଟି ବିଭିନ୍ନ ରଙ୍ଗର ବଲ୍ ରଖାଯାଇଥିଲା। ବଲ୍ ଓ ଡବାଗୁଡ଼ିକୁ ମିଶାଇ ଦିଆଯାଇଥିଲା। ଜିୟାଓଗୁୟୀକୁ ବହୁତ କମ୍ ସମୟ ମଧ୍ୟରେ ପ୍ରତିଟି ବଲ୍‌କୁ ତା'ର ରଙ୍ଗ ସହ ମିଶି ଯାଉଥିବା ଡବାରେ ପକାଇବାର ଥିଲା। ସେ ବହୁତ କମ୍ ସମୟ ମଧ୍ୟରେ ଏହାକୁ କରି ଦେଇଥିଲା। ସବୁଠୁ ବଡ଼ କଥା ହେଉଛି, ଏହା ଗୋଲାପି ରଙ୍ଗର ଦୁଇଟି ସେଡ୍‌କୁ ମଧ୍ୟ ଚିହ୍ନଟ କରି ଦେଇଥିଲା। ଏହି ରେକର୍ଡ ୨୦୨୪ ମସିହାରେ ଚୀନ୍ ହେନାନ୍ ପ୍ରାନ୍ତରେ ହୋଇଥିଲା। ଏହାର ଆନୁଷ୍ଠାନିକ ଘୋଷଣା ୧୪ ଅଗଷ୍ଟ, ୨୦୨୫ ମସିହାରେ ହୋଇଛି। ତେବେ ଜିୟାଓଗୁୟୀ ଏଭଳି ରେକର୍ଡ କରିବାର ଶ୍ରେୟ ତା'ର ମାଲିକ କିନ୍ ଫେଙ୍ଗ୍‌କୁ ଯାଏ। ଫେଙ୍ଗ୍ ଏହି ଶୁଆଟିକୁ ୨୦୨୦ ମସିହାରେ ପୋଷ୍ୟ ଭାବେ ଗ୍ରହଣ କରିଥିଲେ। ଫେଙ୍ଗ୍ ଶୁଆଟିକୁ ନିଜ ସନ୍ତାନ ଭଳି ରଖିଥିଲେ। ଏହାପରେ ଦୁହିଁଙ୍କ ସମ୍ପର୍କ ଆହୁରି ନିବିଡ଼ ହୋଇଯାଇଥିଲା। ପରବର୍ତ୍ତୀ ସମୟରେ ଜିୟାଓଗୁୟୀ ବିଭିନ୍ନ ରଙ୍ଗର ବଲ୍ ଖେଳିବାକୁ ଭଲ ପାଉଥିବା ଫେଙ୍ଗ୍ ଲକ୍ଷ୍ୟ ରଖିଥିଲେ। ଏହାପରେ ସେ ଶୁଆଟିକୁ ରଙ୍ଗ ଚିହ୍ନଟ କରିବା ଦିଗରେ ତାଲିମ ଦେଲେ। ବହୁତ କମ୍ ଦିନ ମଧ୍ୟରେ ଜିୟାଓଗୁୟୀ ରଙ୍ଗ ଚିହ୍ନଟ କରିବାରେ ମାହିର୍ ହୋଇ ଯାଇଥିଲା।



# ନୋଜ୍ ପ୍ଲଗ୍‌ରେ ନାକ ବନ୍ଦ କରନ୍ତି ମହିଳା



ଅରୁଣାଚଳ ପ୍ରଦେଶର ଜିରୋ ଘାଟିରେ ରହୁଥିବା ଅପାତାନି ଜନଜାତି ସେମାନଙ୍କ ନିଆରା ସଂସ୍କୃତି ଓ ପରମ୍ପରା ଲାଗି ଲୋକପ୍ରିୟ। ତେବେ ଉକ୍ତ ଜନଜାତିର ମହିଳାଙ୍କୁ ନେଇ ଅଧିକ ଚର୍ଚ୍ଚା ହୋଇଥାଏ। ବିଶେଷକରି ସେମାନଙ୍କ ମୁହଁର ଟାଟୁ ଓ ନାକରେ ପିନ୍ଧୁଥିବା ବଡ଼ ବଡ଼ ନୋଜ ପ୍ଲଗ୍ ହିଁ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଥାଏ। ସେମାନଙ୍କର ଏହି ପରମ୍ପରା ପଛରେ ଅନେକ ଲୋକକଥା ପ୍ରଚଳିତ। ଅପାତାନି ଜନଜାତିର ମହିଳା ଦେଖିବାକୁ ବେଶ୍ ସୁନ୍ଦର ହେଉଥିବାରୁ ପୂର୍ବରୁ ସେମାନଙ୍କୁ ଆଖପାଖର ଜନଜାତିର ପୁରୁଷମାନେ ଅପହରଣ କରି ନେଇଯାଉଥିଲେ। ତେଣୁ ପରିବାର ଲୋକେ ଝିଅମାନଙ୍କ ସୁରକ୍ଷା ଲାଗି ସେମାନଙ୍କ ମୁହଁରେ ଗାଢ଼ ନୀଳ ରଙ୍ଗର ଟାଟୁ ଆଙ୍କିବା ଆରମ୍ଭ କଲେ। ଏହାଦ୍ୱାରା ସେମାନେ କମ୍ ଆକର୍ଷଣୀୟ ଦିଶିବେ ଏବଂ ଅପହରଣରୁ ରକ୍ଷା ମିଳିବ ବୋଲି ଭାବିଲେ। ସେହିପରି ଅନ୍ୟ ଏକ ଲୋକକଥା ଅନୁସାରେ, ଯେତେବେଳେ ଏହି ଜନଜାତିର ପୁରୁଷମାନେ ଯୁଦ୍ଧରେ ପ୍ରାଣ ହରାଉ ଥିଲେ, ସେମାନଙ୍କ ଆତ୍ମା ଘରକୁ ଫେରି ଆସୁଥିଲା। ସେମାନେ ନିଜ ସ୍ତ୍ରୀକୁ ଚିହ୍ନି ନ ପାରି ସେମାନଙ୍କୁ ହଇରାଣ କରୁଥିଲେ। ଏଭଳି ସ୍ଥିତିରେ ଏହି ଜନଜାତିର ପୂଜାରି ମହିଳାଙ୍କୁ ମୁହଁରେ ଟାଟୁ କରିବାକୁ କହିଲେ। ଏହାଦ୍ୱାରା ଆତ୍ମା ସେମାନଙ୍କୁ ଚିହ୍ନିପାରିବ। ଏହି ପ୍ରଥା ଧୀରେ ଧୀରେ ସେମାନଙ୍କ ସଂସ୍କୃତି ଓ ପରମ୍ପରାର ଅଂଶ ପାଲଟିଲା। ସେହିପରି ଏହି ଜନଜାତିରେ ଝିଅମାନଙ୍କର ଋତୁସ୍ରାବ ଆରମ୍ଭ ହେଲେ କପାଳରୁ ମଥା ପର୍ଯ୍ୟନ୍ତ ଏକ ମୋଟା ସିଧା ରେଖା ଏବଂ ଥୋଡ଼ିରେ ପାଞ୍ଚଟି ସିଧା ରେଖା ଟଣାଯାଉଥିଲା। ଏ ଲାଗି ତିନିଟି ମୁନିଆ ବା ତୀକ୍ଷ୍ଣ ଛୁଞ୍ଚି ବ୍ୟବହାର କରାଯାଏ। ସେହିଭଳି ଏଠାକାର ମହିଳାମାନେ ବ୍ୟବହାର କରୁଥିବା ବଡ଼ ବଡ଼ କଳା ରଙ୍ଗର ନୋଜ ପ୍ଲଗ୍ ଜଙ୍ଗଲର ଏକ ସ୍ୱତନ୍ତ୍ର କାଠରେ ତିଆରି କରାଯାଉ ଥିଲା। ପ୍ରାରମ୍ଭିକ ପର୍ଯ୍ୟାୟରେ ଏହି ପ୍ରଥା କୁରୂପ ଆପଣାଇବା ଲାଗି କରାଯାଇଥିଲା। ଧୀରେ ଧୀରେ ଏହି ପରମ୍ପରା ମହିଳାଙ୍କ ପାଇଁ ସୌନ୍ଦର୍ଯ୍ୟ ଓ ସମୃଦ୍ଧିର ପ୍ରତୀକ ପାଲଟିଲା। ସେହିପରି କୌଣସି ମହିଳାଙ୍କ ମୁହଁରେ ଟାଟୁ ଓ ନାକରେ ନୋଜ୍ ପ୍ଲଗ୍ ନ ଥିଲେ, ସେମାନେ ବିବାହ ଯୋଗ୍ୟ ବୋଲି ବିଚାର କରାଯାଏ ନାହିଁ। ଅନ୍ୟପଟେ ସମୟ ସହିତ ଓ ଆଧୁନିକତାର ପ୍ରବେଶ ଯୋଗୁଁ ଏହି ଜନଜାତିର ଯୁବପିଢ଼ି ଏଭଳି ପ୍ରଥାକୁ ବୋଝ ବୋଲି ଭାବୁଛନ୍ତି। ଟାଟୁ ଓ ନୋଜ ପ୍ଲଗ୍ ସେମାନଙ୍କୁ ଅନ୍ୟମାନଙ୍କଠାରୁ ଅଲଗା କରି ଦେଉଛି ବୋଲି ଭାବୁଛନ୍ତି। ୧୯୭୦ ମସିହାରେ ଅପାତାନି ୟୁଥ୍ ଆସୋସିଏସନ ଏବଂ ସରକାରଙ୍କ ପ୍ରୟାସରେ ଏହା ଉପରେ କଟକଣା ଲାଗିଛି। ଏଠାକାର ମହିଳାମାନଙ୍କୁ ଆଉ ନାକରେ ନୋଜ୍ ପ୍ଲଗ୍ କିମ୍ବା ମୁହଁରେ ଟାଟୁ ଖୋଦେଇବାକୁ ପଡୁନାହିଁ। ଆଜି ଏହି ପରମ୍ପରା ଇତିହାସ ଓ ସଂସ୍କୃତିର ଅଂଶ ହୋଇ ରହି ଯାଇଛି।

# ଚର୍ଚ୍ଚାରେ ୮୪ ବର୍ଷ ପୁରୁଣା ଫଟୋ



ସାମାଜିକ ଗଣମାଧ୍ୟମରେ ନିତିଦିନ କିଛି ନା କିଛି ଫଟୋ ଓଥା ଭିଡିଓ ଭାଇରାଲ ହୋଇଥାଏ। ଏହି କ୍ରମରେ ଏବେ ଏକ ଫଟୋ ଚର୍ଚ୍ଚା ସାଇଟିଛି। ତାହା ପୁଣି ୮୪ ବର୍ଷ ପୁରୁଣା। ତେବେ ଏ ଫଟୋରେ କିଛି ଏଭଳି ଦେଖିବାକୁ ମିଳିଛି, ଯାହାକି ଲୋକଙ୍କ ମନରେ ଟାଇମ୍ ଟ୍ରାଭେଲକୁ ନେଇ ବିଶ୍ୱାସ ଜନ୍ମାଉଛି। ଯଦିଓ ଟାଇମ୍ ଟ୍ରାଭେଲ ଏବେ ସୁଦ୍ଧା ବିଜ୍ଞାନ ଫାଟାସି କାହାଣୀ ଏବଂ ଫିଲ୍ମରେ ଦେଖିବାକୁ ମିଳୁଥିଲା। ହେଲେ ଏହି ଫଟୋଟି ଏହା ବାସ୍ତବ ବୋଲି ବୁଝିବାକୁ ଏକପ୍ରକାର ବାଧ୍ୟ କରାଇଛି। ଏହି ଫଟୋଟିକୁ ୧୯୪୧ ମସିହାରେ ଫଟୋଗ୍ରାଫର ଏଡୱାର୍ଡ ରସକମ୍ ଶିକାଗୋର ସାଉଥ ସାଇଡ୍ ଅଞ୍ଚଳରେ ଉତ୍ତୋଳନ କରିଥିଲେ। ଏଥିରେ କିଛି ଯୁବକଯୁବତୀ ଓ ବାଳକ ବାଳିକା ଏକ ସିନେମା ହଲ୍ ବାହାରେ ଲମ୍ବା ଧାଡ଼ିରେ ଛିଡ଼ା ହୋଇଛନ୍ତି। ପ୍ରାୟ ସମସ୍ତେ ସମ୍ପୂର୍ଣ୍ଣରୂପ ଓ ଆକର୍ଷଣୀୟ ପୋଷାକ ପିନ୍ଧିଛନ୍ତି। ମୋଟାମୋଟି କହିବାକୁ ଗଲେ ସେମାନେ ସେସମୟର ପୋଷାକ ପିନ୍ଧିଛନ୍ତି। ଏହାରି ଭିତରେ ଜଣେ ଯୁବକଙ୍କ ହାତରେ ଥିବା ଜିନିଷକୁ ନେଇ ସାମାଜିକ ଗଣମାଧ୍ୟମରେ ଚର୍ଚ୍ଚ ବିତର୍କ ଲାଗି ରହିଛି। ସେ ଆୟତାକାର ଆକୃତିର ଗୋଟିଏ ଜିନିଷ ଧରିଛନ୍ତି। ତେବେ ସେ ହାତରେ ଆପଲର ଆଇପ୍ୟାଡ୍ ଧରିଛନ୍ତି ବୋଲି କେତେକଣ ମତ ରଖିଛନ୍ତି। ସେହିପରି ଅନେକେ ଏହାକୁ ଆଇପ୍ୟାଡ୍ ବୋଲି ମାନିବାକୁ ପ୍ରସ୍ତୁତ ନାହାନ୍ତି। ଅନେକ ଲୋକ କହୁଛନ୍ତି, ଯୁବକଙ୍କ ହାତରେ ଏକ ପୁସ୍ତକ ଅଛି। ସେତେବେଳେ ସିନେମା ହଲ୍‌ରେ ପରିଚାଳକମାନେ ବୁଲୁଥିଲେ ଏବଂ କେହି କଲମ କିମ୍ବା ନୋଟ୍‌ବୁକ୍‌ରେ ଯେମିତି ସିନେମାର ନକଲ କରିବାକୁ ଚେଷ୍ଟା କରୁଛନ୍ତି ତାହା ଦେଖୁଥିଲେ। ଏହିପରି ଭାବେ ଲୋକମାନେ ଏହି ଫଟୋ ଉପରେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଉଛନ୍ତି।

## ଆଜିର ରାଶିଫଳ

**ମେଷ:** ଶୁଭ ଖବର ମିଳିପାରେ। ନୂତନ ଜମି କିଣିବା ଯୋଗ ଅଛି। ଅଫିସ୍‌ରେ ସହକର୍ମୀଙ୍କୁ ସାହାଯ୍ୟ କରିବେ। ସ୍ୱାସ୍ଥ୍ୟପ୍ରତି ଯତ୍ନଶୀଳ ରୁହନ୍ତୁ। ଜୀବନସାଥୀଙ୍କ ସହ ସୁଖଦ ସମୟ ଅତିବାହିତ କରିବେ।

**ବୃଷ:** ଅଜଣାଲୋକଙ୍କଠାରୁ ସାହାଯ୍ୟ ମିଳିବ। ନିଜ କାର୍ଯ୍ୟକୁ ଗୁରୁତ୍ୱ ଦିଅନ୍ତୁ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥା ସାମାନ୍ୟ ବିଗିଡ଼ିପାରେ। ପ୍ରିୟଜନଙ୍କ କଥାକୁ ବିଶ୍ୱାସ କରିବେ ନାହିଁ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ମିଥୁନ:** ଆଜି ଦିନଟି ଆପଣଙ୍କ ପାଇଁ ବହୁତ ଭଲ। ଦୀର୍ଘ ଦିନର ଆଶା ପୂରଣ ହେବ। ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ପରିବାର ଲୋକଙ୍କ ସହ ସମୟ ଅତିବାହିତ କରିବେ।

**କର୍କଟ:** ପାରିବାରିକ ଜୀବନରେ ସୁଖ, ସମୃଦ୍ଧି ବୃଦ୍ଧି ପାଇବ। ବ୍ୟବସାୟରେ ଉନ୍ନତି ପାଇଁ ଆଧୁନିକ ଜ୍ଞାନ-କୌଶଳ ଉପଯୋଗ କରିବେ। ବାପାମାଆଙ୍କ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ।

**ସିଂହ:** ଅଫିସ୍ କାର୍ଯ୍ୟ ପାଇଁ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଉଧାର ଟଙ୍କା ଫେରି ପାଇବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିପାରିବେ।

**କନ୍ୟା:** ବ୍ୟବସାୟରେ ଲାଭ ହେବ। ଆୟଠୁ ଅଧିକ ବ୍ୟୟ କରିବେ। ବରିଷ୍ଠ ଅଧିକାରୀଙ୍କ ପରାମର୍ଶରେ କାମରେ ଆଗକୁ ବଢ଼ିବେ। ନୂଆ କାମ ଆରମ୍ଭ କରିବେ। ମହିଳାମାନେ ଘରକାମରେ ବ୍ୟସ୍ତ ରହିବେ।

**ତୁଳା:** ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇପାରନ୍ତି। କୌଣସି କଥାକୁ ନେଇ ଚିନ୍ତିତ ରହିପାରନ୍ତି। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ। ଆଇଟି କର୍ମଚାରୀଙ୍କ ପାଇଁ ସମୟ ଭଲ। ଉଧାର ଟଙ୍କା ଫେରି ପାଇବେ।

**ବିଛା:** ବୈବାହିକ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ଅଫିସ୍ କାମରେ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଦାନ ଧର୍ମ କରିବେ।

**ଧନୁ:** ଧୈର୍ଯ୍ୟର ସହ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ତୁଲାଇବେ। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ନୂତନ ଯାନବାହନ କ୍ରୟ କରିପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ଆଇନଜୀବୀଙ୍କୁ ସଫଳତା ମିଳିବ।

**ମକର:** ଘରେ ସୁଖ ସମୃଦ୍ଧି ବୃଦ୍ଧି ପାଇବ। ଚାକିରିଆଙ୍କୁ ନୂତନ ନିଯୁକ୍ତି ମିଳିବ। ସନ୍ତାନ ସୁଖ ପ୍ରାପ୍ତ ହେବ। ପ୍ରେମ ସମ୍ପର୍କରେ ଭୁଲ ବୁଝାମଣା ସୃଷ୍ଟି ହେବ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**କୁମ୍ଭ:** ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟ ବୃଦ୍ଧିକୁ ନେଇ ସାବଧାନତା ଅବଲମ୍ବନ କରିବେ। ବିରୋଧୀଙ୍କୁ ସାମ୍ନା କରିବେ। ଚିନ୍ତାଗ୍ରସ୍ତ ରହିବେ। ଜୀବନସାଥୀଙ୍କୁ ମନ କଥା କହିବେ।

**ମୀନ:** ବିଦ୍ୟାର୍ଥୀ ପରୀକ୍ଷାରେ ସଫଳ ହେବେ। ବନ୍ଧୁଙ୍କ ସାହାଯ୍ୟ ମିଳିବ। କଳା କ୍ଷେତ୍ରରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

ସକାଳ THE SAKALA
ଗୁରୁବାର
୪ ସେପ୍ଟେମ୍ବର, ୨୦୨୫



# ପାରିବାରିକ କଳହରୁ ପଥର ଛେଚି ହତ୍ୟା



**ପତ୍ନୀହନ୍ତା କୋର୍ଟ ଚାଲାଣ**

ବାରିପଦା, ୩।୯(ସମିସ): ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷି ପୁଲିସ ଜଣେ ପତ୍ନୀହନ୍ତାକୁ ଗିରଫ କରି ବୁଧବାର କୋର୍ଟ ଚାଲାଣ କରିଛି। ଅଭିଯୁକ୍ତ ଜଣଙ୍କ ହେଲେ ବାଙ୍ଗିରିପୋଷି ଥାନା ଅନ୍ତର୍ଗତ ଚାଉଳଘୋରି ଗ୍ରାମର ବୀର ସିଂ (୩୭)। ପାରିବାରିକ କଳହରୁ ଏପରି ଅଭାବନୀୟ ଘଟଣା ଘଟିଛି ବୋଲି ଆଇଆଇସି ବୀରେନ୍ଦ୍ର ସେନାପତି କହିଛନ୍ତି। ସୂଚନାରୁ ପ୍ରକାଶ ଯେ, ମଙ୍ଗଳବାର ରାତିରେ ସାମାନ୍ୟ ଘଟଣାକୁ ନେଇ ସ୍ୱାମୀ ବୀର ସିଂ ଏବଂ ସ୍ତ୍ରୀ ମିନା ସିଂ (୨୭)ଙ୍କ ମଧ୍ୟରେ ପାଟିତୁଣ୍ଡ ଏବଂ ଯୁକ୍ତିତର୍କ ହୋଇଥିଲା। ଫଳରେ ସ୍ୱାମୀ ବୀର ଉତ୍ତ୍ୟକ୍ତ ହୋଇ ମାଡ ମାରିବା ସହିତ ପଥରରେ ଛେଚି ହତ୍ୟା କରିଥିଲା। ଗ୍ରାମବାସୀ ଏହି ଘଟଣା ଜାଣିପାରି ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଉଦ୍ଧାର କରିବା ସହିତ ହତ୍ୟାରେ ବ୍ୟବହୃତ ପଥର ଜବତ କରିଛି। ମୃତ ମିନାଙ୍କ ମା' ସରୋଜିନୀ ସିଂଙ୍କ ଅଭିଯୋଗ କ୍ରମେ ପୁଲିସ ଏକ ନରହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତ ସ୍ୱାମୀକୁ ଗିରଫ କରି କୋର୍ଟ ଚାଲାଣ କରିଛି। ସ୍ୱାମୀ-ସ୍ତ୍ରୀ ଦୁହେଁ ଗୋଟିଏ ଗ୍ରାମର ହୋଇଥିବା ବେଳେ ସେମାନଙ୍କ ବିବାହ ୧୦ବର୍ଷ ତଳେ ହୋଇଥିଲା। ବୀର ଅଧିକାଂଶ ସମୟରେ ନିଶାସକ୍ତ ଅବସ୍ଥାରେ ସ୍ତ୍ରୀ ସହ ଝଗଡା କରୁଥାଏ ବୋଲି ଗ୍ରାମବାସୀ କହିଛନ୍ତି।

# ୩୫ ଓ ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର ପାଇଁ ଦରଖାସ୍ତ ଆହ୍ୱାନ

**ଅକ୍ଟୋବର ୪ସୁଦ୍ଧା କାଗଜପତ୍ର ସହ ଚଳଚ୍ଚିତ୍ର ଦାଖଲ**

ଭୁବନେଶ୍ୱର,୩।୯(ସମିସ): ୩୫ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୩ ଏବଂ ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୪ ନିମନ୍ତେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଦରଖାସ୍ତ ଆହ୍ୱାନ କରାଯାଇଛି। ଆଗ୍ରହୀ ପ୍ରଯୋଜକମାନେ ଆସନ୍ତା ୪ ଅକ୍ଟୋବର, ୨୦୨୫ ତାରିଖ ସୁଦ୍ଧା ଏଣ୍ଟ୍ରି ଫର୍ମ ସହ ଆବଶ୍ୟକ କାଗଜପତ୍ର ଓ ଚଳଚ୍ଚିତ୍ରର ସଫ୍ଟ କପି (ପେନ୍ ଡ୍ରାଇଭ)କୁ ରେଜିଷ୍ଟରଡ୍ ପୋଷ୍ଟ, ସ୍ପିଡ୍ ପୋଷ୍ଟ କିମ୍ବା ପାର୍ସଲ ମାଧ୍ୟମରେ ବିଭାଗ ନିକଟରେ ଦାଖଲ କରିପାରିବେ। ୩୫ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୩ ପାଇଁ ପ୍ରେରିତ ହୋଇଥିବା ଚଳଚ୍ଚିତ୍ରଗୁଡିକ ୦୧.୦୧.୨୦୨୩ ତାରିଖରୁ ୩୧.୧୨.୨୦୨୩ ତରିଖ ମଧ୍ୟରେ ଚଳଚ୍ଚିତ୍ର ପ୍ରମାଣପତ୍ର ପ୍ରାପ୍ତ ହୋଇଥିବା ଆବଶ୍ୟକ। ସେହିପରି ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୪ ପାଇଁ ପ୍ରେରିତ ହୋଇଥିବା ଚଳଚ୍ଚିତ୍ରଗୁଡିକ ୦୧.୦୧.୨୦୨୪ ରୁ ୩୧.୧୨.୨୦୨୪ ରିଖ ଅବଧି ମଧ୍ୟରେ ଚଳଚ୍ଚିତ୍ର ପ୍ରମାଣନ ପତ୍ର ପ୍ରାପ୍ତ ହୋଇଥିବା ଆବଶ୍ୟକ। ଓଡ଼ିଆ ଚଳଚ୍ଚିତ୍ର ଉପରେ ଓଡ଼ିଆ କିମ୍ବା ଇଂରାଜୀ ଭାଷାରେ ଲିଖିତ ଶ୍ରେଷ୍ଠ ଲେଖା (ବୁକ୍/ମନୋଗ୍ରାଫ୍) ପାଇଁ ପୁରସ୍କାର ନିମନ୍ତେ ଆଗ୍ରହୀ ଲେଖକ ଲେଖିକାମାନେ ଆବେଦନ କରିବା ସହ ବୁକ୍/ମନୋଗ୍ରାଫର ଦଶ ଖଣ୍ଡ ନକଲ ତା ୪.୧୦.୨୦୨୫ ତାରିଖ ସୁଦ୍ଧା ରେଜିଷ୍ଟ୍ରରଡ୍ ପୋଷ୍ଟ, ସ୍ପିଡ଼ ପୋଷ୍ଟ କିମ୍ବା ପାର୍ସଲ ମାଧ୍ୟମରେ ସଂସ୍କୃତି ବିଭାଗ ନିକଟରେ ଦାଖଲ କରିପାରିବେ। ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର ସମ୍ବନ୍ଧୀୟ ସବିଶେଷ ବିବରଣୀ ଓ ନିୟମାବଳୀ ଓଡ଼ିଆ ଭାଷା,ସାହିତ୍ୟ ଓ ସଂସ୍କୃତି ବିଭାଗର ୱେବସାଇଟ୍ culture.odisha.gov.in ରେ ଉପଲବ୍ଧ କରାଯାଇଥିବା ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

■ ଉଦ୍ୟମ ଆରମ୍ଭ କଲା ସମବାୟ ବିଭାଗ

# ପୁନଃ କାର୍ଯ୍ୟକ୍ଷମ ହେବ ୨ ଚିନିକଳ

**କମିଟି ଗଠନ, ଆସନ୍ତା ୬ରେ ବୈଠକ**

ଭୁବନେଶ୍ୱର,୩।୯(ସମିସ): ରାଜ୍ୟରେ ୨ଟି ବନ୍ଦ ହୋଇ ପଡ଼ିରହିଥିବା ଚିନିକଳକୁ ପୁନଃ କାର୍ଯ୍ୟକ୍ଷମ କରିବାକୁ ସରକାରୀସ୍ତରରେ ପ୍ରକ୍ରିୟା ଆରମ୍ଭ ହୋଇଛି। କଟକର ବଡ଼ମ୍ବା ସମବାୟ ଚିନି କଳ ଏବଂ ବଲାଙ୍ଗୀରର ବିଜୟାନନ୍ଦ ସମବାୟ ଚିନିକଳର ପୁନରୁଦ୍ଧାର ପାଇଁ ସମବାୟ ବିଭାଗ ଉଦ୍ୟମ ଆରମ୍ଭ କରିଛି। ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡର ପ୍ରସ୍ତାବ ଆଧାରରେ ସମବାୟ ବିଭାଗ ଏନେଇ ଏକ କମିଟି ଗଠନ କରିଛି।

ସମବାୟ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଏହି କମିଟିରେ ଅଧ୍ୟକ୍ଷଙ୍କ ବ୍ୟତୀତ ୫ ଜଣ ସଦସ୍ୟ ରହିଛନ୍ତି। ସମବାୟ ସମିତି ରେଜିଷ୍ଟ୍ରାର କମିଟିର ଅଧ୍ୟକ୍ଷ ରହିଥିବା ବେଳେ ସଦସ୍ୟ ଭାବେ ବିଭାଗର ଅତିରିକ୍ତ ସଚିବ, ଅର୍ଥ ବିଭାଗର ପ୍ରତିନିଧି, ଶିଳ୍ପ ବିଭାଗର ପ୍ରତିନିଧି ଓ କୃଷି ବିଭାଗ ପ୍ରତିନିଧିଙ୍କୁ ସ୍ଥାନ ମିଳିଛି। ଏହି କମିଟି ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡର ପ୍ରସ୍ତାବର ଅଧ୍ୟୟନ କରିବ। ସମ୍ପୂର୍ଣ୍ଣ ଅଧ୍ୟୟନ ପରେ କମିଟି ସରକାରଙ୍କ ପୂର୍ଣ୍ଣାଙ୍ଗ ରିପୋର୍ଟ ପ୍ରଦାନ କରିବା ପରେ ପରବର୍ତ୍ତୀ ପ୍ରକ୍ରିୟା ଆଗକୁ ବଢ଼ିବ ବୋଲି ଜଣାପଡ଼ିଛି। ସୂଚନାଯୋଗ୍ୟ ଯେ ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡ ଏହାର କାରବାର ପରାମର୍ଶଦାତା ରହିବ। ଏସବିଆଇ କ୍ୟାପିଟାଲର ସେବା ସମ୍ବନ୍ଧୀୟ ପ୍ରସ୍ତାବ ସହ ଆର୍ଥିକ କାର୍ଯ୍ୟକାରିତା ଏବଂ ପୁନରୁଦ୍ଧାର ନେଇ ସବିଶେଷ ଅଧ୍ୟୟନ ପାଇଁ ଆସନ୍ତା ୬ ତାରିଖରେ କମିଟିର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟରେ ବସିବ ବୋଲି ଜଣାପଡ଼ିଛି।

## ଶ୍ରୀମନ୍ଦିର ନୂତନ ପରିଚାଳନା କମିଟିର ପ୍ରଥମ ବୈଠକ

# ଗଠନ ହେଲା ୧୪ ସବ୍ କମିଟି

ପୁରୀ,୩।୯(ସମିସ): ନୂତନ ଭାବେ ଗଠନ କରାଯାଇଥିବା ଶ୍ରୀମନ୍ଦିର ପରିଚାଳନା କମିଟିର ପ୍ରଥମ ବୈଠକ ବୁଧବାର ଅନୁଷ୍ଠିତ ହୋଇଯାଇଛି। ନୀଳାଦ୍ରି ଭକ୍ତ ନିବାସରେ ଅନୁଷ୍ଠିତ ବୈଠକରେ ଗଜପତି ମହାରାଜା ଦିବ୍ୟସିଂହ ଦେବ ଅଧ୍ୟକ୍ଷତା କରିଥିଲେ। ନବଗଠିତ ପରିଚାଳନା କମିଟିର ଏହା ପ୍ରଥମ ବୈଠକ ହୋଇଥିବାରୁ ନୂତନ ସଦସ୍ୟମାନଙ୍କୁ ସ୍ୱାଗତ କରାଯାଇଥିଲା। ବୈଠକରେ ମୁଖ୍ୟତଃ 'ଧାଡ଼ି ଦର୍ଶନ' ବ୍ୟବସ୍ଥାର ପରୀକ୍ଷାମୂଳକ ପ୍ରଚଳନ, ରତ୍ନଭଣ୍ଡାରର ଗଣତିମଣତି ସମେତ ଶ୍ରୀମନ୍ଦିରର ସୁରକ୍ଷା ବ୍ୟବସ୍ଥାକୁ ସୁଦୃଢ଼ ସହ ଅନ୍ୟାନ୍ୟ ପ୍ରଶାସନିକ କାର୍ଯ୍ୟ ନିମନ୍ତେ ୧୪ଟି ସବ୍ କମିଟି ଗଠନ ଭଳି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି।

ମହାପ୍ରଭୁଙ୍କ ସେବାପୂଜା, ଶୃଙ୍ଖଳିତ ଦର୍ଶନ ଓ ନୀତିକାନ୍ତି, ଶ୍ରୀଜଗନ୍ନାଥ ସଂସ୍କୃତିର ପ୍ରଚାରପ୍ରସାର, ଶ୍ରୀମନ୍ଦିରର ବିଭିନ୍ନ କାର୍ଯ୍ୟ ଏସବୁ ଯେପରି ସୁଚାରୁ ରୂପେ ସମ୍ପାଦନ ହେବ ସେଥିପାଇଁ ୧୪ଟି ସବ୍ କମିଟି ଗଠନ କରାଯାଇଛି। ଯେଉଁ କମିଟି ମଧ୍ୟରେ ୪ଟି ସାମ୍ବିଧାନିକ ସବ୍ କମିଟି ଯଥା- ଅର୍ଥ, ନୀତି, ରତ୍ନଭଣ୍ଡାର ଏବଂ ଅପିଲ ସବ୍ କମିଟି ରହିଛି। ସହିପରି ପ୍ରଥମଥର ପାଇଁ ଶ୍ରୀମନ୍ଦିର ସୁରକ୍ଷା ନେଇ ଗଠନ ହୋଇଛି ନୂତନ ସବ୍ କମିଟି, ଯାହାର ଅଧ୍ୟକ୍ଷ ରହିଛନ୍ତି ପୂର୍ବତନ ସିଏଜି ଗିରିଶ ଚନ୍ଦ୍ର ମୁର୍ମୁ। ଏତଦ୍‌ବ୍ୟତୀତ ଶ୍ରୀଜଗନ୍ନାଥ ତତ୍ତ୍ୱ ଗବେଷଣା ଓ ପ୍ରକାଶନ ସବ୍ କମିଟି, ସେବକ କଲ୍ୟାଣ ସବ୍ କମିଟି, ପ୍ରକଳ୍ପ ସାଂସ୍କୃତିକ ସବ୍ କମିଟି, ପ୍ରକଳ୍ପ ବୈଷୟିକ ସବ୍ କମିଟି, ଲ୍ୟାଣ୍ଡ ସବ୍ କମିଟି, ଶ୍ରୀଜଗନ୍ନାଥ ମନ୍ଦିର ପେନ୍‌ସନ୍ ଟ୍ରଷ୍ଟ ବୋର୍ଡ ସବ୍ କମିଟି, ସଂସ୍ଥା ସବ୍ କମିଟି, ସଂସ୍ଥା ସବ୍ କମିଟି, ନୀତି ସମ୍ବନ୍ୱୟ ସବ୍ କମିଟି। ପ୍ରତି ସବ୍ କମିଟିରେ ଜଣେ ଅଧ୍ୟକ୍ଷ ରହିଥିବାବେଳେ ଅନ୍ୟମାନଙ୍କୁ ସଦସ୍ୟ ଭାବେ ରଖାଯାଇଛି। ପ୍ରତ୍ୟେକ ସବ୍ କମିଟିରେ ପରିଚାଳନା କମିଟିର ପ୍ରତିନିଧିମାନେ ସଦସ୍ୟ ରହିଛନ୍ତି। ସମସ୍ତେ ଯେପରି ନିଜର ଦାୟିତ୍ୱ ସୁପରିଚାଳନା କରିବେ ତା' ଉପରେ ପ୍ରଥମ ବୈଠକରେ ଆଲୋଚନା ହୋଇଥିଲା। ସେହିପରି 'ଧାଡ଼ି ଦର୍ଶନ' ବ୍ୟବସ୍ଥାକୁ ଲାଗୁ କରିବା ପାଇଁ ପରିଚାଳନା କମିଟି ଅନୁମୋଦନ ଦେଇଛି। ଏହି ବ୍ୟବସ୍ଥା ଅନୁଯାୟୀ ଭକ୍ତମାନେ ନାଟମଣ୍ଡପରୁ ଦାରୁବିଗ୍ରହଙ୍କୁ ଦର୍ଶନ କରିବେ। ତେବେ ଏଥିପାଇଁ ନାଟମଣ୍ଡପରୁ ହୁଣ୍ଡି ସ୍ଥାନାନ୍ତର କରାଯିବ। ଏହିସବୁ ପ୍ରକ୍ରିୟା ଆସନ୍ତା ୧୫ ତାରିଖ ସୁଦ୍ଧା ଶେଷ ହେବା ପରେ ଧାଡ଼ି ଦର୍ଶନ ଆରମ୍ଭ କରାଯିବା ଲାଗି ଆଲୋଚନା ହୋଇଛି।



ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ କୁମାର ପାଢ଼ୀ କହିଛନ୍ତି, ଧାଡ଼ି ଦର୍ଶନ ଭକ୍ତଙ୍କୁ ଏକ ସୁଗମ ଓ ଶୃଙ୍ଖଳିତ ଦର୍ଶନ ଅନୁଭବ ପ୍ରଦାନ କରିବ ଏବଂ ମନ୍ଦିରର ନୀତିକାନ୍ତିକୁ ଅକ୍ଷୁଣ୍ଣ ରଖିବ। ଏହି ପ୍ରଣାଳୀକୁ ତଦାରଖ କରିବା ପାଇଁ ପୁରୀ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ୯ ଜଣିଆ କମିଟି ଗଠନ କରାଯାଇଛି। ଏହି କମିଟି ଖୁବ୍‌ଶୀଘ୍ର ଏକ ଷ୍ଟାଣ୍ଡାର୍ଡ ଅପରେଟିଂ ପ୍ରୋସିଜିଓର (ଏସ୍‌ଓପି) ପ୍ରସ୍ତୁତ କରି ଶ୍ରୀମନ୍ଦିର ପ୍ରଶାସନକୁ ଦେବେ, ଯାହା ଅନୁସାରେ ନାଟମଣ୍ଡପରେ ଧାଡ଼ି ଦର୍ଶନ ଆରମ୍ଭ କରାଯିବ।

ସେହିପରି ଭକ୍ତମାନଙ୍କ ସୁବିଧା ନିମନ୍ତେ ଏଏସ୍‌ଆଇ ମଧ୍ୟ ନାଟମଣ୍ଡପରେ ଶୀତତାପ ନିୟନ୍ତ୍ରିତ ବ୍ୟବସ୍ଥାକୁ ମଞ୍ଜୁରୀ ଦେଇଛନ୍ତି। ଏହା ଖରାଦିନେ ଭକ୍ତମାନଙ୍କୁ ଆରାମଦାୟକ ଦର୍ଶନ ଅନୁଭବ ପ୍ରଦାନ କରିବ। ଏଥିସହିତ ମହିଳା, ଶିଶୁ, ଦିବ୍ୟାଙ୍ଗ ଏବଂ ବରିଷ୍ଠ ନାଗରିକଙ୍କ ପାଇଁ ସ୍ୱତନ୍ତ୍ର ଦର୍ଶନ ବ୍ୟବସ୍ଥା କରାଯାଇଛି, ଯେଉଁଥିରେ ସ୍ୱତନ୍ତ୍ର ପ୍ରବେଶ ଓ ପ୍ରସ୍ଥାନ ମାର୍ଗ ସାମିଲ ରହିବ। ସେହିପରି ରତ୍ନଭଣ୍ଡାରର ଗଣତିମଣତି ପ୍ରକ୍ରିୟାକୁ ଆଗେଇ ନେବା ପାଇଁ ନିଷ୍ପତ୍ତି ନିଆଯାଇଛି। ରତ୍ନଭଣ୍ଡାର ସବ୍ କମିଟି ଏହି କାର୍ଯ୍ୟକୁ ଶୀଘ୍ର ଆରମ୍ଭ କରିବ ଓ ସମସ୍ତ ସାମଗ୍ରୀର ଏକ ବିସ୍ତୃତ ତାଲିକା ପ୍ରସ୍ତୁତ କରିବ। ଦିବ୍ୟାଙ୍ଗମାନଙ୍କ ପାଇଁ ଉତ୍ତର ଦ୍ୱାରରେ ରାମ୍ପ ବ୍ୟବସ୍ଥା ପାଇଁ ଏକ କମିଟି ଗଠନ ହୋଇଛି। ଏଥିପାଇଁ ଏସ୍‌ଓପି ପ୍ରସ୍ତୁତ କରାଯିବ। ଇସ୍କନର ଅଦିନିଆ ରଥଯାତ୍ରା ପ୍ରସଙ୍ଗ ଉପରେ ବିସ୍ତୃତ ଆଲୋଚନା ହୋଇଛି। ଦୀଘାରେ ଜଗନ୍ନାଥ ଧାମ ଲେଖାକୁ ନେଇ ପରିଚାଳନା କମିଟି କ୍ଷୋଭ ପ୍ରକାଶ କରିଛନ୍ତି। ଆସନ୍ତା ୬ ତାରିଖରେ ଅଦିନିଆ ରଥଯାତ୍ରା ଓ ସ୍ନାନଯାତ୍ରା ନେଇ ଗଜପତି ମହାରାଜାଙ୍କ ଦ୍ୱାରା ପ୍ରେସ୍ ବିଜ୍ଞପ୍ତି କରାଯିବ। ପରବର୍ତ୍ତୀ ପର୍ଯ୍ୟାୟରେ ଇସ୍କନର ଗଭର୍ଣ୍ଣିଂବଡି ପାଖକୁ ପଠାଯିବ। ଜଗନ୍ନାଥ ଧାମ ଶବ୍ଦର କୌଣସି ଅପବ୍ୟବହାର କରିପାରିବେ ନାହିଁ। ସଂସଦ ଭବନରେ ରଥ ଚକ ସ୍ଥାନ ପାଇଁ ପରିଚାଳନା କମିଟି ଅନୁମୋଦନ କରିଛି। ଶ୍ରୀମନ୍ଦିର ଭିତରେ ମାତୃ ସ୍ତନ୍ୟପାନ ଗୃହ କାର୍ଯ୍ୟକ୍ଷମ ଉପରେ ଆଲୋଚନା କରାଯାଇଛି। ବୈଠକ ପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ପାଢ଼ୀ କହିଛନ୍ତି, ସବ୍ କମିଟିଗୁଡ଼ିକ ଶୀଘ୍ର ନିଜ ନିଜ କାର୍ଯ୍ୟ ଯୋଜନା ଉପରେ କାମ ଆରମ୍ଭ କରିବେ। ଭକ୍ତଙ୍କୁ ଉନ୍ନତ ଅନୁଭବ ପ୍ରଦାନ କରିବା

■ ପ୍ରଥମଥର ଶ୍ରୀମନ୍ଦିର ସୁରକ୍ଷା ଲାଗି ସବ୍ କମିଟି ଗଠିତ
■ ଧାଡ଼ି ଦର୍ଶନ ଓ ରତ୍ନ ଅଳଙ୍କାର ଗଣତିମଣତିକୁ ଅନୁମୋଦନ
■ ନାଟମଣ୍ଡପରେ ହେବ ଶୀତତାପ ନିୟନ୍ତ୍ରିତ ବ୍ୟବସ୍ଥା

ଏବଂ ମନ୍ଦିରର ସମସ୍ତ ଦିଗରେ ସୁବ୍ୟବସ୍ଥିତ ପରିଚାଳନା ଆମର ପ୍ରାଥମିକତା। ଧାଡ଼ି ଦର୍ଶନ ବ୍ୟବସ୍ଥା ସଫଳ ହେଲେ ଏହାକୁ ସ୍ଥାୟୀ ଭାବେ ଲାଗୁ କରାଯାଇପାରେ।

ସୂଚନାଥାଉ କି, ଗତବର୍ଷ ଅଗଷ୍ଟ ମାସରେ ଶ୍ରୀମନ୍ଦିର ପରିଚାଳନା କମିଟିର କାର୍ଯ୍ୟକାଳ ଶେଷ ହୋଇଥିଲେ ମଧ୍ୟ ସରକାର ଏହାକୁ ଗଠନ ଦିଗରେ ବିଳମ୍ବ କରିଥିଲେ। ଗତମାସରେ ନୂଆ କମିଟି ଗଠନ ହେବା ପରେ ବୁଧବାର ତା'ର ପ୍ରଥମ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ନୂଆ କମିଟିରେ ଗଜପତି ମହାରାଜା ଦିବ୍ୟସିଂହ ଦେବ ଅଧ୍ୟକ୍ଷ ଥିବାବେଳେ ସଦସ୍ୟ ଭାବେ ପୂର୍ବତନ ସିଏଜି ଗିରିଶ ଚନ୍ଦ୍ର ମୁର୍ମୁ, ଶ୍ରୀମନ୍ଦିର ସେବାୟତଙ୍କ ସମେତ ସମାଜର ବିଭିନ୍ନ ବର୍ଗର ପ୍ରତିନିଧି ସାମିଲ୍ ରହିଛନ୍ତି।

# ୨୦ ମାଓବାଦୀଙ୍କ ଆତ୍ମସମର୍ପଣ



ମାଲକାନଗିରି,୩।୯(ସମିସ): ଭୁଷୁଡିବାରେ ଲାଗିଥିବା ମାଓ ସଂଗଠନରୁ ୩୩ ଲକ୍ଷ ଟଙ୍କା ପୁରସ୍କାର ଘୋଷିତ ୨୦ ଜଣ ହାର୍ଡକୋର ମାଓବାଦୀ ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡର ସୁକମା ଜିଲ୍ଲାରେ ଏହା ମାଓ ସଂଗଠନକୁ ଶକ୍ତ ଧକ୍କା ଲାଗିଥିବା ବେଳେ ପୁଲିସ ପାଇଁ ବଡ଼ ସଫଳତା ଆଣିଦେଇଥିବା କୁହାଯାଉଛି। ଆତ୍ମସମର୍ପଣ କରିଥିବା ମାଓବାଦୀଙ୍କ ମଧ୍ୟରେ ୯ ଜଣ ମହିଳା ମାଓବାଦୀ ରହିଛନ୍ତି। ଏମାନଙ୍କ ମଧ୍ୟରୁ ଅନେକ ମାଓବାଦୀ ବଡ଼ ବଡ ହିଂସାକାଣ୍ଡରେ ସାମିଲ ଥିଲେ। ଦୁଇ ଜଣ ମାଓ ନେତାଙ୍କ ମୁଣ୍ଡ ଉପରେ ପୂର୍ବରୁ ଛତିଶଗଡ ସରକାର ଆଠ ଆଠ ଲକ୍ଷ ଟଙ୍କାର ପୁରସ୍କାର ରାଶି ଘୋଷଣା କରିଥିଲେ। ଛତିଶଗଡରେ ଏବେ ଅପରେସନ ମନ୍‌ସୁନ ଜୋରଦାର ଚାଲିଥିବା ବେଳେ ଭୟଭୀତ ମାଓ ସଂଗଠନ ଏବେ ହିଂସାର ରାସ୍ତା ଛାଡି ସମାଜର ମୁଖ୍ୟସ୍ରୋତରେ ସାମିଲ୍ ହୋଇଛନ୍ତି। ସୁକୁମା ଏସପି କିରଣ ଚୌହାନଙ୍କ ନିକଟରେ ଆତ୍ମସମର୍ପଣ କରିଥିବା ଏହି ସମସ୍ତ ମାଓବାଦୀଙ୍କୁ ୨୫ ହଜାର ଟଙ୍କା ଲେଖାଏଁ ଚେକ୍ ପ୍ରଦାନ କରାଯାଇଛି। ପରବର୍ତ୍ତୀ ସମୟରେ ସରକାରଙ୍କ ନିୟମ ଅନୁସାରେ ସେମାନଙ୍କୁ ଥଇଥାନ କରାଯିବ ବୋଲି ସୁକୁମା ଏସପି ଶ୍ରୀ ଚୌହାନ ପ୍ରକାଶ କରିଛନ୍ତି।

# ୧୬ ମାଓବାଦୀ ଗିରଫ



ମାଲକାନଗିରି,୩।୯(ସମିସ): ସୁରକ୍ଷା କର୍ମୀଙ୍କ ଅପରେସନ ବେଳେ ଧରା ପଡିଲେ ୧୬ ଜଣ ହାର୍ଡକୋର ମାଓବାଦୀ। ସୂଚନା ଅନୁଯାୟୀ ମାଲକାନଗିରି ସୀମାନ୍ତ ଛତିଶଗଡ଼ ବିଜାପୁର ଜିଲ୍ଲାର ତିନୋଟି ଭିନ୍ନ ଭିନ୍ନ ଜଙ୍ଗଲରୁ ଯବାନ ମାନେ ତଲାସି ଅଭିଯାନ କରିବା ବେଳେ ମୋଟ ୧୬ ଜଣ ମାଓବାଦୀଙ୍କୁ ଗିରଫ କରିବାରେ ସଫଳ ହୋଇଛନ୍ତି। ବିଶେଷ କରି ଜିଲ୍ଲାର ଗାଙ୍ଗାଲୁର, ବାସାଗୁଡା ଏବଂ ଜାଙ୍ଗଲା ଜଙ୍ଗଲରେ ଏସ୍‌ଟିଏଫ, ଡିଆରଜି ଏବଂ ସିଆରପିଏଫ ଯବାନଙ୍କ ତଲାସି ଅପରେସନ ବେଳେ ଏହି ସଫଳତା ମିଳିଛି। ଏମାନଙ୍କ ନିକଟରୁ ଆଇଇଡି, ପ୍ରେସର କୁକର ବୋମା, ଟିଫିନ ବୋମା, କୋଡେକ୍ସ ତାର ଓ ଜିଲୋଟିନ ଷ୍ଟିକ୍ ଜବତ ହୋଇଛି।

# ଉପମୁଖ୍ୟମନ୍ତ୍ରୀ ପ୍ରଭାତୀଙ୍କୁ ଏବେ କଙ୍ଗନା ସିଣ୍ଡ୍ରୋମ: କଂଗ୍ରେସ

ଭୁବନେଶ୍ୱର,୩।୯(ସମିସ): ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ନିଜକୁ ପ୍ରଧାନମନ୍ତ୍ରୀ ମୋଦୀଙ୍କ ପ୍ରିୟପାତ୍ର ହେବା ପାଇଁ କଂଗ୍ରେସ ବିରୋଧରେ ମିଛ ଓ ଭିତ୍ତିହୀନ ଅଭିଯୋଗ ଆଣିଛନ୍ତି। କଂଗ୍ରେସର



ସର୍ବୋଚ୍ଚ ନେତାଙ୍କ ପ୍ରତି ଶ୍ରୀମତୀ ପରିଡ଼ା ଭିତ୍ତିହୀନ ଓ ଅଯୌକ୍ତିକ ମନ୍ତବ୍ୟ ରଖିଛନ୍ତି। ବିହାର ନିର୍ବାଚନରେ ପରାଜୟର ଆଶଙ୍କା ଓ ଭୟ ବିଜେପିକୁ ଘାରିଥିବାରୁ ଦଳର ନେତା ଓ ନେତ୍ରୀମାନେ ଏଭଳି ଆଚରଣ କରୁଛନ୍ତି ବୋଲି ଅଭିଯୋଗ କରିଛି କଂଗ୍ରେସ।

**ମୋଦୀଙ୍କ ପ୍ରିୟପାତ୍ର ହେବାକୁ ଭିତ୍ତିହୀନ କଥା କହୁଛନ୍ତି ପ୍ରଭାତୀ**

ବିହାରରେ ପ୍ରଧାନମନ୍ତ୍ରୀଙ୍କ ମା'ଙ୍କ ଉଦ୍ଦେଶ୍ୟରେ ଦିଆଯାଇଥିବା ବୟାନ ଓ ଏହାକୁ ନେଇ ଉପମୁଖ୍ୟମନ୍ତ୍ରୀ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ଟାର୍ଗେଟ କରିବା ପରେ ବୁଧବାର କଂଗ୍ରେସ ଏହାର ପାଲଟା ଜବାବ ଦେଇଛି। କଂଗ୍ରେସ ମୁଖପାତ୍ର ସୋନାଲି ସାହୁ ଏକ ସାମ୍ବାଦିକ ସମ୍ମିଳନୀରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ସ୍ମୃତିଶକ୍ତି ଦୁର୍ବଳ ଓ ସେ ବର୍ତ୍ତମାନ କଙ୍ଗନା ରଣାୱତ ସିଣ୍ଡ୍ରୋମରେ ଆକ୍ରାନ୍ତ ବୋଲି ଆକ୍ଷେପ କହିଛନ୍ତି। ସେ କହିଛନ୍ତି ଯେ ଭାରତରେ ବିଜେପି ଭୋଟ ଚୋରି କରି କ୍ଷମତାକୁ ଆସିଛି। ଏହା ସହିତ ବିହାରରେ କଂଗ୍ରେସ ପ୍ରତି ଲୋକଙ୍କ ଅକୁଣ୍ଠ ସମର୍ଥନ ଦେଖି ବିଜେପି ଦଳ ଏବଂ ତାର ତଥାକଥିତ ପ୍ରଚାରକ ମାନେ ଭୟରେ କଂଗ୍ରେସର ଅପପ୍ରଚାର କରୁଛନ୍ତି। କଂଗ୍ରେସ ନୀତି ଆଦର୍ଶର ଦଳ, କଂଗ୍ରେସ ସବୁବେଳେ ମା'ମାତୃକାକୁ ସମ୍ମାନ ଦେଇ ଆସିଛି। ମିଛ ପ୍ରଚାର କରି କଂଗ୍ରେସକୁ କିମ୍ବା କଂଗ୍ରେସ ନେତୃବୃନ୍ଦଙ୍କୁ ଦୋଷୀ କରି ପାରିବେନି। ବିଗତ ଦିନରେ ବିଜେପି ନେତାମାନେ କଂଗ୍ରେସ ଦଳର ସର୍ବୋଚ୍ଚ ନେତ୍ରୀ ସୋନିଆ ଗାନ୍ଧୀଙ୍କୁ ଗୋରୀ ଚମଡି, ବାର୍ ଡ୍ୟାନ୍ସର କହି ସମାଲୋଚନା କରିଥିଲେ । ଏପରିକି ରାହୁଲ ଗାନ୍ଧୀଙ୍କୁ ହାଇବ୍ରିଡ୍ ବାଛୁରୀ ବୋଲି ବିଦ୍ରୁପ କରିବାକୁ ସେ ପଛାଇ ନ ଥିଲେ। ସେତେବେଳେ ବିଜେପି ନେତାମାନେ କେଉଁଠାରେ ଥିଲେ ବୋଲି ସୋନାଲି ପ୍ରଶ୍ନ କରିଛନ୍ତି ।

ଶ୍ରୀମତୀ ସାହୁ ପୁଣି କହିଥିଲେ ଯେ,ପ୍ରଧାନମନ୍ତ୍ରୀ ମୋଦୀ ନିଜ ମାଆଙ୍କ ଅନ୍ତ୍ୟେଷ୍ଟିକ୍ରିୟାରେ କାହିଁକି ଲଣ୍ଡା ହେଲେନାହିଁ? ଏହା କଣ ହିନ୍ଦୁ ଭାବନା ପ୍ରତି କୁଠାରାଘାତ ନୁହେଁ କି ? ସେହିପରି ବିଜେପି ମୁଖପାତ୍ର ପ୍ରେମ ଶୁକ୍ଲ, କଂଗ୍ରେସ ମୁଖପାତ୍ର ସୁରେନ୍ଦ୍ର ରାଜପୁତଙ୍କ ମାଆଙ୍କ ପ୍ରତି ଅତି ଅରୁଚିକର ମନ୍ତବ୍ୟ ଦେଇଥିଲେ ମଧ୍ୟ ତାଙ୍କ ବିରୋଧରେ ବିଜେପି କୌଣସି କାର୍ଯ୍ୟାନୁଷ୍ଠାନ ନ ନେଇ ତାଙ୍କୁ ରାଷ୍ଟ୍ରୀୟ ମୁଖପାତ୍ରରେ ଅବସ୍ଥାପିତ କରିଛି। ଏହା କ'ଣ ବିଜେପି ଏବଂ ପ୍ରଧାନମନ୍ତ୍ରୀଙ୍କ ମାଆ ମାନଙ୍କୁ ସମ୍ମାନ ବୋଲି କଂଗ୍ରେସ ପ୍ରଶ୍ନ କରିଛି।

■ ଗୁରୁ ଦିବସରେ ଶିକ୍ଷକ ସମାବେଶ

# ଅନୁଦାନଯୋଗ୍ୟ ସ୍କୁଲ କଲେଜକୁ ଅନୁଦାନ ଦାବି

ଭୁବନେଶ୍ୱର, ୩।୯(ସମିସ): ଅନୁଦାନ ଯୋଗ୍ୟ ସ୍କୁଲ କଲେଜକୁ ଅନୁଦାନ ଏବଂ ଅବସର ନେଉଥିବା ଓ ନେଇଥିବା ଶିକ୍ଷକଙ୍କୁ ପେନସନ୍ ପ୍ରଦାନ ଦାବିରେ ଆସନ୍ତା ୫ ତାରିଖ ଅର୍ଥାତ୍ ଗୁରୁଦିବସ ଦିନ ବିଧାନସଭା ସମ୍ମୁଖରେ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ଶିକ୍ଷକ ସମାବେଶ ଅନୁଷ୍ଠିତ କରାଯିବ। ସମନ୍ୱୟ ସମିତିର ଆବାହକ ରଞ୍ଜନ କୁମାର ଦାଶ ଏକ ସାମ୍ବାଦିକ ସମ୍ମିଳନୀ କରି କହିଛନ୍ତି ଯେ, ପେନସନ୍ ସମେତ ଅବସର ବୟସ ସୀମା ୬୨ ବର୍ଷକୁ ବୃଦ୍ଧି, ଗ୍ରେଡ୍ ପେ ଅସଙ୍ଗତି ଦୂର କରିବା, ଚୁକ୍ତି ଭିତ୍ତିକ ଶିକ୍ଷକଙ୍କୁ ୬ଟି ନୋସନାଲ୍ ଇନ୍‌କ୍ରିମେଣ୍ଟ ସହ ବରିଷ୍ଠତା ପ୍ରଦାନ, ସ୍ଥାୟୀ ନିଯୁକ୍ତି ପରି ୫ଦଫା ଦାବି ପୂରଣ ପାଇଁ ବହୁବାର ଦାବି କରୁଥିଲେ ମଧ୍ୟ ସରକାର କର୍ଣ୍ଣପାତ କରୁ ନାହାନ୍ତି। ଗତ ଅଗଷ୍ଟ ୧୬ରେ ଗାନ୍ଧିମାର୍ଗରେ ଏକ ଶିକ୍ଷକ ସମାବେଶ କରାଯାଇ ସରକାରଙ୍କୁ ଦାବିପତ୍ର ପ୍ରଦାନ କରାଯାଇଥିଲା। ଅଗଷ୍ଟ ୩୦ ଏବଂ ସେପ୍ଟେମ୍ବର ୧ ଓ ୨ରେ ଜିଲ୍ଲା ଶିକ୍ଷାଧିକାରୀ (ଡିଇଓ)ଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କ ସମେତ କେନ୍ଦ୍ର ଶିକ୍ଷାମନ୍ତ୍ରୀ, ପ୍ରଧାନମନ୍ତ୍ରୀ, ରାଜ୍ୟପାଳ ଓ ରାଷ୍ଟ୍ରପତିଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନାହିଁ। ଫଳରେ ପୁଣିଥରେ ଆନ୍ଦୋଳନକୁ ଓହ୍ଲାଇବାକୁ ସେମାନେ ବାଧ୍ୟ ହେଉଥିବା ଶ୍ରୀ ଦାସ ସୂଚନା ଦେଇଛନ୍ତି। ପୂର୍ବରୁ ବିରୋଧୀ ଦଳରେ ଥିବାବେଳେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶିକ୍ଷକଙ୍କ ଦାବି ଯୁକ୍ତିଯୁକ୍ତ କହି ଯେଉଁ ପ୍ରତିଶ୍ରୁତି ଦେଇଥିଲେ ତାକୁ ଅବିଳମ୍ବେ ପୂରଣ କରିବାକୁ ସମିତି ଦାବି କରିଛି। ଅନ୍ୟଥା ଅହୋରାତ୍ର ଧାରଣା ଜାରି ରଖିବେ ବୋଲି ସମିତିର ସଭାପତି ସୁକାନ୍ତ କୁମାର ବେହେରା, ଅକ୍ଷୟ କୁମାର ମିଶ୍ର, ବିକ୍ରମ କୁମାର ଦାସ, ପ୍ରମୋଦ କୁମାର ହୋତା, ହରେକୃଷ୍ଣ ପାଣିଗ୍ରାହୀ, ଅଜୟ କୁମାର ପତି, ଗରୁଡ଼ ଚନ୍ଦ୍ର ସାହୁ, ରଞ୍ଜନ କୁମାର ପଣ୍ଡା, ଏମ୍.ଏ. କାସିମ୍ ବେଗ୍, ପ୍ରଶାନ୍ତ କୁମାର ପତି, ସୁରେଶ ଚନ୍ଦ୍ର ଦାସ, ଏବଂ ମଧୁସୂଦନ ଦେ ପ୍ରମୁଖ ପ୍ରକାଶ କରିଛନ୍ତି।

## ବିଦ୍ୟୁତ୍ ସେବାରେ ଦକ୍ଷତା ଅଧିନିୟମ ଚିଠା ପ୍ରକାଶ

# ୩ ମିନିଟରେ ଫୋନ୍‌କଲ୍ ଉତ୍ତର ନ ଦେଲେ କମ୍ପାନୀ ଦେବ ଜୋରିମାନା

ଭୁବନେଶ୍ୱର,୩।୯(ସମିସ): ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ ବିଦ୍ୟୁତସେବାର ନୂତନ ମାନଦଣ୍ଡ ଓ ଦକ୍ଷତା ଚିଠାଅଧିନିୟମ୨୦୨୫ ପ୍ରକାଶକରିଛନ୍ତି। ଏହିଅଧିନିୟମ ଅନୁଯାୟୀ ବିଦ୍ୟୁତ ଉପଭୋକ୍ତାଙ୍କ କଲର ଉତ୍ତର ବିଦ୍ୟୁତ ସେବା ପ୍ରଦାନକାରୀ କମ୍ପାନୀ ଟାଟା ପାୱାର ୩ ମିନିଟ୍ ମଧ୍ୟରେ ଉତ୍ତର ଦେବାକୁ ବାଧ୍ୟ। ଏଥିରେ ଖିଲାପ ହେଲେ ଉପଭୋକ୍ତାଙ୍କୁ କମ୍ପାନୀ ଜୋରିମାନା ପ୍ରଦାନ କରିବ। ଏହି ଜୋରିମାନା ଅର୍ଥ କମ୍ପାନୀ ସମ୍ପୃକ୍ତ ଉପଭୋକ୍ତାଙ୍କ ମାସିକ ବିଜୁଳି ଦେୟରୁ କାଟି ବିଲ୍ ପଠାଇବ।

ଅନ୍ୟପକ୍ଷରେ ଉପଭୋକ୍ତା କଲ୍ କରିବାର ୫ ମିନିଟ ଭିତରେ କଲସେଣ୍ଟର ତାହାକୁ ପଞ୍ଜୀକୃତ କରି ଉପଭୋକ୍ତାକୁ ଗୋଟେ ଅଭିଯୋଗ ନମ୍ବର ପ୍ରଦାନ କରିବେ। ଏହି ପ୍ରକ୍ରିୟା ପାଳନରେ ବିଫଳ ହେଲେ ଉପଭୋକ୍ତାକୁ ୧୦୦ ଟଙ୍କା ଜରିମାନା ଦେବେ। ବିଦ୍ୟୁତବ୍ୟାହତ, ନୂତନ-ସଂଯୋଗ, ସଂଯୋଗ-ବିଚ୍ଛିନ୍ନ, ପୁନଃସଂଯୋଗ, ମିଟର ସମସ୍ୟା, ମାଲିକାନା ପରିବର୍ତ୍ତନ, ବିଲ ସମସ୍ୟା, ଭୋଲଟେଜ ସମସ୍ୟା ଆଦି ୩୩ଟି ବିଷୟ ଉପରେ ବିତରଣ କମ୍ପାନୀର କାର୍ଯ୍ୟଦକ୍ଷତାର ମାନଦଣ୍ଡ ସ୍ଥିରକରି ଓଡ଼ିଶା ବିଦ୍ୟୁତ ନିୟାମକ ଆୟୋଗ (ଓଇଆରସି) ଏହି ଚିଠା ଅଧିନିୟମ ସାଧାରଣ ବିଜ୍ଞପ୍ତି ମାଧ୍ୟମରେ ଜାରିକରି ଏକ କୋଟି ବିଦ୍ୟୁତ ଉପଭୋକ୍ତାଙ୍କ ମତାମତ ଆହ୍ୱାନ କରିଛନ୍ତି। ଆସନ୍ତା ୨୨ ତାରିଖ ମଧ୍ୟରେ ଇଚ୍ଛୁକ ବ୍ୟକ୍ତି ଚିଠା ଅଧିନିୟମ ଉପରେ ମତାମତ ଦେବାପାଇଁ ଆୟୋଗ ନିବେଦନ

■ ଅଭିଯୋଗ ପରେ ପୁରୁଣା ଅଧିନିୟମ- ୨୦୦୪କୁ ରଦ୍ଦ କଲେ ଆୟୋଗ
■ ଶକ୍ତି ସମୀକ୍ଷକଙ୍କ ମତ, ଜୋରିମାନା ଅର୍ଥ ଅନ୍ୟ ରାଜ୍ୟ ତୁଳନାରେ ବହୁତ କମ

କରିଛନ୍ତି। ଶକ୍ତି ସମୀକ୍ଷକ ଆନନ୍ଦ ମହାପାତ୍ରଙ୍କ ଏପରି ଅଭିଯୋଗକୁ ବିଶ୍ୱାସକୁ ନେଇ ଓଇଆରସି ବିତରଣ କମ୍ପାନୀମାନଙ୍କ ପାଇଁ ଉଦ୍ଦିଷ୍ଟ ପୁରୁଣା କାର୍ଯ୍ୟଦକ୍ଷତା ମାନଦଣ୍ଡ ଅଧିନିୟମ-୨୦୦୪କୁ ନବୀକରଣ କରି ନୂତନ ଅଧିନିୟମ-୨୦୨୫ର ଚିଠା ବିଜ୍ଞାପିତ କରିଛନ୍ତି।

ଶ୍ରୀ ମହାପାତ୍ରଙ୍କ ସୂଚନା ଅନୁଯାୟୀ ଓଡ଼ିଶା ବିଦ୍ୟୁତ ନିୟାମକ ଆୟୋଗ (ଓଇଆରସି) ବିତରଣ କାର୍ଯ୍ୟଦକ୍ଷତାର ମାନଦଣ୍ଡ ଓ ସପ୍ଲାଇ କୋଡ ପାଇଁ ଦୁଇଟି ପୃଥକ ପୃଥକ ଅଧିନିୟମ ପ୍ରସ୍ତୁତ କରି ୨୦୦୪ରେ ଗୋଟେ ଦିନରେ ପ୍ରଣୀତ କରିଛନ୍ତି। କିନ୍ତୁ ପଞ୍ଜାବ ଓ ମହାରାଷ୍ଟ୍ର ଭଳି ଅନ୍ୟ ରାଜ୍ୟର ବିଦ୍ୟୁତ ଆୟୋଗ ଓଇଆରସି ଭଳି ଦୁଇଟି ଅଧିନିୟମ ବଦଳରେ ଉଭୟ ପାଇଁ ଗୋଟେ ଅଧିନିୟମ ୨୦୦୪ରେ ପ୍ରଣୀତ କଲେ। ପ୍ରଗତିଶୀଳ ଅର୍ଥନୀତିରେ ଅତିରିକ୍ତ ପୁଞ୍ଜିନିବେଶ ଓ ବୈଷୟିକ ଉନ୍ନତି ପରିଲକ୍ଷିତ ହେଉଥିବାରୁ ଅନ୍ୟ ରାଜ୍ୟ ଆୟୋଗଗୁଡିକ ଏକାଧିକ ଥର ପୁରୁଣା ଅଧିନିୟମକୁ ନବୀକରଣ କରି ନୂତନ ଅଧିନିୟମ ପ୍ରଣୀତ କରିଛନ୍ତି। କିନ୍ତୁ ଓଡ଼ିଶା ଆୟୋଗ ପୁରୁଣା ସପ୍ଲାଇ କୋଡକୁ ନବୀକରଣ କରିବାରେ ସମର୍ଥ ହୋଇଥିବା ବେଳେ ବିତରଣ କମ୍ପାନୀର କାର୍ଯ୍ୟଦକ୍ଷତା ମାନଦଣ୍ଡ ଅଧିନିୟମ ନବୀକରଣ କରିପାରିଲେ ନାହି। ଫଳରେ ଓଡ଼ିଶା ଉପଭୋକ୍ତା ଉନ୍ନତ ମାନର ବିଦ୍ୟୁତସେବା ପାଇବାରୁ ବଞ୍ଚିତ ହୋଇଛନ୍ତି।

ଶ୍ରୀ ମହାପାତ୍ର ଆହୁରି କହିଛନ୍ତି ଯେ ବିଦ୍ୟୁତ ସେବା ମାନଦଣ୍ଡ ପାଳନରେ ବିତରଣ କମ୍ପାନୀ ବିଫଳ ହେଲେ ପୁରୁଣା ଅଧିନିୟମ ଅନୁସାରେ ଟାଟା ବିତରଣ କମ୍ପାନୀକୁ ଜୋରିମନା ଦେବାପାଇଁ ୫୦ରୁ ୧୦୦୦ ଟଙ୍କା ପର୍ଯ୍ୟନ୍ତ ୫ଟି ସ୍ଲାବ ପ୍ରଣୀତ ହୋଇଥିବାବେଳେ ନୂତନ ଚିଠା ଅଧିନିୟମରେ ତାହାକୁ କମାଇ ୫୦ରୁ ୨୫୦ ଟଙ୍କା ଭିତରେ ସ୍ଥିର କରିବା ଏହା ଏକ ଅବାସ୍ତବ ନିୟାମକ ପ୍ରକ୍ରିୟା। ଅନ୍ୟ ରାଜ୍ୟ ଆୟୋଗ ୧୦୦ରୁ ୫୦୦୦ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସ୍ଲାବ କରିଛନ୍ତି। ସେହିପରି ମାସକୁ କେତେ ଘଣ୍ଟା ବିଦ୍ୟୁତସେବା ଉପଲବ୍ଧ ହେଉଛି ଓ କେତେ ଥର ବିଦ୍ୟୁତ ବ୍ୟାହତ ହେଉଛି ଉପଭୋକ୍ତାକୁ ବିଦ୍ୟୁତବିଲରେ ଅବଗତ କରିବାପାଇଁ ଚିଠା ଅଧିନିୟମରେ ବ୍ୟବସ୍ଥା ହୋଇନାହି। ତେଣୁ ଗ୍ରାମାଞ୍ଚଳର ବିକାଶକୁ ଚିଠା ଅଧିନିୟମରେ ଆୟୋଗ ଅଣଦେଖା କରିଥିବା ସେ ଅଭିଯୋଗ କରିଛନ୍ତି। ତେବେ ପୁରୁଣା ଅଧିନିୟମରେ ମାନଦଣ୍ଡ ଓ କାର୍ଯ୍ୟଦକ୍ଷତାକୁ ଦୁଇ ସ୍ତରରେ ବିଭକ୍ତ ହୋଇଥିବା ବେଳେ ଚିଠା ଅଧିନିୟମରେ ତିନି ସ୍ତରରେ ବିଭକ୍ତ ହୋଇଛି। ଆଗରୁ ସହରାଞ୍ଚଳ ଓ ଗ୍ରାମାଞ୍ଚଳ ପାଇଁ ପୃଥକ ପୃଥକ ଭାବେ ମାନଦଣ୍ଡ ଓ କାର୍ଯ୍ୟଦକ୍ଷତା ରହିଥିବା ବେଳେ ଚିଠା ଅଧିନିୟମରେ ଅତିରିକ୍ତ ଭାବେ ମହାନଗର ନିଗମ ସୃଷ୍ଟି କରାଯାଇ ତାପାଇଁ ଉଚ୍ଚକୋଟିର ମାନଦଣ୍ଡ ଓ କାର୍ଯ୍ୟଦକ୍ଷତା ନିର୍ଣ୍ଣୟ ହୋଇଛି।

# ଶ୍ରୀଜୀଉଙ୍କ ବଡ଼ ଏକାଦଶୀ ନୀତି ସମ୍ପନ୍ନ



ନବରଙ୍ଗପୁର,୩।୯ (ସମିସ):

ଚଳିତ ଭାଦ୍ରବ ଶୁକ୍ଳ ଏକାଦଶୀ ପାଳନ ଅବସରରେ ବୁଧବାର ଶ୍ରୀ ଜୀଉଙ୍କ ଏକାଦଶୀ ନୀତି ଏବଂ ଶ୍ରୀ ସତ୍ୟନାରାୟଣ ପୂଜା ହୋମ ନୀତି ନବରଙ୍ଗପୁର ଶ୍ରୀଜଗନ୍ନାଥ ମନ୍ଦିରରେ ଅନୁଷ୍ଠିତ ହୋଇଯାଇଛି। ନବରଙ୍ଗପୁର ରାଜ ପୁରୋହିତ ନରସିଂହ ନାଥ ତ୍ରିପାଠୀଙ୍କ ତତ୍ତ୍ୱାବଧାନରେ ଶ୍ରୀ ଜଗନ୍ନାଥ ମନ୍ଦିର ପରିସରରେ ଶ୍ରୀ ସତ୍ୟନାରାୟଣଙ୍କ ବ୍ରତ ଓ ପୂଜା ହୋମ ନୀତି କରାଯାଇଥିଲା। ଏହି ସମସ୍ତ ପୂଜା ନୀତି କାନ୍ତିରେ ରାଜ ପୁରୋହିତ ତଥା ଶ୍ରୀ ଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ମୁଖ୍ୟ ଉପଦେଷ୍ଟା ନରସିଂହ ନାଥ ତ୍ରିପାଠୀ , ଶ୍ରୀଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ଉପଦେଷ୍ଟା ଝାଡେଶ୍ୱର ଖ ।ଡଙ୍ଗ ।ଙ୍କ ସମେତ ଶ୍ରୀଜଗନ୍ନାଥ ମନ୍ଦିର ପୂଜକ ଦେବୀ ନାୟକ , ଶୁଭମ୍ ନାୟକ , ଲକ୍ଷ୍ମୀ ମନ୍ଦିର ପୂଜକ ରବୀନ୍ଦ୍ର କୁମାର ଶତପଥୀ , ସୁଧୀର କୁମାର ଶତପଥୀ , ସୁମିତ କୁମାର ପାଳ , ପପୁ ତ୍ରିପାଠୀ , ଶ୍ରୀ ଜଗନ୍ନାଥ ମନ୍ଦିର ନୀତି ପରିଚାଳନା ନିଯୋଗ ସଭାପତି ନରେଶ କୁମାର ତ୍ରିପାଠୀ , ଉପ ସଭାପତି ଦୁର୍ଗା ତ୍ରିପାଠୀ, କୋଷାଧ୍ୟକ୍ଷ ଭବାନୀ ଶଙ୍କର ଶତପଥୀ, ନିଯୋଗ ସମ୍ପାଦକ କୁନା ପାତ୍ର, ନିଯୋଗ ସଦସ୍ୟ ସି ଏଚ ଚିଟିବାବୁ , ଜଗନ୍ନାଥ ଦାସ , ନରସିଂହ ନାୟକ, ମୀନ ନାୟକ, ଚୈତନ୍ୟ ନାୟକ ଙ୍କ ସମେତ ନିଯୋଗର ସମସ୍ତ କର୍ମକର୍ତ୍ତା ଏବଂ ସଦସ୍ୟ ଓ ବହୁ ଜଗନ୍ନାଥ ପ୍ରେମୀ ଉପସ୍ଥିତ ଥିଲେ।

# ମାଛକୁଣ୍ଡ ନଦୀକଡ଼ରୁ ଗଳିତ ଶବ ଉଦ୍ଧାର

## ଡୁଡୁମାରେ ନିଖୋଜ ୨ ପର୍ଯ୍ୟଟକଙ୍କ ମଧ୍ୟରୁ ଜଣକ ଶବ ସନ୍ଦେହ

ଲମତାପୁଟ,୩।୯ (ସମିସ) :

କିଛି ଦିନ ବ୍ୟବଧାନରେ କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକରେ ଅବସ୍ଥିତ ମାଛକୁଣ୍ଡ ଡୁଡୁମା ଜଳପ୍ରପାତରେ ଦୁଇ ଜଣ ପର୍ଯ୍ୟଟକ ନିଖୋଜ ହୋଇ ଯାଇଥଲେ। କିନ୍ତୁ ଏ ପର୍ଯ୍ୟନ୍ତ ସେମାନଙ୍କ କୌଣସି ସନ୍ଧାନ ମିଳିପାରିନଥିଲା। ଦୀର୍ଘ ଦିନ ପରେ ଆଜି ମାଛକୁଣ୍ଡ ନଦୀ ପାଶ୍ୱର୍ରୁ ଏକ ଗଳିତ ଶବକୁ ପୁଲିସ ଉଦ୍ଧାର କରିବା ସହିତ ଶବ ନିକଟରୁ ଏକ ମୋବାଇଲ ଫୋନକୁ ଜବତ କରିଛି । ଜବତ ମୃତଦେହକୁ ଚିହ୍ନଟ କରିବା କଷ୍ଟକର ହୋଇପଡିଛି। ମୃତ ଦେହ ନିକଟରୁ ମିଳିଥିବା ମୋବାଇଲ ଫୋନ ହିଁ ପ୍ରକୃତ ବ୍ୟକ୍ତିଙ୍କ ପରିଚୟ ଦେଇପାରିବ ବୋଲି ଏବେ ସାଧାରଣରେ ବେଶ ଚର୍ଚ୍ଚା ହେଉଛି। ସୂଚନା ଅନୁଯାୟୀ ଗତ ୨୩ ତାରିଖ କୋରାପୁଟ ଜିଲ୍ଲାର ମାଛକୁଣ୍ଡ ଡୁଡୁମା ଜଳ ପ୍ରପାତ ଦେଖିବା ବ୍ରହ୍ମପୁର ଅଞ୍ଚଳର ୟୁଟ୍ୟୁବର ସାଗର କୁଣ୍ଡୁ ଆସିଥିଲେ। ମାଛକୁଣ୍ଡ ନଦୀରେ ହଠାତ ବନ୍ୟା ଜଳ ପ୍ରବେଶ ସେ ବନ୍ୟା ଜଳର ପ୍ରଖର ସ୍ରୋତରେ ଡୁଡୁମା ଜଳ ପ୍ରପାତରେ ଖସି ନିଖୋଜ ହୋଇଯାଇଥିଲେ । ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁଁ ଉଦ୍ଧାର କାର୍ଯ୍ୟରେ ବାଧା ଦେଖାଦେଇଥିଲା। ବୁଧବାର ଦିନ ଗୁମୁଣ୍ଡାପୁଟ ଅଞ୍ଚଳର କିଛି ଯୁବକ ମାଛକୁଣ୍ଡ ନଦୀରେ ମାଛ ଧରିବାକୁ ଯାଇଥିଲେ ଏବଂ ନଦୀ ପାଶ୍ୱର୍ ଏକ ଗଛ ନିକଟରେ ଗଳିତ



ଶବକୁ ଦେଖିଥିଲେ। ଏନେଇ ମାଛକୁଣ୍ଡ ପୁଲିସକୁ ଖବର ଦେଇଥିଲେ । ଖବର ପାଇଁ ମାଛକୁଣ୍ଡ ପୁଲିସ ମାଛକୁଣ୍ଡ ବିଦ୍ୟୁତ ପ୍ରକଳ୍ପ ଠାରୁ ୩ କିଲୋମିଟର ଦୂର ଗୁମୁଣ୍ଡାପୁଟ ନଦୀ ପାଶ୍ୱର୍ରେ ପହଞ୍ଚି ଗଳିତ ଶବକୁ ଉଧାର କରିଥିଲେ । ମୃତ ଦେହଟି ପଚି ଯାଇଥିବା ଏବଂ ମୁଣ୍ଡ ନଥିବ ଯୋଗୁଁ ଶବ ଚିହ୍ନଟରେ ବାଧ ସୃଷ୍ଟି ହୋଇଛି। ସେହିପରି ଗତ ଜୁନ ୧୪ ତାରିଖରେ ମଧ ଭୁବନେଶ୍ୱର ଅଞ୍ଚଳ ଆନିମେଶ ଦାସ ଡୁଡୁମା ଜଳ ପ୍ରପାତରେ ଖସି ନିଖୋଜ ହୋଇଯାଇଥିଲେ ମଧ କୌଣସି ପତ୍ତା ମିଳିନ ଥିଲ। ତେବେ ଜବତ ମୋବାଇଲ ଫୋନ ହିଁ ମୃତ ଦେହକୁ ଚିହ୍ନ କରିବ ବୋଲି ପୁଲିସ ସନ୍ଦେହ କରିଛି । ବ୍ୟବଚ୍ଛେଦ ପରେ ଏବଂ ମୋବାଇଲ୍ ଯାଞ୍ଚ ପରେ ମୃତ ବ୍ୟକ୍ତି ସମ୍ପର୍କରେ ସ୍ପଷ୍ଟ ସୂଚନା ମିଳିପାରିବ ବୋଲି କୁହାଯାଉଛି।

# ଦିବ୍ୟାଙ୍ଗ ଅମନଙ୍କୁ ହୁଇଲ୍ ଚେୟାର ପ୍ରଦାନ କଲେ ବିଡିଓ

ନନ୍ଦାହାଣ୍ଡି,୩।୯ (ସମିସ): ନନ୍ଦାହାଣ୍ଡି ବ୍ଲକ ଜଗନ୍ନାଥ ପୁର ପଂଚାୟତ ଅନ୍ତର୍ଗତ ଫୁପୁ ଗାଁ ର ଚନ୍ଦ୍ର ଚଲାଣ ଙ୍କ ପୁଅ ଅମନ ଚଲାଣ(୧୧) ଜନ୍ମରୁ ଦିବ୍ୟାଙ୍ଗ । ଚନ୍ଦ୍ର କୁଲି ମଜୁରୁ କରି ପରିବାର ପ୍ରତିପୋଷଣ କରନ୍ତି। ଅମନଙ୍କ ଗୋଡ଼ ଜମାରୁ କାମ କରୁନଥିବା ଯୋଗୁଁ ଘୋଷାରି ହୋଇ



ଚଲାବୁଲା କରନ୍ତି। ଅମନ ଫୁପୁ ଗାଁ ପ୍ରାଥମିକ ବିଦ୍ୟାଳୟରେ ପଞ୍ଚମ ଶ୍ରେଣୀ ରେ ପାଠ ପଢୁଥିବା ବେଳେ ପରିବାର ଲୋକେ ବିଦ୍ୟାଳୟକୁ ନେବା ଆଣିବା କରୁଛନ୍ତି। ଏହି ଖବର ପାଇ ନନ୍ଦାହାଣ୍ଡି ବିଡିଓ ଶ୍ରୀ ସାହୁ ଗତ ତିନି ମାସ ପୂର୍ବରେ ନିଜ ଅଫିସ ଗାଡ଼ିରେ ହୁଇଲ୍ ଚେୟାର ଧରି ଫୁପୁ ଗାଁରେ ପହଞ୍ଚିଥିଲେ। ଏହାପରେ ଅମନ ଙ୍କ ଠିକଣା ପଚାରି ତାଙ୍କ ଘରକୁ ଯାଇଥିଲେ। କିନ୍ତୁ ଆମନ ଘରେ ନଥିବାରୁ ଫେରି ଆସିଥିଲେ। ଏହି ଖବର ପାଇ ପରିବାର ଲୋକ ବିଡ଼ିଓଙ୍କ ସହିତ ଯୋଗାଯୋଗ କରିବା ପରେ ଆଜି ବ୍ଲକ ଅଫିସରେ ଡାକି ଦିବ୍ୟାଙ୍ଗ ଆମନଙ୍କୁ ହୁଇଲ୍ ଚେୟାର ପ୍ରଦାନ କରି ଭଲ ପାଠପଢି ବଡ଼ ମଣିଷ ହେବାପାଇଁ କହି ଅମନଙ୍କୁ ଉତ୍ସାହିତ କରିଥିଲେ। ବିଡିଓ ଶ୍ରୀ ସାହୁ ଙ୍କ ଏଭଳି କାର୍ଯ୍ୟ କୁ ବିଭିନ୍ନ ମହଲ ରେ ପ୍ରଶଂସା କରାଯଉଛି। ହ୍ୱୀଲ ଚେୟାର ପ୍ରଦାନ ସମୟରେ ଡିଇଓ ବିଚିତ୍ରା ଶତପଥୀ ଉପସ୍ଥିତ ଥିଲେ।

# ଗଣେଶ ମେଢ଼ ବିସର୍ଜନରେ ଯୋଗଦେଲେ ଗଣଶିକ୍ଷା ମନ୍ତ୍ରୀ



ନନ୍ଦାହାଣ୍ଡି, ୩।୯ (ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ ଧଣ୍ଡରା ପଞ୍ଚାୟତ ଅନ୍ତର୍ଗତ ନରସିଂହଗୁଡ଼ାର ଗଣେଶ ବିସର୍ଜନ ଉତ୍ସବରେ ଓଡ଼ିଶାର ଗଣଶିକ୍ଷା, ଅନୁସୂଚିତ ଜାତି ଓ ଜନଜାତି ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଗ ଦେଇଛନ୍ତି। ଏଥିରେ ନବରଙ୍ଗପୁର ବିଧାୟକ ଗୌରୀ ଶଙ୍କର ମାଝୀ ଉପସ୍ଥିତ ରହିଥିଲେ। ଗ୍ରାମବାସୀଙ୍କ ଅନୁରୋଧ କ୍ରମେ ମନ୍ତ୍ରୀ ଓ ବିଧାୟକ ଉତ୍ସବରେ ଯୋଗ ଦେଇଥିଲେ। ବିଜେପି ଡଙ୍ଗରଭେଜା ମଣ୍ଡଳ ସଭାପତି ଭାବଗ୍ରାହୀ ବେନ୍ୟାଙ୍କ ସମେତ ଅନେକ କାର୍ଯ୍ୟକର୍ତ୍ତା ରହିଥିଲେ। ବିସର୍ଜନ ଉତ୍ସବରେ ଯୋଗ ଦେଇଥିବାରୁ ପୂଜା କମିଟି ଓ ଗ୍ରାମବାସୀ ମନ୍ତ୍ରୀ ଓ ବିଧାୟକଙ୍କୁ ଧନ୍ୟବାଦ ଜଣାଇଥିଲେ।

# ଯୁବତୀଙ୍କୁ ନିର୍ଯାତନା, ଜଣେ ଗିରଫ

ପାପଡାହାଣ୍ଡି,୩।୯ (ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ଥାନାରେ ଅନ୍ତର୍ଗତ ଚିକିଲି ଗ୍ରାମରେ ଜଣେ ଯୁବତୀକୁ ଶାରୀରିକ ଓ ମାନସିକ ନିର୍ଯ୍ୟାତନା ଅଭିଯୋଗ ରେ ପୋଲିସ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ସୂଚନା ଅନୁଯାୟୀ ଚିକିଲି ଗ୍ରାମର ଯୁବତୀ ପାପଡାହାଣ୍ଡି ଥାନାରେ ଅଭିଯୋଗ କରିଛନ୍ତି ସେ ୫ ବର୍ଷ ପୂର୍ବେ ସେ ଜଣେ ନାବାଳିକା ଥିଲେ। ଏହି ସମୟରେ ଚିକିଲି ଗ୍ରାମର ବିକାଶ ଜେନା ତାଙ୍କୁ ମିଥ୍ୟା ପ୍ରତିଶୃତି ଦେଇ ଭଲ ପାଇବା ସହ ବିବାହର ପ୍ରଲୋଭନ ଦେଖାଇ ଶାରୀରିକ ସମ୍ପର୍କ ରଖିଥିଲେ। ଏ ନେଇ ଗ୍ରାମରେ ଆପୋଷ ବୁଝାମଣା ହୋଇଥିଲା। ଝିଅକୁ ସ୍ତ୍ରୀର ସମ୍ମାନ ଦେଇ ଘରେ ରଖିବା ପାଇଁ ଏହି ପାଞ୍ଚ ବର୍ଷରେ ସେ ଅନେକ ଥର ଶାରୀରିକ, ମାନସିକ ନିର୍ଯାତନା ଦେବା ସହ ଝଗଡା କରିବା ସହ ମାଡ଼ ମାରୁଥିବା ଅଭିଯୋଗ ହୋଇଛି। ଏନେଇ ପାପଡାହାଣ୍ଡି ଥାନାରେ ଅଭିଯୋଗ ହେବା ପରେ ବିକାଶ ଜେନାକୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ତଦନ୍ତ ଅଧିକାରୀ ଆଇଆଇସି ଦୀପକ କୁମାର ଜେନା ସୂଚନା ଦେଇଛନ୍ତି।

# ମାଟ୍ରିକ୍ ପରୀକ୍ଷାରେ ଶ୍ରେଷ୍ଠ ଛାତ୍ରଛାତ୍ରୀ ସମ୍ମାନିତ



ଜୟପୁର,୩।୯ (ସମିସ): ଜୟପୁର ଶାରଦା ବିହାରସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ଠାରେ ମେଧାବୀ ଛାତ୍ରଛାତ୍ରୀଙ୍କୁ ସମ୍ମାନିତ ଓ ଅଭିନନ୍ଦନ କାର୍ଯ୍ୟକ୍ରମ ବୁଧବାର ଅନୁଷ୍ଠିତ ହୋଇଥିଲା। ପ୍ରଧାନାଆଚାର୍ଯ୍ୟ ସତ୍ୟନାରାୟଣ ସେଠୀଙ୍କ ଅଧକ୍ଷତାରେ ମେଧାବୀ ଅଭିନନ୍ଦନ କାର୍ଯ୍ୟକ୍ରମ ମ୍ୟାଟ୍ରିକ୍ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର (ଏ-୧) ନମ୍ବର ରଖିଥିବା ବିଦ୍ୟାଳୟର ଛାତ୍ରଛାତ୍ରୀ ଦିବ୍ୟାଶ୍ରୀ ଦୈବୀଶକ୍ତି, ଅର୍ପିତା ମିଶ୍ର, ସୁଶ୍ରୀ ପାଢ଼ୀ, ସୋହନ କୁମାର ଦାଶ ଓ ଅଭିପ୍ସା ପଟ୍ଟନାୟକଙ୍କୁ ଅର୍ଥ ଆକାରରେ ପୁରସ୍କୃତ ସହ ସମ୍ମାନୀତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ ବ୍ୟବସାୟୀ ଜଗଦୀଶ ଅଗ୍ରୱାଲ, ସମ୍ମାନିତ ଅତିଥି ପରିଚାଳନା କମିଟିର ସଭାପତି କିଶୋର ଚନ୍ଦ୍ର ପଣ୍ଡା, ଶିକ୍ଷା ବିକାଶ ସମିତି ପୂର୍ବକ୍ଷେତ୍ରର ସଂସ୍କୃତି ଜ୍ଞାନ ପରିଯୋଜନାର ପ୍ରମୁଖ କୈଳାସ ଚନ୍ଦ୍ର ମିଶ୍ର, ଆଇନ ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧାପକ ନିରଞ୍ଜନ ମିଶ୍ର ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମର ପରିଚାଳନା ବରିଷ୍ଠ ଆଚାର୍ଯ୍ୟ କୈଳାସ ଚନ୍ଦ୍ର ପଣ୍ଡା କରିଥିବା ବେଳେ ଧନ୍ୟବାଦ ଆଚାର୍ଯ୍ୟ ଅନନ୍ତ ନାରାୟଣ ମହାପାତ୍ର ଦେଇଥିଲେ । ବିଦ୍ୟାଳୟର ସମସ୍ତ ଗୁରୁଜୀ ଗୁରୁମାଙ୍କ ସହଯୋଗରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା ।

# କୁନ୍ଦୁଲି ଲ୍ୟାମ୍ପ୍‌ରେ ଚାଷୀ ୟୁରିଆ ନପାଇ ହନ୍ତସନ୍ତ

ପଟ୍ଟାଙ୍ଗି,୩।୯ (ସମିସ): କୋରାପୁଟ ଜିଲ୍ଲା କୁନ୍ଦୁଲି ଲ୍ୟାମ୍ପ୍ ଠାରେ ଚାଷୀ ୟୁରିଆ ନପାଇ ଅସନ୍ତୋଷ ହେବା ସହ ଲ୍ୟାମ୍ପସ ଘେରାଉ କରିଛନ୍ତି। ପ୍ରଶାସନ ଦ୍ୱାରା ନାନୋ ୟୁରିଆ ବ୍ୟବହାର ନେଇ ସଚେତନ କରିନପାରିବାରୁ ନାନୋ ୟୁରିଆ ବ୍ୟବହାର କରିପାରୁନାଆନ୍ତି ଚାଷୀ। କୋରାପୁଟ ଜିଲ୍ଲା କୁନ୍ଦୁଲି ଲ୍ୟାମ୍ପ ଏବଂ ପଟ୍ଟାଙ୍ଗି ଲ୍ୟାମ୍ପ ଅନ୍ତର୍ଗତ ବିଭିନ୍ନ ଗ୍ରାମ ଗୁଡିକରେ ବର୍ଷ ସମୟରେ ଧାନ,ମକା,ପନିପରିବା ଚାଷ ବହୁଳ ମାତ୍ର କରାଯାଇଛି। ଉକ୍ତ ସମୟରେ ଚାଷୀ ଙ୍କୁ ବହୁଳ ମାତ୍ରା ରେ ୟୁରିଆ ଏବଂ ବିଭିନ୍ନ ସାର ର ଆବଶ୍ୟକରହିଛି। କିନ୍ତୁ ୟୁରିଆ ସାର କେବଳ ଲ୍ୟାମ୍ପସ ଗୁଡିକରେ ଚାଷୀଙ୍କୁ ପ୍ରଦାନ କରାଯାଉଛି।ଉକ୍ତ ୟୁରିଆ ସରକାରଙ୍କ ଦ୍ୱାରା ସବ୍ସିଡି ପ୍ରଦାନ କରାଗଲା ପରେ ମୁଲ୍ୟ ୨୬୬ ଟଙ୍କା ସହ ଗାଡ଼ି ଖର୍ଚ୍ଚ ଏବଂ ଅନ୍ୟ ଖର୍ଚ୍ଚ ଲଗାଇ ଚାଷୀ ଙ୍କୁ ବିକ୍ରି କରାଯାଉଥିବା ନେଇ କୁନ୍ଦୁଲି ଲ୍ୟାମ୍ପ ପରିଚାଳନା ନିର୍ଦ୍ଦେଶିକା ବି ସବିତା ସୂଚନା ପ୍ରଦାନ କରିଛନ୍ତି। କୁନ୍ଦୁଲି ଲ୍ୟାମ୍ପ୍ ଅନ୍ତର୍ଗତ ୧୭ ଗୋଟି ପଞ୍ଚାୟତ ର ଚାଷୀ ଆସି ୟୁରିଆ ସାର ନେବା ନିମନ୍ତେ ଆସୁଛନ୍ତି। ମଙ୍ଗଳବାର ସହ ସହ ଚାଷୀ ଆସି ଲ୍ୟାମ୍ପସ କାର୍ଯ୍ୟାଳୟ ସମ୍ମୁଖରେ ଜଗି ବସିଥିଲେ। ଉକ୍ତ ସମୟରେ ରାସ୍ତା କଡ଼ରେ ଶହ ଶହ ଗାଡ଼ି ଗୁଡ଼ିକ ଅଟକି ରହିଥିଲେ। ରାସ୍ତା ଦେଇ ଆସୁଥିବା ଗାଡି ଗୁଡ଼ିକ ଯିବା ଆସିବାରେ ମଧ ଅସୁବିଧାର ସମ୍ମୁଖୀନ ହେଉଥିଲେ। ବୁଧବାର କିନ୍ତୁ ୟୁରିଆ ବଣ୍ଟନରେ ଚାଷୀ ଙ୍କ ସହଯୋଗ ଲୋଡ଼ିଥିବା ନେଇ କୁନ୍ଦୁଲି ଲ୍ୟାମ୍ପ ପରିଚାଳନା ନିର୍ଦ୍ଦେଶିକା ବି ସବିତା କହିଛନ୍ତି।

# ସମାଜସେବୀଙ୍କ ପରଲୋକ

ଉମରକୋଟ,୩।୯ (ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ପୌର ପରିଷଦ ୩ ନଂ ୱାର୍ଡ ଗଜପତି ଛକର ଜଣାଶୁଣା ସମାଜସେବୀ ନରସିଂହ ସାହୁ (୬୩) ଙ୍କର ଦୁର୍ଘଟଣାରେ ମୃତ୍ୟୁ ଘଟିଛି। ସୂଚନାଯୋଗ୍ୟ ସୋମବାର ଦିନ ସମାଜସେବୀ ନରସିଂହ ସାହୁ ରାୟପୁରକୁ ଯାଉଥିବା ବେଳେ ଛତିଶଗଡ଼ର ଗରିଆବନ୍ଧ ପାଖରେ ଦୁର୍ଘଟଣାର ଶିକାର ହୋଇ ଗୁରୁତର ଆହତ ହୋଇଥିଲେ। ଉମରକୋଟର ଏକ ଘରୋଇ ମେଡିକାଲରେ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଭବାନିପାଟଣା ଓ ସେଠାରୁ ବୁର୍ଲା ମେଡିକାଲ କଲେଜକୁ ନିଆଯାଇଥିଲା। ରାସ୍ତାରେ ତାଙ୍କର ମୃତ୍ୟୁ ହୋଇଥିଲା।

# ଚାଷ ଜମିକୁ ପଶିଲା ଅଟୋ, ଜଣେ ଗୁରୁତର

ବୈପାରିଗୁଡ଼ା,୩।୯ (ସମିସ): ବୈପାରୀଗୁଡା ଥାନା ଅନ୍ତର୍ଗତ ଗୌଡ଼ଗୁଡା ଛକରେ ଭାରସାମ୍ୟ ହରାଇ ଚାଷ ଜମିକୁ ପଶିଲା ଅଟୋ। ଗୁରୁତର ଯୁବକ ଦିଶାରୀଗଡ଼ାର ରଂଜିତ ହରିଜନ (୨୦)। ସୂଚନା ଅନୁଯାୟୀ, କୁନ୍ଦୁରା ବ୍ଲକ ଡିସାରିଗୁଡା ଗ୍ରାମର ଗୋଟିଏ ଅଟୋରେ ଡ୍ରାଇଭର ସମେତ ତିନି ଜଣ ବୈପାରିଗୁଡାରୁ ଡିସାରିଗୁଡା ଫେରୁଥିବା ବେଳେ ଗୌଡଗୁଡା ଛକରେ ଭାରସାମ୍ୟ ହରାଇ ଚାଷ ଜମି ଭିତରେ ପଶି ଦୁର୍ଘଟଣାଗ୍ରସ୍ତ ହୋଇଥିଲା।

# ସେମିଳିଗୁଡା ପଞ୍ଚାୟତ ସମିତି ବୈଠକ

ସେମିଳିଗୁଡ଼ା, ୩।୯ (ସମିସ): ସେମିଳିଗୁଡା ବ୍ଲକ୍‌କୁ ଏକ ଉନ୍ନତ ବ୍ଲକ୍ ଗଠନ କରିବା ଲକ୍ଷ୍ୟ ରଖାଯାଇଛି ବୋଲି ପଟ୍ଟାଙ୍ଗୀ ବିଧାୟକ ରାମ ଚନ୍ଦ୍ର କାଡାମ କହିଛନ୍ତି। କୋରାପୁଟ ଜିଲ୍ଲାର ସେମିଳିଗୁଡା ପଞ୍ଚାୟତ ସମିତି ସଭା ଗୃହ ଠାରେ ବୁଧବାର ପଞ୍ଚାୟତ ସମିତି ବୈଠକ ଅନୁଷ୍ଠିତ ହୋଇଥିଲା। ବ୍ଲକ ଅଧ୍ୟକ୍ଷା ଲିଲି ଅଣ୍ଟା ବିରିଆ ଅଧ୍ୟକ୍ଷତାରେ ସାଂସଦ ପ୍ରତିନିଧି ଜଗତ ରାଇ ଖିନ ବୁଡି, ଉପାଧକ୍ଷ ଶିବା ବାଙ୍ଗାରି, ଜିଲ୍ଲା ପରିଷଦ ମୋହନ ଜନୀ, ଯଶୋଧା ଖିଲ, ତହସିଲଦାର ଦେବ ବ୍ରତ କରାତେ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ଜସ୍ମିନ ପ୍ରଧାନ, ଉପସ୍ଥିତ ରହିଥିଲେ। ଏଥିରେ ୧୭ ଗୋଟି ଗ୍ରାମପଞ୍ଚାୟତର ସରପଞ୍ଚ ଏବଂ ସମିତି ସଭ୍ୟ ସଭ୍ୟା, ପ୍ରତ୍ୟେକ ଭିଭାଗୀୟ ଅଧିକାରୀ ଶିକ୍ଷା, ସ୍ୱାସ୍ଥ୍ୟ, ବିହନ ସାର, ପାନୀୟ ଜଳ ସମସ୍ୟା ନେଇ ଅଧିକାରୀଙ୍କୁ ଅବଗତ କରିଥିଲେ। ଉକ୍ତ ବୈଠକରେ ଆଗାମୀ ଦିନରେ ସମାଧାନ କରାଯିବ ବୋଲି କହିଛନ୍ତି। ଆଗାମୀ ବୈଠକରେ ଅଧିକାରୀ ମାନେ ତଥ୍ୟ ସହ ସାମିଲ ହେବାକୁ ବିଧାୟକ କହିଥିଲେ। ସମିତିରେ ଉନ୍ନୟନ ମୂଳକ କାର୍ଯ୍ୟ ଉପରେ ଜନ ପ୍ରତିନିଧି ତ୍ରିବ ଅସନ୍ତୋଷ ପ୍ରକାଶ କରିଛନ୍ତି। ସବୁ ମିଶି ସେମିଳିଗୁଡା ସମିତି ଉନ୍ନତି ପାଇଁ କାମ କରିବା ପାଇଁ ବିଧାୟକ ରାମ ଚନ୍ଦ୍ର କାଡାମ ପ୍ରତିନିଧିଙ୍କୁ ନିବେଦନ କରିଛନ୍ତି।

# ଯୁବକଙ୍କୁ ସଶକ୍ତୀକରଣ ପାଇଁ ଆଦିତ୍ୟ ବିର୍ଲାର ପ୍ରୟାସ



ଲକ୍ଷ୍ମୀପୁର,୩।୯ (ସମିସ): ଆଦିତ୍ୟ ଅଲୁମିନା ରିଫାଇନରୀ ପକ୍ଷରୁ 'କୌଶଳ' ପ୍ରକଳ୍ପ ଅଧୀନରେ ଆଇଟିଆଇ ତାଲିମ ନିମନ୍ତେ ସହାୟତା ପାଇଁ ପ୍ରୟାସ ଆରମ୍ଭ କରିଛି। ଆଦିତ୍ୟ ଆଲୁମିନା ରିଫାନେରୀ ( ହିଣ୍ଡାଲକୋ) ର "ପ୍ରୋଜେକ୍ଟ କୌଶଳ' ଅଧୀନରେ ସ୍ଥାନୀୟ ଆଇ ଟିଆଇ ଯୁବ ଅଭିଳାଷୀମାନଙ୍କୁ ଭର୍ତ୍ତି କରି ସେମାନଙ୍କୁ ସହାୟତା କରୁଛି। ଏଥିପାଇଁ ଚୟନ କରି ପ୍ରାର୍ଥୀ ମାନଙ୍କୁ ଭୁବନେଶ୍ୱରର ଏକ ପ୍ରସିଦ୍ଧ ଅନୁଷ୍ଠାନରେ ଉଚ୍ଚମାନର ଶିକ୍ଷା ପ୍ରଦାନ କରାଯିବ। ଏହାର ସବୁ ଖର୍ଚ୍ଚ ତଥା ରହିବା , ଖାଇବା ଇତ୍ୟାଦି ଆଦିତ୍ୟ ବିର୍ଲା ପ୍ରଦାନ କରିବ । ବୁଧବାର ଆୟୋଜିତ ଫ୍ଲାଗ୍-ଅଫ୍ ସମାରୋହରେ ଆଦିତ୍ୟ ଅଲୁମିନା ରିଫାଇନରୀର ୟୁନିଟ୍ ର ମୂଖ୍ୟ ତଥା ଅଧକ୍ଷ ମଜହର ବେଇଗ ଉପସ୍ଥିତ ରହି ଥିଲେ। ୫୦ ଜଣ ଆଦିବାସୀ ସ୍ଥାନୀୟ ଯୁବକଙ୍କୁ ଭୁବନେଶ୍ୱରରେ ଦୁଇ ବର୍ଷର ପୂର୍ଣ୍ଣକାଳୀନ ଆଇଟିଆଇ ତାଲିମ ଓ ଏକ ବର୍ଷ ଆପ୍ରେଣ୍ଟିସ ତାଲିମ କରାଇବା ପାଇଁ ପଠା ଯାଇ ଥିବା ଶ୍ରୀ ବେଇଗ୍ କହିଛନ୍ତି। ଏହି ପ୍ରୟାସ ମାଧ୍ୟମରେ ଆଦିତ୍ୟ ଅଲୁମିନା ରିଫାଇନରୀ ସ୍ଥାନୀୟ ଯୁବମାନଙ୍କୁ ଶିଳ୍ପ ତାଲିମର ଦକ୍ଷତା ଅର୍ଜନ କରି ରୋଜଗାରର ସୁଯୋଗ ହାସଲ କରିବା ସହ ସ୍ଥାୟୀ ଜୀବିକା ନିର୍ବାହ କରିବାରେ ସହାୟକ ହୋଇ ପାରିବେ। ଉଭୟ କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଓ ରାୟଗଡ଼ା ଜିଲ୍ଲାର କାଶିପୁର ବ୍ଲକ ୫୦ଜଣ ଯୁବକଙ୍କୁ ତାଲିମ ପାଇଁ ପଠାଯାଇ ଥିବା କହିଛନ୍ତି।

# ବ୍ଲକ୍ ଅଧ୍ୟକ୍ଷାଙ୍କ ବିରୋଧରେ ଆଗତ ଅନାସ୍ଥା ପ୍ରସ୍ତାବ ନେଇ ତଦନ୍ତ

କୁନ୍ଦୁରା, ୩।୯ (ସମିସ): କୁନ୍ଦୁରା ବ୍ଲକ ଅଧ୍ୟକ୍ଷାଙ୍କ ବିରୋଧରେ ଆଗତ ଅନାସ୍ଥା ପ୍ରସ୍ତାବ ପତ୍ର ଯାଞ୍ଚ କଲେ ସ୍ଥାନୀୟ ବିଡ଼ିଓ। ଜୟପୁର ଉପଜିଲ୍ଲାପାଳ ଏ ଶସ୍ୟା ରେଡିଙ୍କ ନିର୍ଦ୍ଦେଶ କ୍ରମେ ଆଜି କୁନ୍ଦୁରା ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ବିଡ଼ିଓ ପି.ମାନସ୍ମିତାଙ୍କ ଉପସ୍ଥିତିରେ ପୂର୍ବରୁ ଆଗତ ଅନାସ୍ଥା ପ୍ରସ୍ଥାବ ଉପରେ ସରପଞ୍ଚ ଏବଂ ସେମିତି ସଭ୍ୟ ସଭ୍ୟାଙ୍କ ସହ ଆଲୋଚନା ହୋଇଛି । ବ୍ଲକର ୧୪ ଜଣ ସରପଞ୍ଚ ଓ ୧୨ ଜଣ ସମିତି ସଭ୍ୟ ସଭ୍ୟାଙ୍କ ଆଜି ସ୍ୱାକ୍ଷର ଯାଞ୍ଚ କରିଛନ୍ତି ବିଡ଼ିଓ। ଏନେଇ ବ୍ଲକ ଅଧ୍ୟକ୍ଷା ରାଜେଶ୍ୱରୀ ପାରଜାଙ୍କ ପ୍ରତିକ୍ରିୟା ମିଳି ପାରିନାହିଁ । ସୂଚନା ଥାଉକି, କୁନ୍ଦୁରା ବ୍ଲକ ଅଧ୍ୟକ୍ଷା ରାଜେଶ୍ୱରୀ ପରଜାଙ୍କ ମନମୁଖୀ କାର୍ଯ୍ୟ ସାଙ୍ଗକୁ ପଞ୍ଚାୟତ ସମିତିର ଉନ୍ନୟନ କାର୍ଯ୍ୟରେ ନିର୍ବାଚିତ ସମିତି ସଭ୍ୟ ମାନଙ୍କୁ ଅଣଦେଖା କରୁଛନ୍ତି। ଏଣୁ ବ୍ଲକର ୧୬ଟି ଟି ପଞ୍ଚାୟତ ମଧ୍ୟରୁ ୧୪ ଜଣ ସରପଞ୍ଚ ଏବଂ ୧୨ ଜଣ ସମିତି ସଭ୍ୟ ସଭ୍ୟା ଗତ ମାସ ୮ ତାରଖ ଦିନ ଜୟପୁର ଉପଜିଲ୍ଲାପାଳ ଏ ଶସ୍ୟକ୍ଷ ରେଡିଙ୍କ ନିକଟରେ ଅନାସ୍ଥା ପ୍ରସ୍ତାବ ସପକ୍ଷରେ ଦରଖାସ୍ତ କରିଥିଲେ।

# କୁନ୍ଦୁଲି ଲ୍ୟାମ୍ପ୍‌ସରେ ସାର ମିଳୁ ନଥିବା ଅଭିଯୋଗ

ସେମିଳିଗୁଡ଼ା,୩।୯ (ସମିସ): କୋରାପୁଟ ଜିଲ୍ଲା କୁନ୍ଦୁଲି ଲ୍ୟାମ୍ପସ୍‌ରେ ଗତ କିଛି ଦିନରୁ ଠିକ୍ ସମୟରେ ସାର ମିଳିନଥିବା ଚାଷୀ ମାନଙ୍କ ଅଭିଯୋଗ କରୁଚନ୍ତି। କୋରାପୁଟ ଜିଲ୍ଲାରେ ଏହି ଖରିଫ ଋତୁରେ ଚାଷୀ ପାଇଁ ସାର ଅଭାବ ଦେଖା ଦେଇଛି। ସେହିପରି ସେମିଳିଗୁଡା ବ୍ଲକର କୁନ୍ଦୁଲି ଲ୍ୟାମ୍ପସ୍‌ରେ ମଧ ଚାଷୀଙ୍କ ଭିଡ଼ ଜମିଥିବା ଦେଖିବାକୁ ମିଳିଛି। ଠିକ୍ ସମୟରେ ସାର ମିଳୁ ନ ଥିବା ଚାଷୀ ଅଭିଯୋଗ କରିଛନ୍ତି। ଲ୍ୟାମ୍ପସ୍‌ରେ ଯଥେଷ୍ଟ ପରିମାଣର ସାର ନ ଥିବାରୁ ସେମାନଙ୍କୁ ସାର ମିଳିପାରୁ ଚାଷୀ କହିଛନ୍ତି। ସେଥିପାଇଁ ନିଜେ ଅସୁବିଧାର ସମ୍ମୁଖୀନ ହେବା ସହ ବଜାରରୁ ଚଢ଼ାଦରରେ ସାର କିଣିବାକୁ ପଡୁଛି ବୋଲି ଚାଷୀ କହିଛନ୍ତି। କେତେ ଜଣ ଲୋକ ୨ରୁ ୩ ଦିନ ପର୍ଯ୍ୟନ୍ତ ସାର ପାଇଁ ଧାଡିରେ ଠିଆ ହୋଇଥିବା କହିଛନ୍ତି। ଏଥିଯୋଗୁ କାର୍ଯ୍ୟାଳୟ ଠାରେ ଉତ୍ତେଜନା ପ୍ରକାଶ ପାଇଛି। ସାର ଅଭାବ ତଥା ଚାଷୀଙ୍କୁ ସାର ନ ମିଳିବା ନେଇ କୁନ୍ଦୁଲି ଲ୍ୟାମ୍ପସ ଏମ୍‌ଡି ବି.ସବିତାଙ୍କୁ ପଚାରିବାରୁ ସେ କହିଥିଲେ, ଦୈନିକ ଲ୍ୟାମ୍ପସ୍ ପକ୍ଷରୁ ସାର ଦିଆଯାଉଛି। ଚାଷୀ ନିଜ ଆଧାର କାର୍ଡ ସହ ଫିଙ୍ଗର ପ୍ରିଣ୍ଟ ଦେବା ପରେ ଜଣଙ୍କ ପିଛା ଗୋଟିଏ ବସ୍ତା ଦିଆଯାଉଛି। ଥରେ ସମସ୍ତ ଚାଷୀ ପାଇପାରିବେ ବୋଲି ସେ କହି କ୍ହିଛନ୍ତି। ଲ୍ୟାମ୍ପସ୍ ଗେଟ୍ ଆଗରେ ବହୁତ୍ ସଂଖ୍ୟାରେ ଚାଷୀ ସାର ପାଇଁ ଅପେକ୍ଷା କରିଛନ୍ତି।

# ଜିଲ୍ଲାପରିଷଦ ସାଧାରଣ ବୈଠକ




ନବରଙ୍ଗପୁର,୩।୯ (ସମିସ) :

ବୁଧବାର ନବରଙ୍ଗପୁର ଜିଲ୍ଲା ପରିଷଦ ସମ୍ମିଳନୀ ଗୃହରେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ମୋତିରାମ ନାୟକଙ୍କ ଅଧ୍ୟକ୍ଷତାରେ ଷଷ୍ଠତମ ଜିଲ୍ଲା ପରିଷଦର ଅଷ୍ଟମ ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ନବରଙ୍ଗପୁର ସାଂସଦ ବଳଭଦ୍ର ମାଝି, ରାଜ୍ୟସଭା ସାଂସଦ ମୂଜିବୁଲ୍ଲା ଖାଁ, ବିଧାୟକ ଡ଼ାବୁଗାଁ ମନୋହର ରାନ୍ଧାରୀ, ବିଧାୟକ ନବରଙ୍ଗପୁର ଗୌରୀ ଶଙ୍କର ମାଝୀ, ବିଧାୟକ ଝରିଗାଁ ନରସିଂହ ଭତରା, ନବରଙ୍ଗପୁର ଜିଲ୍ଲାପାଳ ଡ଼ ମହେଶ୍ୱର ସ୍ୱାଇଁ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ଲିପିକା ବାରୋଇ,ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ ପ୍ରମୁଖ ମଞ୍ଚାସୀନ ଥିଲେ। ବୈଠକ ଆରମ୍ଭ ର ନବରଙ୍ଗପୁର ଜିଲ୍ଲାପାଳ ଡ଼ଃ ସ୍ୱାଇଁ ଉପସ୍ଥିତ ସମସ୍ତ ଜନ ପ୍ରତିନିଧି,ସଭ୍ୟ ଓ ଅଧିକାରୀ ମାନଙ୍କୁ ସ୍ୱାଗତ କରିବା ସହିତ ଜିଲ୍ଲା ପରିଷଦ ବୈଠକରେ ସଫଳ ଆଲୋଚନା ଉପରେ ବିଶେଷ କରି ଆଲୋଚନା କରିଥିଲେ। ଆଜିର ଏହି ବୈଠକ ରେ ନବରଙ୍ଗପୁର ଜିଲ୍ଲାର ୨୬ ଜଣ ଜିଲ୍ଲାପରିଷଦ ସଭ୍ୟ ଓ ୧୦ ଜଣ ପଞ୍ଚାୟତ ସମିତି ଅଧ୍ୟକ୍ଷ ଯୋଗ ଦେଇ ନିଜ ଅଞ୍ଚଳ ରେ ବିଭିନ୍ନ ସମସ୍ୟା ଓ ଅସୁବିଧା,ଉନ୍ନତିମୂଳକ କାର୍ଯ୍ୟର ତଥ୍ୟ,ଅଭିଯୋଗ ଉପରେ ଉପସ୍ଥିତ ବିଭାଗୀୟ ଅଧିକାରୀ ଙ୍କୁ ପ୍ରଶ୍ନ ପଚାରିଥିଲେ। ବୈଠକ ରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ,ଗ୍ରାମ୍ୟ ପାନୀୟ ଜଳ ଓ ପରିମଳ, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ,ବିଦ୍ୟାଳୟ ଓ ଗଣଶିକ୍ଷା,କୃଷି,ମହିଳା ଓ ଶିଶୁ ବିକାଶ, ଗ୍ରାମ୍ୟ ନିର୍ମାଣ, ଅନୁସୂଚିତ ଜାତି ଓ ଜନଜାତି, ଅବକାରୀ, ବିଦ୍ୟୁତ,ଜିଲ୍ଲା ସାମାଜିକ ସୁରକ୍ଷା ଇତ୍ୟାଦି ବିଭାଗ ର ଅଧିକାରୀ ଜନ ପ୍ରତିନିଧିଙ୍କ ପ୍ରଶ୍ନର ଉତ୍ତର ରଖିଥିଲେ। ବିଧାୟକ ଡ଼ାବୁଗାଁ ମନୋହର ରାନ୍ଧାରୀ ପ୍ରତ୍ୟେକ ବ୍ୟକ୍ତି ଯେଉଁଳି ଆୟୁଷ୍ମାନ ସ୍ୱାସ୍ଥ୍ୟ କାର୍ଡ ପାଇପାରିବେ ଏବଂ ସ୍ୱାସ୍ଥ୍ୟ କେନ୍ଦ୍ରରେ କୌଣସି ଶୀଘ୍ର ଅବଧି ସମାପ୍ତି ହେଉଥିବା ଔଷଧ ଯୋଗାଣ ନ ହେଉ ତାହା ଉପରେ ଗୁରୁତ୍ୱ ଦେବାକୁ ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ ଙ୍କୁ କହିଥିଲେ। ଜିଲ୍ଲାପରିଷଦ ସଭ୍ୟ ବିଭିନ୍ନ ଗ୍ରାମ ରେ ନଳକୂପ ମରାମତି ଠିକ୍ ସମୟରେ ହେଉନାହିଁ ଏବଂ ଘରକୁ ଘର ପାଇପ ଲାଇନ୍ ବ୍ୟବସ୍ଥା ଉପରେ ବିଶେଷ ଦୃଷ୍ଟି ଦେବାକୁ କହିଥିଲେ। ଖାଦ୍ୟ ଯୋଗାଣ ବିଭାଗ ର ତଥ୍ୟ ଅନୁସାରେ ଜିଲ୍ଲାରେ ୩,୧୪,୯୩୬ ରାସନ୍ କାର୍ଡ ୧୦୪୯୭୭୯ ହିତାଧିକାରୀଙ୍କୁ ଖାଦ୍ୟ ସୁରକ୍ଷା ଆଇନ ୨୦୧୩ ରେ ଅନ୍ତର୍ଭୂକ୍ତ କରାଯାଇଛି। ବିଧାୟକ ଡ଼ାବୁଗାଁ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କୁ ପୋଷାକ ପ୍ରସ୍ତୁତ ଓ ଯୋଗାଣ, ଗୁଣବତ୍ତା ଓ ଦୁର୍ନୀତି ଉପରେ ଅଭିଯୋଗ କରି ଏହାର ତଦନ୍ତ କରି ବାକୁ ଶିକ୍ଷା ଅଧିକାରୀଙ୍କୁ କହିଥିଲେ। ମକା ଚାଷ ରେ ଅତ୍ୟଧିକ ସାର ର ପ୍ରୟୋଗ ଉପରେ ସାଂସଦ ବଳଭଦ୍ର ମାଝି ପଞ୍ଜୀକୃତ ଚାଷୀଙ୍କ ସମୁଦାୟ ଚାଷଜମିକୁ ରେକର୍ଡ ଭୁକ୍ତ କରି ଏହି ଅନୁଯାୟୀ ସାର ଯୋଗାଣ, ପ୍ରାଧିକୃତ ବ୍ୟବସାୟୀଙ୍କୁ ଛାଡି ବେଆଇନ ସାର ଗଚ୍ଛିତ ଓ ବିକ୍ରୟ କେନ୍ଦ୍ର ମାନଙ୍କରେ ଧରପଗଡ କରିବାକୁ ମୁଖ୍ୟ କୃଷି ଅଧିକାରୀ ଙ୍କୁ କହିଥିଲେ। ଜିଲ୍ଲା ପରିଷଦ ସଭ୍ୟ ଲ୍ୟାମ୍ପ୍‌ସରେ ସାର ଯୋଗାଣରେ ଦୁର୍ନୀତି ରୋକିବାକୁ ପ୍ରଶାସନକୁ ଅନୁରୋଧ କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ତଥ୍ୟ ଅନୁସାରେ ମୋଟ ୫୦୮୦୧ ଜଣ ଇନ୍ଦିରା ଗାନ୍ଧୀ ଜାତୀୟ ବାର୍ଦ୍ଧକ୍ୟ ଭତ୍ତା,୧୭୧୩୦ ଜଣ ଇନ୍ଦିରା ଗାନ୍ଧୀ ଜାତୀୟ ବିଧବା ଭତ୍ତା,୨୬୫୩ ଜଣ ଇନ୍ଦିରା ଗାନ୍ଧୀ ଜାତୀୟ ଭିନ୍ନକ୍ଷମ ଭତ୍ତା ଏବଂ ମଧୁବାବୁ ପେନସନ ଯୋଜନା ୮୮୪୮୪ ଜଣଙ୍କୁ ଅନ୍ତର୍ଭୁକ୍ତ କରାଯାଇଛି। ବିଦ୍ୟୁତ୍ ବିଭାଗ ତଥ୍ୟ ଅନୁସାରେ ଜିଲ୍ଲାରେ ବିଜୁ ଗ୍ରାମୀଣ ବିଦ୍ୟୁତକରଣ ଯୋଜନାରେ ୮୭୨ ଟି ଗ୍ରାମ ବିଦ୍ୟୁତକରଣ କରାଯାଇଛି।

# ମନରେଗା ସାମାଜିକ ସମୀକ୍ଷା



ନନ୍ଦପୁର, ୩।୯ (ସମିସ): ମନେରେଗା ଓ ସମଗ୍ର ଶିକ୍ଷା ଅଭିଯାନର ସାମାଜିକ ସମୀକ୍ଷା ନେଇ ବୁଧବାର ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଦୀର୍ଘ ୧୨ ଦିନ ଧରି ଚାଲିଥିବା ସାମାଜିକ ସମୀକ୍ଷାରେ ମନରେଗା ଅନ୍ତର୍ଗତ ବିଭିନ୍ନ ଗ୍ରାମ ପଞ୍ଚାୟତରେ ଉନ୍ନୟନ କାର୍ଯ୍ୟ ଓ ପ୍ରକଳ୍ପ ଗୁଡ଼ିକର ନଥିପତ୍ର ଯାଞ୍ଚ କରିବା ସହ କାର୍ଯ୍ୟସ୍ଥଳକୁ ଯାଇ କରାଯାଇଥିବା ସମୀକ୍ଷାର ସାମାଜିକ ଜନଶୁଣାଣି ଶିବିର ରେ ଯାଞ୍ଚ ରିପୋର୍ଟ ଉପସ୍ଥାପନା କରାଯାଇଥିଲା। ତେବେ ୫୪ଟି ପ୍ରକଳ୍ପର କ୍ୟାସ ରେକର୍ଡ ସାମାଜିକ ସମୀକ୍ଷାରେ ଦେଖାଇ ନଥିବା ନେଇ ୫୪ ହଜାର ଜରିମାନା ପାଇ ନିର୍ଦ୍ଦେଶ ଦିଆଯାଇଥିବା ବେଳେ ୧୦ଟି ପ୍ରକଳ୍ପ ଅନିୟମିତତା ନେଇ ୩୪ ହଜାର ଟଙ୍କା ଆଦାୟ ପାଇଁ ନିର୍ଦ୍ଦେଶ ଦିଆଯାଇଛ। ସେହିପରି ସମଗ୍ର ଶିକ୍ଷା ଅଭିଯାନରେ ମୋଟ ୩୦ଟି ବିଦ୍ୟାଳୟରେ ସାମାଜିକ ସମୀକ୍ଷା କରାଯାଇ ଥିବା ବେଳେ ସେଥିମଧ୍ୟରୁ ପାଞ୍ଚଟି ବିଦ୍ୟାଳୟ ଉପରେ ୩୦ ହଜାର ଟଙ୍କା ଫାଇନ ନିର୍ଦ୍ଦେଶ ଲାଗିଛି । ସେହିପରି ବନ ବିଭାଗ, ହର୍ଟିକଲଚର୍, ଜଳ ବିଭାଜିକା ଦ୍ୱାରା ସମୁଦାୟ ୪୦ଟି ପ୍ରକଳ୍ପ କାର୍ଯ୍ୟକାରୀ ହେଇଥିଲେ ମଧ ସାମାଜିକ ସମୀକ୍ଷା ଦଳକୁ ନଥିପତ୍ର ଦେଖାଉନଥିବା ଶିବିରରେ ଆଲୋଚନା ହୋଇଛି। ଅନୁଷ୍ଠିତ ଶିବିରରେ ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା ଏ ନେଇ ନିଜର ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସାମାଜିକ ସମୀକ୍ଷକ ଅନିଲ ମହାରଣା ଯୋଗଦେଇ ବିଭିନ୍ନ ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବ୍ଲକ ଅଧ୍ୟକ୍ଷା ସାବିତ୍ରୀ କର୍ତୁଲ୍, ଭାରପ୍ରାପ୍ତ ଜିପିଡିଓ ଦିବାକର ପୁରୋହିତ, ଯୋଗାଣ ନିରୀକ୍ଷକ ଜନସନ ବରୁ, ବ୍ଲକ ଅତିରିକ୍ତ ଶିକ୍ଷା ଅଧିକାରୀ ମମତାଜ ଗମାଙ୍ଗ ପ୍ରମୁଖ ଯୋଗ ଦେଇଥିବା ବେଳେ ବ୍ଲକ ସାମାଜିକ ସମୀକ୍ଷକ ରଘୁରାମ ବଙ୍କା ପରିଚାଳନା କରିଥିବା ବେଳେ ସମସ୍ତ ବିଆରପି ମାନେ ଯୋଗ ଦେଇ ସହଯୋଗ କରିଥିଲେ।

# ସାଇବର ଠକାମୀର ଶିକାର ହେଲେ ସରକାରୀ ଅଧିକାରୀ



ବୈପାରୀଗୁଡ଼ା,୩।୯(ସମିସ): ବୈପାରୀଗୁଡା ବ୍ଲକ କାର୍ଯ୍ୟାଳୟରେ କାର୍ଯ୍ୟାରତ ସାମାଜିକ ସୁରକ୍ଷା ଅଧିକାରୀ କାର୍ତ୍ତିକ ଚନ୍ଦ୍ର ପାଢ଼ୀ ସାଇବର ଠକେଇର ଶିକାର ହୋଇଛନ୍ତି । ତାଙ୍କ ଆକାଉଣ୍ଟରୁ ଶ୍ରୀ ପାଢ଼ୀ ଦେଢ଼ବର୍ଷେ ପୂର୍ବେ ଜିଲ୍ଲା ସାମାଜିକ ସୁରକ୍ଷା ବିଭଗ ଅଧିନରେ ଥିବା ପ୍ରମୁଖ କଳାକାଙ୍କୁ ନେଇ ଗୋଟିଏ ଅଫିସିଆଲ ହ୍ୱାଟ୍ସଆପ୍ ଗ୍ରୁପ ତିଆରି ହୋଇଥିଲା। ସେହି ଗ୍ରୁପରେ ଶ୍ରୀ ପାଢ଼ୀ ମଧ୍ୟ ଥିଲେ। କିନ୍ତୁ ଗତକାଲି ହଠାତ୍ ତାଙ୍କ ମୋବାଇଲକୁ ଅଫିସିଆଲ ହ୍ୱାଟ୍ସଆପ୍‌ରେ ଯୋଗ ଦେବା ପାଇଁ ଶିମିଳିଗୁଡାର ଜଣେ ବ୍ୟକ୍ତି ବିଏସଏସଓଙ୍କୁ ହ୍ୱାଟ୍ସଆପରେ ମେସେଜ କରିଥିଲେ। ଏଥିରେ ଆଧାର ଅପଡେଟ ପାଇଁ ଗୋଟିଏ ଲିଙ୍କ ଆସିଥିଲା। ଅଧିକାରୀଙ୍କ ମୋବାଇଲ ନମ୍ବର ଏବଂ ଆଧାର ନମ୍ବର ଦେବା ପରେ ଗୋଟିଏ ଓଟିପି ଆସିଲା। ଆଉ ଓଟିପି ଅପଲୋଡ କରିବା କ୍ଷଣି ଆକାଉଣ୍ଟରୁ କଟିଲା ୫୦ ହଜାର ଟଙ୍କା । ଏଥିସହ ଶ୍ରୀ ପାଢ଼ୀଙ୍କ ଇଣ୍ଟରନେଟ୍ ବ୍ୟବହାର କରି ଫିଲ୍ମ କାର୍ଡରେ ୧୬ ହଜାର ଟଙ୍କାର ଜିନିଷ କିଣା ଯାଇଥିବା ଜାଣିଥିଲେ। ଏ ନେଇ ସେ ପ୍ରଥମେ ବୈପାରୀଗୁଡା ଥାନା ପରେ କୋରାପୁଟ ସାଇବର ଥାନା ଦ୍ୱାରସ୍ଥ ହୋଇଛନ୍ତ।

## ପୂର୍ବ ଶତ୍ରୁତାରୁ ଯୁବକଙ୍କୁ ହତ୍ୟା ଘଟଣା

# ନାବାଳକ ସହ ୩ ଗିରଫ

କୋରାପୁଟ,୩।୯(ସମିସ):



କୋରାପୁଟ ସଦର ଥାନା ଦଶମନ୍ତପୁର ବ୍ଲକ ମାଳିତୋଳା ଗ୍ରାମର ଅନ୍ତେ ମାଳି ହତ୍ୟା ଘଟଣାରେ କୋରାପୁଟ ଟାଉନ ଥାନା ପୁଲିସ ଜଣେ ନାବାଳକ ସହ ତିନିଜଣଙ୍କୁ ଗିରଫ କରିଥିବା ଅତିରିକ୍ତ ଏସ୍‌ପି ଅମ୍ରିତ ମହାନ୍ତି ସୂଚନା ଦେଇଛନ୍ତି । ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର, ସବ୍ ଇନ୍ସପେକ୍ଟର ରଞ୍ଜିତ ମିଶ୍ରଙ୍କ ଉପସ୍ଥିତିରେ ଟାଉନ ଥାନାରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଅତିରିକ୍ତ ଏସ୍‌ପି ଏହି ସୂଚନା ଦେଇଛନ୍ତି। ଗିରଫ ଅଭିଯୁକ୍ତ ମାନଙ୍କ ମଧ୍ୟରୁ ମୁଖ୍ୟ ଅଭିଯୁକ୍ତ ରାହୁଲ ବେନିଆ(୧୯) ମାଳିତୋଳା ଗ୍ରାମର ହୋଇଥିବାବେଳେ ଅନ୍ୟ ଜଣେ ଦଶମନ୍ତପୁର ବ୍ଲକ ସେମ୍ବ୍ରୀ ଗ୍ରାମର ଟୁବୁଲା ଟାକ୍ରୀ ଓରଫ ସୁରଜ (୧୯) ବୋଲି ଜଣାପଡ଼ିଛି। ଗିରଫ ନାବାଳକ ଜଣକ କୋରାପୁଟ ଟାଉନ ଥାନା ପଣସପୁଟ ଗ୍ରାମର ବୋଲି ଅତିରିକ୍ତ ଏସପି ସୂଚନା ଦେଇଛନ୍ତି। ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଅଭିଯୁକ୍ତ ମାନେ ଅନ୍ତେ ମାଳିକୁ ହତ୍ୟା କରିଥିବା କହିଛନ୍ତି। ଗତ ମାସ ୩୧ ତାରିଖ ସକାଳେ କୋରାପୁଟ ଟାଉନ ଥାନା ଅନ୍ତର୍ଗତ ପଦ୍ମପୁର-ପଣସପୁଟ ରାସ୍ତାର ବାଉଁଶଗୁଡ଼ା ଛକ ନିକଟରେ ଅନ୍ତେ ମାଳିଙ୍କ ରକ୍ତାକ୍ତ ମୃତଦେହ ଉଦ୍ଧାର ହୋଇଥିଲା। ସୂଚନା ପାଇ ଟାଉନ ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର, ସାଇଣ୍ଟିଫିକ୍ ଟିମ୍, ଡଗ୍ ସ୍କ୍ୱାର୍ଡ ଓ ଡୁମୁରିପୁଟ ଫାଣ୍ଡି କର୍ମଚାରୀଙ୍କ ସହିତ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିଲେ। ବିଭିନ୍ନ ଦିଗରେ ତଦନ୍ତ କରି ଏବଂ କେତେକଙ୍କ ଫୋନ୍ ଟ୍ରାକିଂ କରି ଅଭିଯୁକ୍ତ ମାନଙ୍କୁ ଗିରଫ କରିବାରେ ସକ୍ଷମ ହୋଇଥିଲେ। ପୂର୍ବ ଶତ୍ରୁତାକୁ ନେଇ ମୁଖ୍ୟ ଅଭିଯୁକ୍ତ ରାହୁଲ ବେନିଆ ଅନ୍ୟ ଦୁଇ ସହଯୋଗୀଙ୍କ ସହାୟତାରେ ହତ୍ୟା କରିଥିବା ପୁଲିସ ନିକଟରେ ମାନି ଥିବା ଜଣାପଡ଼ିଛି। ମୃତକ ଅନ୍ତେ ମାଳି ୩୧ ତାରିଖ ସନ୍ଧ୍ୟାରେ ଡୁମୁରିପୁଟ ଆସିଥିବାବେଳେ ରାହୁଲ ସହ ଦେଖା ହୋଇଥିଲା। ମୁଖ୍ୟ ଅଭିଯୁକ୍ତ ରାହୁଲ ଅନ୍ତେକୁ ଡାକି ମଦ୍ୟପାନ କରାଇ ସେ କେଉଁ ରାସ୍ତାରେ ଘରକୁ ଫେରିବ ପଚାରିଥିଲା। ସେ ପଦ୍ମପୁର, ପଣସପୁଟ ରାସ୍ତାରେ ଯିବ କହିବା ପରେ ରାହୁଲ, ସୁରଜ ଏକ ବାଇକ୍‌ରେ ତାକୁ ପିଛା କରିବା ସହ ନାବାଳକକୁ ଫୋନ କରି ଡାକିଥିଲେ। ବାଉଁଶଗୁଡ଼ା ଛକ ନିକଟରେ ଅନ୍ତେ ମାଳିଙ୍କ ବାଇକ୍ ଅଟକାଇ ତିନିଜଣ ଆକ୍ରମଣ କରିଥିଲେ। ଲୁହା ବୋଳା, ଲୁହାଛଡ଼ ଓ ଧାରୁଆ ପଥରରେ ଆକ୍ରମଣ କରି ହତ୍ୟା କରିବା ପରେ ମୃତଦେହ ରାସ୍ତା କଡ଼ରେ ଫୋପାଡି ବାଇକ୍ ଆଉ ଟିକେ ଦୂରରେ ପକାଇ ସମସ୍ତେ ଚମ୍ପଟ ମାରିଥିଲେ। ପୁଲିସ ଅଭିଯୁକ୍ତ ମାନଙ୍କୁ ଧରିବା ପରେ ଘଟଣା ସ୍ଥଳରେ ନେଇ ସିନ ରିକ୍ରିଏସନ୍ କରିଥିଲେ। ନାବାଳକକୁ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର କରାଯାଇଥିବା ବେଳେ ଅନ୍ୟ ଦୁଇ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଛି। ଗିରଫ ଅଭିଯୁକ୍ତ ମାନଙ୍କ ନିକଟରୁ ୫ଟି ମୋବାଇଲ ଫୋନ୍, ଗୋଟିଏ ହିରୋ ଗ୍ଲେମୋର ବାଇକ ଜବତ କରିଛି।

# ଜିଲ୍ଲା କଂଗ୍ରେସର ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମ

ରାୟଗଡ଼ା,୩।୯(ସମିସ): ରାୟଗଡ଼ା ସହରର ନଗର ଭବନ ଠାରେ ମଙ୍ଗଳବାର ଦିନ ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମକୁ ନେଇ ଜିଲ୍ଲାସ୍ତରୀୟ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏହି ଅନ୍ତର୍ଗତ ଏଆଇସିସି ରାୟଗଡ଼ା ଜିଲ୍ଲା ପର୍ଯ୍ୟବେକ୍ଷକ ତଥା ବାଙ୍ଗାଲୋରର ଶିବାଜୀନଗର ବିଧାୟକ ରିଜୱାନ ଅର୍ସଦ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସେ କହିଛନ୍ତି ପର୍ଯ୍ୟବେକ୍ଷକମାନେ ସ୍ଥାନୀୟ ଜିଲ୍ଲା କାର୍ଯ୍ୟକର୍ତ୍ତା, ବରିଷ୍ଠ ଓ ସକ୍ରିୟ କର୍ମୀ ଓ ନେତାମାନଙ୍କ ସହ ଭେଟି ଜିଲ୍ଲା କଂଗ୍ରେସର ସଭାପତି ପାଇଁ କେଉଁ ସଦସ୍ୟ ଯୋଗ୍ୟ, କିଏ ସଂଗଠନକୁ ଆହୁରି ମଜବୁତ କରିପାରିବ ବୋଲି ମତ ଓ ରାୟ ନେଇ ଏଆଇସିସିଙ୍କୁ ଅବଗତ କରିବେ ଏବଂ ସଭାପତିଙ୍କ ନାମ ଘୋଷଣା କରାଯିବ। ଏହି ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ରାୟଗଡ଼ା ବିଧାୟକ କାଡ୍ରକା ଆପଲାସ୍ୱାମୀ,ବିଷମକଟକ ବିଧାୟକ ନୀଳମାଧବ ହିକକା,ଓଡିଶା ପିସିସି ପର୍ଯ୍ୟବେକ୍ଷକ ଚିନ୍ମୟ ସୁନ୍ଦର ଦାସ,ପର୍ଯ୍ୟବେକ୍ଷକ ଅଖିଳ ଭଦ୍ରା,ରାୟଗଡ଼ା ଜିଲ୍ଲା ସଂଯୋଜକ ଦୁର୍ଗା ପ୍ରସାଦ ପଣ୍ଡାଙ୍କ ସମେତ ଅଜିତ ଦାସ, ସୁନୀଲ ପଣ୍ଡା, ଦିଲ୍ଲୀପ ପଟ୍ଟନାୟକ, ଆସଲାମ ଖାନ, ହୁତାସେନ ନାୟକ, ବାଦଲ ମହାନ୍ତିଙ୍କ ସମେତ ଅନ୍ୟମାନେ ଉପସ୍ଥିତ ରହିଥିଲେ।

# ନୂତନ ସିଆରସିସିଙ୍କ ଜିଲ୍ଲାସ୍ତରୀୟ ତାଲିମ ଶିବିର

ମାଲକାନଗିରି, ୩।୯(ସମିସ): ମାଲକାନଗିରି ଜିଲ୍ଲାରେ ସମସ୍ତ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ମାନଙ୍କର ତାଲିମ ଶିବିର ଆୟୋଜନ କରାଯାଇଛି। ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଶିବିରକୁ ଉଦ୍‌ଘାଟନ କରିଥବା ବେଳେ ଉପଜିଲ୍ଲାପାଳ ଅଶ୍ବିନ ଏଏଲ୍ ଉପସ୍ଥିତ ଥିଲେ। ସମଗ୍ର ଶିକ୍ଷା ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲାପାଳ ସମସ୍ତ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ମାନଙ୍କୁ ଶ୍ରେଣୀ ଗୃହର ତଦାରଖ, ମଧ୍ୟାହ୍ନଭୋଜନ, ପୋଷାକ, ଜୋତା, ଛାତ୍ରବୃତ୍ତି, ସମୟାନୁବର୍ତ୍ତିତା ଓ ବିଭାଗର ସମସ୍ତ କାର୍ଯ୍ୟକ୍ରମ ବିଷୟରେ ଅବଗତ କରାଇଥିଲେ। ସେହିପରି ଉପଜିଲ୍ଲାପାଳ ତାଙ୍କର ବିଦ୍ୟାଳୟ ପରିଦର୍ଶନର ଅନୁଭବ ମଧ୍ୟ ମତ ବିନିମୟ କରିଥିଲେ। ଆସନ୍ତା ଦିନ ଗୁଡ଼ିକରେ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ମାନଙ୍କ ନିୟମିତ ବୈଠକ ଓ ତାଲିମ ପ୍ରଦାନ କରାଯିବ ବୋଲି ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣଗ୍ରାହୀ ସୂଚନା ଦେଇଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଓ ଜିଲ୍ଲା ପ୍ରଶିକ୍ଷଣ କେନ୍ଦ୍ରର ଅଧ୍ୟକ୍ଷ ଯୋଗ ଦେଇଥିଲେ। ଶିବିରକୁ ଆୟୋଜନ କରିବାରେ ସମଗ୍ର ଶିକ୍ଷା ଅଭିଯାନର କର୍ମଚାରୀ ସହଯୋଗ କରିଥିଲେ।

# ଶୀତଳଭଣ୍ଡାର ନାହିଁ, କ୍ଷତି ସହୁଛନ୍ତି ଅଦା ଚାଷୀ

ପୋଡ଼ାଗଡ଼,୩।୯(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକରେ ଉତ୍ପାଦନ ହେଉଥିବା ଅଦା ଗଚ୍ଛିତ ରଖିବା ପାଇଁ ଶୀତଳଭଣ୍ଡାର ବ୍ୟବସ୍ଥା ନାହିଁ। ତେଣୁ ଚାଷୀ କମ୍ ଦରରେ ଅଦା ବିକ୍ରି କରି କ୍ଷତି ସହୁଛନ୍ତି। ପାଇକ ଫୁଲବେଡ଼ା ପଞ୍ଚାୟତ ଅଧୀନସ୍ଥ ମାଛରାଗୁଡ଼ା ଗ୍ରାମର ଚାଷୀ ରାମ ନାଉଡିଆଙ୍କ କହିବା ଅନୁଯାୟୀ, ଅଦା ଚାଷ ପାଇଁ ଗୋଟିଏ ବର୍ଷ ଅପେକ୍ଷା କରିବାକୁ ପଡିଥାଏ। ଅଦା ଚାଷ ପାଇଁ ଯେତିକି ଖର୍ଚ୍ଚ ହେବ, ସେତିକି ହିଁ ଲାଭ ମିଳିବ। ଅଦା ଚାଷ କେବଳ ଜୈବିକ ପଦ୍ଧତିରେ ଚାଷ କରିବାକୁ ପଡ଼ିବ। ରାସାୟନିକ ସାରରେ ଚାଷ କଲେ ତୁରନ୍ତ ଅଦା ନଷ୍ଟ ହୋଇଯିବ। ଗତବର୍ଷ ୩୦ ହଜାର ଟଙ୍କାରେ ଅଦା ବିହାନ କିଣିବା ପରେ ବିଭାଗ ପକ୍ଷରୁ ତାଲିମ୍ ନେଇ ଜୈବିକ ଖତ ବ୍ୟବହାର କରି ରାମ ଅଦା ଚାଷ କରିଥିଲେ। ପ୍ରଥମ ପର୍ଯ୍ୟାୟରେ ଲଗାଇଥିବା ଅଦା ଖନନ କରିବା ପରେ ମାତ୍ର ୨୬ ହଜାର ଟଙ୍କାର ଅଦା ବିକ୍ରି କରିଥିଲେ। ଅଦା ଲଗାଇବା ପାଇଁ ଖତ ସହିତ ହଳ ବୁଲାଇବା ସହ ବହୁ ପରିଶ୍ରମ କରିବାକୁ ପଡିଥିଲା। ଚାଷ କରିବା ସମୟରେ ଅଦା ଦର ଅଧିକା ଥିଲା। କିନ୍ତୁ ବିକ୍ରି ସମୟରେ ଅଦା ଦର ବହୁ କମି ଯାଇଛି। ଅଦା ଗଚ୍ଛିତ ରଖିବା ପାଇଁ ବ୍ଲକରେ ଶୀତଳଭଣ୍ଡାର ନଥିବାରୁ ଅମଳ ହେବା ମାତ୍ରେ ହାଟବଜାରରେ କମ୍ ଦରରେ ବିକ୍ରି କରିବାକୁ ପଡୁଛି। ଶୀତଳଭଣ୍ଡାର ବ୍ୟବସ୍ଥା ସହିତ ଅଦା ଚାଷ ପାଇଁ ଚାଷୀଙ୍କୁ ତାମିଲ ପ୍ରଦାନ କରାଗଲେ ଅଧିକ ଲାଭ ମିଳିଥାନ୍ତା ବୋଲି ରାମ ନାଉଡିଆ କହିଛନ୍ତି। ଏଥିସହ ଚାଷୀଙ୍କୁ ମାଗଣା ବିହନ ଯୋଗାଇ ଦେବା ବ୍ୟବସ୍ଥା କରାଗଲେ ବ୍ଲକରେ ଅଧିକ ଅଦା ଚାଷ ଅମଳ ହୋଇପାରିବ। ଆନ୍ଧ୍ର ପ୍ରଦେଶର ଅଦାକୁ ଅପେକ୍ଷା କରିବା ବଦଳରେ ନିଜ ବ୍ଲକରେ ଉତ୍ପାଦନ ହେଉଥିବା ଅଦା ଉପରେ ଖାଉଟି ନିର୍ଭର କରିପାରିଥାନ୍ତେ ବୋଲି ଚାଷୀମାନ କହିଛନ୍ତି। ଏ ସମ୍ପର୍କରେ ବ୍ଲକ କୃଷିଉଦ୍ୟାନ ଅଧିକାରୀ ସୌରଭ କୁମାର ପାଣିଗ୍ରାହୀଙ୍କୁ ଯୋଗାଯୋଗ କରିବାରୁ ବ୍ଲକରେ ଯଥେଷ୍ଟ ପରିମାଣର ଅଦା ଉତ୍ପାଦନ ପାଇଁ ବିଭାଗ ପ୍ରସ୍ତୁତ ରହିଛି। କିନ୍ତୁ ଅଦା ବିକ୍ରି ପାଇଁ ବଜାର ସୁବିଧା ନଥିବାରୁ ଚାଷୀ ଏହି ଚାଷ ପ୍ରତି ଆଗ୍ରହ ପ୍ରକାଶ କରୁନାହାନ୍ତି। ଚଳିତ ବର୍ଷ ମାତ୍ର ୧୫ ଏକର ଜମିରେ ଅଦା ଚାଷ ପାଇଁ ଚାଷୀଙ୍କୁ ବିହନ ଯୋଗାଇ ଦିଆଯାଇଥିବା କହିଛନ୍ତି। ଅନ୍ୟପଟେ ସବ୍‌ସିଡି ଆକାରରେ ଚାଷୀଙ୍କୁ ବିହନ ଯୋଗାଇଦେବା ସହ ଅଦା ବିକ୍ରି ପାଇଁ ମଣ୍ଡି ବ୍ୟବସ୍ଥା କରାଗଲେ ସୁବିଧା ହେବ ବୋଲି ଚାଷୀମାନେ କହିଛନ୍ତି।

## ● ବକେୟା ଦରମା ଓ ବନ୍ଦ କାଗଜ କଳ ଚଳାଇବା ଦାବି

# କର୍ମଚାରୀ ସଂଘ ଜିଲ୍ଲାପାଳଙ୍କ ଦ୍ୱାରସ୍ଥ



କୋରାପୁଟ,୩।୯(ସମିସ): ବକେୟା ଦରମା ଓ ଦୀର୍ଘ ଦିନରୁ ବନ୍ଦ ହୋଇ ରହିଥିବା ସେୱା ପେପର ମିଲକୁ ପୁର୍ନବାର ଚଳେଇବା ଦାବି ନେଇ ବେଲାରପୁର ଶିଳ୍ପ କର୍ମଚାରୀ ସଂଘ ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଛି। ସଂଘ କାର୍ଯ୍ୟକାରୀ ସଭାପତି ବଂଶୀଧର ମହାକୁଡ଼, ସାଧାରଣ ସମ୍ପାଦକ ସରୋଜ ସ୍ୱାଇଁଙ୍କ ନେତୃତ୍ୱରେ ଏକ ପ୍ରତିନିଧି ମଣ୍ଡଳୀ ବୁଧବାର ପୂର୍ବାହ୍ନରେ ଜିଲ୍ଲାପାଳ ମନୋଜ ସତ୍ୟବାନ ମହାଜନଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି। ସଂଘ କର୍ମକର୍ତ୍ତା ମାନଙ୍କ ଅଭିଯୋଗ ଅନୁଯାୟୀ ୨୦୨୪ ଅଗଷ୍ଟ ମାସ ଠାରୁ ପେପର ମିଲ ବନ୍ଦ ରହିଛି। ଜଣେ ନୂଆ ନିବେଶକ ପେପର ମିଲ ଚଳେଇବେ ଓ ସେମାନଙ୍କ ସମସ୍ତ ପ୍ରାପ୍ୟ ଦେବେ ବୋଲି ସେୱା କର୍ତ୍ତୃପକ୍ଷ କର୍ମଚାରୀ ମାନଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ସେଥିପାଇଁ ନୂତନ ନିବେଶକଙ୍କ ସହ ବୁଝାମଣାପତ୍ର ସ୍ୱାକ୍ଷର ହୋଇଥିବା ମଧ୍ୟ ସୂଚନା ଦିଆ ଯାଇଥିଲା। ଏହା ମଧ୍ୟରେ ୧୩ ମାସ ଅତିବାହିତ ହୋଇଯାଇଛି। ଅଥଚ ସେମାନଙ୍କୁ ବକେୟା ଦରମା ଦିଆଯାଇ ନାହିଁ, କିମ୍ବା ବନ୍ଦ ପେପର ମିଲ ପୁର୍ନବାର କାର୍ଯ୍ୟକ୍ଷମ କରାଯାଇନାହିଁ। ତେଣୁ କର୍ମଚାରୀ ମାନେ ଘୋର ଆର୍ଥିକ ସଙ୍କଟର ସମ୍ମୁଖୀନ ହେବା ସହ ପିଲାମାନଙ୍କ ପାଠପଢା ଓ ପିତାମାତାଙ୍କ ଚିକିତ୍ସା ମଧ୍ୟ ଠିକ୍ ସମୟରେ କରି ପାରୁନଥିବା ଗୁହାରି କରିଛନ୍ତି। ଅନ୍ୟ ପକ୍ଷରେ ଗତମାସରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ କୋରାପୁଟ ଜିଲ୍ଲା ଗସ୍ତ ସମୟରେ ସଂଘ କର୍ମକର୍ତ୍ତା ଭେଟି ଅଭିଯୋଗ ଜଣାଇଥିଲେ। ଏହା ମଧ୍ୟରେ ପ୍ରାୟ ଏକ ମାସ ହେବ କୌଣସି କାର୍ଯ୍ୟାନୁଷ୍ଠାନ ହୋଇନାହିଁ। କର୍ମଚାରୀ ଓ ପରିବାର ଅତ୍ୟନ୍ତ ମାନସିକ ଚିନ୍ତାରେ ରହିଛନ୍ତି। ତେଣୁ ସେମାନଙ୍କ ସମସ୍ୟା ଦୂର କରିବାକୁ ତୁରନ୍ତ ବକେୟା ଦରମା ପ୍ରଦାନ ସହ ପେପର ମିଲ ଚାଲୁ କରିବାକୁ ପଦକ୍ଷେପ ନେବାକୁ ଅନୁରୋଧ କରିଛନ୍ତି।

# ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇବେ ଶିକ୍ଷକ,ଶିକ୍ଷୟିତ୍ରୀ





ପଟ୍ଟାଙ୍ଗି,୩।୯(ସମିସ): ଓଡ଼ିଶା ସରକାରଙ୍କ ଦ୍ୱାରା ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ତାଲିକାରେ ସ୍ଥାନ ପାଇଛନ୍ତି ପଟ୍ଟାଙ୍ଗି ବ୍ଲକ ଅନ୍ତର୍ଗତ ସରକାରୀ ନୋଡାଲ ଉଚ୍ଚ ବିଦ୍ୟାଳୟ, ପୁକାଲିର ଜଣେ ଶିକ୍ଷକ ଓ ଶିକ୍ଷୟିତ୍ରୀ। ଶିକ୍ଷା ବର୍ଷ ୨୦୨୪-୨୫ ପାଇଁ ପ୍ରକାଶ ପାଇଥିବା ଜିଲ୍ଲାସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ତାଲିକାରେ ସେମାନେ ସାମିଲ ହୋଇଛନ୍ତି। ସୂଚନା ଅନୁଯାୟୀ ଶିକ୍ଷା ବର୍ଷ ୨୦୨୪-୨୫ ପାଇଁ ରାଜ୍ୟର ପ୍ରତ୍ୟେକ ବିଦ୍ୟାଳୟର ଶିକ୍ଷକ ମାନେ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ନିମନ୍ତେ ଅନ୍‌ଲାଇନ ମାଧ୍ୟମରେ ନିବେଦନ କରିଥିଲେ। ସେଥିମଧ୍ୟରୁ ରାଜ୍ୟ ସ୍ତରୀୟ ଚୟନ କମିଟି ଶିକ୍ଷକଙ୍କ ଦକ୍ଷତା ଦେଖି ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ନିମନ୍ତେ ଚୟନ କରିଥାନ୍ତି। କୋରାପୁଟ ଜିଲ୍ଲାରୁ ୨୧ ଜଣ ଶିକ୍ଷକ ଶିକ୍ଷୟିତ୍ରୀ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ନିମନ୍ତେ ଚୟନ ହୋଇଛନ୍ତି। ସେଥିମଧ୍ୟରୁ ସୀମାନ୍ତ ପଟ୍ଟାଙ୍ଗି ବ୍ଲକ ଅନ୍ତର୍ଗତ ସରକାରୀ ନୋଡାଲ ଉଚ୍ଚ ବିଦ୍ୟାଳୟ, ପୁକାଲିର ଗୋଟିଏ ବିଦ୍ୟାଳୟର ଶିକ୍ଷକ ଏବଂ ଶିକ୍ଷୟିତ୍ରୀ ଚୟନ ହୋଇଛନ୍ତି। ବିଦ୍ୟାଳୟର ସାହିତ୍ୟ ଶିକ୍ଷୟିତ୍ରୀ ନାମିତ ଖରା ଏବଂ ଶାରୀରିକ ଶିକ୍ଷକ ଅର୍ଜୁନ କୁମାର ଦାସ ପୁରସ୍କାର ପାଇବା ପାଇଁ ମୋନାନୀତ ହୋଇଥିବା ଜଣାପଡିଛି। ପ୍ରତ୍ୟେକ ବିଭାଗରେ ଜିଲ୍ଲାସ୍ତରରେ କେବଳ ତିନିଜଣଙ୍କୁ ଏହି ପୁରସ୍କାର ପାଇଁ ମନୋନୀତ କରାଯାଉଥିବା ବେଳେ ଏହି ବିଦ୍ୟାଳୟର ଦୁଇ ଦୁଇଜଣ ଶିକ୍ଷକ ପୁରସ୍କାର ପାଇଁ ମନୋନୀତ ହୋଇ ଥିବାରୁ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଦୀପଶିଖା ବେହେରା ଏବଂ ଅଞ୍ଚଳବାସୀ ଖୁସି ବ୍ୟକ୍ତ କରିଛନ୍ତି।

# ବିଭିନ୍ନ ସମସ୍ୟା ନେଇ ବିଡିଓଙ୍କୁ ଦାବିପତ୍ର ପ୍ରଦାନ



ଦାମନଯୋଡି,୩।୯ (ସମିସ): ସିମିଳିଗୁଡା ପଞ୍ଚାୟତ ସମିତି ଅଧିନସ୍ଥ ଚାରାଗୁଁଲ ପଞ୍ଚାୟତ ଅନ୍ତର୍ଗତ ଭେଜାପୁଟର ବିଭିନ୍ନ ସମସ୍ୟା ନେଇ ସିମିଳିଗୁଡା ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ ବାବୁଲି ସ୍ୱାଇଁଙ୍କ ଗ୍ରାମବାସୀଙ୍କ ପକ୍ଷରୁ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଉପସ୍ଥିତିରେ ଚାରାଗୁଁଲ ସରପଞ୍ଚଙ୍କ ଜରିଆରେ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଉପେନ୍ଦ୍ର ପାଣିଗ୍ରାହୀ, ପୁରନ୍ଦର ମଲ୍ଲିକ, ନାରାୟଣ ପାଢ଼ୀ, ପ୍ରଭାତ କୁମାର ସାମଲ, ଅଜୟ କୁମାର ଜେନା, ରାଜେନ୍ଦ୍ର ପ୍ରସାଦ ବେହେରାଙ୍କ ସମେତ ସାମ୍ବାଦିକ ସୁଦର୍ଶନ ସେନାପତି ପ୍ରମୁଖ ଉପସ୍ଥିତ ରହି ସମସ୍ୟା ଗୁଡ଼ିକ ସମ୍ପର୍କରେ ଆଲୋଚନା କରିବା ସହିତ ଦାବିପତ୍ର ପ୍ରଦାନ କରିଥିଲେ। ଦାବିପତ୍ରରେ ଭେଜାପୁଟର ପରିମଳ ଓ ସ୍ୱଚ୍ଛତା, ବସୁଧା ଯୋଜନାରେ ପ୍ରତି ଘରକୁ ପାନୀୟ ଜଳ ଯୋଗାଣ, ନର୍ଦ୍ଦମା ନିର୍ମାଣ, ପଞ୍ଚାୟତ ପକ୍ଷରୁ ଅଳିଆ ଆବର୍ଜନା ସଂଗ୍ରହ ଗାଡ଼ି ବୁଲାଇବା, ଗାଁ ମଝିରେ ଥିବା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ କୁ ଅନ୍ୟତ୍ର ସ୍ଥାନାନ୍ତର ଆଦି ସମସ୍ୟା ଉଲ୍ଲେଖ କରାଯାଇଛି। ଏହି ଗ୍ରାମ ଚାରାଗୁଁଲ ପଞ୍ଚାୟତର ଆର୍ଥିକ ମାନଦଣ୍ଡ କହିଲେ ଅତ୍ୟୁକ୍ତି ହେବନାହିଁ। ସରପଞ୍ଚ ଓ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ସହ ଆଲୋଚନା ପରେ ସେମାନଙ୍କ ସ୍ତରରେ ଯଥା ସମ୍ଭବ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ବୋଲି ଉଭୟେ ପ୍ରତିଶ୍ରୁତି ଦେଇଥିଲେ।

# ଗଣେଶ ମୂର୍ତ୍ତି ବିସର୍ଜନ ଶୋଭାଯାତ୍ରା



ଉମରକୋଟ,୩।୯(ସମିସ) ନବରଙ୍ଗପୁର ଜିଲ୍ଲା ଉମରକୋଟ ଡିଏନ୍‌କେ ଛକ ଠାରେ ଥିବା ଦୀର୍ଘ ୮ ଦିନ ଧରି ଚାଲୁଥିବା ଗଣେଶ ମୂର୍ତ୍ତି ବହୁଆଡମ୍ବରର ସହ ଦିନ ବେଳା ବିସର୍ଜନ କରାଯାଇଛି। ଡିଏନକେ ଛକ ଠାରୁ ବାହାରି ନଗର ପରିକ୍ରମା କରି ବିସର୍ଜନ କରାଯାଇଛି। ଏହି ଅବସରରେ ମନୋରଞ୍ଜନ ପାଇଁ ଡିଜେ ଓ ବ୍ୟାଣ୍ଡପାର୍ଟି , ବାଣଫୁଟାଇ , ହୋଲିଖେଳ ଖେଳି ବହୁ ଆଡମ୍ବରର ସହ ଶହ ଶହ ସଂଖ୍ୟାରେ ଏହି ବିସର୍ଜନରେ ସାମିଲ ହୋଇଥିଲେ। ଡିଏନ୍‌କେବାସୀଙ୍କ ତରଫରୁ ମହା ଆଡ଼ମ୍ବରରେ କୋରାପୁଟିଆ ଓ ସମ୍ବଲପୁରୀ ଗୀତର ତାଳେ ତାଳେ ବାଜାବଜାଇ ବାଣଫୁଟେଇ ନାଚଗୀତରେ ସହର ପରିକ୍ରମା କରାଯାଇଥିଲା। ଏହା ସହିତ ଆଠଦିନ ଯାଏଁ ହୋମଯଜ୍ଞ ସହିତ ଅନ୍ନ ପ୍ରସାଦ ମଧ୍ୟ ଲୋକଙ୍କୁ ବଣ୍ଟନ କରାଯାଇଥିଲା। ଏହି ବିସର୍ଜନ ସ୍ୱତନ୍ତ୍ର ଜଳାଶୟରେ କରାଯାଇଛି। ସହରରେ ବିଭିନ୍ନ ଗଣେଶ ପୂଜା ସଜିତ ହୋଇଥିବା ବେଳେ ଅପରାହ୍ନରେ ଏହି ଗଣେଶ ପୂଜା ମେଢ ଦେଖିବାକୁ ଭକ୍ତଙ୍କର ଭିଡ ଜମିଥିବା ଦେଖିବାକୁ ମିଳିଥିଲା।

# ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା

ରାୟଗଡ଼ା,୩।୯(ସମିସ): ରାୟଗଡ଼ ଜିଲ୍ଲା ଅନ୍ତର୍ଗତ ଜେକେପୁର ଠାରେ ଅବସ୍ଥିତ ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଥିଲା। ଉକ୍ତ ବିଜ୍ଞାନ ମେଳାରେବିଜ୍ଞାନ ପରିଷଦର ଜିଲ୍ଲା ସ୍ତରୀୟ ସଂଯୋଜକ ଗୌରହରି ସାହୁ ଏବଂ ଗୌରୀ ଶଙ୍କର ବେହେରା ଉଦ୍‌ଘାଟନ କରିଥିଲେ। ବିଜ୍ଞାନ ମେଳାର ଉଦ୍ଦେଶ୍ୟ ସମ୍ପର୍କରେ ଅତିଥି ମାନେ ତାଙ୍କର ବକ୍ତବ୍ୟ ଦେଇଥିଲେ। ବିଜ୍ଞାନ ମେଳାର ବିଷୟ ବସ୍ତୁ ରହିଥିଲା 'ପ୍ରାଚୀନ ଭାରତୀୟ ବିଜ୍ଞାନ ଅତୀତ ଭବିଷ୍ୟତ ଆଡ଼କୁ ଲମ୍ଫ ଦେବା ପାଇଁ ସହାୟକ ଯନ୍ତ୍ର ହେବା ଉଚିତ'। ଏହି ବିଷୟ ବସ୍ତୁକୁ ଆଧାର କରି ୪୦ଟି ପ୍ରକଳ୍ପ ଆସିଥିଲା ଏବଂ ପ୍ରାୟ ୧୦୦ରୁ ଅଧିକ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଥିଲେ। ଅଧ୍ୟକ୍ଷ ଆକାଶ ଗୌଡ଼ ପିଲା ମାନଙ୍କୁ ସାର୍ଟିଫିକେଟ ପ୍ରଦାନ କରି ଉତ୍ସାହିତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ବିଜୟ କୁମାର ନାୟକ ଓ ସତ୍ୟନାରାୟଣ ମହାରଣା ମଞ୍ଚାସୀନ ଥିଲେ। କୃତୀ ପ୍ରତିଯୋଗୀଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଥିଲା।

# କୋଷାଗୁମୁଡ଼ାରେ ଏନ୍‌ଆରଇଜିଏସ୍ ଅଭିଯୋଗ ଶୁଣାଣି



କୋଷାଗୁମୁଡା,୩।୯(ସମିସ): ଆଜି କୋଷାଗୁମୁଡା ବ୍ଲକ୍ ସମ୍ମିଳନୀ କକ୍ଷରେ ଏନଆରଇଜିଏସର ଗ୍ରୀଭେନ୍ସ କାର୍ଯ୍ୟକ୍ରମ ହେଉଥିଲା। ଜନସାଧାରଣ କିନ୍ତୁ ଏହି ଗ୍ରିଭେନ୍ସ ବିଷୟରେ କିଛି ଜାଣିନାହାନ୍ତି। ଏପରି ସ୍ଥାନୀୟ ସରପଞ୍ଚ, ଜିଲ୍ଲା ପରିଷଦ, ସମିତି ସଭ୍ୟ ଓ ୱାର୍ଡ ମେମ୍ବର ମାନେ ମଧ୍ୟ ଗ୍ରୀଭେନ୍ସ ବିଷୟରେ କିଛି ଜାଣିନଥିବା ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ, କୋଷାଗୁମୁଡ଼ା ବ୍ଲକରେ କୋଟି କୋଟି ଟଙ୍କାର ଏନଆରଇଜିଏସ କାମ ବାଟ ମାରଣା ହେଉଛି। ସବୁ କାର୍ଯ୍ୟରେ ଜବ୍ କାର୍ଡଧାରୀ ମାନଙ୍କୁ ବାଦ ଦେଇ ଜେସିବି, ଟ୍ରକ୍ ଓ ଟ୍ରାକ୍ଟର ଲଗେଇ କାମ ସମ୍ପୂର୍ଣ୍ଣ କରିଦିଆଯାଉଥିବା ବେଳେ ଏବେ ଏନ୍‌ଆରଇଜିଏସର ଗ୍ରୀଭେନ୍ସ ବୈଠକରେ ମଧ୍ୟ ସରପଞ୍ଚ, ସମିତି ସଭ୍ୟ, ଜିଲ୍ଲା ପରିଷଦ, ୱାର୍ଡ ସଭ୍ୟ ଓ ସାଧାରଣ ଲୋକଙ୍କୁ ମଧ୍ୟ ଡକା ଯାଉନାହିଁ। ସରକାରଙ୍କ ନିର୍ଦ୍ଦେଶନାମା ଅନୁସାରେ ବ୍ଲକରେ କୌଣସି ବି ସରକାରୀ କାର୍ଯ୍ୟକ୍ରମର ଆୟୋଜନ କରାଯିବା ପୂର୍ବରୁ ଡାକବାଜି ଯନ୍ତ୍ର ସାହାଯ୍ୟରେ ଜନସାଧାରଣଙ୍କୁ ସୂଚନା ଦିଆଯିବା ସହିତ ପ୍ରତ୍ୟେକ ଜନ ପ୍ରତିନିଧିମାନଙ୍କୁ ପତ୍ର ପ୍ରେରଣ କରି ଡକାଯିବା କଥା। ହେଲେ କୋଷାଗୁମୁଡ଼ା ବ୍ଲକ ପ୍ରଶାସନ କାହାକୁ କିଛି ନ ଜଣାଇ ନିଜ ମନ ମୁତାବକ କାର୍ଯ୍ୟ କରିଚାଲିଛନ୍ତି। ଯାହାକୁ ସାଧାରଣରେ ତୀବ୍ର ନିନ୍ଦା କରାଯାଉଛି । ଆଜିର କାର୍ଯ୍ୟକ୍ରମରେ ନବରଙ୍ଗପୁର ଏଡିଏମ-ତପନ କୁମାର ଖୁଣ୍ଟିଆ, ବ୍ଲକ ଭାଇସ ଚେୟାରମ୍ୟାନ ଯୋଗେନ୍ଦ୍ର ସ୍ୱାଇଁ, ବିଡିଓ-ଆଶିଷ ତ୍ରିପାଠୀ, ଏଇ-ଅଶ୍ୱେନି ପଟ୍ଟନାୟକ,ଜିପିଡିଓ-ଅଜିତ କୁମାର ନନ୍ଦ ପ୍ରମୁଖଙ୍କ ସହ ମନରେଗା ବିଭାଗର କର୍ମଚାରୀ ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମକୁ ନେଇ ସ୍ଥାନୀୟ ସରପଞ୍ଚ, ସମିତି ସଭ୍ୟ ଦୃଢ଼ ନିନ୍ଦା କରିଛନ୍ତି। ଏହାକୁ ନେଇ ଏଡିଏମ୍ ତପନ କୁମାର ଖୁଣ୍ଟିଆଙ୍କୁ ପଚାରି ବୁଝିବାରୁ ସେ କିଛି ଜନପ୍ରତିନିଧି ଉପସ୍ଥିତ ଥିଲେ। ଆଉ ଏହି ଶୁଣାଣି ନେଇ ବ୍ଲକ ପ୍ରଶାସନ ନିଶ୍ଚିତ ଭାବରେ ସୂଚନା ଦେବା କଥା ବୋଲି କହିଛନ୍ତି। ବୈଠକକୁ ବିନା ସୂଚନାରେ କରାଯିବା କାହା ସ୍ୱାର୍ଥ ହାସଲ ପାଇଁ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଜିଲ୍ଲା ପ୍ରଶାସନ ଏଦିଗରେ ସ୍ୱତନ୍ତ୍ର ଦୃଷ୍ଟି ଦେବା ସହିତ ଏପରି ବେନିୟମ କାର୍ଯ୍ୟ କରୁଥିବା ଅଧିକାରୀ ମାନଙ୍କ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ ସାଧାରଣରେ ଦାବି ହେଉଛି।

## ଗାଁରେ ନେଟୱର୍କ ନାହିଁ


# ବାଇକ୍‌ରେ ଗ୍ରାହକ ସେବା କେନ୍ଦ୍ର କାର୍ଯ୍ୟ



ନାରାୟଣପାଟଣା,୩।୯(ସମିସ): ଆଧୁନିକ ଦୁନିଆଁରେ ମୋବାଇଲ ସେବା ଜରୁରୀ ହୋଇପଡିଛି। ଟେକ୍ନୋଲୋଜି ଯୋଗୁଁ ମୋବାଇଲ ସହ ଆଧାର ,ବୀମା କାର୍ଡ , ବାର୍ଦ୍ଧକ୍ୟ ଭତ୍ତା ,ରାସନ ସାମଗ୍ରୀ , ସ୍ୱାସ୍ଥ୍ୟସେବା, ବୀମା କାର୍ଡ ସହ ସମସ୍ତ ସରକାରୀ ଯୋଜନା ସବୁ ଅନ୍ ଲାଇନ୍‌ରେ କରାଯାଉଛି। ଗାଁ ଗାଁରେ ବ୍ୟାଙ୍କ ସେବା ବ୍ୟବସ୍ଥା କରି ଗ୍ରାହକ ନିଜ ଅଞ୍ଚଳରେ ଟଙ୍କା ଉଠାଣ, ଜମା କରିବା ପାଇଁ ଗ୍ରାହକ ସେବା କେନ୍ଦ୍ର କରିଛନ୍ତି। କିନ୍ତୁ ଏବେ ବି କିଛି ଗାଁ ରହିଛି ଯେଉଁଠି ମୋବାଇଲ୍ ନେଟୱର୍କ ଅପହଞ୍ଚ ହୋଇଛି। ଯା'ଫଳରେ ଲୋକେ ନେଟୱର୍କ ନଥିବାରୁ ସରକାରୀ ସୁବିଧା ପାଇବା ପାଇଁ କେଉଁଠି ପାହାଡ଼ ଉପରେ ସେବା ନେଉଛନ୍ତି ତ କୋଉଠି ରାସ୍ତା କଡ଼ରେ। ଏଭଳି ଦୃଶ୍ୟ ନାରାୟଣପାଟଣା ବ୍ଲକ ଠାରୁ ୨୨ କିଲୋମିଟର ଦୂର ତଳଗୁମାଣ୍ଡି ପଞ୍ଚାୟତର ଭିତରପଡା ଗାଁ ରାସ୍ତରେ ଦେଖିବାକୁ ମିଳିଛି। ଘଞ୍ଚ ଜଙ୍ଗଲ ଖୋଲା ଆକାଶରେ ହାତରେ ଆଧାର କାର୍ଡ ଧରି ଠିଆ ହୋଇଛନ୍ତି ଆଦିବାସୀ ପୁରୁଷ ମହିଳା ବୃଦ୍ଧ ଓ ବୃଦ୍ଧା ଗ୍ରାହକ।କାରଣ ସରକାରଙ୍କ ସ୍ୱାସ୍ଥ୍ୟ ବୀମା ପାଇଁ ପଞ୍ଜୀକରଣ କରିବାର ଅଛି। ଗାଁରେ ନେଟୱର୍କ ନାହିଁ। ଆଖପାଖରେ ସେବା ନାହିଁ। ତେଣୁ ମୋଟରସାଇକଲ୍‌ରେ ଲାପଟପ୍ ଧରି ଗ୍ରାହକ ସେବା କେନ୍ଦ୍ରର ଯୁବକ ଜଣକ ଆନ୍ଧ୍ର ନେଟୱର୍କରେ ଦେଉଛନ୍ତି ସେବା। କିଏ ଟଙ୍କା ଉଠାଉଛି ,ତ କିଏ ସ୍ୱାସ୍ଥ୍ୟ ସେବା କାର୍ଡ ପାଇଁ ପଞ୍ଜୀକରଣ କରୁଛି। ଗତ ସପ୍ତାହ ହେବ ଚାଲିଛି ଏପରି। ଲୋକେ ଖୁସିରେ ଗ୍ରାହକ ସେବା କେନ୍ଦ୍ରର ସଦା ତାଡିଙ୍ଗିଙ୍କୁ ଯାହା କିଛି ଅର୍ଥ ଦିଅନ୍ତି ସେ ନେଇଥାନ୍ତି। ସକାଳୁ ନାସ୍ତା କରି ସଦା ତାଡିଙ୍ଗି ନିଜ ମୋଟରସାଇକେଲ ଧରି ଲାପଟପ୍ ସହ ଗାଁ ଗାଁ କୁ ଯାଇ ସେବା ଦିଅନ୍ତି। ଗତବର୍ଷ ପଞ୍ଚାୟତ ସଦରକୁ ଜିଓ ନେଟୱର୍କ ଆସିଛି। ଅନ୍ୟ କିଛି ଗାଁରେ ଜିଓ ନେଟୱର୍କ ସେବା ମିଳୁଥିବା ବେଳେ ଭିତରପଡା ଗାଁରେ ସେବା ମିଳୁନି। ତେଣୁ ବାଧ ହୋଇ ଗାଁଠାରୁ ତଳକୁ ଓହ୍ଲାଇ ଏକ ନିଛାଟିଆ ପାହାଡିଆ ଜଙ୍ଗଲିଆ ରାସ୍ତାରେ ଡଙ୍ଗଲ ସହାୟତାରେ ଜିଓ ନେଟୱର୍କରେ ରାସ୍ତା କଡ଼ରେ ଲାପଟପ୍ ଖୋଲି ସେବା ଯୋଗାଉଛନ୍ତି। ବାରମ୍ବାର ଜିଲ୍ଲା ପ୍ରଶାସନକୁ ଏକ ଟାୱାର ବସେଇବା ପାଇଁ ଗ୍ରାମବାସୀ ଦାବି କରିଆସୁଥିବା ବେଳେ କେହି କି କର୍ଣ୍ଣପାତ କରୁନାହାନ୍ତି। ଭିତରପଡା ଗାଁରେ ବିଏସ୍‌ଏନ୍‌ଏଲ୍ ଅବା ଜିଓ ଟାୱାର ପାଇଁ ଟେଣ୍ଡର ପ୍ରକ୍ରିୟା ସରିଥିବା ବେଳେ ଟାୱାର ନିର୍ମାଣରେ ଠିକାଦାରଙ୍କ ବିଳମ୍ବ ଯୋଗୁଁ ଲୋକେ ହଇରାଣ ହେଉଥିବା ନେଇ ପୂର୍ବତନ ବ୍ଲକ ଚେୟାରମେନ ମାଳତି ତାଡିଙ୍ଗି କହିଛନ୍ତି। ପ୍ରଶାସନ ଏଥିପାଇଁ ଦୃଷ୍ଟି ଦେବାକୁ ଗ୍ରାମବାସୀ ଅନୁରୋଧ କରିଛନ୍ତି।

ସକାଳ
THE SAKALA

# ସମ୍ପାଦକୀୟ



ସଫଳତାର ତିନି ମନ୍ତ୍ର ହେଉଛି - ସ୍ଥିରତା, ଧୈର୍ଯ୍ୟ ଓ ଦୃଢ଼ତା।
-ବିବେକାନନ୍ଦ

## ବ୍ୟବସ୍ଥା ବିରୋଧରେ ବିଦ୍ରୋହ

ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାରେ ସରକାର ଜନସମୁଦାୟ ନିକଟରେ ଉତ୍ତରଦାୟୀ। ଏକ୍ଷେତ୍ରରେ ମାତ୍ରାଧିକ ବ୍ୟତିକ୍ରମ ବେଳେ ବେଳେ ବିଦ୍ରୋହର ପଥ ପରିଷ୍କାର କରିଥାଏ। ଶାତନତନ୍ତ୍ରକୁ ମତାଧିକାର ମାଧ୍ୟମରେ ହଟାଇବାର ସୁଯୋଗ ଜନତାଙ୍କ ପାଖରେ ଥିଲେ ମଧ୍ୟ ପ୍ରତାରଣାର ସୀମା ଲଂଘନ ହେଲେ ଜନତାଙ୍କ ଧୈର୍ଯ୍ୟଚ୍ୟୁତି ଘଟେ ଏବଂ ସମୟକୁ ଅପେକ୍ଷା ନ କରି ଶାସନ-ବିରୋଧୀ ବିସ୍ଫୋରକ ସ୍ଥିତି ଜନ୍ମ ନିଏ, ଯାହା ଏବେ ବିଶ୍ୱର ତୃତୀୟ ବୃହତ୍ ଗଣତନ୍ତ୍ର ଇଣ୍ଡୋନେସିଆରେ ଘଟିଛି। କ୍ଷମତା କେନ୍ଦ୍ର ଯେମିତି ଚାହେଁ ଅତୁଟ ଓ ଅପରିବର୍ତ୍ତିତ ଶାସନ ବ୍ୟବସ୍ଥା, ଜନସମୂହ ମଧ୍ୟ ସେମିତି ଚାହାନ୍ତି ପ୍ରତାରଣା ଓ ପ୍ରବଞ୍ଚନା ମୁକ୍ତ ସୁଶାସନ। ଏହି ପୃଷ୍ଠଭୂମିରେ ଇଣ୍ଡୋନେସିଆରେ କ୍ଷମତା ବିରୋଧୀ ଆନ୍ଦୋଳନ ଯେଉଁ ରୂପ ନେଇଛି, ସେଥିରେ ୮ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଶତାଧିକ ଆହତ ହୋଇଛନ୍ତି ଏବଂ ୩୧୯୫ଙ୍କୁ ଗିରଫ କରାଯାଇଛି। ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ଛାତ୍ରଛାତ୍ରୀ ଓ ଶ୍ରମିକ ସଂଗଠନ ସହ ସଂଶ୍ଳିଷ୍ଟ କର୍ମୀ। ଏମାନଙ୍କୁ ଦେଶଦ୍ରୋହୀ ଓ ଆତଙ୍କବାଦୀ ଘୋଷଣା କରାଯାଇଛି। ଆନ୍ଦୋଳନକାରୀ ଜଣେ ସାଂସଦଙ୍କ ଗୃହଦାହ କରିବା ସହ ଅର୍ଥମନ୍ତ୍ରୀ ମୂଲ୍ୟାନୀ ଇନ୍ଦ୍ରାବତୀଙ୍କ ବାସଗୃହ ଲୁଟପାଟ କରିଛନ୍ତି। ସାଂସଦଙ୍କ ମାସିକ ଭତ୍ତା ୩୦୦୦ ଡଲାର ବୃଦ୍ଧି ନିଷ୍ପତ୍ତିକୁ କେନ୍ଦ୍ର କରି ଏହି ବିଦ୍ରୋହର ସୂତ୍ରପାତ ହୋଇଥିଲା, ଯାହା ଜାକର୍ତ୍ତାର ସର୍ବନିମ୍ନ ବେତନଠାରୁ ୧୦ ଗୁଣ ଅଧିକ। ପୁଲିସ ଓ ସାମରିକ ବାହିନୀର କଠୋର ଦମନମୂଳକ କାର୍ଯ୍ୟାନୁଷ୍ଠାନରେ ହିଂସା ପ୍ରଶମିତ ହୋଇଛି ସତ, କିନ୍ତୁ ଆନ୍ଦୋଳନ ଓ ଧାରଣା ଜାରି ରହିଛି।

ଆମେରିକା ଢାଞ୍ଚାରେ ଇଣ୍ଡୋନେସିଆରେ ରାଷ୍ଟ୍ରପତି ପ୍ରଧାନ ଶାସନ ବ୍ୟବସ୍ଥା ପ୍ରଚଳିତ ଏବଂ ରାଷ୍ଟ୍ରପତି ହିଁ ଶାସନର ସର୍ବମୟ କର୍ତ୍ତା। ୨୦୨୪ ଅକ୍ଟୋବର ନିର୍ବାଚନରେ କ୍ଷମତାସୀନ ରାଷ୍ଟ୍ରପତି ପ୍ରବୋୱୋ ସୁବିଆଣ୍ଟୋଙ୍କ ମୁଖ୍ୟ ପ୍ରତିଶ୍ରୁତି ଥିଲା, ଦୁର୍ନୀତିର ମୂଳୋତ୍ପାଟନ ଓ ଆତ୍ମନିର୍ଭରଶୀଳ ଇଣ୍ଡୋନେସିଆ ଗଠନ। ୨୦୧୪ରୁ ନିରଙ୍କୁଶ କ୍ଷମତାରେ ରହିଆସିଛି ସେ ପ୍ରତିନିଧିତ୍ୱ କରୁଥିବା ଇଣ୍ଡୋନେସୀୟ ଗଣତାନ୍ତ୍ରିକ ଦଳ (ଆଇଡିପି)। ଦେଶବାସୀ ମନରେ କୁହୁଳୁଥିବା ଅସନ୍ତୋଷର ମୁଖ୍ୟ କାରଣ ହେଲା, ଦୀର୍ଘଦିନ ଧରି କର୍ମଚାରୀଙ୍କ ବେତନ – ଭତ୍ତା ଅପରିବର୍ତ୍ତିତ ରହି ଦରଦାମ କ୍ରମାଗତ ବଢ଼ିଚାଲିଥିବାରୁ ଲୋକଙ୍କ କ୍ରୟଶକ୍ତି କମି ଚାଲିଛି। ଆଉଟସୋର୍ସିଂକୁ ପ୍ରାଧାନ୍ୟ ଦେଇ ନିଯୁକ୍ତି ସୁଯୋଗ ହ୍ରାସ କରାଯାଇଥିବାରୁ ବେକାରୀ ସମସ୍ୟା ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି। ଏଭଳି ଅର୍ଥନୈତିକ ପ୍ରତିକୂଳ ପରିସ୍ଥିତିରେ ସାଂସଦଙ୍କ ଭତ୍ତା ବୃଦ୍ଧି ନିଷ୍ପତ୍ତି ବିଦ୍ରୋହ ପାଇଁ ଖୋରାକ ଯୋଗାଇଥିଲା। ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଉଥିବାରୁ ରାଷ୍ଟ୍ରପତି ତୁରନ୍ତ ଏହି ନିଷ୍ପତ୍ତି ପ୍ରତ୍ୟାହାର କରିନେଇଛନ୍ତି।

ଜେନେରାଲ ସୁହାର୍ତ୍ତୋଙ୍କ ଏକଛତ୍ରବାଦୀ ଶାସନର ୧୯୯୮ରେ ଅବସାନ ପରେ ଇଣ୍ଡୋନେସିଆରେ ଗଣତନ୍ତ୍ର ଶାସନ ପ୍ରତିଷ୍ଠା ହୋଇଛି। ଶାସନ ଢାଞ୍ଚାରେ ପରିବର୍ତ୍ତନ ପ୍ରୟାସୀଙ୍କ ମନରେ ଅନେକ ଆଶା ଓ ଉଦ୍ଦୀପନା ଏବେ ବି ସଜୀବ ହୋଇରହିଛି। ତେଣୁ ଆକାଂକ୍ଷିତ ସୁଫଳ ମିଳିବା ଯେତିକି ବିଳମ୍ବିତ ହେଉଛି ସେମାନଙ୍କ ମନରେ ବିଦ୍ରୋହର ବହ୍ନି ସେତିକି ଉଜ୍ଜୀବିତ ହେଉଛି। ଇଣ୍ଡୋନେସିଆର ଶାସନ ବିରୋଧୀ ବିଦ୍ରୋହ ବିଶ୍ୱକୁ ଏହି ବାର୍ତ୍ତା ଦେଇଛି ଯେ ପ୍ରବଞ୍ଚନାମୂଳକ ଶାସନ ବ୍ୟବସ୍ଥାରେ ପରିବର୍ତ୍ତନ ଲୋଡ଼ା, ନ ହେଲେ ବିଦ୍ରୋହ ଅବଶ୍ୟମ୍ଭାବୀ।

## ପ୍ରତିବନ୍ଧକୁ ପ୍ରତ୍ୟାଖ୍ୟାନ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଇଙ୍ଗିତରେ ପାଶ୍ଚାତ୍ୟ ରାଷ୍ଟ୍ରସମୂହ ଅର୍ଥନୈତିକ ବାସନ୍ଦ ବା ପ୍ରତିବନ୍ଧ ପ୍ରୟୋଗ ପାଇଁ କଥା କଥାକେ ବିଶ୍ୱକୁ ଯେଉଁ ନାଲି ଆଖି ଦେଖାଉଛନ୍ତି ତାହାକୁ ମିଳିତ ପ୍ରତିରୋଧ କରିବାର ସମୟ ଉପସ୍ଥିତ। ସାଂଘାଇ ସହଯୋଗ ସଂଗଠନ(ଏସ୍‌ସିଓ) ବୈଠକରେ ଯୋଗ ଦେବା ଅବସରରେ ଏକଥା କହିଛନ୍ତି ରୁଷର ରାଷ୍ଟ୍ରପତି ଭ୍ଲାଡିମିର୍ ପୁଟିନ୍। ଏସସିଓ ଏକ ଆଞ୍ଚଳିକ ସହଯୋଗୀ ଓ ସହଭାଗିତା ମଞ୍ଚ ହୋଇଥିଲେ ମଧ୍ୟ ଏକ ବୃହତ୍ତର ଦିଗକୁ ପୁଟିନ୍‌ଙ୍କ ଇଙ୍ଗିତକୁ ଚୀନ ପୂର୍ଣ୍ଣ ସମର୍ଥନ କରିଛି। ବ୍ରିକ୍ସ ଅଂଶୀଦାର ରାଷ୍ଟ୍ରଙ୍କ ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ପୁଟିନ ଓ ସି ଜିନପିଙ୍ଗ ଏହି ମିଳିତ ନିଷ୍ପତ୍ତି ଗ୍ରହଣ କରିଛନ୍ତି।

ସମଗ୍ର ବିଶ୍ୱରେ ବଜାର ଅର୍ଥନୀତିର ପ୍ରାଧାନ୍ୟ ବୃଦ୍ଧି ପାଇଥିବା ବେଳେ ପାରସ୍ପରିକ ନିର୍ଭରଶୀଳତା ଓ ସହଯୋଗିତାର ଗୁରୁତ୍ୱ ବଢ଼ିଛି। ଅପରପକ୍ଷରେ ଏବେ ମଧ୍ୟ ବାଣିଜ୍ୟ ଓ ବିନିମୟରେ ଡଲାରର ପ୍ରାଧାନ୍ୟ ଅତୁଟ ରହିଥିବାରୁ ଟ୍ରମ୍ପ ବଡ଼ଭାଇ ପଣିଆ ଜାହିର କରିଚାଲିଛନ୍ତି। ବ୍ରିକ୍ସ ପକ୍ଷରୁ ଡଲାରର ବିକଳ୍ପ ବ୍ୟବସ୍ଥା ସପକ୍ଷରେ କେତେକ ପଦକ୍ଷେପ ନିଆଯାଇଥିବା ସୂଚନା ଟ୍ରମ୍ପଙ୍କୁ ବିବ୍ରତ କରିଛି। ତେଣୁ ବ୍ରିକ୍ସ ସଦସ୍ୟ ହିଁ ତାଙ୍କ ଟାରିଫ ରାଜନୀତିରେ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଥିବା ଦେଖାଯାଇଛି। ଏହି ପ୍ରେକ୍ଷାପଟରେ ଚୀନ୍ ଗଣମାଧ୍ୟମକୁ ଏକ ସାକ୍ଷାତକାରରେ ପୁଟିନ କହିଛନ୍ତି ଯେ ବ୍ରିକ୍ସ ସଦସ୍ୟ ରାଷ୍ଟ୍ରଙ୍କ ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ବିକାଶରେ ପରିଲକ୍ଷିତ ପ୍ରତିବନ୍ଧକ ଦୂର ସକାଶେ ଅତିରିକ୍ତ ସମ୍ବଳ ସଂଗ୍ରହକୁ ରୁଷ ଓ ଚୀନ ସ୍ୱତନ୍ତ୍ର ପ୍ରାଧାନ୍ୟ ଦେବେ।

ବ୍ରାଜିଲ, ରୁଷିଆ, ଭାରତ, ଚୀନ ଓ ଦକ୍ଷିଣ ଆଫ୍ରିକାକୁ ନେଇ ଗଠିତ ବ୍ରିକ୍ସ ସଂଗଠନ ପାରିସ୍ପରିକ ସହଯୋଗ ହେବା ପାଇଁ କାର୍ଯ୍ୟ କରୁଛନ୍ତି। ପରିବର୍ତ୍ତିତ ପରିବେଶରେ ସାଉଦୀ ଆରବ, ଇରାନ, ଇଥିଓପିଆ, ମିଶର, ଆର୍ଜେଣ୍ଟିନା ଓ ଆରବ ଏମିରେଟ୍ସ ଏହି ସଂଗଠନରେ ଖୁବ୍ ଶୀଘ୍ର ଯୋଡ଼ି ହେଉଛନ୍ତି। ସମ୍ବଳ ସକାଶେ ଆମେରିକା ଓ ୟୁରୋପ ରାଷ୍ଟ୍ର ସମୂହ ଉପରେ ନିର୍ଭରଶୀଳତା ହ୍ରାସ ପଇଁ ଆନ୍ତର୍ଜାତିକ ମୁଦ୍ରା ପାଣ୍ଠି ଓ ବିଶ୍ୱବ୍ୟାଙ୍କ ବ୍ୟବସ୍ଥାରେ ସଂସ୍କାର ଆଣିବାକୁ ମସ୍କୋ ଓ ବେଜିଂ ମିଳିତ ପଦକ୍ଷେପ ଗ୍ରହଣ କରିବେ। ସମୟର ଆବଶ୍ୟକତା ସଂପର୍କରେ ସୂଚନା ଦେଇ ପୁଟିନ କହିଛନ୍ତି ଯେ ବିଶ୍ୱର ଏହି ଅର୍ଥ ଯୋଗାଣକାରୀ ସଂସ୍ଥା ବାଛବିଚାରମୂଳକ ନୀତି ପରିତ୍ୟାଗ କରି ସମାନ ଦୃଷ୍ଟିଭଙ୍ଗୀ ନେଇ କାର୍ଯ୍ୟ କରିବା ଉଚିତ୍। ଏହି ମହାନ ଲକ୍ଷ୍ୟ ହାସଲ ପ୍ରତି ଦୁଇ ରାଷ୍ଟ୍ର ଅଙ୍ଗୀକାରବଦ୍ଧ ବୋଲି ସେ ଉଲ୍ଲେଖ କରିଛନ୍ତି।

ଏସସିଓ ଶିଖର ସମ୍ମିଳନୀ ଅବସରରେ ପୁଟିନଙ୍କ ଏହି ବକ୍ତବ୍ୟ ସ୍ୱତନ୍ତ୍ର ଗୁରୁତ୍ୱ ବହନ କରେ। ବିଶେଷକରି ଏକ ପ୍ରତିକୂଳ ପରିସ୍ଥିତିରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବୈଠକରେ ଯୋଗଦାନ ଏବଂ ଭାରତର ଆସ୍ଥା ଓ ବିଶ୍ୱାସ ହାସଲ ସକାଶେ ଏହାକୁ ଏକ କୂଟନୈତିକ ପଦକ୍ଷେପ ରୂପେ ଗ୍ରହଣ କରାଯାଇପାରେ। ବିଶେଷକରି ବ୍ରିକ୍ସ ସଦସ୍ୟ ରାଷ୍ଟ୍ରଙ୍କ ପ୍ରତି ଟ୍ରମ୍ପଙ୍କ ଅଭିମୁଖ୍ୟକୁ କିଭଳି ପ୍ରତିରୋଧ କରାଯାଇପାରିବ ତାହାର ନକ୍ସା ପ୍ରସ୍ତୁତି ପୁଟିନଙ୍କ ବ୍ୟକ୍ତବ୍ୟରୁ ସ୍ପଷ୍ଟ ହୋଇଛି।

# ପ୍ରକୃତି ଆଉ ସହିବ ନାହିଁ

**ସୌଭାଗ୍ୟ ସୁନ୍ଦରରାୟ**

ନିକଟରେ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାର ଧରାଳି ଗ୍ରାମରେ କଳିଜା ଥରା ଖଣ୍ଡପ୍ରଳୟ ଘଟିଯାଇଛି। ଆଖି ପିଛୁଳାକେ ଧରାଳି ମାଟିରେ ମିଶିଗଲା। ମାତ୍ର ୨୦ ସେକେଣ୍ଡରେ ବାସଗୃହ, ହୋଟେଲ, ଢାବା ବଜାର ନିଶ୍ଚିହ୍ନ ହୋଇଗଲା। ବୃହତ୍‌କାୟ ପଥର ମୁଣ୍ଡିଆ, ପଙ୍କକାଦୁଅ, ମାଟିରେ ଧରାଳି ପୋତି ହୋଇପଡ଼ିଲା। ଏହାକୁ ପ୍ରକୃତିର ନକାରାତ୍ମକ ଦିଗ ବୋଲି କୁହାଯାଇପାରେ। ତେବେ ସକାରାତ୍ମକ ଦିଗଟି ହେଲା ଭଗୀରଥର ଉପନଦୀ କ୍ଷୀରଗଡ଼ ନଦୀ ଶଯ୍ୟା ପୂର୍ବବସ୍ଥାକୁ ଫେରିଆସିଲା। କ୍ଷୀରଗଡ଼ ଓ ଭଗୀରଥର ସଙ୍ଗମ ସ୍ଥଳରେ ସୃଷ୍ଟି ହୋଇଥିବା ୨୦ ହେକ୍ଟର ବିଶିଷ୍ଟ ଚଡ଼ା ସଂପୂର୍ଣ୍ଣ ଧୋଇ ହୋଇଗଲା। ଏହାକୁ ପ୍ରାକୃତିକ ଦୁର୍ବିପାକ କିମ୍ବା ପ୍ରକୃତିର ଭାରସାମ୍ୟ ରକ୍ଷା ବୋଲି ମଧ୍ୟ କୁହାଯାଇପାରେ।

ଧରାଳି ଉତ୍ତରକାଶୀର ଏକ କ୍ଷୁଦ୍ର ଗ୍ରାମ। ଜନସଂଖ୍ୟା ମାତ୍ର ୫୦୦। ଚାରିଧାମ ରାସ୍ତା ପାର୍ଶ୍ୱରେ ଗ୍ରାମଟି ଅବସ୍ଥିତ। ଏଠାରୁ ଗଙ୍ଗୋତ୍ରୀ ଧାମର ଦୂରତା ମାତ୍ର ୧୫/୨୦ କିଲୋମିଟର। ଗଙ୍ଗୋତ୍ରୀ, ଯମୁନେତ୍ରୀ, ବଦ୍ରିନାଥ ଓ କେଦାରନାଥକୁ ନେଇ ଗଠିତ ଚାରଧାମ ଆଧ୍ୟାତ୍ମିକ ସର୍କିଟକୁ ଗମନାଗମନ ଦୃଷ୍ଟିରୁ ଅଧିକ ସୁଗମ କରିବା ଉଦ୍ଦେଶ୍ୟରେ ସରକାର ଏହି ରାସ୍ତା ପ୍ରଶସ୍ତ ପାଇଁ ନିଷ୍ପତ୍ତି ନେଲେ। କୁହାଗଲା ପ୍ରତିରକ୍ଷା ଦୃଷ୍ଟିକୋଣରୁ ଏହା କରାଯାଉଛି। ପାହାଡ଼ କଟାହେଲା। ରାସ୍ତା ସୁଗମ ହେଲା। ଚାରିଧାମକୁ ପର୍ଯ୍ୟଟକ ଓ ଶ୍ରଦ୍ଧାଳୁଙ୍କ ସଂଖ୍ୟା ବୃଦ୍ଧି ପାଇଲା। ଧରାଳି ଓ ଏହାର ନିକଟବର୍ତ୍ତୀ ପଡ଼ା ଗ୍ରାମ ସୁଖି ଓ ଝଲା ଉଚ୍ଚ ସମ୍ବେଦନଶୀଳ ଅଞ୍ଚଳ ଭାବେ ଚିହ୍ନଟ କରାଯାଇଥିଲେ ମଧ୍ୟ ସେଠାରେ ନିର୍ମାଣ କାର୍ଯ୍ୟ ଜାରି ରହିଲା। ଧରାଳିରେ ଅନେକ ହୋଟେଲ, ଅତିଥିଶାଳା, ଢାବା ଓ କୋଠା ନିର୍ମାଣ କରାଗଲା। ପରିସ୍ଥିତି ଏପରି ହେଲା ଯେ, ପର୍ଯ୍ୟଟନ ଋତୁରେ ଧରାଳିର ଜନସଂଖ୍ୟାଠାରୁ ପର୍ଯ୍ୟଟକ ସଂଖ୍ୟ ଦ୍ୱିଗୁଣିତ ହୋଇଗଲା। ଧରାଳି ବାସିନ୍ଦାଙ୍କ ଆୟ ବୃଦ୍ଧି ଘଟିଲା ଏବଂ ରାଜ୍ୟ ରାଜକୋଷକୁ ମଧ୍ୟ ଅର୍ଥାଗମ ହେଲା।

୫୦ ଦଶକରେ ଚାଲିଚାଲି ବଦ୍ରିନାଥରେ ପହଞ୍ଚିବା ନିମନ୍ତେ ଶ୍ରଦ୍ଧାଳୁଙ୍କୁ ୪ ଦିନ ସମୟ ଲାଗିଯାଉଥିଲା। ତେବେ ୧୯୬୨ ମସିହା ଯୁଦ୍ଧ ପରେ ରାସ୍ତା ନିର୍ମାଣ, ବସସେବା ଏହି ସମୟ ସୀମାକୁ ହ୍ରାସ କରିବାରୁ ପର୍ଯ୍ୟଟକ ଆଗମନରେ ବୃଦ୍ଧି ଘଟିଥିଲା। ୬୦ ଦଶକ ସୁଦ୍ଧା ଏହି ଅଞ୍ଚଳକୁ ପର୍ଯ୍ୟଟକ ଆଗମନ ସଂଖ୍ୟା ୨ଲକ୍ଷ ପର୍ଯ୍ୟନ୍ତ ରହିଥିବା ବେଳେ ଗତବର୍ଷ ବଦ୍ରିନାଥକୁ ୧୪ ଲକ୍ଷ ଓ କେଦାରନାଥକୁ ୧୬ ଲକ୍ଷ ଶ୍ରଦ୍ଧାଳୁ / ପର୍ଯ୍ୟଟକ ଗସ୍ତ କରିଥିବା ଜଣାଯାଇଛି। ଆଉ କିଛିଦିନ ପରେ ଚାରଧାମ ରାଜପଥ ପ୍ରକଳ୍ପ ସଂପୂର୍ଣ୍ଣ ହେବ। ସେତେବେଳକୁ ପର୍ଯ୍ୟଟକ ସଂଖ୍ୟା କେତେ ବୃଦ୍ଧି ପାଇବ ଅନୁମାନ କରାଯାଇପାରେ। ଏତେସଂଖ୍ୟକ ପର୍ଯ୍ୟଟକଙ୍କୁ ବିଭିନ୍ନ ମୌଳିକ ଓ ରହଣି ସୁବିଧା ଯୋଗାଇ ଦେବା ନିମନ୍ତେ ଅବିଚାରିତ ଭାବେ ଏଠାରେ ନିର୍ମାଣ କାର୍ଯ୍ୟ ଚାରି ରହୁଛି। ନଦୀ ଶଯ୍ୟାରେ କଂକ୍ରିଟ ନିର୍ମାଣ କରାଯାଉଛି। ଗଛ କଟାଯାଉଛି। ଗାଡ଼ି ପାର୍କିଂ ନିମନ୍ତେ ନଦୀଶଯ୍ୟା ପୋତି ଦିଆଯାଉଛି। ଏଥିପାଇଁ ଡିନାମାଇଟ ଓ ଅନ୍ୟାନ୍ୟ ଭାରି ଯନ୍ତ୍ରାଂଶ ଉପଯୋଗ କରାଯାଉଛି। ଏସବୁ ଯନ୍ତ୍ର ବ୍ୟବହାର ଦ୍ୱାରା ହିମାଳୟ ପାର୍ବତ୍ୟାଞ୍ଚଳରେ କମ୍ପନ ସୃଷ୍ଟି ହେଉଛି। ଫଳରେ ଏହାର ମୂଳ ଦୋହଲି ଯାଉଛି। ନିର୍ମାଣ ସମୟରେ ବାହାରୁଥିବା ବର୍ଜ୍ୟ ଓ ପର୍ଯ୍ୟଟକଙ୍କ ଦ୍ୱାରା ସୃଷ୍ଟ କଠିନ ବର୍ଜ୍ୟକୁ ନଦୀରେ ଫିଙ୍ଗି ଦିଆଯାଉଛି। ଚାରଧାମ ରାସ୍ତା ପ୍ରକଳ୍ପ ପାଇଁ ଇତିମଧ୍ୟରେ ୫୦ ହଜାରରୁ ଅଧିକ ଗଛ କଟାଯାଇ ସାରିଲାଣି।

ବାଦଲ ଫଟା ବର୍ଷା ଯୋଗୁଁ ଧରାଳି ବିପର୍ଯ୍ୟୟ ଘଟିଲା ବୋଲି ଯାହା କୁହାଯାଇଛି ତାହାର ବିଶେଷ ସତ୍ୟତା ନାହିଁ। କାରଣ ଘଟଣା ଦିନ ଉତ୍ତରକାଶୀ ଜିଲ୍ଲାରେ ସର୍ବାଧିକ ୨୭ ମିମି ବୃଷ୍ଟିପାତ ରେକର୍ଡ କରାଯାଇଛି। ଧରାଳି ଅଞ୍ଚଳରେ ଏହାଠାରୁ କମ୍ ମାତ୍ର ୬.୫ ମିମି ବୃଷ୍ଟିପାତ ରେକର୍ଡ କରାଯାଇଛି। ଏହାକୁ ବାଦଲଫଟା ବର୍ଷା କୁହାଯାଇପାରିବ ନାହିଁ। ହିମାଳୟ ପାର୍ବତ୍ୟାଞ୍ଚଳରେ ଅନେକ ହିମସ୍ରୋତ ରହିଛି। କେଉଁଠି ତୁଷାର ହ୍ରଦ ମଧ୍ୟ ରହିଛି। ନିର୍ମାଣ ଜନିତ କମ୍ପନ କାରଣରୁ ହିମସ୍ରୋତ ବା ତୁଷାର ହ୍ରଦ ଏକପ୍ରକାର ବିସ୍ଫୋରିତ ଅବସ୍ଥାକୁ ଚାଲିଆସିଲା, ଯାହା ଧରାଳି ପାଇଁ ବିପର୍ଯ୍ୟୟ ସୃଷ୍ଟି କରିଛି। ଉପର ମୁଣ୍ଡରୁ ଆସୁଥିବା ଏହି ସ୍ରୋତର ଶକ୍ତି ଓ ଗତି ଅତ୍ୟନ୍ତ ତୀବ୍ର ରହିଥାଏ, ଯେଉଁ କାରଣରୁ ଧରାଳି ଏକ ବାଲିଘର ପରି ଭୁଶୁଡ଼ି ପଡ଼ିଲା। ଧରାଳି ପୂର୍ବରୁ ୧୯୭୮, ୧୯୮୪, ୨୦୦୩, ୨୦୧୦, ୨୦୧୨ ଓ ୨୦୧୮ ମସିହାରେ ଅତ୍ୟଧିକ ବୃଷ୍ଟିପାତ, ବନ୍ୟା, ବାଦଲଫଟା ବର୍ଷା ଆଦି ଦେଖିଛି। କିନ୍ତୁ ଏହି ବିପର୍ଯ୍ୟୟ ମଧ୍ୟରେ କାହାରି ପ୍ରାଣହାନି ଘଟି ନ ଥିଲା। ପ୍ରଥମ ଥର ପାଇଁ ଧରାଳିରେ ପ୍ରାଣହାନି ଘଟିବା ସହ ଏହି ଜନବସତି ସଂପୂର୍ଣ୍ଣ ନିଶ୍ଚିହ୍ନ ହୋଇଗଲା।

ପରିବେଶ ଦୃଷ୍ଟିରୁ ଦେଖିବାକୁ ଗଲେ ହିମାଳୟର ଜୈବ ବିବିଧତା ଅତି ସମ୍ବେଦନଶୀଳ। ହିମାଳୟ କନିଷ୍ଠ ପର୍ବତମାଳା ଭାବେ ବିବେଚିତ। ଭାରତ ଓ ୟୁରେସିଆର ଦୁଇଟି ବଡ଼ ଭୂଖଣ୍ଡର ଚଳନ ଓ ଧକ୍କା ଦ୍ୱାରା ପ୍ରାୟ ମାତ୍ର ୫୦ ନିୟୁତ ବର୍ଷ ପୂର୍ବେ ହିମାଳୟ ପର୍ବତମାଳାର ସୃଷ୍ଟି ହୋଇଥିବାରୁ ଏହାର ଭୂସ୍ତର ଏବେ ମଧ୍ୟ ନମନୀୟ ଓ ଭଙ୍ଗୁର। ଏହି ପରିସ୍ଥିତିରେ ମନୁଷ୍ୟକୃତ କାର୍ଯ୍ୟକଳାପ ହିମାଳୟ ଅଞ୍ଚଳ ପାଇଁ ଅଧିକ ବିପର୍ଯ୍ୟୟ ସୃଷ୍ଟି କରୁଛି। ହିମାଳୟ ପାର୍ବତ୍ୟମାଳା ଅନ୍ତର୍ଗତ ଯୋଶୀମଠ ଅଞ୍ଚଳଟି ୨୦୨୩ ମସିହାରେ ଦବିଗଲା। କାରଣ ଅନୁଧ୍ୟାନ ପାଇଁ ୧୯୬୪ ମସିହାରେ ଘରୱାଲ ଜିଲ୍ଲାପାଳଙ୍କ ଦ୍ୱାରା ଗଠିତ ୧୮ ସଦସ୍ୟ ବିଶିଷ୍ଟ କମିଟି ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଥିଲେ ଯେ, ଯୋଶୀମଠ ଅଞ୍ଚଳ ଏକ ପୁରାତନ ଭୂସ୍ଖଳନ ଅଞ୍ଚଳରେ ଅବସ୍ଥିତ। ଏହାମଧ୍ୟରେ ଜଳବାୟୁ ପରିବର୍ତ୍ତନରେ ସମଗ୍ର ବିଶ୍ୱ ସହ ହିମାଳୟ ମଧ୍ୟ ପ୍ରଭାବିତ ହେଉଛି। ଏଥିସହ ମନୁଷ୍ୟକୃତ ହସ୍ତକ୍ଷେପ ହିମାଳୟର ଦୁର୍ଦ୍ଦିନକୁ ଦ୍ୱିଗୁଣିତ କରିଛି। ଯୋଶୀମଠ ଓ ତପୋବନ ଅଞ୍ଚଳରେ ଏକାଧିକ ଜଳବିଦ୍ୟୁତ ପ୍ରକଳ୍ପକୁ ମଞ୍ଜୁରୀ ଦିଆ ଯିବା ପ୍ରସଙ୍ଗରେ ସ୍ଥାନୀୟ ବାସିନ୍ଦା ଓ ପରିବେଶବିତ୍ ପ୍ରତିବାଦ କରିଥିଲେ ମଧ୍ୟ ସେଥିପ୍ରତି କର୍ଣ୍ଣପାତ କରାଗଲା ନାହିଁ। ବିସ୍ଫୋରଣ ଦ୍ୱାରା ପାହାଡ଼ ଫଟାଯାଇ ଟନେଲ ନିର୍ମାଣ କରାଯାଉଛି। ଏହାଦ୍ୱାରା ସ୍ଥାନୀୟ ଭୂସ୍ତରରେ କମ୍ପନ ସୃଷ୍ଟି ହେବା ସହ ଚାପ ବୃଦ୍ଧି ପାଉଛି। ଜଳଧାରଣ କରୁଥିବା ଭୂସ୍ତରରେ ରନ୍ଧ୍ର ସୃଷ୍ଟି ହେଉଛି। ଫଳରେ ବିଭିନ୍ନ ସମୟରେ ଚାପ ଯୋଗୁଁ ନିମ୍ନ ଜଳ ଫୁଟି ବାହାରି ବନ୍ୟା ପରି ସମସ୍ୟା ସୃଷ୍ଟି କରୁଛି।

କେରଳର ୱାୟନାଡ଼ରେ ୨୦୨୪ ମସିହା ଜୁଲାଇ ୩୧ ତାରିଖରେ ଭୟଙ୍କର ଭୂସ୍ଖଳନ ଘଟି ଶତାଧିକ ବ୍ୟକ୍ତିଙ୍କର ପ୍ରାଣହାନି ଘଟିଲା। ଅତ୍ୟଧିକ ବର୍ଷା ଯୋଗୁଁ ଏହି ଭୂସ୍ଖଳନ ଘଟିଥିବା କୁହାଗଲା। କିନ୍ତୁ କେବଳ ବର୍ଷାକୁ ଏଥିପାଇଁ ଦାୟୀ କରାଯାଇ ପାରିବ ନାହିଁ। ସେଠାରେ ରାସ୍ତା ନିର୍ମାଣଠାରୁ ଆରମ୍ଭ କରି ଜଳବିଦ୍ୟୁତ ପ୍ରକଳ୍ପ ଓ ଖଣି ଖନନ କାର୍ଯ୍ୟ ଜାରି ରହିଛି। ପଶ୍ଚିମଘାଟ ପର୍ବତମାଳା ସୁରକ୍ଷା ପାଇଁ ପ୍ରସ୍ତାବ ଦେବାକୁ କେନ୍ଦ୍ର ପରିବେଶ ମନ୍ତ୍ରଣାଳୟ ପକ୍ଷରୁ ୨୦୧୦ ମସିହାରେ ଏକ କମିଟି ଗଠନ କରାଯାଇଥିଲା। ବିଶିଷ୍ଟ ପରିବେଶବିତ୍ ତଥା ପଶ୍ଚିମଘାଟ ପର୍ବତମାଳା ବିଶେଷଜ୍ଞ ଭାବେ ପରିଚିତ ମାଧବ ଗାଡ଼ଗିଲ ଏହି କମିଟିର ନେତୃତ୍ୱ ନେଇ ୫ଟି ଚିଠା ପ୍ରସ୍ତବ ସରକାରଙ୍କୁ ପ୍ରଦାନ କରିଥିଲେ। ଏଥିରେ ପରିବେଶ ସମ୍ବେଦନଶୀଳ ଅଞ୍ଚଳ ଚିହ୍ନଟଠାରୁ ଆରମ୍ଭ କରି କେଉଁ ଅଞ୍ଚଳରେ କିପ୍ରକାର ବିକାଶମୂଳକ କାର୍ଯ୍ୟ କରାଯିବ, କେଉଁ କାର୍ଯ୍ୟ ସଂପୂର୍ଣ୍ଣ ନିଷେଧ କରାଯିବ ଏବଂ କେଉଁଟି ନିୟନ୍ତ୍ରିତ ଭାବେ କରାଯିବ ତାହା ଉଲ୍ଲେଖ କରାଯାଇଥିଲା। ପ୍ରଥମ ପର୍ଯ୍ୟାୟ ପ୍ରସ୍ତାବ ୨୦୧୪ ମସିହାରେ ସରକାରଙ୍କୁ ଦିଆଯାଇଥିଲା। ତାହାର କାର୍ଯ୍ୟକାରିତା ଫାଇଲ ମଧ୍ୟରେ ହଜିଯାଇଛି। ଧରାଳି, ଯୋଶୀମଠ, ୱାୟନାଡ଼ କିମ୍ବା କୋରାପୁଟ ହେଉ, ବିକାଶମୂଳକ କାର୍ଯ୍ୟ ଓ ଭିତ୍ତିଭୂମି ସୃଷ୍ଟି ନିକଟରେ ପରିବେଶ ସୁରକ୍ଷା ହାର ମାନିଯାଇଛି, ଯାହାର ପରିଣାମ ମଣିଷକୁ ହିଁ ଭୋଗିବାକୁ ପଡୁଛି ଓ ପଡ଼ିବ।

ସୁଖ, ସ୍ୱାଚ୍ଛନ୍ଦ୍ୟ, ଆମୋଦପ୍ରମୋଦ ଓ ବିଳାସବ୍ୟସନରେ ରହିବାକୁ ଚାହୁଁଥିବା ମଣିଷ ପ୍ରକୃତି ବିନିମୟରେ ସବୁକିଛି କରିବା ପାଇଁ ଚାହୁଁଛି। ଅପରପକ୍ଷରେ ପ୍ରକୃତି ପ୍ରତି ଅବିଚାରିତ ନିର୍ଯ୍ୟାତନା ଧରିତ୍ରୀ ବେଶୀ କାଳ ସହ୍ୟ କରିପାରିବ ନାହିଁ ବୋଲି ଯେଉଁ ବାର୍ତ୍ତା ଦେଉଛି ତାହା ପୁଣି ଥରେ ଧରାଳିରେ ପ୍ରତିଧ୍ୱନିତ ହୋଇଛି। ଏଇଠି ମନେପଡ଼େ ସନ୍ଥ ହାଡ଼ିଦାସ ଲେଖିଥିବା ମାଳିକାର କିଛି ଅଂଶ। ତାହା ହେଲା - 'ହିମାଳୟ ଗିରି ଫାଟିଲୋ ବଉଳ, ଦୋହଲି ଯିବ କଳିଜା; କଳାପାହାଡ଼ ଯେ ଦେଶରେ ବୁଲିବେ, ବଜାଇ ବିବିଧ ବାଜା।'

(ବରିଷ୍ଠ ସାମ୍ବାଦିକ)

କଟକ, ମୋ: ୯୪୩୭୨୨୯୨୩୩

# ଡିଜିଟାଲ୍ ଯୁଗରେ ରେଡିଓର ପ୍ରାସଙ୍ଗିକତା

**ଡକ୍ଟର ଅଭିମନ୍ୟୁ ବରାଳ**

ସ୍ୱାଧୀନତା ପରବର୍ତ୍ତୀ କାଳରେ ଏକ ପ୍ରକୃଷ୍ଟ ଗଣମାଧ୍ୟମ ଭାବରେ ରେଡିଓ ବେଶ ପ୍ରଭାବ ବିସ୍ତାର କରିଥିଲା। ଓଡ଼ିଶାର ବିଭିନ୍ନ ଲୋକସଂଗୀତ ବା ଲୋକକଳାର ପ୍ରଚାର ପ୍ରସାରରୁ ଆରମ୍ଭ କରି କୃଷି ସଂପର୍କିତ ସୂଚନା, ଉପଦେଶ ଓ ଦିଗ୍‌ଦର୍ଶନ ଏବଂ ପ୍ରାକୃତିକ ବିପର୍ଯ୍ୟୟ ଓ ପାଣିପାଗ ପୂର୍ବସୂଚନା; ନିଯୁକ୍ତି ସୂଚନା; ଅନ୍ତର୍ଜାତୀୟ, ଜାତୀୟ ଓ ଆଞ୍ଚଳିକ ଖବର ପ୍ରସାରଣ, ମନୋରଞ୍ଜନ ପାଇଁ ରେଡିଓ ହିଁ ମାଧ୍ୟମ ଥିଲା।

ପ୍ରଖ୍ୟାତ ବୈଜ୍ଞାନିକ ହେନେରିକ୍ ରୁଡୋଲ୍ଫ ଜର୍ଜଙ୍କ ବୈଦ୍ୟୁତିକ ଚୁମ୍ବକୀୟ ତରଙ୍ଗ ୧୮୮୭ ରୁ ୧୮୮୮ ମଧ୍ୟରେ ପରୀକ୍ଷଣ ହୋଇଥିଲା। ୧୯୦୧ ମସିହାରେ ଇଟାଲିର ବୈଜ୍ଞାନିକ ଜି.ମାର୍କୋନୀଙ୍କ ଉଦ୍ୟମରେ ଗଢ଼ା ହୋଇଥିବା ଯନ୍ତ୍ର ଦ୍ୱାରା ବେତାର ବାର୍ତ୍ତା ପ୍ରେରଣ କରାଯାଇଥିଲା। ସେହିଠାରୁ ହିଁ ରେଡିଓର ଜନ୍ମ। ବୈଜ୍ଞାନିକ ମାର୍କୋନୀ ରେଡିଓର ଜନକ। ୧୮୦୬ ମସିହାରେ ପ୍ରଥମେ ଜେନିନାଲଫେସେଡ୍ନେନ୍‌ଙ୍କ ଦ୍ୱାରା ମଣିଷର ସ୍ୱର ରେଡିଓ ଦ୍ୱାରା ପ୍ରସାରିତ ହୋଇଥିଲା। ଆମ ଭାରତରେ ସର୍ବପ୍ରଥମେ ୧୯୨୩ ମସିହାରେ 'ରେଡିଓ କ୍ଲବ୍ ଅଫ୍ ବମ୍ବେ' ନାମରେ ରେଡିଓ ପ୍ରବେଶ କଲା। ୧୯୩୬ ମସିହାରେ 'ଅଲ୍ ଇଣ୍ଡିଆ ରେଡିଓ' ଏବଂ ୧୯୫୬ ମସିହାରେ 'ଆକାଶବାଣୀ' ଭାବେ ଜନମାନସରେ ରେଡିଓ ଆଦୃତି ଲାଭ କଲା। ଆମ କଟକ ଆକାଶବାଣୀ ୧୯୪୮ ମସିହା ଜାନୁଆରୀ ୨୮ ତାରିଖରେ ପ୍ରତିଷ୍ଠା ହେଲା।

ପୂର୍ବରୁ ସରକାରଙ୍କ ଦ୍ୱାରା କ୍ଲବ, ପାଠାଗାର ଓ ସ୍କୁଲ ପ୍ରଭୃତିକୁ ରେଡିଓ ଯୋଗାଇ ଦିଆଯାଇଥିଲା। ଦୁଇଟା ବାଉଁଶରେ ଆଣ୍ଟିନା ବାନ୍ଧି କାହାଳି ଲଗାଯାଇ ସେ ରେଡିଓ କହୁଥିଲା। ଏପରିକି ରେଡିଓ ଶୁଣିବା ପାଇଁ ଲୋକମାନେ ସନ୍ଧ୍ୟା ବେଳେ ୨/୩ କି.ମି ବାଟ ଚାଲି ଚାଲି ଯାଉଥିଲେ। ଇତିମଧ୍ୟରେ ରେଡିଓର ବିବର୍ତ୍ତନ ଧାରା ପ୍ରଯୁକ୍ତି ବିଦ୍ୟାର ପ୍ରଭାବରେ ବେଶ୍ ଅଗ୍ରସର ହୋଇଛି। ଆକାଶବାଣୀ ବା ଅଲ୍ ଇଣ୍ଡିଆ ରେଡିଓ ସହିତ ଏବେ ଗୋଷ୍ଠୀ ବେତାର କେନ୍ଦ୍ର, ବାଣିଜ୍ୟିକ ରେଡିଓ, କମ୍ୟୁନିଟି ରେଡିଓ, ଡିଜିଟାଲ ରେଡିଓ ଆଦି ବହୁ ଶାଖାରେ ବିଭକ୍ତ ହୋଇଛି। ଏବେ ରେଡିଓ ଖୁବ୍ ନିକଟତର ହୋଇ ଯାଇଛି। ନିଜ ମୋବାଇଲ୍ ଫୋନରେ ମଧ୍ୟ ରେଡିଓର ସୁବିଧା ରହିଛି। ପୁନଶ୍ଚ ସରକାର ବିଭିନ୍ନ ବେସରକାରୀ ସଂସ୍ଥାକୁ ରେଡିଓ ଖୋଲିବାକୁ ଅନୁମତି ଦେଇଛନ୍ତି। କିନ୍ତୁ ରେଡିଓର ବ୍ୟବହାର ଓ ଆଦୃତି କମିଯାଇଛି।

ରେଡିଓ ଭାଗ୍ୟାକାଶରେ ସେହିଦିନ ଅମା ଅନ୍ଧକାର ଘୋଟି ଗଲା, ଯେଉଁଦିନ ଟେଲିଭିଜନ ସମାଜରେ ପ୍ରବେଶ କଲା। ଟେଲିଭିଜନ ଏକ ଦୃଶ୍ୟ ଗଣମାଧ୍ୟମ ହୋଇଥିବାରୁ ତା'ର ପ୍ରଭାବ ସମାଜ ଉପରେ ବିଶେଷ ଭାବରେ ପଡ଼ିଲା। ରେଡିଓର ଶ୍ରୋତାମାନେ ଟେଲିଭିଜନର ଦର୍ଶକ ସାଜିଲେ। ଘରେ ବସି ସିନେମା ଦେଖିବା ପରି ଅନୁଭୂତି ହେଲା। କିନ୍ତୁ ବେଳେ ବେଳେ ଟିଭିର ବିଜ୍ଞାପନରେ କେତେ ଅଶାଳୀନ ଚିତ୍ର ଏବଂ ଧାରାବାହିକରେ କେତେକ ଦୋଷତ୍ରୁଟି ପ୍ରସାରିତ ହୁଏ, ଯାହା ସମାଜ ଉପରେ କୁପ୍ରଭାବ ପକାଇ ଥାଏ। ଟିଭିରେ ଯେ ଖାଲି ଖରାପ କଥା ଅଛି, ଭଲ କଥା ନାହିଁ, ତା' ନୁହେଁ। କିନ୍ତୁ ଖରାପ କଥାରେ ଯୁବକମାନେ ଶୀଘ୍ର ପ୍ରଭାବିତ ହେଉଛନ୍ତି।

ବର୍ତ୍ତମାନ ଦେଖା ଯାଉଛି କୌଣସି ପ୍ରତିଷ୍ଠିତ କଂପାନୀର ରେଡିଓ ଦୋକାନ ବଜାରରେ ପ୍ରାୟ ନାହିଁ। କାଁଭାଁ ଗୋଟାଏ ରେଡିଓ କେଉଁଠାରେ ଖୋଜିଲେ ମିଳୁଛି ନଚେତ ନାହିଁ। ରେଡିଓ ଟିଏ ଖରାପ ହେଲେ ତାକୁ ମରାମତି କରିବାକୁ କାରିଗର ନାହାନ୍ତି। ବର୍ତ୍ତମାନ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ 'ମନକି ବାତ' ଯଦି ରେଡିଓରେ ପ୍ରସାରିତ ହେଉ ନଥା'ନ୍ତା, ତେବେ ରେଡିଓ କେବେଠାରୁ ତା'ର ଅସ୍ତିତ୍ୱ ହରାଇ ଲୁପ୍ତ ହୋଇ ଯାଆନ୍ତାଣି।

ଟେଲିଭିଜନ୍ ଓ ମୋବାଇଲ୍ ଫୋନ୍ ଯୁଗରେ ତଥାପି ରେଡିଓ ଧୈର୍ଯ୍ୟ ହରାଇନାହିଁ। ଆକାଶବାଣୀ ଓଡ଼ିଶାର ଦୁର୍ଗମ ଆଦିମ ଜନଜାତି ଅଧ୍ୟୁଷିତ ଅଞ୍ଚଳକୁ ସେମାନଙ୍କ ଜୀବନଶୈଳୀ, ଦିନଚର୍ଯ୍ୟା ଓ ସାଂସ୍କୃତିକ ଜୀବନଧାରାକୁ ଲୋକଲୋଚନକୁ ଆଣୁଛି। ସେମାନଙ୍କ ଶିକ୍ଷା, ସ୍ୱାସ୍ଥ୍ୟ ବିଷୟରେ ସେମାନଙ୍କୁ ସଚେତନ କରିବା ସହିତ ଏକ ଏକ ରେଡିଓ ସେଟ ସରକାର ସେମାନଙ୍କୁ ଦେଇ ଆଗ୍ରହ ଦ୍ୱିଗୁଣିତ କରିଛନ୍ତି। ଶ୍ରୋତାମାନଙ୍କର ରୁଚି ଅନୁସାରେ ରେଡିଓ ବର୍ତ୍ତମାନ ଆଧୁନିକ ଶୈଳୀରେ ବହୁତ କାର୍ଯ୍ୟକ୍ରମ ପ୍ରସାରଣ କରୁଛି। ଗୋଷ୍ଠୀ ବେତାର କେନ୍ଦ୍ର ସଂପୃକ୍ତ ଅଞ୍ଚଳର ଶିକ୍ଷା, ସ୍ୱାସ୍ଥ୍ୟ ଓ ସାଂସ୍କୃତିକ ଦୃଶ୍ୟପଟ୍ଟର ମଧୁର ପରିବେଷଣ କରୁଛି। ଯୁବ ଗୋଷ୍ଠୀଙ୍କ ମନକୁ ଛୁଇଁଲା ଭଳି ତଥା ଆଧୁନିକ ଶୈଳୀରେ ବାଣିଜ୍ୟିକ ଓ ଡିଜିଟାଲ ରେଡିଓରେ କାର୍ଯ୍ୟକ୍ରମମାନ ପ୍ରସାରଣ ହେଉଛି। ଅବଶ୍ୟ ରେଡିଓ ଶୁଣୁଥିବା ଶ୍ରୋତାମାନଙ୍କ ସଂଖ୍ୟା ବହୁତ କମ ହେଲେ ମଧ୍ୟ ରେଡିଓର ସ୍ଥାନ ଏ ସମସ୍ତ ବିକଳ୍ପଠାରୁ ସ୍ୱତନ୍ତ୍ର ଓ ଭିନ୍ନ। କାରଣ ରେଡିଓ ଆମକୁ ଭେଟି ଦେଉଥିବା କାର୍ଯ୍ୟକ୍ରମଗୁଡ଼ିକ ଅନ୍ୟମାଧ୍ୟମରେ ମିଳିପାରିବ ନାହିଁ। ଏବେ ମଧ୍ୟ ରେଡିଓରେ ପ୍ରଚାର ହେଉଥିବା କାର୍ଯ୍ୟକ୍ରମଗୁଡ଼ିକରେ ଆମ ସଂସ୍କୃତି ଓ ପରମ୍ପରାର ପୁରୁଣା ସୁଗନ୍ଧ ସ୍ପଷ୍ଟ ପ୍ରତୀତ ହୁଏ।

ଏବେ ସମୟ ଆସିଛି, ଲୋକମାନଙ୍କ ମନୋଭାବକୁ ଆକର୍ଷିତ କରିବା ପାଇଁ। ଆମର ରାମାୟଣ, ଭାଗବତ, ଓଡ଼ିଶୀ, ଚମ୍ପୂ, ଛାନ୍ଦ ଆଦିକୁ ଆମେ ଆଉ କ୍ରମାନ୍ୱୟରେ କେଉଁଠାରୁ ଶୁଣିପାରିବା? ନିୟମିତ ଭାବରେ ରେଡିଓ ଶୁଣି ଅନେକ ବ୍ୟକ୍ତି କବି, ଗୀତିକାର ତଥା ନାଟ୍ୟକାର ହୋଇପାରିଛନ୍ତି। କଥା କହିବାର ଶୈଳୀ ମଧ୍ୟ ସେମାନେ ଶିଖିଛନ୍ତି ଆକାଶବାଣୀରୁ। ମୁଁ ନିଜେ ମଧ୍ୟ ରେଡିଓ ଦ୍ୱାରା ବିଶେଷ ପ୍ରଭାବିତ ଓ ଉପକୃତ। ଏବେ ବି ରେଡିଓ ପାଖରେ ଜନମାନସରେ ନବଜାଗରଣ ସୃଷ୍ଟି କରିବାର କ୍ଷମତା ଓ ଦକ୍ଷତା ରହିଛି। ଭାରତ ମାତା ଏହାକୁ ଦୀର୍ଘସ୍ଥାୟୀ କରନ୍ତୁ।

ସାକ୍ଷୀଗୋପାଳ, ମୋ: ୯୯୩୭୮୩୫୨୩୦

# ଓଡ଼ିଶାର ରାଜନୈତିକ ବିବେକ: ଗୋଦାବରୀଶ ମହାପାତ୍ର

**ସାହିତ୍ୟ ସରିତ୍**

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

ରାଜନୀତିର ନୈତିକ ବିବେକ ସାହିତ୍ୟରେ କିପରି ଝଙ୍କୃତ ହୋଇଉଠେ ତାହାର ଏକ ଶ୍ରେଷ୍ଠ ଦୃଷ୍ଟାନ୍ତ ହେଉଛନ୍ତି ସତ୍ୟବାଦୀ ଆଦର୍ଶ-ନିର୍ମିତ ସାହିତ୍ୟ ସାଧକ ଗୋଦାବରୀଶ ମହାପାତ୍ର। ତାଙ୍କୁ ସ୍ମରଣ କରିବା ମାତ୍ରକେ 'ନିଆଁଖୁଣ୍ଟା'ର ଉତ୍ତାପ ଆଜି ବି ଅନୈତିକ ରାଜନୀତି ଦ୍ୱାରା ସାମାଜିକ ପରିବେଶକୁ କଳୁଷିତ କରୁଥିବା ନେତୃମଣ୍ଡଳୀଙ୍କୁ ସଚେତନ କରିଦିଏ। ସମାଜର ସେ ଥିଲେ ଚିରଜାଗ୍ରତ ପ୍ରହରୀ। ଯେଉଁମାନେ ନିଜ କର୍ତ୍ତବ୍ୟ ପ୍ରତି ଉଦାସୀନ, ଅନୈତିକ କାର୍ଯ୍ୟକଳାପରେ ଜଡ଼ିତ, କ୍ଷମତା ଓ ପଦପଦବୀ-ମୋହାଚ୍ଛନ୍ନ, ସଂକୀର୍ଣ୍ଣ ସ୍ୱାର୍ଥ ସାଧନରେ ନିମଗ୍ନ, ଶାଳୀନତା-ଶୂନ୍ୟ ଆଚରଣ ପ୍ରଦର୍ଶନରେ ସଂକୋଚ-ରହିତ, ରାଜନୀତି, ସାହିତ୍ୟ ବା ସମାଜସେବା କ୍ଷେତ୍ରରେ ଛଦ୍ମତାଯୁକ୍ତ, ସେମାନେ ହେଉଥିଲେ ଗୋଦାବରୀଶଙ୍କ ନିଶାଣ।

ସୁପ୍ତ, ଅଚେତନ, ନିଷ୍କ୍ରିୟ, ନିଷ୍ପ୍ରାଣ ଓଡ଼ିଆ ଜାତିକୁ ଜାଗ୍ରତ କରିବା ଉଦ୍ଦେଶ୍ୟରେ ସେ ଯେଉଁ 'ଉଠ କଙ୍କାଳ'କବିତା ରଚନା କରିଥିଲେ ତାହା ପ୍ରତିଟି ଯୁଗ ପାଇଁ ଦେଇପାରେ ଯେକୌଣସି ଜାତିକୁ ଦୃପ୍ତ ଆହ୍ୱାନ। 'ଉଠ କଙ୍କାଳ ଛିଡ଼ୁ ଶୃଙ୍ଖଳ ଜାଗ ଦୁର୍ବଳ ଆଜି / ଉଠୁ ଗତ ଗୌରବ ହୃତ ଗୌରବ ମୃତ ଗୌରବ ରାଜି।' ବିଶିଷ୍ଟ ଅସ୍ତିତ୍ୱବାଦୀ ଦାର୍ଶନିକ ଓ ସାହିତ୍ୟଶିଳ୍ପୀ ଜାଁ ପଲ ସାର୍ତ୍ତ କହିଥିଲେ- 'କଲମ ଧରିବା ଅର୍ଥ ହେଲା ଆପଣାର ସ୍ୱାଧୀନତା ଘୋଷଣା କରିବା।' ଜଣେ ସଚ୍ଚୋଟ କବିର ଲେଖନୀ ହୋଇପାରେ କେତେ ସ୍ୱାଧୀନ, ଅକୁତୋଭୟ, ସତ୍ୟ ଉଚ୍ଚାରଣରେ ଏକନିଷ୍ଠ, ତାହା ଗୋଦାବରୀଶଙ୍କ 'ହେ ମୋର କଲମ' କବିତାରେ ରୂପାୟିତ, ଯାହା ତାଙ୍କର ଶ୍ରେଷ୍ଠ କାବ୍ୟାଦର୍ଶର ବଳିଷ୍ଠ ସ୍ୱାକ୍ଷର। ଆଉ ସମସ୍ତ କବି, ଲେଖକ ସାମ୍ବାଦିକଙ୍କ ପାଇଁ ଅବ୍ୟର୍ଥ ଅସ୍ତ୍ର। ସେଥିରୁ ଗୋଟିଏ ପଦ ଉଦ୍ଧାର କରିବା ଦ୍ୱାରା ଏହା ଯେ କେହି ଅନୁଭବ କରିପାରିବେ ପ୍ରାଣବନ୍ତ ଭାବରେ। 'ତୁମେ ତ ଭୁଲିନ ଛଳନାରେ କେବେ ଥକିନ ଗୁଣ୍ଡାମିରେ, ପେଷଣ, ଶୋଷଣ, ଦୂଷଣ ଦେଇଚ ଆଡ଼େଇ ଏକଇ ଗାରେ/ ଛେଦନ କରିଚ ବନ୍ଧନ ଯେତେ ଅନ୍ଧେ ଦେଇଚ ଆଖି, କାଳ ବକ୍ଷରେ ମହାଅକ୍ଷରେ ପଦେ ପଦେ ଲେଖି ଲେଖି।'

ସାହିତ୍ୟର ବିଭିନ୍ନ ବିଭାଗରେ ସେ ପ୍ରାୟ ଅର୍ଦ୍ଧଶତାବ୍ଦୀ ଧରି ନିରବଚ୍ଛିନ୍ନ ଭାବରେ ଅକ୍ଲାନ୍ତ ଲେଖନୀ ଚାଳନା କରିଛନ୍ତି। 'ନିଆଁଖୁଣ୍ଟା'ରୁ ଏକ ଛୋଟ ଦୃଷ୍ଟାନ୍ତ ନିଆଯାଉ। 'କୌତୁକ ଆସେମବ୍ଲି'ର ଗୋଟିଏ ଧାଡ଼ି ହେଲା 'ଇନ୍ସପେକ୍ଟର ମିଶ୍ରଙ୍କୁ ବୟସ ହେଲେ ମଧ୍ୟ ସେ କାହିଁକି ଟୋକା ପରି ଦେଖା ଯାଉଛନ୍ତି ସରକାର ଅନୁସନ୍ଧାନ କରିଛନ୍ତି କି?'। 'ଏବେ ମଧ୍ୟ ବଞ୍ଚିଛି', 'ନୀଳ ମାଷ୍ଟ୍ରାଣୀ', 'ମୁଁ ଦିନେ ମନ୍ତ୍ରୀ ଥିଲି' ଆଦି ଗଳ୍ପ ସଂକଳନରେ ତାଙ୍କ ଜାତୀୟତାବାଦୀ, ମାନବିକତା-ସମୃଦ୍ଧ ଭାବାବେଗ କଳାତ୍ମକ ଶୈଳୀରେ ବିନ୍ୟସ୍ତ। 'ରାଜଦ୍ରୋହୀ', 'ରକ୍ତପାତ', 'ବିଦ୍ରୋହୀ', 'ବନ୍ଦୀର ମାୟା', 'ବୀର ଯୁବକ' ଆଦି ଉପନ୍ୟାସ ମଧ୍ୟରେ ତାଙ୍କ ଉଚ୍ଚକୋଟୀର ଶୈଳ୍ପିକ ମହନୀୟତାକୁ ଯୁଗ ଯୁଗାନ୍ତର ବ୍ୟାପୀ ଏ ଜାତି ସ୍ମରଣ କରୁଥିବ ନିଶ୍ଚୟ।

'ଆଶା', 'ଉତ୍କଳ ହିତୈଷିଣୀ', 'ସମାଜ', 'ଲୋକମୁଖ, 'ପୁରୀବାସୀ' ଆଦି ସମ୍ବାଦପତ୍ରରେ କାର୍ଯ୍ୟ କରି ସେ ଆହରଣ କରିଥିଲେ ଅମାପ ଅଭିଜ୍ଞତା। ତାଙ୍କ ସାଧନାପୂତ ଜୀବନର କେତୋଟି ଦିଗ ମଧ୍ୟରେ ଅନ୍ତର୍ଗୁମ୍ଫିତ ହୋଇରହିଛି ସକଳ ବିଶେଷତ୍ୱ। ତାହା ହେଲା ସତ୍ୟବାଦୀ ବନବିଦ୍ୟାଳୟର ବିନୀତ ଛାତ୍ର ଭାବରେ ମହାନ ଶିକ୍ଷାଦାତାମାନଙ୍କ ଆଦର୍ଶରେ ଉଦବୁଦ୍ଧ ହେବା, ସ୍ୱାଧୀନତା ସଂଗ୍ରାମରେ ନିଜକୁ ଆହୂତି ଦେବା, ସ୍ୱାଧୀନ ଭାବରେ ଲେଖନୀ ଚାଳନା କରି ଜୀବିକା ନିର୍ବାହ, ସରସ ବ୍ୟଙ୍ଗ ବିଦ୍ରୂପରେ ହୃଦୟଗ୍ରାହୀ ତୀକ୍ଷଣ ସମାଲୋଚନା କରିବାରେ ସମଗ୍ର ଭାରତବର୍ଷରେ ଅଦ୍ୱିତୀୟ ଉଦାହରଣ ସୃଷ୍ଟି। କାହା ପ୍ରତି ବ୍ୟକ୍ତିଗତ ବିଦ୍ୱେଷ ରଖି ସେ ବ୍ୟଙ୍ଗର ଶର ସନ୍ଧାନ କରୁ ନ ଥିଲେ। ଯାହା ସମାଜ ପାଇଁ ହିତକର ଓ ବ୍ୟଙ୍ଗର ଶରବ୍ୟ ହୋଇଥିବା ବ୍ୟକ୍ତିଙ୍କ ପାଇଁ ମଧ୍ୟ ଯାହା ଆମୋଦଦାୟକ ହୋଇପାରେ ସେପରି ସକାରାତ୍ମକ, ଚେତନା ଉତ୍ପନ୍ନ-କ୍ଷମ, ହାସ୍ୟରସ ଉଦ୍ରେକକାରୀ ରଚନା ଦ୍ୱାରା ସେ ଓଡ଼ିଆ ସାହିତ୍ୟକୁ ଏକ ଭିନ୍ନ ଶକ୍ତି ତଥା ସୌକୁମାର୍ଯ୍ୟ ପ୍ରଦାନ କରିପାରିଛନ୍ତି। 'କଣ୍ଟା ଓ ଫୁଲ', 'ବଙ୍କା ଓ ସିଧା'ଦୁଇଟି କବିତା ଗ୍ରନ୍ଥ ପାଇଁ ସେ ରାଜ୍ୟ ଓ ଜାତୀୟସ୍ତରରେ ଲାଭ କରିଛନ୍ତି ଏକାଡେମୀ ପୁରସ୍କାର।

ସତ୍ୟ କହିବା ଓ ତାହାକୁ ପୁଣି ରସାଣିତ କରି ଉପସ୍ଥାପନ କରିବା ଦ୍ୱାରା ଓଡ଼ିଶାର ରାଜନୈତିକ ପରିମଣ୍ଡଳରେ ସେ ଯେଉଁ ସଂସ୍କାର ଆଣିବାର ଆନ୍ତରିକ ପ୍ରୟାସ କରିଛନ୍ତି, ସେ ଦୃଷ୍ଟିରୁ ତାଙ୍କୁ ରାଜନୈତିକ ଚେତନାର ବିବେକ ବୋଲି ଅଭିହିତ କରିବା ସମ୍ପୂର୍ଣ୍ଣ ଯଥାର୍ଥ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପରିକଳ୍ପନାରେ ଅଟକିଗଲା 'ମନୋଦୟ'

ଭୁବନେଶ୍ୱର,୩।୯ (ସମିସ): ରାଜ୍ୟରେ ୧୧ଟି ଜିଲ୍ଲାରେ 'ମନୋଦୟ' ସ୍ଥାପନ କରିବାକୁ ଯୋଜନା କରିଥିଲେ ସରକାର। ଏହାଦ୍ୱାରା ଉକ୍ତ ଜିଲ୍ଲା ସମେତ ନିକଟବର୍ତ୍ତୀ ଜିଲ୍ଲାର ଦିବ୍ୟାଙ୍ଗ ପିଲାମାନେ ସମସ୍ତ ସୁବିଧା ପାଇଥାଆନ୍ତେ। ଫଳରେ କେବଳ ଭୁବନେଶ୍ୱରରେ ରହିଥିବା 'ଭିନ୍ନକ୍ଷମ ପ୍ରତିଷ୍ଠାନ କେନ୍ଦ୍ର-ମନୋଦୟ'କୁ ମାନସିକ ଓ ଶାରିରୀକ ଭିନ୍ନକ୍ଷମଙ୍କ ଚିକିତ୍ସା ନିମନ୍ତେ ଦୂର ଦୂରାନ୍ତରୁ ଆସିବାକୁ ପଡ଼ି ନ ଥାନ୍ତା। ମାତ୍ର ସରକାର ବଦଳିବା ପରେ ରାଜ୍ୟ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର ଏହି ପରିକଳ୍ପନା ଅଧାରେ ଅଟକିଯାଇଛି। ବିଭାଗ ଏହି ପ୍ରସଙ୍ଗକୁ ଭୂଲି ଯାଇଛି ଓ ସରକାର ବି ଏ ସମ୍ପର୍କରେ ରହସ୍ୟମୟ ନିରବତା ଅବଲମ୍ବନ କରୁଛନ୍ତି । ଭିନ୍ନକ୍ଷମ ପିଲାମାନେ କିପରି ସ୍ୱାବଲମ୍ବନଶୀଳ ହୋଇ ସମାଜର ମୁଖ୍ୟସ୍ରୋତରେ ସାମିଲ ହୋଇ ପାରିବେ, ଏଥିପାଇଁ ପୂର୍ବତନ ରାଜ୍ୟ ସରକାର ୨୦୨୧ ମସିହାରେ ପୋଖରୀପୁଟସ୍ଥିତ ଜାତୀୟ ଆଜୀବିକା ସେବା କେନ୍ଦ୍ର (ଏନସିଏସସିଡିଏ) ପରିସରରେ 'ମନୋଦୟ' ବା ଏସିଆଇଇପି(ଷ୍ଟେଟ ଇନଷ୍ଟିଚ୍ୟୁଟ ଫର୍ ଏମ୍ପାୱାରମେଣ୍ଟ ଅଫ୍ ପର୍ସନସ ୱିଥ୍ ଡିଜାବିଲିଟିଜ୍) ସ୍ଥାପନ କରିଥିଲେ। ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏହାକୁ ଉଦ୍‌ଘାଟନ କରିଥିଲେ। ଏଠାରେ ୧୬ବର୍ଷ ପର୍ଯ୍ୟନ୍ତ ଉଭୟ ମାନସିକ ଓ ଶାରିରୀକ ଦିବ୍ୟାଙ୍ଗ ମାନେ ସମସ୍ତ ସୁବିଧା ମାଗଣାରେ ପାଉଛନ୍ତି। ଫିଜିଓଥେରାପି ଠାରୁ ଆରମ୍ଭ କରି, ସ୍ପିଚ ଥେରାପି, ବିଭନ୍ନ ପ୍ରକାର ଶାରିରୀକ ବ୍ୟାୟାମ୍ ସାଙ୍ଗକୁ ଆବଶ୍ୟକୀୟ ଉପକରଣ ଏଠାରେ ପ୍ରଦାନ କରାଯାଉଛି। ଏହାସହ ଜଣେ ଦିବ୍ୟାଙ୍ଗ ପିଲା ସହ ଜଣେ ଅଭିଭାବକଙ୍କ ରହଣି ସୁବିଧା ମଧ୍ୟ ରହିଛି। ତେବେ ଭବିଷ୍ୟତରେ ରାଜ୍ୟର ଏହି ଅନୁଷ୍ଠାନକୁ ସମ୍ପୂର୍ଣ୍ଣ ଭାବେ ସ୍ୱୟଂଶାସିତ କରାଯିବା ସହ ୧୧ଟି ଜିଲ୍ଲାରେ କାର୍ଯ୍ୟକାରୀ କରିବାକୁ ବିଭାଗ ଲକ୍ଷ୍ୟ ରଖିଥିଲା। ପ୍ରଥମ ପର୍ଯ୍ୟାୟରେ ୨ଜିଲ୍ଲାରେ ଆରମ୍ଭ କରାଯିବାକୁ ଯୋଜନା ରହିଥିବା ବେଳେ ଗଞ୍ଜାମ ଜିଲ୍ଲାରେ ଏହା କାର୍ଯ୍ୟକାରୀ ହେଉଥିଲେ ବି ଏଯାଏ ଉଦ୍‌ଘାଟନ ହୋଇନଥିବା ସୂଚନା ରହିଛି। ଏହାସହ ଜଟଣୀ ଜିଲ୍ଲାରେ ସମସ୍ତ କାର୍ଯ୍ୟ ଶେଷ ହୋଇଥିଲେ ବି ଏହା ଆରମ୍ଭ ହୋଇପାରୁନଥିବା ଜଣାପଡ଼ିଛି। ବିଭାଗର ଜଣେ ବରିଷ୍ଠ ସଦସ୍ୟ କହିଛନ୍ତି ଯେ, ବର୍ତ୍ତମାନ ଅନ୍ୟ ଜିଲ୍ଲାରେ ମନୋଦୟ ପାଇଁ ବିଭାଗର ଯୋଜନା ନାହିଁ। ଏଥିପାଇଁ ଇନଫ୍ରାଷ୍ଟ୍ରକଚର ଆବଶ୍ୟକ ଥିବା ସହ ୨ରୁ ୩ବର୍ଷ ସମୟ ମଧ୍ୟ ଲାଗିବ। ଯେଉଁ ଗୁଡ଼ିକ ରହିଛି ତାହାର ପରିଚାଳନା କରିବାକୁ ମାନବସମ୍ବଳ ଆଶ୍ୟକତା ରହିଥିବା ବେଳେ ମାର୍ଚ୍ଚ ମାସ ଠାରୁ ଆଉଟସୋର୍ସିଂ କର୍ମଚାରୀ ନିଯୁକ୍ତି ବନ୍ଦ କରିବାକୁ ସରକାର ନିର୍ଦ୍ଦେଶ ଦେଇଛନ୍ତି। ତେଣୁ ଅନ୍ୟ ଜିଲ୍ଲାରେ ବର୍ତ୍ତମାନ ମନୋଦୟ ସ୍ଥାପନ କରାଯିବ ନାହିଁ ବୋଲି ସେ କହିଛନ୍ତି ।

## ପାର୍ବଣ ପୂର୍ବରୁ ରାସ୍ତା ମରାମତି

ଭୁବନେଶ୍ୱର,୩।୯ (ସମିସ): ଦଶହରା ପୂର୍ବରୁ ରାଜ୍ୟର ସବୁ ସହରାଞ୍ଚଳ ରାସ୍ତାର ମରାମତି କାମ ଶେଷ ହେବ। ଏଥିପାଇଁ ଆସନ୍ତା ୬ ତାରିଖରେ ବିଏମ୍‌ସି ଓ ସିଏମ୍‌ସି ସମେତ ରାଜ୍ୟର ସବୁ ସହରାଞ୍ଚଳ ରାସ୍ତାର କାମକୁ ନେଇ ସମୀକ୍ଷା ହେବା ସହ ୨୦ ତାରିଖ ସୁଦ୍ଧା କିପରି ଏହି ରାସ୍ତାଗୁଡ଼ିକର ମରାମତି କାମ ଶେଷ ହେବ ସେନେଇ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ବସିବ। ପୂର୍ତ୍ତମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏହି ବୈଠକ ବସିବାକୁ ଥିବା ବେଳେ ଏଥିରେ ବିଏମ୍‌ସି ଓ

### ୬ରେ ବସିବ ଗୁରୁତ୍ୱପୂର୍ଣ୍ଣ ବୈଠକ

ସିଏମ୍‌ସି ଅଞ୍ଚଳର ସମସ୍ତ ବିଧାୟକ ଓ ଦୁଇ ମେୟର ଉପସ୍ଥିତ ରହିବେ। ବୁଧବାର ପୂର୍ତ୍ତମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏହି ସୂଚନା ଦେଇଛନ୍ତି। ମୌସୁମୀ ସମୟରେ ରାଜ୍ୟର ସମସ୍ତ ସହରାଞ୍ଚଳରେ ରାସ୍ତାର ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ଅନେକ ସ୍ଥାନରେ ଖାଲଖମା ଯୋଗୁଁ ଲୋକେ ଦୁର୍ଘଟଣାର ଶିକାର ହେଉଛନ୍ତି। ଆଗକୁ ପାର୍ବଣ ଆସୁଥିବାରୁ ରାସ୍ତା ମରାମତି ନ ହେଲେ ବହୁ ଲୋକ ହଇରାଣ ହେବାର ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି କିପରି ପାର୍ବଣ ପୂର୍ବରୁ ସହରାଞ୍ଚଳର ରାସ୍ତାଗୁଡ଼ିକ ମରାମତି ହୋଇପାରିବ ସେଥିପାଇଁ ପ୍ରତିବର୍ଷ ଏଭଳି ବୈଠକ ଆୟୋଜନ ହେଉଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉତ୍ତର ଭାରତରେ...

ସଡକ ମୌସୁମୀ ବର୍ଷା ଓ ଭୂସ୍ଖଳନ ଯୋଗୁଁ ବନ୍ଦ ରହିଛି। ଗତ ୨୪ ଘଣ୍ଟା ମଧ୍ୟରେ ବର୍ଷାଜନିତ ଭୂସ୍ଖଳନ ଯୋଗୁଁ ୧୧ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଆଜି ସକାଳେ କୁଲ୍ଲୁରେ ଭୂସ୍ଖଳନ ଯୋଗୁଁ ଦୁଇ ଜଣ ଲୋକ ପ୍ରାଣ ହରାଇଛନ୍ତି। ସେହିପରି ମଣ୍ଡିର ସୁନ୍ଦରନଗରରେ ଭୂସ୍ଖଳନରେ ଘରଗୁଡ଼ିକ ଭୁଶୁଡ଼ି ପଡ଼ିବାରୁ ୭ ଜଣ ପ୍ରାଣ ହରାଇଛନ୍ତି। ଆବର୍ଜନା ତଳୁ ୪ଟି ମୃତଦେହ ଉଦ୍ଧାର କରାଯାଇଛି। ରାଜ୍ୟର ୭ଟି ଜିଲ୍ଲାରେ ସ୍କୁଲ ଓ କଲେଜକୁ ବନ୍ଦ କରାଯାଇଛି। ସେହିପରି ଉତ୍ତରପ୍ରଦେଶର ନୋଏଡାରେ ଯମୁନା ନଦୀରେ ବନ୍ୟା କାରଣରୁ ୧୦୦୦ଟି ଫାର୍ମହାଉସ୍‌ରେ ପାଣି ପଶିଛି। ମଥୁରା ୯୦୦ ପରିବାର ବନ୍ୟା ଯୋଗୁଁ ପ୍ରଭାବିତ ହୋଇଛନ୍ତି। ଆଗ୍ରାରେ ଯମୁନା ପାଣି ତାଜମହଲ ପାଚେରିକୁ ସ୍ପର୍ଶ କରିଛି। ଆଗ୍ରାର କେତୋଟି ଘାଟ ଓ ସ୍ମଶାନ ମଧ୍ୟ ବୁଡିଯାଇଛି। ନୋଏଡା ସେକ୍ଟର-୧୬୭ରେ ଯମୁନା ପାଣି ପଶିଛି। ଜମ୍ମୁ-କଶ୍ମୀରରେ ଉଧାମପୁରରେ ଭୂସ୍ଖଳନ ଯୋଗୁଁ ଜମ୍ମୁ- ଶ୍ରୀନଗର ରାଜପଥ ବନ୍ଦ ରହିଛି। ପୁଣି ଆଗାମୀ ୨୪ ଘଣ୍ଟାରେ ଦେଶର ଉତ୍ତର-ପଶ୍ଚିମ ଭାଗରେ ବର୍ଷା ଜାରି ରହିବ ବୋଲି ଅନୁମାନ କରାଯାଉଛି।

### ୧୨%, ୨୮% ଟିକସ...

କରିବା ସାମିଲ ରହିଛି। ସେହିପରି ରପ୍ତାନୀକାରୀଙ୍କ ପାଇଁ ସ୍ୱୟଂଚାଳିତ ଜିଏସ୍‌ଟି ରିଫଣ୍ଡ ବ୍ୟବସ୍ଥାକୁ ଅନୁମୋଦନ ଦିଆଯାଇଛି। ଏହା ଦ୍ୱାରା ପଞ୍ଜିକରଣ ପ୍ରକ୍ରିୟା ଅଧିକ ସରଳ ହେବ। ପରିଷଦର ଏହି ଦୁଇ ଦିନିଆ ବୈଠକରେ ଜିଏସ୍‌ଟି ହାର ଉପରେ ଆସିଥିବା ପ୍ରସ୍ତାବ ଏବଂ ସୁଧାରକୁ ନେଇ ଚର୍ଚ୍ଚା ଜାରି ରହିଛି। ବୈଠକ ଶେଷ ହେବା ପରେ ଗୁରୁବାର ଏ ନେଇ ଘୋଷଣା କରାଯିବ।

ସୂତ୍ର ଅନୁଯାୟୀ ୨୫୦୦ ଟଙ୍କା ପର୍ଯ୍ୟନ୍ତ ଜୋତା ଏବଂ ପୋଷା ଉପରେ ଜିଏସ୍‌ଟି ହାର ହ୍ରାସ କରି ୫ ପ୍ରତିଶତ କରାଯାଇପାରେ। ବୀମା ପ୍ରିମିୟମର ହାରକୁ ହ୍ରାସ କରିବା ପାଇଁ ପରିଷଦରେ ସହମତି ପ୍ରକାଶ ପାଇଛି। ଫଳରେ ସ୍ୱାସ୍ଥ୍ୟବୀମା ଶସ୍ତା ହେବ। ଜୀବନ ରକ୍ଷାକାରୀ ଔଷଧ ଉପରୁ ଟିକସ ହାର ମଧ୍ୟ କମ୍ କରାଯାଇପାରେ। ସେହିପରି ୨୦ ଲକ୍ଷ ଟଙ୍କାରୁ ଅଧିକ ମୂଲ୍ୟ ବିଳାଶପୂର୍ଣ୍ଣ ଇଲେକ୍‌ଟ୍ରିକ୍ ଗାଡ଼ି ଉପରେ ଜିଏସ୍‌ଟି ହାର ୫ ପ୍ରତିଶତରୁ ବଢ଼ାଇ ୧୮ ପ୍ରତିଶତ କରାଯାଇପାରେ। ଏହାକୁ ଅନୁମୋଦନ ମିଳିଲେ ଟାଟା ମୋଟର୍ସ, ମହିନ୍ଦ୍ରା, ଟେସ୍‌ଲା ଏବଂ ମର୍ସିଡିଜ୍-ବେଞ୍ଜ ଭଳି କମ୍ପାନୀର ସମସ୍ୟା ବଢ଼ିପାରେ। ଏହି ବୈଠକରେ ବିରୋଧୀ ରାଜ୍ୟଗୁଡିକ କେନ୍ଦ୍ର ନିକଟରେ ରାଜସ୍ୱ ସୁରକ୍ଷା ଏବଂ ଉପଭୋକ୍ତାଙ୍କ ସ୍ୱାର୍ଥରକ୍ଷା କରିବାକୁ ଦାବି କରିଛନ୍ତି। ବିରୋଧୀ ରାଜ୍ୟଗୁଡିକର ସୂଚନା ଅନୁଯାୟୀ କମ୍ ଟିକସ ଲଗାଇ କମ୍ପାନୀଗୁଡିକ ଲାଭ ଉଠାଇବାକୁ ନ ଦେବା ଉଚିତ। ଟିକସ ହ୍ରାସର ଲାଭ ସିଧାସଳଖ ଗ୍ରାହକଙ୍କ ନିକଟରେ ପହଞ୍ଚିବା ଉଚିତ। ଏହା ସହିତ ନୂଆ ଟିକସ ସ୍ଲାବ ଦ୍ୱାରା ହେଉଥିବା କ୍ଷତି ଭରଣା କରିବା ପାଇଁ କେନ୍ଦ୍ର ଆର୍ଥିକ ସହାୟତା ଦେବା ଆବଶ୍ୟକ। ପୂର୍ବରୁ ଏଥିପାଇଁ ୧.୫ ଲକ୍ଷ କୋଟିରୁ ୨ ଲକ୍ଷ କୋଟି କ୍ଷତି ହେବ ବୋଲି କୁହାଯାଇଥିଲା। କିଛି ବିଜେପି ଶାସିତ ରାଜ୍ୟ ମଧ୍ୟ ରାଜସ୍ୱ କ୍ଷତି ଉପରେ ଚିନ୍ତା ପ୍ରକଟ କରିଛନ୍ତି। ଏହି ବୈଠକରେ ଆରବିଆଇ ଅଧ୍ୟକ୍ଷଙ୍କ ସହିତ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳଗୁଡିକର ଅର୍ଥମନ୍ତ୍ରୀମାନେ ସାମିଲ ହୋଇଛନ୍ତି।

### ଚୂଡ଼ାନ୍ତ ହେବ ମନ୍ତ୍ରିମଣ୍ଡଳ...

ଦିଲ୍ଲୀରେ ପହଞ୍ଚିଥିଲା। ଶୀର୍ଷ ନେତୃତ୍ୱ ଏହାକୁ ଗୁରୁତର ସହ ନେଇ ପରସ୍ପର ମିଳିମିଶି କାମ କରିବାକୁ ରାଜ୍ୟର ଛାମୁଆ ନେତାମାନଙ୍କୁ ପରାମର୍ଶ ଦେଇଥିଲେ ହେଁ ତାହା ଚୂଡ଼ାନ୍ତ ହୋଇ ନ ଥିଲା।

ଶେଷରେ କେନ୍ଦ୍ରୀୟ ନେତୃତ୍ୱଙ୍କ ପରାମର୍ଶ ଆଧାରରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପାଇଁ ରାଜ୍ୟ ନେତୃତ୍ୱଙ୍କ ମଧ୍ୟରେ ସହମତି ଆସିଥିବା ମଧ୍ୟ କୁହାଯାଉଛି। ବିଶେଷକରି ଦୁଇଗୋଷ୍ଠୀ ମଧ୍ୟରେ ମନ୍ତ୍ରୀପଦକୁ ନେଇ ଭାଗବାଣ୍ଟ ଛିଡ଼ିଥିବା ବେଳେ ଶେଷ ନିଷ୍ପତ୍ତି ଦିଲ୍ଲୀରେ ହେବ ବୋଲି ସୂଚନା ମିଳିଛି। ସେଥିପାଇଁ ହଠାତ୍ ମନମୋହନଙ୍କୁ ଶୀର୍ଷ ନେତୃତ୍ୱ ଡକାଇଥିବା ବିଜେପି ଅଳିନ୍ଦରେ ଚର୍ଚ୍ଚା ହେଉଛି। ଯଦି ସବୁ ଠିକ୍‌ଠାକ ରୁହେ ତାହେଲେ ମୌସୁମୀ ଅଧିବେଶନ ପୂର୍ବରୁ ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳ ଗଠନ ହେବ। ନହେଲେ ଅଧିବେଶନ ସରିବା କ୍ଷଣି ସମ୍ପ୍ରସାରଣ ସମ୍ପନ୍ନ ହେବ ବୋଲି ବିଜେପିର ଜଣେ ବରିଷ୍ଠ ନେତା କହିଛନ୍ତି। ଅପରପକ୍ଷେ ନିଗମ, ବୋର୍ଡକୁ ନେଇ ଏଯାବତ୍ କୌଣସି ନିଷ୍ପତ୍ତି ହୋଇପାରିନଥିବା ବେଳେ ଏଥିପାଇଁ ଆହୁରି କିଛି ସମୟ ଲାଗିପାରେ ବୋଲି ଉକ୍ତ ନେତାଜଣକ ସୂଚନା ପ୍ରଦାନ କରିଛନ୍ତି।

### ସ୍ନାତକଙ୍କ ପାଇଁ ...

ମଧ୍ୟ ଜାରି ରହିଛି। ହେଲେ ବହୁ ପ୍ରତୀକ୍ଷିତ କମ୍ବାଇଡ୍ ଗ୍ରାଜୁଏସନ୍ ଲେବେଲ୍ (ସିଜିଏଲ୍) ପାଇଁ ଏବେ ଯାଏଁ ବିଜ୍ଞପ୍ତି ବାହାରି ନାହିଁ। ଅନୁରୂପ ଭାବେ ଅଗଷ୍ଟ ଶେଷ ସୁଦ୍ଧା ୨୨ହଜାର ଗ୍ରୁପ୍-ସି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ। ହେଲେ ଅଗଷ୍ଟ ଯାଇ ସେପ୍ଟେମ୍ବର ହୋଇଥିଲେ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇନି। ଫଳରେ ଆଶାୟୀମାନେ ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଉପରେ ସନ୍ଦେହ ପ୍ରକାଶ କରିବା ସହ ତୁରନ୍ତ ବିଜ୍ଞପ୍ତି ବାହାର କରିବାକୁ ଦାବି କରିଛନ୍ତି।

ଅପରପକ୍ଷରେ ଏକାଧିକ ନିଯୁକ୍ତି ପରୀକ୍ଷାରେ ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ପାଇଁ ଆଶାୟୀମାନେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେଉଛନ୍ତି। ହାଇକୋର୍ଟରେ ମାମଲା ଗଡ଼ୁଥିବାରୁ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହେଉଛି। ୨୦୨୪ରେ ପ୍ରକାଶ ପାଇଥିବା ଓଡ଼ିଶା ପୁଲିସ୍ ରୁକ୍ରୁଟ୍‌ମେଣ୍ଟ ବୋର୍ଡ (ଓପିଆର୍‌ବି) ପରିଚାଳିତ ପୁଲିସ୍ ଡ୍ରାଇଭର୍ (ପିଏମ୍‌ଟି), ଆଇଆର୍‌ବି ଓ ଏସ୍‌ଏସ୍‌ବି ବାଟାଲିଅନ୍, ପୁଲିସ୍ ଏସ୍‌ଆଇ ପରୀକ୍ଷା ନେଇ ମାମଲା ହୋଇଥିଲା। ଫଳରେ ଏବେଯାଏଁ ନିଯୁକ୍ତି ପ୍ରକ୍ରିୟା ସରିପାରି ନାହିଁ। ଜଳ ସମ୍ପଦ ବିଭାଗର କନିଷ୍ଠ ଯନ୍ତ୍ରୀ ପରି ଅନେକ ପଦରେ ନିଯୁକ୍ତି ପ୍ରକ୍ରିୟା କୋର୍ଟଙ୍କ ବିଚାରଧୀନ ଥିବାରୁ ନିଯୁକ୍ତି ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ଏଣୁ ନିୟମିତ ଭାବେ ଖାଲି ଥିବା ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ବାହାର କରିବାକୁ ଆଶାୟୀ ସୁନୀଲ କୁମାର ମିଶ୍ର ଦାବି କରିଛନ୍ତି।

### ରାଜ୍ୟସାରା ନିର୍ଘୂମ୍...

ଝାରସୁଗୁଡ଼ାରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବା ଆଶଙ୍କା ରହିଥିବା ବେଳେ ରାଜ୍ୟର ବାକି ସମସ୍ତ ଅଞ୍ଚଳରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ଆଶଙ୍କା ରହିଛି। ୪ ତାରିଖ ପରେ ବର୍ଷାର ପ୍ରଭାବ କମିଲେ ମଧ୍ୟ ୫ ଓ ୬ ତାରିଖରେ କିଛି କିଛି ସ୍ଥାନରେ ବର୍ଷା ଆଶଙ୍କା ରହିଛି। ରାଜ୍ୟରେ ଲଘୁଚାପ ଜନିତ ବର୍ଷା ପରେ ବିଭିନ୍ନ ନଦୀରେ ଜଳସ୍ତରରେ ବୃଦ୍ଧି ପାଇବାରେ ଲାଗିଛି। ବର୍ଷା ନଦୀ ଜଳସ୍ଥିତିକୁ ନେଇ ଜଳ ସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ରାଜ୍ୟରେ ଯେଉଁ ଅଧିକ ବର୍ଷା ଆକଳନ ହୋଇଥିଲା ସେପରି ବର୍ଷା ହୋଇନାହିଁ। ଆଖୁଆପଦାରେ ଯଦିଓ ବୈତରଣୀ ସତର୍କ ସଂକେତ ଉପରେ ଅଛି, ହେଲେ ଜଳସ୍ତର ବିପଦ ସଙ୍କେତ ଉପରକୁ ଯିବନି। ଗତକାଲି ୧୬ଟି ବ୍ଲକ୍ ମୁଖ୍ୟାଳୟରେ ୫୦ ମିମିରୁ ଅଧିକ ବର୍ଷା ହୋଇଛି। ମାତ୍ର ରାଜ୍ୟର କୌଣସି ଗୋଟିଏ ସ୍ଥାନରେ ବନ୍ୟା ସ୍ଥିତି ନାହିଁ ବୋଲି ସେ କହିଛନ୍ତି। ତେବେ ପାଣି ସମୁଦ୍ରକୁ ଯିବା ପାଇଁ ସମୟ ଲାଗେ। ତେଣୁ ପ୍ରବଳ ବର୍ଷା ଯୋଗୁଁ ବୈତରଣୀ, ବୁଢ଼ାବଳଙ୍ଗ ଏବଂ ସୁବର୍ଣ୍ଣରେଖା ଭଳି ପ୍ରମୁଖ ନଦୀଗୁଡ଼ିକରେ ଜଳସ୍ତର ବୃଦ୍ଧି ପାଇଛି। ସୋମବାରଠାରୁ ବର୍ଷା ହେବା ପରେ କିଛି ନଦୀ ଫୁଲିବା ଆରମ୍ଭ କରିଛି।

ରାଜ୍ୟରେ ମୌସୁମୀ ଋତୁରେ ସେପ୍ଟେମ୍ବର ୩ ସୁଦ୍ଧା ୯୦୭ ମିମି ବର୍ଷା ହୋଇଛି। ଏହି ସମୟରେ ସ୍ୱାଭାବିକ ବର୍ଷା ୯୪୧ ମିମି ତୁଳନାରେ ୪ ମିମି କମ୍ ବର୍ଷା ହୋଇଛି। ଜିଲ୍ଲାୱାରୀ ସ୍ଥିତିରେ ୯ ଟି ଜିଲ୍ଲାରେ ନିଅଣ୍ଟିଆ ବର୍ଷା ହୋଇଥିବା ବେଳେ ୪ ଟି ଜିଲ୍ଲାରେ ସ୍ୱାଭାବିକଠୁ ଅଧିକ ହୋଇଛି ଓ ବାକି ସମସ୍ତ ଜିଲ୍ଲାରେ ବର୍ଷାର ସ୍ଥିତି ସ୍ୱାଭାବିକ ରହିଛି। ପୁରୀ ଓ କନ୍ଧମାଳ ଜିଲ୍ଲାରେ ବର୍ଷାର ସ୍ଥିତି ସବୁଠୁ ଅଧିକ ଅର୍ଥାତ ୩୧ ଓ ୩୦ ପ୍ରତିଶତ ଲେଖାଏଁ ନିଅଣ୍ଟିଆ ରହିଛି।

### ନିଶା ନିବାରଣ...

ନିବାରଣ କେନ୍ଦ୍ରରେ ଭର୍ତ୍ତି କରିଥିଲେ। ମଙ୍ଗଳବାର ଅପରାହ୍ଣରେ ସୂର୍ଯ୍ୟକାନ୍ତ ଆତ୍ମହତ୍ୟା କରିଥିବା ନେଇ ନିଶା ନିବାରଣ କେନ୍ଦ୍ର କର୍ତ୍ତୃପକ୍ଷ ପରିବାର ଲୋକଙ୍କୁ ଜଣାଇଥିଲେ। ତାଙ୍କୁ କଳିଙ୍ଗନଗରରେ ଥିବା ଏକ ଘରୋଇ ଡ଼ାକ୍ତରଖାନାକୁ ନିଆଯାଇଛି ବୋଲି କହିଥିଲେ। ସୂର୍ଯ୍ୟକାନ୍ତଙ୍କ ଦାଦା ପ୍ରଶାନ୍ତ ଓ ଅନ୍ୟ ସଦସ୍ୟମାନେ ଆସି ସେଠାରେ ପହଞ୍ଚିବା ବେଳକୁ ମୃତଦେହକୁ କ୍ୟାପିଟାଲ ହସପିଟାଲକୁ ସ୍ଥାନାନ୍ତର କରା ଯାଇଥିଲା। ସେଠାରୁ କ୍ୟାପିଟାଲ ହସପିଟାଲ ଯାଇଥିଲେ ମଧ୍ୟ ମୃତଦେହକୁ ଶବ ସଂରକ୍ଷଣ ଗୃହରେ ରଖାଯାଇଥିବାରୁ ଆଉ ଦେଖିବାର ସୁଯୋଗ ମିଳି ନ ଥିଲା। ପରିବାର ଲୋକଙ୍କ କହିବାନୁଯାୟୀ ନିଶା ନିବାରଣ କେନ୍ଦ୍ରରେ ଛାଡ଼ିବା ବେଳେ ସୂର୍ଯ୍ୟକାନ୍ତଙ୍କର କୌଣସି ସ୍ୱାସ୍ଥ୍ୟଗତ ସମସ୍ୟା ନ ଥିଲା। ଏମିତି କି କେନ୍ଦ୍ରରେ ଛାଡ଼ିବା ପରଦିନ ମଧ୍ୟ ପରିବାର ଲୋକଙ୍କ ସହ କଥାବାର୍ତ୍ତା କରିଥିଲେ। ତେବେ ସେ କାହିଁକି ଆତ୍ମହତ୍ୟା କରିବ ବୋଲି ପ୍ରଶାନ୍ତ ପ୍ରଶ୍ନ କରିଛନ୍ତି। ଯଦି ସୂର୍ଯ୍ୟକାନ୍ତ ଆତ୍ମହତ୍ୟା କରିଲେ, ପରିବାର ଉପସ୍ଥିତିରେ ମୃତଦେହ ଉଦ୍ଧାର ନକରି କାହିଁକି ତରବରିଆ ଭାବେ ଶବ ଉଦ୍ଧାର କରାଗଲା ତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି। ଏହା ଆତ୍ମହତ୍ୟା ନୁହଁ, ବରଂ ତାଙ୍କୁ ହତ୍ୟା ପରେ ଆତ୍ମହତ୍ୟାର ରୂପ ଦେବାକୁ ଉଦ୍ୟମ କରାଯାଇଛି ବୋଲି ପ୍ରଶାନ୍ତ ଭରତପୁର ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଏକ ହତ୍ୟା ମାମଲା ରୁଜୁ କରିବା ସହ ଅନ୍ତେବାସୀ ଓ ନିଶା ନିବାରଣ କେନ୍ଦ୍ରର କର୍ମଚାରୀଙ୍କୁ ପଚରାଉଚରା କରିଛି।

### ୮ ଏସ୍‌ଏଚ୍‌ଜି...

ସଦସ୍ୟ ଥିବା ଏହି ୮ଜଣ ମହିଳାଙ୍କୁ ସ୍ୱର୍ଣ୍ଣଜୟନ୍ତୀ ଗ୍ରାମ ସ୍ୱରୋଜଗାର ଯୋଜନାରେ ଦୁଧିଆଳି ଗାଇ କିଣିବା ପାଇଁ ଅର୍ଥ ମଞ୍ଜୁର କରାଯାଇଥିଲା। ତେବେ ଏହି ମହିଳାମାନେ ଗାଇ କ୍ରୟ ନକରି ମିଳିଥିବା ଅର୍ଥରାଶିର ଦୁରୁପଯୋଗ କରିଥିବା ଅଭିଯୋଗ ହୋଇଥିଲା। ପରେ ଏହି ମାମଲା ଭିଜିଲାନ୍ସକୁ ଦିଆଯାଇଥିଲା ଏବଂ ବିଭାଗ ତରଫରୁ ମଧ୍ୟ ତଦନ୍ତ କରାଯାଇ ଅର୍ଥ ହଡ଼ପ ଘଟଣାରେ ସତ୍ୟତା ଥିବା ରିପୋର୍ଟ ହୋଇଥିଲା। କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର ହେବାକୁ ବାରମ୍ବାର ନୋଟିସ ପରେ ମଧ୍ୟ ଏହି ମହିଳାମାନେ ହାଜର ହୋଇନଥିଲେ। ତେଣୁ ଏମାନଙ୍କ ନାମରେ ୱାରେଣ୍ଟ ବାହାରିଥିଲା। ଆଜି ଭିଜିଲାନ୍ସର ଏକ ଟିମ୍ ସମସ୍ତ ୮ ଜଣଙ୍କୁ ଗିରଫ କରି କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର କରାଇଥିଲେ। ସେହିପରି ଏହି ଅର୍ଥ ହଡ଼ପ ମାମଲାରେ ସମ୍ପୃକ୍ତ ଥିବା ସେ ସମୟର ନାଉଗାଁ ପ୍ରାଣୀ ଚିକିତ୍ସକ ଡା. କୁଞ୍ଜବିହାରୀ ସ୍ୱାଇଁ ଏବଂ ସରକାରୀ ସ୍ୱୀକୃତିପ୍ରାପ୍ତ ସପ୍ଲାୟର ରଞ୍ଜିତ କୁମାର ବେହେରା ମଧ୍ୟ ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟଙ୍କ ନୋଟିସ କ୍ରମେ ହାଜର ହେଉଛନ୍ତି।

**Notice (for Minor)**

By virtue of an affidavit sworn before Executive Magistrate, Bhubaneswar dated 03.09.2025 I, Lingaraj Prasad Barik Address At-Uttarana (Kandal), PO-Uttarana, PS-Gobindpur, Dist-Cuttack, Odisha, Pin-754105 declare that I have changed the name of my son from Shulin Snehashish (old name) to Shri Shulin Snehashis (new name). Henceforth, he shall be known as Shri Shulin Snehashis (new name) for all purposes.

Lingaraj Prasad Barik

**AFFIDAVIT**

By virtue of an affidavit no.05, dtd. 01.09.2025 before the Notary Public, Bhanjanagar, Ganjam, I, Sarojini Dakua, have changed my name from Sajani Dakua to Sarojini Dakua. Henceforth I shall be known as Sarojini Dakua for all purposes.

Sd/- Sarojini Dakua

**AFFIDAVIT**

I, Mirza Mehbub Alam Baig, S/o.: Mirza Abdul Kalam Baig, Flat No.: 16/8, Block-16, Rangamatia, Gadakan, P.S.: Mancheswar, Bhubaneswar-751017, Odisha Declare by this Affidavit No.: 2263, Dated: 02/09/2025 that now onwards I shall be known as **Mirza Mehebub Alam Baig,** for all future purposes.

Mirza Mehebub Alam Baig

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar dated 01.09.2025, **I, Sushree Yajnaseni Mohapatra** permanent resident of Vill: Arjunpur, PO.: ABC Patna, P.S.: Dhusuri, Dist.: Bhadrak, PIN-755036, Odisha, currently residing at C/o-Manoranjan Lenka, L-115, Phase-II, Basanti Colony, PO.: Uditnagar, Sub-Dist.: Raghunathpalli, Dist.: Sundargarh, PIN-769012, Odisha declare that I have changed my name from Yajnaseni Mohapatra to (Sushree Yajnaseni Mohapatra. Henceforth, I shall be known as **Sushree Yajnaseni Mohapatra** for all purposes.

**AFFIDAVIT**

By virtue of an affidavit before notary Jharsuguda, I Raj Kumar Kakani, S/o. Late Vassand Ram Kakani, aged about 61 years, R/o. Kakani Complex, Main Road, Jharsuguda, PS/Dist-Jharsuguda, declares that, My actual, true and correct name is Raj Kumar Kakani as mentioned in my Aadhaar Card vide No.4255 9577 3610. In my Passport vide Passport No. J 8483976 my name has been wrongly mentioned as Raju Kakani instead of Raj Kumar Kakani.That, the names Raj Kumar Kakani and Raju Kakani relates to same and one person i.e. myself only none else. From today I shall be known as RAJ KUMAR KAKANI S/o. Vassand Ram Kakani for all purpose.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, CF.NO- 128, dated 26-08-2025 I, **SWAGATIKA BARIK,** D/o Govinda Barik permanent resident of Village At-Kiapalla, PO- Nuagaon, PS- Banki Dist-Cuttack, State- Odisha, Pin- 754008 declare that I have changed my name from **GEETA DEVI** (Old name) to **SWAGATIKA BARIK** (New name). Henceforth, I shall be known as **SWAGATIKA BARIK** for all future purposes.

Sd-( SWAGATIKA BARIK )

**AFFIDAVIT**

I, Behera Dinesh Kamlakanth, S/o Kamlakanta, resident of At/Po/Ps-Bhograi, Dist.-Balasore, Pin.No-756038, State-Odisha declared by this affidavit no-3156 dated 30-08-2025 that now onwards I shall be known as Dinesh Kamalakanta Behera (24) S/o-Kamalakanta Behera for all future purposes.

**AFFIDAVIT**

By virtue of an affidavit no.732, dtd. 01.09.2025 before the Sub-Divisional Magistrate / Assistant Collector /Sub-Collector, Nabarangpur, I, Namramani Majhi have changed my name from Nabaramani Christian to Namramani Majhi. Henceforth I shall be known as **Namramani Majhi** for all purposes.

Sd/- Namramani Majhi

**AFFIDAVIT**

By virtue of an affidavit sworn before The Executive Magistrate Banpur, Dist.- Khordha vide no.-3367, Dated- 2/9/2025, I Radharani Sen, aged about 37 yrs., W/O- Haribandhu Sen, Address At- Lahangadihi, Po.-Gambharimunda, Ps.-Banpur, Dist.- Khordha, Pin- 752035, Odisha, declare that I have changed my minor daughter's name from **Harshita Sen** to **Shushree Harsita Raginee Sen.** Henceforth, she shall be known as **Shushree Harsita Raginee Sen** for all purpose.

Shushree Harsita Raginee Sen

**AFFIDAVIT**

I Jyotirmayee Mohanty, W/o- Asim Mohanty, resident of Friends Colony, Ps-Manglabag, Dist-Cuttack, Pin-753001, Odisha declare that by this affidavit Sl No. 210, dtd. 12/07/2025 that now onwards I shall be known as **Jyotirmayee Kanungo** for all future purposes.

**FORM NO. URC-2**

Advertisement giving notice about registration under
**Part I of Chapter XXI**
[Pursuant to Section 374(b) of the Companies Act, 2013 and Rule 4(1) of the Companies (Authorised to Register) Rules, 2014]

1. Notice is hereby given that in pursuance of sub-section (2) of Section 366 of the Companies Act, 2013, an application has been made to the Registrar at Central Registration Centre (CRC), Indian Institute of Corporate Affairs (IICA), Plot No.6,7 & 8, Secotr-5, IMT Manesar, Dist: Gurgaon (Haryana) Pin-122050 that M/s. NEW BORN AND PEDIATRIC HEALTH CENTRE a partnership firm may be registered under Part I of Chapter XXI of the Companies Act, 2013, as a Company Limited by Shares with the name may be read as NEW BORN AND PEDIATRIC HEALTH CENTRE PRIVATE LIMITED.
2. The Principal object of the Company are as follows: To take over the running business of M/s. NEW BORN AND PEDIATRIC HEALTH CENTRE (Partnership Firm) and to do the business relating to acquire, establish, maintain, operate, run, manage or administer hospitals, medicare, nursing homes, health care, diagnostic, health aids, and research centres and to do the business of pharmacy and surgical items and equipments for medical use and to carry related business activities.
3. A copy of the draft Memorandum and Articles of Association of the proposed company may be inspected at the Office at: Plot No- D/54 Sector-7, CDA, 0802/808, Cuttack- 753014, Odisha.
4. Notice is hereby given that any person objecting to this application may communicate their objection in writing to the Central Registration centre (CRC)-ROC CRC, IICA, Manesar, Plot No.6,7 &8, Secotr-5, IMT Manesar, Gurgaon-122050 within Twenty One days from date of publication of this notice, with a copy to the Firm i.e. Proposed Company at its office address mentioned above.

Dated this 3rd day of Sep, 2025.

For and on behalf of
M/s. New Born And Pediatric Health Centre
Sd/-
(Mr. Udayanath Upadhaya) Partner

**GOVERNMENT OF ODISHA, DEPARTMENT OF WATER RESOURCES** A-572
**Office of the Engineer-In-Chief, Water REsources, Secha Sadan, Bhubaneswar**
**Email address: cemech.eicwr.od@nic.in**
**e-Procurement Notice- Bid Indentification No.- CEM/MDC-16/2025-26**

| | | |
|---|---|---|
| 1. | Name of the Work | : Mechanical Gate Works |
| 2. | No. of Works | : 01 (One) |
| 3. | Category of executors | : SSI Units registered under DIC/ NSIC/ MSME for Irrigation Shutters / Hydro mechanical gates. |
| 4. | Bid Identification No. | : CEM / MDC - 16/ 2025-26 |
| 5. | Estimated Cost | : Rs. 94,77,043.00 |
| 6. | Period of Completion | : 03 (Three) calendar months. |
| 7. | Date & time of availability of bid documents in the Portal | : From dt.06.09.2025 (10.00 AM) to dt.18.09.2025(5.30 PM) |
| 8. | Last date/ time for receipt of bid in the Portal | : dt. 18.09.2025 (up to 5.30 PM) |
| 9. | Date and Place of opening of Technical Bid | : dt.19.09.2025 (12.00 Noon onwards in the O/O the undersigned) |
| 10. | Date and Place of opening of Financial Bid | : To be intimated to the qualified Bidders after evaluation of Technical Bid. |
| 11. | Name of the Officer inviting bid | : Chief Engineer, Mechanical, O/O the E.I.C, Water Resources, Odisha, Bhubaneswar |

Further details can be seen from the e-procurement portal https://tendersodisha.gov.in. Any further issue of Addenda/ Corrigenda/ Cancellation Notice shall be uploaded in the aforesaid website only.

Chief Engineer, Mechanical
O/o- Engineer-In-Chief,
Secha Sadan, Bhubaneswar

OIPR-32520/11/0072/2526

**EASTERN INVESTMENTS LIMITED**

CIN: L65993OR1927GOI034842
Regd. Office :Plot No:255, Pristine Green, Pokhariput, Bhubaneswar-751020

STATEMENT OF STANDALONE & CONSOLIDATED REVIEWED FINANCIAL RESULTS FOR THE QUARTER ENDED 30TH JUNE 2025

| Sl. No. | Particulars | Standalone | | | Consolidated | | |
|---|---|---|---|---|---|---|---|
| | | Quarter Ended | | Year Ended | Quarter Ended | | Year Ended |
| | | 30.06.2025 (Reviewed) | 30.06.2024 | 31.03.2025 (Audited) | 30.06.2025 (Reviewed) | 30.06.2024 | 31.03.2025 (Audited) |
| 1 | Total Income from Operation(including Other Income) | 32.25 | 42.91 | 44.27 | 4,497.58 | 2,756.45 | 13,405.00 |
| 2 | Net Profit / (Loss) for the period (Before Tax, exceptional and / or extra ordinary items) | 15.99 | 23.30 | (44.47) | 175.11 | 176.31 | (4,119.11) |
| 3 | Net Profit / (Loss) for the period Before Tax (after exceptional and / or extraordinary items) | 15.99 | 23.30 | (44.47) | 175.11 | 176.31 | (4,119.11) |
| 4 | Net Profit / (Loss) for the period after Tax (after exceptional and / or extra ordinary items) | (0.39) | 4.76 | (28.91) | 19.35 | 67.25 | (3,518.39) |
| 5 | Total Comprehenshive income for the period [comprising profit / (loss) for the period(after tax) and other comprehenshive income (after tax)] | (0.39) | 4.76 | (28.91) | 19.35 | 67.25 | (3,525.52) |
| 6 | Net Profit attributable to Non Controlling Interests | - | - | - | (1.04) | 19.10 | (1,791.41) |
| 7 | Net Profit attributable to Owners of the Company | - | - | - | 20.39 | 48.15 | (1,726.98) |
| 8 | Paid up Equity Share Capital (Face Value Rs. 10/- each) | 144.44 | 144.44 | 144.44 | 141.90 | 141.90 | 141.90 |
| 9 | Other Equity (Excluding Revaluation Reserve as per Balance Sheet) | 26,546.25 | 26,580.31 | 26,546.64 | (9,388.86) | (7,630.55) | (9,409.25) |
| 10 | Earning per share ( Rs) | | | | | | |
| | (i) Basic: | (0.03) | 0.33 | (2.00) | 1.44 | 3.39 | (121.71) |
| | (ii) Diluted | (0.03) | 0.33 | (2.00) | 1.44 | 3.39 | (121.71) |

1. The above results of the Company were approved by the Board of Directors at their respective meetings held on 02-09-2025.
2. The above is the extract of the detail format of Financial Result filed with the Stock Exchange under Regulation 33 and 52 of the SEBI (Listing Obligations and Disclosure Requirements) Regulations, 2015.

Place: Visakhapatnam
Date: 2nd September 2025

Sd/-
(S.C.Pandey)
Managing Director-EIL

**THE ORISSA MINERALS DEVELOPMENT COMPANY LTD.**

(A Government of India Enterprise)
CIN: L51430OR1918GOI034390
Regd. Office: Ground Floor, SAIL Building, Plot-271, Bidyut Marg, Unit-IV, Shastri Nagar, Bhubaneswar, Khordha, Odisha, India-751001
Email: info.birdgroup@birdgroup.co.in, Website: www.birdgroup.co.in

STATEMENT OF REVIEWED STANDALONE FINANCIAL RESULTS FOR THE QTR. ENDED 30th JUNE 2025-IND-AS COMPLIANT

| SL. NO. | PARTICULARS | Qtr-I ENDING 30.06.2025 (Reviewed) | Qtr-I ENDING 30.06.2024 (Reviewed) | FOR YEAR ENDING 31.03.2025 (Audited) |
|---|---|---|---|---|
| 1 | Total Income from Operation / Other Income | 2,103.28 | 1,465.44 | 7,100.17 |
| 2 | Net Profit / (Loss) for the period (Before Tax, exceptional and / or extra ordinary items) | (278.61) | (207.81) | (4,840.40) |
| 3 | Net Profit / (Loss) for the period Before Tax (after exceptional and / or extraordinary items) | (278.61) | (207.81) | (4,840.40) |
| 4 | Net Profit / (Loss) for the period after Tax (after exceptional and / or extra ordinary items) | (278.61) | (207.81) | (4,840.40) |
| 5 | Total Comprehenshive income for the period [comprising profit / (loss) for the period(after tax) and other comprehensive income (after tax)] | (278.61) | (207.81) | (4,022.39) |
| 6 | Paid up Equity Share Capital | 60.00 | 60.00 | 60.00 |
| 7 | Reserves (Excluding revaluation reserve) as shown in the audited balance sheet of the previsous year | (5,496.43) | (1,341.73) | (5,217.81) |
| 8 | Net Worth | (5,436.43) | (1,281.73) | (5,157.81) |
| 9 | Earning per share (of Re. 1/-each) (for continuing and discontinued operations):- | | | |
| | 1. Basic: | (4.64) | (3.46) | (67.04) |
| | 2. Diluted | (4.64) | (3.46) | (67.04) |

1. The above results of the Company were approved by the Board of Directors at their respective meetings held on 02nd September 2025.
2. The above is the extract of the detail format of Annual Financial Result filed with the Stock Exchange under Regulation 33 of the SEBI (Listing Obligations and Disclosure Requirements) Regulations, 2015. The full Format of the Annual Financial Results are available on the Company's Website: www.birdgroup.co.in, the NSE (www.nseindia.com), the BSE (www.bseindia.com) and the CSE (www.cse-india.com)

For and on behalf of the Board of Director
Sd/-
(Vasudha Chandra Suratkal)
Managing Director

Place: Bhubaneswar
Date: 2nd September 2025

ସକାଳ THE SAKALA


● ବାକି ଟଙ୍କା ପାଇଁ ହତ୍ୟା

# ଥାନାର ଦ୍ୱାରସ୍ଥ ପରିବାର ଲୋକେ

ଲକ୍ଷ୍ମୀପୁର,୩।୯(ସମିସ): କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଥାନା ଅନ୍ତର୍ଗତ ପିପଲପଦର ଗାଁରେ ଟଙ୍କା ପଇସା ନିଆଦିଆକୁ ନେଇ ହତ୍ୟାକାଣ୍ଡ ଘଟିଥିବା ଅଭିଯୋଗ ହୋଇଛି। ମଙ୍ଗଳବାର ସନ୍ଧ୍ୟାରେ ନିଜ ଗାଁ ନିକଟରେ ଲାଲୁ ମାଣ୍ଡିଙ୍କା (୮୦) ଅଚେତ ଅବସ୍ଥାରେ ପଡିଥିବା ଦେଖି ଲକ୍ଷ୍ମୀପୁର ମେଡ଼ିକାଲକୁ ଅଟୋ ଯୋଗେ ଆଣି ଚିକିତ୍ସା କରାଯାଇଥିଲା। ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କୋରାପୁଟ ବଡ଼ ମେଡ଼ିକାଲକୁ ସ୍ଥାନାନ୍ତର ପାଇଁ ପରାମର୍ଶ ଦିଆଯାଇଥିଲା। କିନ୍ତୁ ଆମ୍ବୁଲାନ୍ସ ଆସିବା ପୂର୍ବରୁ ଲାଲୁଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ଏହା ପରେ ମୃତ ଲାଲୁଙ୍କ ପୁଅ ଏହି ଏକ ଲିଖିତ ଅଭିଯୋଗ ଲକ୍ଷ୍ମୀପୁର ଥାନାରେ ଦେଇଥିଲେ। ଅଭିଯୋଗକୁ ଆଧାର କରି ଏସ୍‌ଆଇ ମାନସ କମାର ପ୍ରଧାନ ତଦନ୍ତ ଦାୟିତ୍ୱ ଗ୍ରହଣ କରି ବୁଧବାର ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରିବା ସହ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ସତ୍ୟାସତ୍ୟ ପଦାକୁ ଆସିବ ବୋଲି ଶ୍ରୀ ପ୍ରଧାନ କହିଛନ୍ତି।

# ପଞ୍ଚାୟତ ସଦର ଗ୍ରାମରେ ନାହିଁ ମୋବାଇଲ ନେଟ୍‌ୱର୍କ

ଦାମନଯୋଡି,୩।୯(ସମିସ): ଆଜିର ଡିଜିଟାଲ ଯୁଗରେ ମୋବାଇଲ ଓ ମୋବାଇଲ ନେଟ୍‌ୱର୍କ ସମସ୍ତଙ୍କ ପାଇଁ ସବୁ ସମୟରେ ଅପରିହାର୍ଯ୍ୟ। ପିଲାଙ୍କ ପାଠପଢ଼ା ହେଉ କି ସରକାରୀ କାର୍ଯ୍ୟ, ପ୍ରତି କ୍ଷେତ୍ରରେ ମୋବାଇଲ ନେଟୱର୍କ ନିତ୍ୟାନ୍ତ ଆବଶ୍ୟକ। ତେବେ ଏ କ୍ଷେତ୍ରରେ ବହୁ ପଛରେ ରହିଯାଇଛି ସିମିଳିଗୁଡା ପଞ୍ଚାୟତ ସମିତି ଅଧିନସ୍ଥ ଚାରାଙ୍ଗୁଲ ଗ୍ରାମପଞ୍ଚାୟତର ସଦର ଗ୍ରାମ। ଗ୍ରାମର ଆଖପାଖରେ କୌଣସି ମୋବାଇଲ ଟାୱାର ନଥିବାରୁ ମୋବାଇଲ ସେବା ଉପଲବ୍ଧ ହୋଇପାରୁ ନାହିଁ। ପଞ୍ଚାୟତରେ ପଞ୍ଚାୟତ କାର୍ଯ୍ୟାଳୟ ସହିତ ମିନି ବ୍ୟାଙ୍କ, ଜନସେବା କେନ୍ଦ୍ର ଆଦି ରହିଛି। ଏହି ସବୁ କାର୍ଯ୍ୟାଳୟରେ ସଠିକ୍ ମୋବାଇଲ ସେବା ଉପଲବ୍ଧ ହେଉ ନଥିବାରୁ କାର୍ଯ୍ୟରେ ବାଧାପ୍ରାପ୍ତ ହେଉଛି। ଫଳରେ ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅନ୍ୟ ପକ୍ଷରେ ଅନ୍ ଲାଇନ୍ ପାଠପଢ଼ାରେ ସମସ୍ୟା ହେଉଥିବା ମଧ୍ୟ ଛାତ୍ରଛାତ୍ରୀ ମାନେ କହିଛନ୍ତି। ଗ୍ରାମରେ ପ୍ରାୟ ୨୦୦ ଘର ଥିବା ବେଳେ ୧୦୦୦ରୁ ଅଧିକ ଲୋକ ବସବାସ କରନ୍ତି। କୋରାପୁଟ ଜିଲ୍ଲାରେ ବିଏସ୍‌ଏନ୍‌ଏଲ, ଜିଓ, ଏୟାରଟେଲ ଆଦି ତିନିଟି କମ୍ପାନୀର ସେବା ଉପଲବ୍ଧ ହେଉଥିବା ବେଳେ ଏଠାରେ କିନ୍ତୁ କୌଣସି ଗୋଟିଏ ହେଲେ ନେଟୱର୍କ କାର୍ଯ୍ୟ କରୁନାହିଁ। ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ତୁରନ୍ତ ଚାରାଙ୍ଗୁଲରେ ଏକ ମୋବାଇଲ ଟାୱାର ସ୍ଥାପନ କରିବା ପାଇଁ ଗ୍ରାମବାସୀ ଦାବି କରିଛନ୍ତି।

# ନେହରୁ ଯୁବକେନ୍ଦ୍ର ସଂଯୋଜକଙ୍କ ବିଦାୟକାଳୀନ ସଭା



ମାଲକାନଗିରି,୩।୯(ସମିସ): ମାଲକାନଗିରି ଆଜି ସ୍ଥାନୀୟ କ୍ରୀଡ଼ା ଭବନ ଠାରେ ନେହ୍ରୁ ଯୁବ କେନ୍ଦ୍ରର ଜିଲ୍ଲା ଯୁବ ଅଧିକାରୀ ହରିଷ ରୂପାଲଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ଶ୍ରୀ ରୂପାଲ ୨୦୨୦ ମସିହାରେ ମାଲକାନଗିରିରେ ଜିଲ୍ଲା ଯୁବ ଅଧିକାରୀ ଭାବେ ଯୋଗ ଦେଇଥିଲେ। ତାଙ୍କ ଯୋଗଦାନ ସମୟ ପରଠାରୁ ନେହ୍ରୁ ଯୁବକେନ୍ଦ୍ରର ବିଭିନ୍ନ କାର୍ଯ୍ୟ ଗୁଡିକର ଅଗ୍ରଗତି ହୋଇଥିଲା। ଜିଲ୍ଲାର ବିଭିନ୍ନ ଗ୍ରାମର ଯୁବକ ମାନଙ୍କୁ ନେଇ ସଂଗଠିତ କରି ବିଭିନ୍ନ ପ୍ରତିଯୋଗିତା ଯଥା ଭଲିବଲ, କବାଡି, ଖୋଖୋ, କ୍ରିକେଟ ଭଳି ଖେଳର ଆୟୋଜନ କରିବା ସହ ସ୍ୱଚ୍ଛ ଭାରତ, ଏକ ପେଡ ମାକେ ନାମ ସହ ବିଏସଏଫ ସହିତ ମିଳିତ ଭାବେ ଜିଲ୍ଲାର ଆଭ୍ୟନ୍ତରୀଣ ଅଞ୍ଚଳର ଯୁବକଙ୍କୁ ଯୁବ ବିନିମୟ କାର୍ଯ୍ୟକ୍ରମ ପାଇଁ ଭାରତର ବିଭିନ୍ନ ସହର ଯଥା ପଞ୍ଜାବ, ହରିୟାଣା, ବେଙ୍ଗାଲୋର, ଦିଲ୍ଲୀ, ଚେନାଇ ଭଳି ସହରରେ ଯୁବବିନିମୟ କାର୍ଯ୍ୟକ୍ରମ ଗୁଡିକୁ ସଫଳତାର ସହ ଆୟୋଜନ କରିପାରି ଥିଲେ। ଶ୍ରୀ ରୂପାଲ ନିଜ କାର୍ଯ୍ୟ କାଳ ମଧ୍ୟରେ ସମସ୍ତ ସରକାରୀ ଅଧିକାରୀ, ମିଡିଆ କର୍ମୀ ଓ ସ୍ୱେଚ୍ଛାସେବୀ ଅନୁଷ୍ଠାନ ସହିତ ନିବିଡ଼ ଭାବେ ଜଡ଼ିତ ରହିଥିଲେ। ବର୍ତ୍ତମାନ ସେ ମାଲକାନଗିରିରୁ ଦିଲ୍ଲୀକୁ ଟ୍ରାନ୍ସଫର ହୋଇଥିବାରୁ ଜିଲ୍ଲା ସହ ତାଙ୍କ ଆତ୍ମୀୟତାକୁ ସେ ଭୁଲିପାରି ନାହାନ୍ତି। ଆଜିର ଏହି ବିଦାୟ ଉତ୍ସବରେ ମୁଖ୍ୟ ଅତିଥି ତଥା ବରିଷ୍ଠ ପୋଲିସ ଅଧିକାରୀ ତପନ ନାରାୟଣ ରଥ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ସୂଚନା ପ୍ରସାରଣ ଅଧିକାରୀ ପ୍ରମିଳା ମାଝୀ, ସହକାରୀ ଶ୍ରମ ଅଧିକାରୀ ପୂର୍ଣ୍ଣିମା ଡୁରୁକା, ଖାଦ୍ୟ ସୁରକ୍ଷା ଅଧିକାରୀ ପ୍ରଭାସ କୁମାର ସେଠୀ, ଜିଲ୍ଲା କ୍ରୀଡା ଅଧିକାରୀ ମନୋଜ ଡୁରୁକ, ଜିଲ୍ଲା ଯୁବ ଅଧିକାରୀ, ବି.ରମେଶ ମାଲକାନଗିରି ମହାବିଦ୍ୟାଳୟର ଅଧ୍ୟକ୍ଷା ପ୍ରେମ ରେଖା ଭତ୍ରା ଅଧ୍ୟାପକ ରଞ୍ଜନ କୁମାର ସ୍ୱାଇଁ, ନମିତା ଦଣ୍ଡସେନା ଉପସ୍ଥିତ ରହିଥିବା ବେଳେ ଏହି କାର୍ଯ୍ୟକ୍ରମକୁ ବିନାଶ କୁମାର ମିଶ୍ର ପରିଚାଳନା କରିଥିଲେ।

# ବିଦ୍ୟାଳୟ ଶ୍ରେଣୀଗୃହ ଉଦ୍‌ଘାଟିତ




ଦାମନଯୋଡ଼ି, ୩।୯(ସମିସ): କୋରାପୁଟ ଜିଲ୍ଲା ଅନ୍ତର୍ଗତ ଦାମନଯୋଡି ଶିଳ୍ପାଞ୍ଚଳରେ ଗତ ୨ ତାରିଖରେ ତରଳାବନ୍ଧଗୁଡା ଠାରେ ସୁବତୀ ପାଢ଼ୀ ଆଲୁମିନା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ନିଜସ୍ୱ ନୂତନ ଶ୍ରଣୀ ଗୃହ ଉଦ୍‌ଘାଟନ ହୋଇ ଯାଇଛି। ଉଦ୍‌ଘାଟନ ଉତ୍ସବରେ ମୁଖ୍ୟ ଅତିଥି ପଟ୍ଟାଙ୍ଗି ବିଧାୟକ ତଥା କଂଗ୍ରେସ ବିଧାୟକ ଦଳ ନେତା ଶ୍ରୀଯୁକ୍ତ ରାମ ଚନ୍ଦ୍ର କାଡମ, ସମ୍ମାନିତ ଅତିଥି ନାଲ୍‌କୋର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ନିରଞ୍ଜନ ସାମଲ, ସମୂହ ମହାପ୍ରବନ୍ଧକ ସୁଗାର୍ତ୍ତ ଆନନ୍ଦ ବାସୁ, ଜିଲ୍ଲାପରିଷଦ ସଭାପତି ସସ୍ମିତା ମେଲକା, ପୂର୍ବତନ ବିଧାୟକ କୋରାପୁଟ ରଘୁରାମ ପୋଡାଲ, ପୂର୍ବତନ ବିଧାୟକ ଲକ୍ଷ୍ମୀପୁର ପ୍ରଭୁଜନୀ, ପୂର୍ବତନ ବିଧାୟକ ପଟ୍ଟାଙ୍ଗି ପ୍ରଫୁଲ ପାଙ୍ଗି, ଜିଲ୍ଲାପରିଷଦ ସଭ୍ୟ କୋରାପୁଟ ବ୍ଲକ ମିହିର କୁଲଦୀପ, ସରପଞ୍ଚ ମରିଚମାଳ, ନାଲକୋର ପ୍ରାକ୍ତନ ଉପମହାପ୍ରବନ୍ଧକ ରମେଶ ଚନ୍ଦ୍ର ଦାସ ଏବଂ ଅନେକ ଶିକ୍ଷାବିତ, ସମାଜସେବୀ ଉପସ୍ଥିତ ଥିଲେ। ବିଦ୍ୟାଳୟର ଅଧକ୍ଷ ସ୍ୱାଗତ ଭାଷଣ ଦେଇଥିଲେ। ବିଦ୍ୟାଳୟ ପରିଚାଳନା ସମିତିର ସଭାପତି ପିତମ ପାଢ଼ୀ ଏହି ଅଞ୍ଚଳରେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ନ ଥିବାରୁ ଶିକ୍ଷାର ଉନ୍ନତି ପାଇଁ ପ୍ରୟାସ ଜାରି ରହିଛି ମହାବିଦ୍ୟାଳୟ ମଧ୍ୟ ସ୍ଥାପନ କରାଯିବ। ସମ୍ପାଦକ ଅନନ୍ତ ରାମ ମଙ୍ଗମ ସଭା ସଞ୍ଚାଳନା କରିଥିଲେ। ବିଶିଷ୍ଟ ଶିକ୍ଷାବିତ ଚିତ୍ତରଞ୍ଜନ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ସୁଭଦ୍ରା ଯୋଜନା ପ୍ରହସନ

# ଜାଗା ରହିଥିବା ଦର୍ଶାଇ ଯୋଜନାରୁ ବାଦ୍!



ଗୁଣୁପୁର, ୩।୯(ସମିସ): ମହିଳାଙ୍କ ପାଇଁ ସରକାରଙ୍କ ସୁଭଦ୍ରା ଯୋଜନା ପାଲଟିଛି ଉପହାସ। ମହିଳାମାନେ ସ୍ୱାବଲମ୍ବୀ ହେବା ପାଇଁ ରାଜ୍ୟ ସରକାର ଘୋଷଣା କରିଛନ୍ତି ସୁଭଦ୍ରା ଯୋଜନା। ବର୍ତ୍ତମାନ ପର୍ଯ୍ୟନ୍ତ ତୃତୀୟ କିସ୍ତି ଅର୍ଥ ମହିଳାମାନେ ପାଇଥିବା ସରକାର କହୁଥିବା ବେଳେ ଗୁଣୁପୁର ବ୍ଲକ ଟିଟିମିରି ପଞ୍ଚାୟତ ଅଞ୍ଚଳରେ ଅନେକ ମହିଳା ଏହି ଯୋଜନା ସାମିଲ୍ ହେବାରୁ ବାଦ୍ ପଡିଛନ୍ତି। ଏପରିକି ମହିଳାମାନେ ଆବେଦନ କରିବା ପରେ ମଧ୍ୟ ଅର୍ଥ ପାଇବାରୁ ବଞ୍ଚିତ ହେଉଛନ୍ତି। ଗୁଣୁପୁର ବ୍ଲକ୍ ପ୍ରଶାସନଙ୍କୁ ଗୁହାରି କଲେ ସେମାନଙ୍କ ଆଧାରକାର୍ଡରେ ଜମି ପ୍ରମାଣପତ୍ର ରହିଥିବା ନେଇ ରିଜେକ୍ଟ କରାଯାଉଥିବା ଅଭିଯୋଗ ହେଉଛି। କିନ୍ତୁ ମହିଳାମାନେ ତାଙ୍କ ନାମରେ ଜମି ନଥିବା କହିଥିବା ବେଳେ ଜମି କେଉଁଠୁ ଆସିଲା ବୋଲି ମହିଳାମାନେ ଅଭିଯୋଗ କରିଛନ୍ତି। ଯଦି ମହିଳା ମାନଙ୍କ ନାମରେ ଜମି ଅଛି, ତେବେ ଜମି ତାଙ୍କୁ ପ୍ରଶାସନ ଦେଖାଇବା ପାଇଁ ଅନୁରୋଧ କରାଯାଇଛି। ଯଦି ଜମି ନାହିଁ, ତେବେ ସୁଭଦ୍ରା ଯୋଜନାରେ ସାମିଲ୍ କରାଯିବା ନେଇ ଦାବି କରିଛନ୍ତି। ଏନେଇ ଲୋକ ପ୍ରତିନିଧିଠାରୁ ଆରମ୍ଭ କରି ତହସିଲ, ବ୍ଲକ୍ ପ୍ରଶାସନ ପର୍ଯ୍ୟନ୍ତ ଦୌଡ଼ି ଦୌଡ଼ି ନୟାନ୍ତ ପରେ ବି କୌଣସି ସୁଫଳ ମିଳିନଥିବାରୁ ଆଜି ଗୁଣୁପୁର ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ଦାବିପତ୍ର ପ୍ରଦାନ କରିଛନ୍ତି।

# ଅମ୍ବିଲିବେଡାକୁ ଯାଇ ଚମ୍ପାଙ୍କୁ ଶୁଭେଚ୍ଛା ଜଣାଇଲେ ଜିଲ୍ଲାପାଳ



ମାଲକାନଗିରି/କୋରୁକୋଣ୍ଡା,୩।୯(ସମିସ): ଏକ ନିଆରା ପରମ୍ପରା ସୃଷ୍ଟି କରିଛନ୍ତି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ। ଆଦିମ ଦିଦାୟୀ ଜନଜାତିର ପ୍ରଥମ ଡାକ୍ତର ହେବାକୁ ଯାଉଥିବା ଚମ୍ପା ରାଶପେଡୀଙ୍କ ଗାଁରେ ପହଞ୍ଚିଛନ୍ତି ନିଜେ ଜିଲ୍ଲାପାଳ। ଚମ୍ପାଙ୍କ ଗାଁରେ ପହଞ୍ଚିବା ଖବର ପାଇ ନିଜେ କୋରୁକୋଣ୍ଡା ବ୍ଲକ୍ ନାକାମାମୁଡ଼ି ଗ୍ରାମପଞ୍ଚାୟତ ଅମ୍ବିଲିବେଡା ଗ୍ରାମ ସ୍ଥିତ ବାସଭବନକୁ ଯାଇ ଜିଲ୍ଲାପାଳ ଶୁଭେଚ୍ଛା ଜଣାଇଛନ୍ତି। ଚମ୍ପା ଆଦିମ ଦିଦାୟୀ ଜନଜାତି ସମାଜର ପ୍ରଥମ ଡାକ୍ତର ହେବାକୁ ଯାଉଛନ୍ତି। ଯାହା ଆମ ଜିଲ୍ଲା ମାଲକାନଗିରି ଓ ସମସ୍ତଙ୍କ ପାଇଁ ଗୌରବର ବିଷୟ ବୋଲି ଜିଲ୍ଲାପାଳ କହିଛନ୍ତି। ଡାକ୍ତର ହୋଇ ନିଜ ଜିଲ୍ଲାରେ ସେବା କରିବା ପାଇଁ ଜିଲ୍ଲାପାଳ ଚମ୍ପାଙ୍କୁ ପ୍ରୋତ୍ସାହିତ କରିଛନ୍ତି। ତତ୍ ସହିତ ଆଗାମୀ ଦିନରେ ବିଶେଷଜ୍ଞ ଡାକ୍ତର ହେବାକୁ ଲକ୍ଷ୍ୟ ରଖି ନିଜ ଅଞ୍ଚଳ ଓ ସମାଜର ସେବା କରିବା ପାଇଁ ଚମ୍ପାଙ୍କୁ ମାର୍ଗ ଦର୍ଶନ କରିଛନ୍ତି ଜିଲ୍ଲାପାଳ। ଏହି ଅବସରରେ ଜିଲ୍ଲାପାଳ ଚମ୍ପାଙ୍କ ସ୍କୁଲ ଓ କଲେଜ ଶିକ୍ଷା ଓ ନିଟ୍ ପ୍ରସ୍ତୁତି କିପରି ରହିଥିଲା ସେ ବିଷୟରେ ପଚାରି ବୁଝିଥିଲେ। ତାଙ୍କ ସଫଳତା ଅନେକ ଜନଜାତି ଛାତ୍ରଛାତ୍ରୀ ଓ ସମସ୍ତ ଛାତ୍ରଛାତ୍ରୀ ବର୍ଗଙ୍କୁ ଅନୁପ୍ରାଣିତ କରିବ ବୋଲି ଜିଲ୍ଲାପାଳ କହିଛନ୍ତି। ଏହି ଅବସରରେ ଜିଲ୍ଲାପାଳ ଉକ୍ତ ଗ୍ରାମରେ ଅନେକ ଉଚ୍ଚ ଶିକ୍ଷିତ ଯୁବକଯୁବତୀ ଥିବା କଥା ଜାଣିବାକୁ ପାଇଥିଲେ। ଅମ୍ବିଲିବେଡା ଗ୍ରାମ ଜଣେ ଡାକ୍ତରଙ୍କୁ ତିଆରି କରିଛି। ତେଣୁ ଅଗ୍ରାଧିକାର ଭିତ୍ତିରେ ସେହି ଗ୍ରାମର ମୌଳିକ ଆବଶ୍ୟକତା ଯେପରିକି ପାନୀୟ ଜଳ ଯୋଗାଣ, ରାସ୍ତାଘାଟ, ବିଜୁଳି, ଆବାସ ଗୃହ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି ଜିଲ୍ଲାପାଳ। ଜିଲ୍ଲାପାଳଙ୍କ ପାଖରେ ପାଇ ଗ୍ରାମବାସୀଙ୍କ ମନରେ ଖୁସିର ଲହରୀ ଖେଳିଯାଇଥିଲା। ସେହିପରି ଡାକ୍ତର ହୋଇ ନିଜ ଲୋକ ଏବଂ ନିଜ ଅଞ୍ଚଳର ସେବା କରିବାର ଲକ୍ଷ୍ୟ ରହିଛି ବୋଲି ଚମ୍ପା କହିଛନ୍ତି। ଏହି ଅବସରରେ ଜିଲ୍ଲାପାଳ ଚମ୍ପାଙ୍କୁ ସମ୍ବର୍ଦ୍ଧନା ଜଣାଇ ପୁଷ୍ପଗୁଚ୍ଛ, ଉତ୍ତରୀୟ, ଏକ ଆଣ୍ଡ୍ରଏଡ ମୋବାଇଲ, ପୋଷାକ ଓ ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ପାଠପଢ଼ା ପାଇଁ ୩୦ ହଜାର ଟଙ୍କାର ସହାୟତା ରାଶି ପ୍ରଦାନ କରିଛନ୍ତି। ଜିଲ୍ଲାପାଳ ଏହି ଗସ୍ତରେ ଅମ୍ବିଲିବେଡା ଓ ବାୟାପଦ୍ରା ଗ୍ରାମବାସୀଙ୍କ ଅଭିଯୋଗ ଶୁଣିଛନ୍ତି। ଜିଲ୍ଲା ଜନଜାତି ଉନ୍ନୟନ ବିଭାଗ ପକ୍ଷରୁ ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସକ ହଳଧର ଶବର ଓ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀନିବାସ ଆଚାରୀ, ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ପ୍ରମିଳା ମାଝୀ, କୋରକୁଣ୍ଡା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଅମୂଲ୍ୟ ସାହୁ, ଡିଡ଼ାୟୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପରିଚାଳକ ଓ ଅନ୍ୟାନ୍ୟ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ।

# ଡଙ୍ଗରଗୁଡ଼ାରେ ସ୍ୱାସ୍ଥ୍ୟସେବା ଶିବିର

ମାଲକାନଗିରି,୩।୯(ସମିସ): ଜୟପୁର କେନ୍ଦୁପତ୍ର ବନଖଣ୍ଡ ଅଧିକାରୀ ଏ.ଉମା ମହେଶଙ୍କ ତତ୍ତ୍ୱାବଧାନରେ ମାଲକାନଗିରି ଜିଲ୍ଲାର କତାମେଟା କେନ୍ଦୁପତ୍ର ବନାଞ୍ଚଳ ଅନୁକୂଲ୍ୟରେ ପେଦାବେଡ଼ା ପଞ୍ଚାୟତ ଅନ୍ତର୍ଗତ ଡଙ୍ଗରଗୁଡ଼ା ଗ୍ରାମରେ ଏକ ମାଗଣା ସ୍ୱାସ୍ଥ୍ୟସେବା ଶିବିର ଅନୁଷ୍ଠିତ ହୋଇଯାଇଛି। ଉକ୍ତ ସ୍ୱାସ୍ଥ୍ୟ ଶିବିରରେ ଗ୍ରାମର ଶତାଧିକ ମହିଳା ଏବଂ ପୁରୁଷ ଉପସ୍ଥିତ ରହି ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ସହିତ ସେମାନଙ୍କୁ ଆବଶ୍ୟକତା ଅନୁଯାୟୀ ଔଷଧ ମଧ୍ୟ ବିତରଣ କରାଯାଇ ଥିଲା। ଏହି ଶିବିରରେ ମାଲକାନଗିରି ମୁଖ୍ୟ ଚିକିତ୍ସାଳୟର ଡାକ୍ତର ଅଭିଷେକ ମିଶ୍ର, ଫାର୍ମାସିଷ୍ଟ ଗାୟତ୍ରୀ ମିଶ୍ର, ରାହୁଲ ବିଶ୍ୱାସ ପ୍ରମୁଖ ସ୍ୱାସ୍ଥ୍ୟସେବା ଯୋଗାଇ ଦେଇଥିବା ବେଳେ ବନାଞ୍ଚଳ ଅଧିକାରୀ ବେତାଳ ଜୟରାମ, ବନପାଳ ଧିରେନ ସଥପତି, ବିବେକାନନ୍ଦ ସାନ୍ତରା ସମ୍ପୂର୍ଣ୍ଣ ସହଯୋଗ କରିଥିଲେ।

# ଗଜାନନ ବିସର୍ଜନ: ୪୦ ହଜାର ଟଙ୍କାରେ ନିଲାମ ହେଲା ଲଡ୍ଡୁ



ଟିକିରି,୩।୯(ସମିସ): ରାୟଗଡ଼ା ଜିଲ୍ଲା ଟିକିରି ବଣିକ ସଂଘର ୨୦ ଫୁଟ ଉଚ୍ଚର ଗଣେଶ ବିସର୍ଜନ ବୁଧବାର ଦିନ ସମ୍ପନ୍ନ ହୋଇଯାଇଛି। ଏହି ଅବସରରେ ଆଜି ଟିକିର ବଜାର ସମ୍ପୂର୍ଣ୍ଣ ବନ୍ଦ ରହିବା ସହ ଠାକୁର ଭସାଣିରେ ସମସ୍ତ ବ୍ୟବସାୟୀ ସହଯୋଗ କରିଥିଲେ। ନାଚଗୀତର ତାଳେ ତାଳେ ତାଳେ ଗଜାନନଙ୍କୁ ବିଦାୟ ଦେଇଥିଲେ। ଗଜାନନଙ୍କର ଲଡ୍ଡୁ ୪୦ ହଜାର ଟଙ୍କାରେ କେ ଗିରିସ ନିଲାମ ଡାକି ନେଇଥିଲେ। ପ୍ରତ୍ୟକ ଦିନ ଦିପହର ଓ ରାତିରେ ପ୍ରସାଦ ସେବନର ବ୍ୟବସ୍ଥା କମିଟି ତରଫରୁ କରାଯାଇଥିଲା। ପ୍ରତିଦିନ ସନ୍ଧ୍ୟାରେ ବିଶ୍ୱ ଶାନ୍ତିପାଇଁ ହୋମ ଯଜ୍ଞ କରିବା ସହ ଭଜନ କୀର୍ତ୍ତନ କରା ଯାଉଥିଲା। ବୁଧବାର ଦିନ ୫ହଜାର ଲୋକଙ୍କ ପାଇଁ ପ୍ରସାଦ ସେବନର ବ୍ୟବସ୍ଥା ହୋଇଥିଲା ବୋଲି ବଣିକ ସଂଘର ସଭାପତି ମନୋଜ ବେହେରା କହିଛନ୍ତି। ଉତ୍କଳ ଆଲୁମିନାର ୟୁନିଟ ହେଡ଼ ରବି ନାରାୟଣ ମିଶ୍ର, ଆଦିତ୍ୟ ଆଲୁମିନା ରିଫାଇନାରୀ ୟୁନିଟ ହେଡ୍ ମଝହର ବେଗଙ୍କ ସହିତ କମ୍ପାନୀର ଅନ୍ୟ ବରିଷ୍ଠ ଅଧିକାରୀ, ରାଜ୍ୟ ବିଏସପି ସଭାପତି ସରୋଜ ନାଏକ, ପୁଲିସ ପ୍ରଶାସନ ସହିତ ବିଭିନ୍ନ ବିଭାଗର ଅଧିକାରୀ ସ୍ଥାନୀୟ ଗଣ ମାଧ୍ୟମର ପ୍ରତିନିଧି ଏବଂ ବ୍ୟକ୍ତି ବିଶେଷ ନିମନ୍ତ୍ରିତ ଅତିଥି ଭାବେ ଯୋଗ ଦେଇଥିଲେ। ଅତିଥିଙ୍କ ସହିତ ଗ୍ରାମର ବହୁ ଲୋକ ଉତ୍ସବରେ ଯୋଗ ଦେଇ ଅନ୍ନପ୍ରସାଦ ସେବନ କରିଥିଲେ। ଗଣେଶଙ୍କ ମେଢକୁ ଆଲୋକ ସଜ୍ଜିତ କରି ସହର ପରିକ୍ରମା କରାଯାଇଥିଲା। ଟିକିରି ବଣିକ ସଂଘର ସଭାପତି ମନୋଜ ବେହେରାଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ସଂଘର ଚିତ୍ତ ରଞ୍ଜନ ପଣ୍ଡା, ପ୍ରଫୁଲ୍ଲ ସାହୁ, ମୁକୁନ୍ଦ ବିଶୋଇ, ସୁରେଶ ଷଡଙ୍ଗୀ, ଗୌରାଙ୍ଗ ସାହୁ, ଇନ୍ଦ୍ରଜିତ ସାହୁ, କେ , ଗିରିଶ କୁମାର ,ସରୋଜ ସାହୁ, ନିତେଶ ଜୈନ, ସୀମା ବେହେରା, ଜିତୁ ସାହୁ, ଗଣେଶ ସାହୁ, ସରୋଜ ମହାରଣା, ଧନେଶ୍ୱର ସାହୁ, ସୁନୀଲ ସାହୁ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

# ଗଛ କାଟି ତାରରେ ପକାଇ ଦେଲେ; ବିଜୁଳି ସରବରାହ ବାଧାପ୍ରାପ୍ତ



ଗୁଡାରୀ, ୩।୯(ସମିସ): ଗୁଡାରି ଅଞ୍ଚଳରେ କେହି ଜଣେ ଅଜଣା ବ୍ୟକ୍ତି ଗୁଡାରୀ ନିକଟସ୍ଥ କେଭି ଲାଇନ୍‌ରେ ପକାଇ ଥିବାରୁ ନେଟୱର୍କ ଗଛ ପଡି ତାର ପୋଲ୍ ଭାଙ୍ଗିଯିବା ଫଳରେ ଦିନ ଫଳରେ ସହର ବାସିନ୍ଦ ନା ନା ଅସୁବିଧାରେ କାଟି ୩୩ କେଭି ଉପରେ ପକାଯାଇଛି ତାହାର ବିଭାଗ ଯନ୍ତ୍ରୀ ବଳଭଦ୍ର ମାଝୀ ଏବଂ କନିଷ୍ଠ ଯନ୍ତ୍ରୀ କାଟି ବାହାର କରିଥିଲେ। ବିଳମ୍ବିତ ରାତିରେ ବାରମ୍ବାର ବିଜୁଳି କାଟ ହେଉଥିବାବେଳେ ବୁଧବାର ଦିନ ପୁରୁଣା ବଙ୍ଗଳା କାଜୁ ତୋଟାରେ ବିରାଟ ଗଛକୁ କାଟି ୩୩ ଲାଇନ୍ ପୋଲ ଏବଂ ତାର ଛିଡି କ୍ଷତିଗ୍ରସ୍ତ ହୋଇଛି। ଏହି ୧୧ଟାଠାରୁ ଗୁଡାରୀ ଅଞ୍ଚଳରେ ବିଜୁଳି କାଟ କରାଯାଇଛି। ସମ୍ମୁଖୀନ ହେଉଥିବା ଦେଖିବାକୁ ମିଳିଛି। କାହିଁକି ଗଛ କାରଣ ଅସ୍ପଷ୍ଟ ରହିଛି। ଏହି ଖବର ପାଇ ଗୁଡାରୀର ବିଦ୍ୟୁତ ମିଶ୍ର ଘଟଣା ସ୍ଥଳକୁ ଯାଇ କରି ସମସ୍ତ କର୍ମଚାରୀ ଗଛ ବିଜୁଳି ଯୋଗାଯୋଗ ସ୍ୱାଭାବିକ ହୋଇଥିବା ଜଣାପଡିଛି

# ଜିଲ୍ଲାସ୍ତରୀୟ ସଂସ୍କୃତ ଦିବସ ସମାରୋହ



ମାଲକାନଗିରି,୩।୯(ସମିସ): ଉତ୍କଳ ସଂସ୍କୃତ ଶିକ୍ଷକ ମହାସଂଘ, ଓଡ଼ିଶା ଆନୁକୂଲ୍ୟରେ ମାଲକାନଗିରି ଜିଲ୍ଲା ସଂଘ ତରଫରୁ ମାଲକାନଗିରି ସରକାରୀ ଉଚ୍ଚ ବିଦ୍ୟାଳୟଠାରେ ଜିଲ୍ଲା ସ୍ତରୀୟ ସଂସ୍କୃତି ଦିବସ ମହା ସମାରୋହରେ ପାଳିତ ହୋଇଯାଇଛି। ଉକ୍ତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ଶିକ୍ଷା ଅଧିକାରୀ ଚିତ୍ତରଞ୍ଜନ ପାଣିଗ୍ରାହୀ ଯୋଗଦେଇ ସଂସ୍କୃତ ଭାଷା ପ୍ରାଚୀନତମ ଦେବ ଭାଷା ଏବଂ ଭାଷାମାନଙ୍କର ଜନନୀ ତଥା ଏହା ଏକ ଶ୍ରେଷ୍ଠ ଭାଷା ବୋଲି ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତା ଭାବେ ମାଲକାନଗିରି ଜିଲ୍ଲା ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମଞ୍ଜୁଲତା ଭୋଇ ଯୋଗଦେଇ ସଂସ୍କୃତ ଭାଷା ଏକ ସୁଲଳିତ ଦେବ ଭାଷା ଏବଂ ଭାଷାର ଶିକ୍ଷକ ଶିକ୍ଷୟିତ୍ରୀମାନେ ହିଁ ହେଉଛନ୍ତି ଆମ ସଂସ୍କୃତିର ରକ୍ଷକ ଅଟନ୍ତି ବୋଲି କହିଥିଲେ। ବିଶିଷ୍ଟ ଅତିଥିଭାବେ ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ହେମନ୍ତ କୁମାର ମାଝି ଯୋଗଦେଇ ସଂସ୍କୃତ ଭାଷାର ମହତ୍ତ୍ୱ ବିଷୟରେ ଉପସ୍ଥାପନ କରିଥିଲେ। ସେହିପରି ସମ୍ମାନିତ ଅତିଥି ଭାବେ ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଶରତ କୁମାର ରାଉତ ସଂସ୍କୃତର ଅନେକ ଶ୍ଳୋକ ଗାଇ ଛାତ୍ରାବସ୍ଥାରୁ ଏ ଯାବତ୍ ସେ ସଂସ୍କୃତ ପ୍ରତି ଅନୁକରଣୀୟ ବୋଲି କହିଥିଲେ। ସ୍ଥାନୀୟ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଦୁର୍ଗାମାଧବ ପାଢୀ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିବା ବେଳେ ବରିଷ୍ଠ ସଂସ୍କୃତ ଶିକ୍ଷକ କରୁଣାକର ମଲିକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ରାଜ୍ୟ ଦକ୍ଷିଣ ସମ୍ଭାଗ ସଂଯୋଜକ ପଣ୍ଡିତ ଗୋଦାବରୀଶ ଦାଶ ଅଧ୍ୟକ୍ଷତା କରିଥିବା ବେଳେ ସମ୍ପାଦକ ପଣ୍ଡିତ ଶରତ କୁମାର ଦାଶ ବେଦ ପାଠ କରିଥିଲେ। ବରିଷ୍ଠ ଶିକ୍ଷକ କମଳ ସାଇ ମାଝି ଅତିଥିମାନଙ୍କ ପରିଚୟ ପ୍ରଦାନ ସହିତ ସ୍ୱାଗତ ଭାଷଣ ଦେଇଥିଲେ। ଜିଲ୍ଲାର ଶତାଧିକ ସସ୍କୃତ ଶିକ୍ଷକ ଶିକ୍ଷୟିତ୍ରୀ ଯୋଗଦେଇଥିଲେ। ଅବସରପ୍ରାପ୍ତ ଶିକ୍ଷକ ପଣ୍ଡିତ ନିତ୍ୟାନନ୍ଦ ପଣ୍ଡା ଓ ମୁଖ୍ୟମନ୍ତ୍ରୀ ପୁରସ୍କାର ପ୍ରାପ୍ତ ଶିକ୍ଷୟିତ୍ରୀ ସୋନିରାଣୀ ନାୟକଙ୍କୁ ଗୀତା, ଉପଢୌକନ ଓ ପୁଷ୍ପଗୁଚ୍ଛ ଦେଇ ସମ୍ମାନିତ କରାଯାଇଥିଲା।ଶେଷରେ ପଣ୍ଡିତ ସୁକୁମାର ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

# ଡମ୍ବସରାକୁ ବ୍ଲକ୍ ମାନ୍ୟତା ଦାବି



ଗୁଣୁପୁର,୩।୯(ସମିସ): ରାୟଗଡ଼ା ଜିଲ୍ଲା ଗୁଣପୁର ବ୍ଲକ ଅନ୍ତର୍ଗତ ଡମ୍ବସରା ପଞ୍ଚାୟତକୁ ବ୍ଲକ୍ ମାନ୍ୟତା ଦାବି ଜୋର ଧରିଛି। ଏ ନେଇ ବୁଧବାର ଦିନ ଡମ୍ବସରା ଗ୍ରାମର ଶ୍ରୀହନୁମାନ ମନ୍ଦିର ପ୍ରାଙ୍ଗଣରେ ଡମ୍ବସରା ବ୍ଲକ୍ ଗଠନ କମିଟି ପକ୍ଷରୁ ବୈଠକ କରାଯାଇ ଡମ୍ବସରା, ଭୀମପୁର, ଟିଟିମିରି, ବାଗସଲା, ଘନାନ୍ତ୍ରି,ଓ ଚାଲକମ୍ବା ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ ଏବଂ ଏହି ଅଞ୍ଚଳର ଜନ ସାଧାରଣଙ୍କ ଉପସ୍ଥିତିରେ ବ୍ଲକ୍ ଗଠନ ପାଇଁ ଆଲୋଚନା ହୋଇଛି। ଏହି ବୈଠକରେ ଅଞ୍ଚଳର ପ୍ରମୁଖ ବ୍ୟକ୍ତି ମାନେ ଯୋଗଦେଇ ଦାବି ସମ୍ପର୍କରେ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ବୈଠକରେ ଆଲୋଚନା ହୋଇ ଥିଲା। ଡମ୍ବସରା ଗ୍ରାମ ପଞ୍ଚାୟତକୁ ବ୍ଲକ୍ ମାନ୍ୟତା ଦେବା ନିମନ୍ତେ ଯାହା ମାନଦଣ୍ଡ ରହିଛି ତାହା ପୂରଣ କରୁଛି। ଚଳିତ ମାସ ୧୫ ତାରିଖରେ ରାଲି ମାଧ୍ୟମରେ ରାୟଗଡ଼ା ଜିଲ୍ଲାପାଳଙ୍କୁ ଦାବିପତ୍ର ଜଣାଇବା ପାଇଁ ନିଷ୍ପତ୍ତି ନିଆ ଯାଇଛି। ତେବେ ଭୌଗଳିକ ଦୃଷ୍ଟି କୋଣରୁ ଡମ୍ବସରାକୁ ବ୍ଲକ୍ ମାନ୍ୟତା ପାଇଁ ବହୁ ଦିନ ଆଗରୁ ଦାବି ହୋଇ ଆସୁଛି। ତେଣୁ ଏହି ଦାବି ସମ୍ପର୍କରେ ଖୁବ୍‌ଶୀଘ୍ର ରାଜ୍ୟ ସରକାର ଏବଂ ରାଜସ୍ୱ ମନ୍ତ୍ରୀ ଏବଂ ପଞ୍ଚାୟତିରାଜ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ହୋଇଥିଲା। ଏଥିରେ ପ୍ରସ୍ତାବିତ ନୂତନ ପଞ୍ଚାୟତର ଜନସଧାରଣ ସାମିଲ୍ ହୋଇଥିଲେ। ଜନସଂଖ୍ୟା ବଢ଼ିବା ତଥା ଭୌଗଳିକ ଦୃଷ୍ଟି କୋଣରୁ ବାଗସଲା, ଡମ୍ବସରା,ଚାଲକମ୍ବା ଏବଂ ଭୀମପୁର ପଞ୍ଚାୟତକୁ ସ୍ୱତନ୍ତ୍ର ଭାବେ ନୂତନ ପଞ୍ଚାୟତ କରିବା ପାଇଁ ସରକାରଙ୍କୁ ଦୃଷ୍ଟି ଆକର୍ଷଣ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି। ଏହି ବୈଠକରେ ଡମ୍ବସରା ବ୍ଲକ୍ ଗଠନ କମିଟିର ଆବାହକ ନରେନ୍ଦ୍ର କୁମାର ସାହୁଙ୍କ ସହ ଦାଶରଥି ସେନାପତି, କୈଳାସ ଷଡ଼ଙ୍ଗୀ, ଅଶ୍ୱନୀ ଗମାଙ୍ଗ, ରାଜେନ୍ଦ୍ର ପ୍ରସାଦ ସାହୁକାର, ପୂର୍ଣ୍ଣଚନ୍ଦ୍ର ମଲିଫୁଲ, ସନ୍ୟାସୀ ଶବର, ମଥୁରା ଶବର, ତ୍ରିଲୋଚନ ଗମାଙ୍ଗ, ବି ବୈକୁଣ୍ଠ ରାଓ, ପୁରୁଷୋତ୍ତମ ମଲିଫୁଲ, ଗୋପୀନାଥ ଶବର, କାହ୍ନୁଚରଣ ପାତ୍ର, ସମସ୍ତ ସରପଞ୍ଚ, ଦିବାକର ଶବର, ଚକ୍ର ଶବର, ନୀଳକଣ୍ଠ ଶବର, ମଦନ ଶବର, ପ୍ରଭାବତୀ ଶବର,ସନ୍ତୋସୀ ଶବର, ସମିତି ସଭ୍ୟ ନୀଳମଣି ଶବର, ଅନୁଶ ଶବର, ସୁକାନ୍ତି ଶବର, ନାଗେଶ୍ୱରୀ ଶବର, ସୁଦର୍ଶନ ଶବର ପ୍ରମୁଖ ଯୋଗ ଦେଇଥିଲେ।

# ମୌଳିକ ସୁବିଧାରୁ ବଞ୍ଚିତ କାର୍ଲାଗୁଡ଼ା ଓ କେପ୍ଟି ଗ୍ରାମ



ଗୁଡାରୀ,୩।୯ (ସମିସ): ଆଦିବାସୀ ଅଧ୍ୟୁଷିତ ଗୁଡାରୀ ବ୍ଲକ୍ ମଧୁବନ ପଞ୍ଚାୟତର କାର୍ଲାଗୁଡା ଓ କେପ୍ଟି ଦୁଇଟି ଗ୍ରାମର ଅଧିବାସୀ ବିଭିନ୍ନ ମୌଳିକ ସୁବିଧାରୁ ବଞ୍ଚିତ ହେଉଛନ୍ତି। ସବୁଜିମା ଭରା ଘଞ୍ଚ ଜଙ୍ଗଲ ପାହାଡ଼ିଆ ଅଞ୍ଚଳରେ ବସବାସ କରୁଛନ୍ତି ୪୦ ରୁ ୫୦ ଘରର ଜନଜାତି । ଗୁଡାରୀ ଠାରୁ ଗଡପଦର ରାସ୍ତା ଠିକ୍ ଥିବାବେଳେ ସେଠାରୁ ପ୍ରାୟ ୬ କିମି ରାସ୍ତାର ଅବସ୍ଥା ଅତି ଶୋଚନୀୟ। ସରକାର ସବୁ ସମୟରେ ଜନଜାତିଙ୍କ ପାଇଁ ବିଭିନ୍ନ ଯୋଜନା ମାଧ୍ୟମରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। କିନ୍ତୁ ଏହି ଅପହଞ୍ଚ ଅଞ୍ଚଳକୁ ସରକାରଙ୍କ ଯୋଜନା କେବେ ପହଞ୍ଚିବ ତାହା ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଗଡପଦରରୁ କାର୍ଲାଗୁଡ଼ା ରାସ୍ତା ଅବସ୍ଥା କଳ୍ପନାରୁ ବାହାରେ। ଜନଜାତି ଲୋକମାନେ ଯେମିତି ସେମିତି ରେ ଯାତାୟତ କରୁଛନ୍ତି । କିନ୍ତୁ କେପ୍ଟି ଗ୍ରାମକୁ ନା ରାସ୍ତା ଅଛି, ନା ସ୍ୱାସ୍ଥ୍ୟ, ଶିକ୍ଷା ସବୁ ଏଠାରେ ସାତସପନ। ବିଜୁଳି ଏଠାକୁ ପହଞ୍ଚି ପାରିବିନି, ସୋଲାର ମାଧ୍ୟମରେ ଚାଲିଛି ବିଜୁଳିର ବ୍ୟବସ୍ଥା। ଆଜି ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଜଣେ ବି ଅର୍ନ୍ତଭୁକ୍ତ ହୋଇନାହିଁ ବୋଲି ସ୍ଥାନୀୟ ଲୋକମାନେ କହିଛନ୍ତ। ଅନ୍ୟ ପଟେ ଏହି ଗରିବ ଶ୍ରେଣୀର ଲୋକମାନେ ଘାଟିପାର ହୋଇ ସରକାର ଦେଉଥିବା ଚାଉଳ ପାଇଁ ପେଣ୍ଡଳୀ ପଞ୍ଚାୟତ ଯିବାକୁ ପଡୁଛି ବୋଲି କହିଛନ୍ତି। ସବୁ ସୁବିଧା କରିବା ପାଇଁ ନିର୍ବାଚନ ସମୟରେ ନେତାମାନେ ଦେଉଥିବା ପ୍ରତିଶ୍ରୁତି ପାଣିର ଗାର ପାଲଟୁଛି। ସେହିପରି କୌଣସି ସରକାରୀ ବାବୁ ଏଠାକୁ ଆସୁନାହାନ୍ତି। ବିଦ୍ୟାଳୟ କୋଠା, ରୋଷେଇ ଘର ନ ଥିବାରୁ ଶିକ୍ଷକମାନେ ପିଲାମାନଙ୍କ ଘରର ଦାଣ୍ଡ ପିଣ୍ଡାରେ ପାଠ ପଢାଉଛନ୍ତି। ରୋଷେଇ ଆମ ଘର ମାନଙ୍କରେ କରାଯାଇ ପିଲାମାନଙ୍କୁ ଦିଆଯାଉଛି ବୋଲି ରୋଷେୟା କହିଛନ୍ତି। ଏହି ସାମ୍ବାଦିକ ଜଣଙ୍କ ଏହି ଦୁଇ ଗାଁରେ ବହୁ କଷ୍ଟରେ ପହଞ୍ଚିବା ପରେ ଲୋକେ ସେମାନଙ୍କର ଉପରୋକ୍ତ ଦୁର୍ଦ୍ଦଶା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏ ସମସ୍ତ ଉପରେ ଜିଲ୍ଲା ପ୍ରଶାସନ ପୁଙ୍ଖାନୁପୁଙ୍ଖ ତଦନ୍ତ କରି ବସବାସ କରୁଥିବା ଜନଜାତି ଲୋକଙ୍କୁ ଉଚିତ ସୁବିଧା ପାଇଁ ସାଧାରଣରେ ଦାବି ହେଉଛି।

# ଆଇନସେବା ପ୍ରାଧିକରଣ ପକ୍ଷରୁ ସଚେତନତା ଶିବିର



ରାୟଗଡ଼ା,୩।୯(ସମିସ): ରାୟଗଡ଼ା ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ଅଧ୍ୟକ୍ଷ ତଥା ଜିଲ୍ଲା ଦୌରାଜଜ୍ ସତ୍ୟ ନାରାୟଣ ଷଡଙ୍ଗୀଙ୍କ ପରାମର୍ଶ କ୍ରମେ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ଆନୁକୁଲ୍ୟରେ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ସଚିବ ସୁବ୍ରତ ଆଚାର୍ଯ୍ୟଙ୍କ ଅଧ୍ୟକ୍ଷତାରେ ବୁଧୁବାର ଦିନ ରାୟଗଡ଼ାର ସ୍ଥାନୀୟ ଉତ୍କଳ ଗୌରବ ମଧୁସୁଦନ ବୈଷୟିକ ଅନୁଷ୍ଠାନ(ୟୁଜିଏମଆଇଟି) ପରିସରରେ ପୋକ୍ସ ଆକ୍ଟ , ଭିକ୍ଟିମ କମ୍ପେନସେସନ ସ୍କିମ ଓ ଏସିଡ୍ ଆକ୍ରାନ୍ତ ପୀଡ଼ିତା ମାନଙ୍କ ପାଇଁ ଉପଲବ୍ଧ ଥିବା ଆଇନ୍ ସେବା ସମ୍ବନ୍ଧିତ ଉପରେ ଏକ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି ମାନଙ୍କ ମଧ୍ୟରେ ରାୟଗଡ ଥାନାର ଏସ୍‌ଡିପିଓ ଗୌରହରି ସାହୁ, ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଡା. ମମତା ଚୌଧୁରୀ, ରାୟଗଡ଼ା ବାର ଆସୋସିଏସନର ଆଇନଜୀବୀ ବିଶ୍ୱନାଥ ଗନ୍ତାୟତ, ଦେବରାଜ ନାୟକ, ରାୟଗଡ଼ ଉତ୍କଳ ଗୌରବ ମଧୁସୁଦନ ବୈଷୟିକ ଅନୁଷ୍ଠାନ ର ଦାୟିତ୍ୱରେ ଥିବା ପ୍ରିନ୍ସିପାଲଙ୍କ ସମେତ ଅନ୍ୟ ଅଧ୍ୟାପକ ଓ ଛାତ୍ରଛାତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀ ଆଚାର୍ଯ୍ୟ ନିଜର ବକ୍ତବ୍ୟରେ ଏ ନେଇ ସଚେତନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଉତ୍କଳ ଗୌରବ ମଧୁସୁଦନ ବୈଷୟିକ ଅନୁଷ୍ଠାନ, ରାୟଗଡର ଛାତ୍ରଛାତ୍ରୀ ଓ ଅତିଥି ମାନଙ୍କର ଉପସ୍ଥିତି ଏବଂ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ଶ୍ରୀ ଆଚାର୍ଯ୍ୟଙ୍କର ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମଟି ସଫଳ ହୋଇଥିଲା।

## ଦୁର୍ଗାପୂଜା ପାଇଁ ଶୁଭଖୁଣ୍ଟି ସ୍ଥାପନ

ଡାବୁଗାଁ, ୩।୯(ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବ୍ଲକ ସଦରମହକୁମା ସ୍ଥିତ ଦୁର୍ଗା ପୂଜା ମଣ୍ଡପଠାରେ ଦୁର୍ଗା ପୂଜା ନିମନ୍ତେ ବୁଧବାର ସନ୍ଧ୍ୟାରେ ଶୁଭ ଖୁଣ୍ଟି ସ୍ଥାପନ କରାଯାଇଛି। ଏହାସହ ମାଁ ଦୁର୍ଗାଙ୍କ ମୂର୍ତ୍ତି ପାଇଁ ପ୍ରଥମେ ଅଙ୍ଗୀ ନଦୀରେ ପୂଜାର୍ଚ୍ଚନା କରାଯାଇ ମାଟି ଅଣାଯାଇ ମାଟି ପୂଜନ କରାଯାଇଛି । ଏଥିରେ କର୍ତ୍ତା ଭାବେ ଜି. ବିଜୟ ଆନନ୍ଦ ଓ ଶଶୀ ଭୂଷଣ ଜେନା ପ୍ରମୁଖ ମାଟି ଆଣିଥିଲେ। ଦୁର୍ଗା ପୂଜା କମିଟିର ସଭାପତି ସୁରେନ୍ଦ୍ର କୁମାର ମିଶ୍ର, ଉପସଭାପତି ଦିବ୍ୟରଞ୍ଜନ ରାୟପାତ୍ର, ସମ୍ପାଦକ ସନ୍ତୋଷ ରାୟପାତ୍ର, ସହ ସମ୍ପାଦକ ଶୁଭଜିତ ପାଣିଗ୍ରାହୀ, କୋଷାଧ୍ୟକ୍ଷ ଭଗବାନ ପାତ୍ର ଓ ସୁରେଶ ଚନ୍ଦ୍ର ବେହେରା, ଜି. ସାଇ ରାଜୁ, ପ୍ରକାଶ ଚନ୍ଦ୍ର ପଣ୍ଡା, ଜି. ସତ୍ୟା ରାଓ, ପାପିନ ମୁନି, ଜଗନ୍ନାଥ ବିଶୋଇ, ଜି. ପ୍ରକାଶ ରାଓ, କୁନୁ ପାତ୍ର, ବାବାଲୁ ତ୍ରିପାଠୀ, ଆର. ଶଙ୍କର ରାଓ, ରାଜେଶ ଅଗ୍ରୱାଲ, ନୁରୁ ସିଂ, ପାପନା ରେଲି ପ୍ରମୁଖ ଉପସ୍ଥିତ ଥିଲେ

### ଚାଷୀଙ୍କ ପାଇଁ ଲ୍ୟାମ୍ପସରେ ନାହିଁ ଆନୁସଙ୍ଗିକ ସୁବିଧା

## ସାର ନେବାକୁ ଖରାରେ ଲମ୍ବା ଲାଇନ୍

ରାୟଗଡ଼ା,୩।୯(ସମିସ): ସାର ସଙ୍କଟକୁ ନେଇ ସମଗ୍ର ରାଜ୍ୟରେ ଚାଷୀ ହନ୍ତସନ୍ତ। ତେବେ ରାୟଗଡ଼ା ସହରରେ ଥିବା ରାୟଗଡ଼ା ବୃହଦ୍‌କାର ବହୁମୁଖୀ ଆଦିବାସୀ ଆଦର୍ଶ ସମବାୟ ସମିତି ଲି଼.ରେ ସାର ଉପଲବ୍ଧ ଥିବା ବେଳେ ଏଠାକୁ ସାର ନେବା ପାଇଁ ଆସୁଥିବା ଚାଷୀଙ୍କ ପାଇଁ ପିଇବା ପାଣି, ବସିବା ସ୍ଥାନ ତଥା ଅନ୍ୟ ଆନୁସାଙ୍ଗିକ ବ୍ୟବସ୍ଥା ନ ଥିବାରୁ ଅଭିଯୋଗ ପାଇ ଆଜି ଲ୍ୟାମ୍ପସକୁ ଆସି ବିଗିଡିଲେ ରାୟଗଡ଼ା ବିଧାୟକ କାଡ୍ରକା ଆପଲାସ୍ୱାମୀ। ଆଜି ରାୟଗଡା ବ୍ଲକର ବିଭିନ୍ନ ଗ୍ରାମାଞ୍ଚଳରୁ ଚାଷୀମାନେ ୟୁରିଆ ସାର ନେବାକୁ ଲ୍ୟାମ୍ପସରେ ପହଞ୍ଚିଥିଲେ। ବହୁ ସଂଖ୍ୟାରେ ଟାଣ ଖରାରେ ଚାଷୀ ମାନେ ସାର ନେବାକୁ ଅପେକ୍ଷା କରିଥିଲେ। କିନ୍ତୁ ଲ୍ୟାମ୍ପସ ପରିସରରେ ଦୂର ଦୂରାନ୍ତରୁ ଆସୁଥିବା ଚାଷୀଙ୍କ ପାଇଁ କୌଣସି ବସିବା ବ୍ୟବସ୍ଥା, ପାନୀୟ ଜଳ ବ୍ୟବସ୍ଥା ଭଳି ଆନୁସାଙ୍ଗିକ ବ୍ୟବସ୍ଥା ନ ଥିବା ବେଳେ ଏ ନେଇ କିଛି ଚାଷୀ ରାୟଗଡ଼ା ବିଧାୟକ କାଡ୍ରକା ଆପଲାସ୍ୱାମୀଙ୍କୁ ଅବଗତ କରାଇଥିଲେ। ଅଭିଯୋଗ ପାଇ ତୁରନ୍ତ ବିଧାୟକ ଶ୍ରୀ କାଡ୍ରକା ଲ୍ୟାମ୍ପସରେ ପହଞ୍ଚି ମାନବିକତା ଦୃଷ୍ଟି କୋଣରୁ ଦୂର ଦୂରାନ୍ତରୁ ଆସୁଥିବା ଚାଷୀଙ୍କୁ ବସିବା ଓ ପାନୀୟ ଜଳ ବ୍ୟବସ୍ଥା କରାଯାଉ ନ ଥିବା ପଚାରି ବୁଝିବା ସହ ଯଥାଶୀଘ୍ର ଚାଷୀଙ୍କୁ ପିଇବା ପାଣି ଯୋଗାଇବାକୁ ଆଦେଶ ଦେଇଥିଲେ। କଠିନ

### ବିଗିଡ଼ିଲେ ବିଧାୟକ ଆପଲାସ୍ୱାମୀ

ପରିଶ୍ରମ କରି ସମସ୍ତଙ୍କୁ ଆହାର ଯୋଗାଉଥିବା ଚାଷୀଙ୍କୁ ପ୍ରତି କୌଣସି ଅସୁବିଧା ହେଲେ କାହାକୁ ଛାଡିବେ ନାହିଁ ଏବଂ ସମସ୍ତ ଫାଇଲ ନିରୀକ୍ଷଣ କରିବେ ବୋଲି ଲ୍ୟାମ୍ପସ କର୍ମଚାରୀଙ୍କୁ କହିଥିଲେ। ଏଥିସହ ଚାଷୀଙ୍କୁ ସୁବିଧାରେ ସାର ଯୋଗାଣର ବ୍ୟବସ୍ଥା କରିବାକୁ ମଧ୍ୟ କହିଥିଲେ। ତେବେ ଏ ନେଇ ରାୟଗଡା ଏଆରସିଏସ୍ ଜନ୍ମେଜୟ ମହାପାତ୍ରଙ୍କ ପ୍ରତିକ୍ରିୟା ନେବାରୁ ସରକାରଙ୍କ ତରଫରୁ ଲ୍ୟାମ୍ପସ ପରିସରରେ ଛାଇ ପାଇଁ ସେଡ୍ ବ୍ୟବସ୍ଥା, ବସିବା ଏବଂ ପାନୀୟ ଜଳ ବ୍ୟବସ୍ଥା ପାଇଁ ସରକାରଙ୍କ ପକ୍ଷରୁ କୌଣସି ଅନୁଦାନ ପ୍ରଦାନ କରାଯାଉ ନ ଥିବା ବେଳେ ଚାଷୀଙ୍କ ଦାବି ଅନୁଯାୟୀ ଯଥାଶୀଘ୍ର ଲ୍ୟାମ୍ପସ ଗୁଡିକରେ ଉକ୍ତ ଆନୁସାଙ୍ଗିକ ବ୍ୟବସ୍ଥା ପ୍ରଦାନ କରିବାକୁ ପଦକ୍ଷେପ ଗ୍ରହଣ କରିବୁ ବୋଲି କହିଛନ୍ତି। ସେହିପରି ରାୟଗଡା ପୌରାଞ୍ଚଳର ୱାର୍ଡ ନମ୍ବର-୧ ୨ର ମା' ମ ଝି ଘ ରି ଆ ଣ ୀ ମନ୍ଦିର ନିକଟସ୍ଥ ବସ୍ତିରେ ପାନୀୟ ଜଳ ଯୋଗାଣ ବନ୍ଦ ହୋଇଥିବା ହେତୁ ବସ୍ତିବାସିନ୍ଦାମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ନେଇ ବିଧାୟକଙ୍କ ଠାରେ ଅଭିଯୋଗ କରିଥିବା ବେଳେ ଏ ନେଇ ବିଧାୟକ ଆଜି ଉକ୍ତ ବସ୍ତିରେ ପହଞ୍ଚି ବାସିନ୍ଦାଙ୍କ ସହ ଆଲୋଚନା କରିବା ସହ ଜନସ୍ୱାସ୍ଥ୍ୟ ବିଭାଗକୁ ଅବଗତ କରାଇ ଜଳ ଯୋଗାଣ ବ୍ୟବସ୍ଥାକୁ ସୁଧାର କରିଥିବାରୁ ବାସିନ୍ଦାମାନେ ବିଧାୟକଙ୍କୁ ଧନ୍ୟବାଦ ଜଣାଇଥିଲେ।

### ଗୁଟ୍‌ଖା ଗୋଦାମରେ ଚଢ଼ଉ

## ୫ ଲକ୍ଷରୁ ଟଙ୍କାର ଗୁଟ୍‌ଖା ଜବତ

ଜୟପୁର, ୩।୯(ସମିସ): କୋରାପୁଟ ଜିଲ୍ଲା ଜୟପୁର ମହାରାଣିପେଟା ଅଞ୍ଚଳର ଭଦ୍ରା ସାହି ଠାରେ ରହିଥିବା ଜୈନିକ ଗୁଟଖା ବ୍ୟବସାୟୀଙ୍କ ୪ଟି ଗୋଦାମ ଉପରେ ପ୍ରଶାସନର ନିର୍ଦ୍ଦେଶକ୍ରମେ ଆଜି ସଂଧ୍ୟାରେ ଏକକାଳୀନ ଚଢ଼ଉ କରାଯାଇଥିଲା। ଏଥିରେ ପ୍ରାୟ ୪ଶହ ବସ୍ତା ଗୁଟଖା, ଜରଦା, ପାନମସାଲା, ସିଗାରେଟ ପ୍ରଭୃତି ପ୍ରାୟ ୫ ଲକ୍ଷରୁ ଊର୍ଦ୍ଧ୍ୱରୁ ଟଙ୍କାର ସାମଗ୍ରୀ ଜବତ କରିଛନ୍ତି । ୩୦ ହଜାର ଟଙ୍କା



ଜୋରିମାନା କରାଯାଇଥିବା ବେଳେ ୪ ଗୋଦାମକୁ ସିଲ୍ କରାଯାଇଛି। ଏହିପରି ବିକ୍ରେତାଙ୍କ କୌଣସି ଟ୍ରେଡ ଲାଇସେନ୍ସ ନଥିବା ବେଳେ ବେଆଇନ ଭାବେ ଏହା ବିକ୍ରି କରଯାଉଥିଲା। ଏହିପରି ପୂର୍ବରୁ ୨୦୨୦ ମସିହାରେ ଉକ୍ତ ବ୍ୟବସାୟୀଙ୍କ ଦୋକାନ ଉପରେ ଚଢ଼ଉ କରାଯାଇ ଜବତ କରାଯାଇଥିଲା। ସେତେବେଳେ ମଧ୍ୟ ଟ୍ରେଡ ଲାଇସେନ୍ସ ନଥିଲା। କିନ୍ତୁ ପୁଣି ଉକ୍ତ ବ୍ୟବସାୟୀ ବିନା ଲାଇସେନ୍ସରେ ବେଆଇନ ଭାବେ ଲକ୍ଷାଧିକ ଟଙ୍କା ଗୁଟଖା ବିକ୍ରି କରୁଥିଲେ ସୁଦ୍ଧା ପ୍ରଶାସନ ଏବଂ ପୌରସଂସ୍ଥାର ନଜର ଓଢୁଆଳରେ ବିକ୍ରିକୁ ନେଇ ସାଧାରଣରେ ସନ୍ଦେହ ସୃଷ୍ଟି ହୋଇଛି। ଏସ୍‌ଡିପିଓ ପାର୍ଥ କାଶ୍ୟପଙ୍କ ନେତୃତ୍ୱରେ ଚଢ଼ଉରେ ସହକାରୀ ଜିଲ୍ଲାପାଳ ସନିଆ ନାୟକ, ଟାଉନଥାନା ଅଧିକାରୀ ଉଲ୍ଲାସ ଚନ୍ଦ୍ର ରାଉତ, ଏସ୍‌ଆଇ ରାଜେନ୍ଦ୍ର ପାଙ୍ଗୀ, ପୌରସଂସ୍ଥା କର୍ମଚାରୀ ତୁଳସୀ ଦାଶ, ଭୁବନୀ ହାଲବା, ସତ୍ୟ ନାରାୟଣ ପାତ୍ର, କିରଣ କୁମାର ମଲ୍ଲିକ, ବି.ସୂରଜ କୁମାର, ପୁଲିସ ଓ ପୌରକର୍ମଚାରୀ ମାନେ ଉପସ୍ଥିତ ଥିଲେ।

## ଚୋରି ଜିନିଷ ଉଦ୍ଧାର

ଚନ୍ଦ୍ରପୁର, ୩।୯(ସମିସ): ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକ ଇନ୍ଦିରା ଆବାସ ସାହିରେ ହୋଇଥିବା ଚୋରି ମାମଲାରେ ଚୋରି ଜିନିଷ ଆଜି ପୁଲିସ ଉଦ୍ଧାର କରିଛି। ଚୋରି ଅଭିଯୋଗ ପାଇ ଥାନା ଅଧିକାରୀ ପ୍ରଶାନ୍ତ ସେଠୀ ଦୁର୍ବୃତ୍ତଙ୍କୁ ଧରିବା ପାଇଁ ତଦନ୍ତ ଜାରି ରଖିଥିଲେ। ରାୟଗଡ଼ାରୁ ସାଇଣ୍ଟିଫିକ ଟିମ୍ ଘଟଣା ସ୍ଥଳେ ପହଞ୍ଚି ତଦନ୍ତ କରିଥିଲେ। ଚୋରି ଘଟଣାକୁ ପୋଲିସ ଅଧିକ ଗୁରୁତର ଭାବେ ଗ୍ରହଣ କରି ତଦନ୍ତ କରିବାରୁ ଆଜି ଚୋରି ଜିନିଷ ଘର ପଛ ପଟୁ ଉଦ୍ଧାର କରାଯାଇଛି ବୋଲି ଥାନା ଅଧିକାରୀ ଶ୍ରୀ ସେଠୀ ଗଣମାଧ୍ୟମକୁ ଜଣାଇଥିଲେ। ଏହି ତଦନ୍ତରେ ଏସଆଇ ଏଚ୍‌କେ ମୁଣ୍ଡାରୀ, ଏ ଏସଆଇ ନରସିଂହ ସାହୁ ଥାନ ପୋଲିସ ବଳ ସହଯୋଗ କରିଥିଲେ। ଥାନା ଅଧିକାରୀଙ୍କ ପ୍ରଚେଷ୍ଟାରେ ଚୋରୀ ଜିନିଷ ଉଦ୍ଧାର ହୋଇଥିବାରୁ ଥାନା ଅଧିକାରୀଙ୍କୁ ସାହି ବାସୀ ଓ ଚନ୍ଦ୍ରପୁର ଗ୍ରାମ ବାସୀ ପ୍ରଶଂସା କରିଛନ୍ତି।

## ପୌର ପରିଷଦ ପକ୍ଷରୁ କିନ୍ନରଙ୍କୁ ସମ୍ବର୍ଦ୍ଧନା

ନବରଙ୍ଗପୁର,୩।୯(ସମିସ): ନବରଙ୍ଗପୁର ପୌର ପରିଷଦ ପକ୍ଷରୁ ସ୍ୱାୟତ୍ତ ଶାସନ ଦିବସ ପାଳନ ଅବସରରେ ଜିଲ୍ଲା କିନ୍ନର ସଂଘର ସମ୍ପାଦକ ତୃମୁକି କିନ୍ନରଙ୍କୁ ସମାଜସେବା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଯୋଗଦେଇ ନବରଙ୍ଗପୁର ବିଧାୟକ ଗୌରୀ ଶଙ୍କର ମାଝୀ ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସଂଘର ନୂତନ ଭାବରେ ଯୋଗଦାନ କରିଥିବା ଶିବାନୀ କିନ୍ନରକୁ ପୌର ପରିଷଦ ଦ୍ୱାରା ପେନସନ ପତ୍ର ପ୍ରଦାନ କରାଯାଇଛି। ପୌର ପରିଷଦ ତରଫରୁ କିନ୍ନର ମାନଙ୍କୁ ସମ୍ମାନିତ ତଥା ପେନସନପତ୍ର ପ୍ରଦାନ କରିଥିବାରୁ ସଂଘର ଅଧ୍ୟକ୍ଷ ମନୋଜ କୁମାର ପଟ୍ଟନାୟକ, ସମେତ ସଂଘର ପ୍ରୋଜେକ୍ଟ ଲିଡର ଏମ. ବାଲା କୃଷ୍ଣ ରାଓ, ଆଇନ ପରାମର୍ଶଦାତା ରାମ ପ୍ରସାଦ



ପାତ୍ର, ସଂଘର ପ୍ରମୁଖ ଉପଦେଷ୍ଟା ଜଗନ୍ନାଥ ମହାପାତ୍ର, ସିରାଜୁଦ୍ଦିନ ଅହମଦ, ଶର୍ମିଷ୍ଠା ଦେଓ, କିଶୋରୀ ପଟ୍ଟନାୟକ, ସ୍ୱର୍ଣ୍ଣଲତା ପଟ୍ଟନାୟକ, ନିନି ବାବୁ ତ୍ରିପାଠୀ, ଦୁର୍ଗା ପାଢ଼ୀ, ଶ୍ରୀନିବାସ ପଟ୍ଟନାୟକ, ଇଂ.ଚନ୍ଦନା ମଲ୍ଲିକ, ଅଖିଳ ଭଟ୍ଟ, ସଂଘର ସଭାପତି କାଜଲ କିନ୍ନର, ସହ ସମ୍ପାଦକ ପ୍ରୀତି କିନ୍ନର ସମେତ କିନ୍ନର ସଂଘର ଅନ୍ୟ ସମସ୍ତ ସଦସ୍ୟ ଶୁଭେଚ୍ଛା ଜଣାଇଛନ୍ତି। ନବରଙ୍ଗପୁର ଜିଲ୍ଲାରେ କିନ୍ନର ସଂଘ ଗଠନ ହେବା ପରେ ଜିଲ୍ଲାର କିନ୍ନର ମାନଙ୍କର ବିଭିନ୍ନ କ୍ଷେତ୍ରରେ ଉନ୍ନତି ହେବା ସଙ୍ଗେ ସେମାନେ ବିଭିନ୍ନ ସମାଜସେବା ଏବଂ ସରକାରଙ୍କ ବିଭିନ୍ନ ଯୋଜନାରେ ସାମିଲ ହୋଇ ସମାଜରେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛନ୍ତି ଏବଂ ନିଜେ ସ୍ୱାବଲମ୍ବୀ ହୋଇ ପାରୁଛନ୍ତି ବୋଲି ବିଭିନ୍ନ ମହଲରେ ଆଲୋଚନା ହେଉଛି।

## କନିଷ୍ଠ ଯନ୍ତ୍ରୀଙ୍କୁ ଆକ୍ରମଣ ଉଦ୍ୟମ

ନନ୍ଦାହାଣ୍ଡି, ୩।୯(ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ କାର୍ଯ୍ୟାଳୟ ଭିତରେ କନିଷ୍ଠ ଯନ୍ତ୍ରୀ ସୌମ୍ୟରଞ୍ଜନ ପଣ୍ଡାଙ୍କୁ ଆକ୍ରମଣ ଉଦ୍ୟମ କରୁଥିବା ଅଭିଯୋଗ ହୋଇଛି। ସୂଚନା ଅନୁସାରେ ବୁଧବାର ଅପରାହ୍ନରେ ବ୍ଲକ କାର୍ଯ୍ୟାଳୟ ଭିତରେ ଯନ୍ତ୍ରୀ ଶ୍ରୀ ପଣ୍ଡା ବସି ସରକାରୀ କାର୍ଯ୍ୟ କରୁଥିବା ବେଳେ ଝାଡ଼ବନ୍ଧଗୁଡା ପଞ୍ଚାୟତ ଅନ୍ତର୍ଗତ ମୂର୍ଲାବାଇ ଗ୍ରାମର ହେମନ୍ତ ସୁନା (୪୦) ଆକ୍ରମଣ କରିବାକୁ ଉଦ୍ୟମ କରିଥିଲେ। କାର୍ଯ୍ୟାଳୟର ବିଭିନ୍ନ ଆସବାବପତ୍ର ଭଙ୍ଗାରୁଜା କରିବା ସହ ଯନ୍ତ୍ରୀଙ୍କୁ ଅଶାଳୀନ ବ୍ୟବହାର କରିଥିଲେ। ଏହାପରେ ଯନ୍ତ୍ରୀ ଉଙ୍ଗରଭେଜା ଫାଣ୍ଡିରେ ଲିଖିତ ଅଭିଯୋଗ କରିଥିଲେ। ଏତଲା ଆଧାରରେ ଫାଣ୍ଡି ଅଧିକାରୀ ଗୁଣନିଧି ବାଘ ନିଶାସକ୍ତ ଅଭିଯୁକ୍ତକୁ ଗିରଫ କରିବା ସହ ନବରଙ୍ଗପୁର ଥାନାକୁ ସ୍ଥାନାନ୍ତରଣ କରିଛନ୍ତି ।

## ଅତିରିକ୍ତ ଜିଲ୍ଲାପାଳଙ୍କ ଚନ୍ଦ୍ରପୁର ତହସିଲ ପରିଦର୍ଶନ

ରାୟଗଡ଼ା,୩।୯(ସମିସ): ରାୟଗଡ଼ା ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ନିର୍ଦ୍ଦେଶ କ୍ରମେ ଅତିରିକ୍ତ ଜିଲ୍ଲାପାଳ ନିହାର ରଞ୍ଜନ କହଁର ଜିଲ୍ଲାର ଦୁର୍ଗମ ଚନ୍ଦ୍ରପୁର ତହସିଲ ପରିଦର୍ଶନ ଓ ରାଜସ୍ୱ କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି। ଡାଙ୍ଗସରଡା ରାଜସ୍ୱ ସର୍କଲ ଅନ୍ତର୍ଗତ ସାରିକମା ଗ୍ରାମ ଓ ଚନ୍ଦ୍ରପୁର ତହସିଲ କାର୍ଯାଳୟର ରାଜସ୍ୱ କାର୍ଯ୍ୟକ୍ରମ ଅନୁଧ୍ୟାନ କରିଥିଲେ। ଏହାପରେ ତହସିଲଦାରଙ୍କ କାର୍ଯ୍ୟାଳୟ ଠାରେ ଏକ ସମୀକ୍ଷା ବୈଠକ କରି ରାଜସ୍ୱ କାର୍ଯ୍ୟକ୍ରମ ଉପରେ ବିଶେଷ କରି ରାଜସ୍ୱ ଆଦାୟ, ବସୁନ୍ଧରା ଯୋଜନା



ଓ ସରକାରୀ ଜମିର ସମୀକ୍ଷା କରିଥିଲେ। ଏହା ସହିତ ପଟ୍ଟା ଖାନା ଦୁଇ ସଂଶୋଧନ, ଜମିଜମା କମ୍ପ୍ୟୁଟରୀକରଣ, ଜଙ୍ଗଲ ଜମି ଅଧିକାର ଆଇନରେ ସଫଳ ପରିଚାଳନା, ବିଦ୍ୟାଳୟ ମହାବିଦ୍ୟାଳୟ ନାମରେ ପଟ୍ଟା ସଂଶୋଧନ, ଜାତୀୟ ପ୍ରମାଣ ପତ୍ର, ଆୟ ପ୍ରମାଣ ପତ୍ର, ରାଜସ୍ୱ ଡକା ବଙ୍ଗଳା ନିର୍ମାଣ, ଜମିଜମା କ୍ରୟ ବିକ୍ରୟର ଫୁଙ୍ଖାନୁପୁଙ୍ଖ ସମୀକ୍ଷା ତଥା ତ୍ୱରିତ ପଦକ୍ଷେପ ନେବା ନିମନ୍ତେ ସମସ୍ତ ରାଜସ୍ୱ ଅଧିକାରୀ ମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏକଲବ୍ୟ ଆଦର୍ଶ ବିଦ୍ୟାଳୟ ନିର୍ମାଣ କାର୍ଯ୍ୟ ତ୍ୱରାନ୍ୱିତ କରିବା ନିମନ୍ତେ ସାରିକାମା ଗ୍ରାମକୁ ଯାଇ କ୍ଷେତ୍ର ପରିଦର୍ଶନ କରିଥିଲେ। ଏହି ପରିଦର୍ଶନ ସମୟରେ ଅତିରିକ୍ତ ଜିଲ୍ଲାପାଳଙ୍କ ସହିତ ତହସିଲଦାର ଚନ୍ଦ୍ରପୁର ସୁନୀଲ କୁମାର ପ୍ରଧାନ, ସ୍ଥାନୀୟ ସରପଞ୍ଚ, ପ୍ରଧାନ ସ୍ୱେଚ୍ଛା ସେବୀ ଅନୁଷ୍ଠାନର କର୍ମଚାରୀ,ରାଜସ୍ୱ ନିରୀକ୍ଷକ ଓ କର୍ମଚାରୀ ଉପସ୍ଥିତ ଥିଲେ।

## ଜିଲ୍ଲାରେ ୩୬ ଜଣ ଶିକ୍ଷକ ପାଇବେ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର

### ୨ ଜଣ ପାଇବେ ରାଜ୍ୟସ୍ତରୀୟ ପୁରସ୍କାର

କୋରାପୁଟ,୩।୯(ସମିସ): କୋରାପୁଟ ଜିଲ୍ଲାର ୩୬ ଜଣ ଶିକ୍ଷକ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇବେ। ଆସନ୍ତା ୫ ତାରିଖ ସ୍ଥାନୀୟ ସଦ୍‌ଭାବନା ସଭାଗୃହ ଠାରେ ଗୁରୁ ଦିବସ ପାଳନ ଅବସରରେ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଁ ମନୋନୀତ ଶିକ୍ଷକ ମାନଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କୃତ କରାଯିବ। ୨୧ ଜଣ ହାଇସ୍କୁଲ ଶିକ୍ଷକ , ୧୩ ଜଣ ପ୍ରାଥମିକ ଶିକ୍ଷକ ଏବଂ ଦୁଇ ଜଣ ସିଆରସିସି ଏହିପରି ସମୁଦାୟ ୩୬ ଜଣ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇବେ ବୋଲି ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରଶାନ୍ତ କୁମାର ମହାନ୍ତି କହିଛନ୍ତି। ବୋରିଗୁମ୍ମା ହାଇସ୍କୁଲର ଗୌରୀ ଶଙ୍କର ସାମନ୍ତରାୟ ଏବଂ କୋଟପାଡର ବ୍ରହ୍ମଦତ୍ତ ମିଶ୍ର ରାଜ୍ୟସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ଉତ୍ସବରେ ଯୋଗଦେଇ ପୁରସ୍କୃତ ହେବେ ବୋଲି ସେ କହିଛନ୍ତି।

## ମୋଟରସାଇକଲ୍ ଚୋରି ମାମଲା ; ୪ଜଣଙ୍କୁ ୨ବର୍ଷ ଜେଲଦଣ୍ଡ

ରାୟଗଡ଼ା,୩।୯(ସମିସ): ରାୟଗଡ଼ା ଥାନାରେ ଏତଲା ହୋଇଥିବା ଏକ ଚୋରି ମାମଲାର ଶୁଣାଣି କରି ଏସଡିଜେଏମ ଜର୍ଜ ବର୍ଷା ଦାସ ୪ଜଣ ଅଭିଯୁକ୍ତଙ୍କୁ ଦଫା ୩୦୩(୨)ରେ ୨ବର୍ଷ ଜେଲ ଓ ୧୦ହଜାର ଟଙ୍କା ଜରିମାନାରେ ଦଣ୍ଡିତଦ କରିଛନ୍ତି। ଏହି ମାମଲାରେ ୯ଜଣ ସାକ୍ଷ୍ୟ ଗ୍ରହଣ କରାଯାଇଥିଲା। ଜରିମାନା ଅନାଦେୟ ହେଲେ ଅତିରିକ୍ତ ୬ମାସ ଜେଲ ଦଣ୍ଡାଦେଶ ମଧ୍ୟ ଶୁଣାଇଛନ୍ତି ଜର୍ଜ ବର୍ଷା ଦାସ। ୪ ଅଭିଯୁକ୍ତ ହେଲେ ଅରଜୁ ପିଡିକା, ସହଦେବ ମାଣ୍ଡାଙ୍ଗି, ବିଜୟ କୁମାର ମାଣ୍ଡିଆ ଓ ହରେଶ ଖମାରି। ଏହି ମାମଲାକୁ ସରକାରୀ ଆଇନଜୀବୀ ସଚ୍ଚିଦାନନ୍ଦ ଖାଡଙ୍ଗା ପରିଚାଳନା କରୁଥିଲେ। ଘଟଣାରୁ ପ୍ରକାଶ ଯେ, ୨୦୨୫ ଫେବୃଆରି ୨୧ ତାରିଖରେ ରାୟଗଡ଼ା ସଦର ଥାନା ଅନ୍ତର୍ଗତ ପ୍ରେମ ପାହାଡ଼ ନିକଟରୁ ଏକ ମୋଟସାଇକେଲ ଚୋରି ହୋଇଥିଲା। ଏନେଇ ମୋଟରସାଇକେଲ ମାଲିକ ତଥା କୋରାପୁଟ ଜିଲା ବନ୍ଧୁଗାଁ ଥାନା ଅଧୀନସ୍ଥ ସାନସରପାଲି ଗ୍ରାମର ଲକ୍ଷ୍ମୀ ନାରାୟଣ ସାହୁ ରାୟଗଡ଼ା ଟାଉନ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଉକ୍ତ ଏତଲାକୁ ଭିତି କରି ଟାଉନ ଥାନା ପୋଲିସ କେସ ନଂ ୧୦୧ରେ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିଲା। ତଦନ୍ତ ଅଧିକାରୀ ଏଏସଆଇ ଆର.କେ. ପାତ୍ର ଘଟଣାର ତଦନ୍ତ କରି ଅରଜୁ, ସହଦେବ, ବିଜ ଓ ହରେଶ ଚୋରି ମାମଲାରେ ସମ୍ପୃକ୍ତ ଥିବା ଜାଣିପାରି ସେମାନଙ୍କୁ ଗିରଫ କରିବା ସହିତ ଗାଡ଼ି ଜବତ କରି କୋର୍ଟ ଚାଲାଣ କରିଥିଲେ।

## ଉଡ଼ନ୍ତା ଗୁଣ୍ଡୁଚି ମୂଷା ଉଦ୍ଧାର

ଜୟପୁର/ ବୈପାରୀଗୁଡ଼ା, ୩।୯(ସମିସ): କୋରାପୁଟ ଜିଲ୍ଲା ଜୟପୁର ବନଖଣ୍ଡର ଗୁପ୍ତେଶ୍ୱର ବନାଞ୍ଚଳରୁ ରାମଗିରି ଜଙ୍ଗଲରୁ ବିରଳ ଉଡ଼ନ୍ତା ଗୁଣ୍ଡୁଚି ମୂଷା ବିଏସଫ ଯବାନ ମାନେ ଉଦ୍ଧାର କରିଛନ୍ତି । ଏହାକୁ ସ୍ଥାନୀୟ ବନ ବିଭାଗ ଅଧିକାରୀଙ୍କ ହସ୍ତାନ୍ତର କରାଯାଇଛି। ସୂଚନା ।



ଅନୁଯାୟୀ, ରାମଗିରି ବିଏସଏଫ କ୍ୟାମ୍ପର ଯବାନ ମାନେ ସ୍ଥାନୀୟ ଜଙ୍ଗଲରେ ସୁରକ୍ଷା ଯାଞ୍ଚ କରୁଥିବା ବେଳେ ଏକ ବିରଳ ଉଡ଼ନ୍ତା ଗୁଣ୍ଡୁଚି ମୂଷାକୁ ଜଙ୍ଗଲରୁ ଉଦ୍ଧାର କରିବା ସହ କ୍ୟାମ୍ପକୁ ଆଣିଥିଲେ। ବନବିଭାଗ ପକ୍ଷରୁ ଉକ୍ତ ଉଡ଼ନ୍ତା ଗୁଣ୍ଡୁଚି ମୂଷାକୁ ପ୍ରାଣୀଧନ ଡାକ୍ତରଙ୍କ ଦ୍ୱାରା ସ୍ୱାସ୍ଥ୍ୟ ପରୀକ୍ଷା ପରେ ଜୟପୁର ବନାଞ୍ଚଳ କାର୍ଯ୍ୟାଳୟକୁ ଅଣାଯାଇଛି। ଏଠାରେ ଦୁଇ ଦିନ ରଖି ସ୍ୱାସ୍ଥ୍ୟ ପରୀକ୍ଷା ଏବଂ ବୟସ ଯାଞ୍ଚ ପରେ ପୁଣି ରାମଗିରି ଜଙ୍ଗଲରେ ଉଡ଼ନ୍ତା ଗୁଣ୍ଡୁଚି ମୂଷାକୁ ଛଡାଯିବ ବୋଲି ଡିଏଫଓ ପ୍ରତାପ କୁମାର ବେହେରା ପ୍ରକାଶ କରିଛନ୍ତି।

## ଜିଲ୍ଲାପାଳଙ୍କ ବିଭିନ୍ନ ଅଞ୍ଚଳ ଗସ୍ତ

ପୋଡ଼ାଗଡ ୩।୯(ସମିସ); ଜିଲ୍ଲାପାଳ ମୋନଜ ସତ୍ୟବାନ୍ ମହାଜନ ବୁଧବାର ଦଶମନ୍ତପୁର ବ୍ଲକର ପୋଡ଼ାଗଡ ଓ ମୂଜାଙ୍ଗ ପଞ୍ଚାୟତ ଗସ୍ତ କରିଥିଲେ। ଏହି ଗସ୍ତ ସମୟରେ ପୋଡ଼ାଗଡ ସ୍ଥିତ ଅନୁସୂଚିତ ଜାତି ଓ ଜନଜାତି ବିଭାଗର ବାଳିକା ଉଚ୍ଚ ବିଦ୍ୟାଳୟ ଯାଇ ପ୍ରଥମ ଓ ଦ୍ୱିତୀୟ ଶ୍ରେଣୀ



ଛାତ୍ରୀମାନଙ୍କୁ ପାଠ ପଢାଇବା ସହ ଚକ୍ଲେଟ ବଣ୍ଟନ କରିଥିଲେ। ଜିଲ୍ଲାପାଳଙ୍କ ଗସ୍ତ ସମୟରେ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ରୁଦ୍ର ନାରାୟଣ ପାଢ଼ୀଙ୍କ ସମେତ ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ।ସେହିପରି ମୁଜାଙ୍ଗ ପଞ୍ଚାୟତର ବାଉଁଶଗୁଡା ଗ୍ରାମରେ ସ୍ୱୟଂ ସହାୟିକା ଗୋଷ୍ଠି ମହିଳା ମାନଙ୍କ ଦ୍ୱାରା କରା ଯାଇଥିବା କଫି ଚାରା ନର୍ସରୀ ବୁଲି ଦେଖିଥିଲେ। ସ୍ୱୟଂ ସୋହାୟକ ମହିଳା ମାନଙ୍କ ସହ ଆଲୋଚନା କରି ସେମାନେ କେଉଁ ପ୍ରକାର ଚାରା ଉତ୍ପାଦନ କରୁଛନ୍ତି ଓ କେତେ ଦରରେ ବିକ୍ରୀ କରୁଛନ୍ତି ପଚାରି ବୁଝିଥିଲେ। ଜିଲ୍ଲାପାଳଙ୍କ ସମେତ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ବେଣୁଧର ଶବର, ଦଶମନ୍ତପୁର ଗୋଷ୍ଠି ଉନ୍ନୟନ ଅଧିକାରୀ ମିଳନ କୁମାର ଝଙ୍କାର, ତାସିଲଦାର ପ୍ରିୟା ପୁଷ୍ପାଞ୍ଜଳି ବେହେରା, ଏ, ନେଇ ଇ ଦେବାଶିଷ ଷଡ଼ଙ୍ଗୀ, କନିଷ୍ଠ ଯନ୍ତ୍ରୀ ପ୍ରଭାତ ସାହୁ ,ବିପିସି ଫିରୋଜ ଲିମା, ମୁଜାଙ୍ଗ ପଞ୍ଚାୟତର ଏମବିକେ ପାର୍ବତୀ ଗଉଡଙ୍କ ସମେତ ସ୍ୱୟ ସହାୟକ ଗୋଷ୍ଠୀ ମହିଳା ଉପସ୍ଥିତ ଥିଲେ।

## ଦିବ୍ୟାଙ୍ଗ ଶିକ୍ଷାର୍ଥୀଙ୍କ ସହାୟକ ଉପକରଣ ବଣ୍ଟନ

ମାଥିଲି,୩।୯(ସମିସ): ମାଲକାନଗିରି ଜିଲ୍ଲା ଖଇରପୁଟ ବ୍ଲକ ଗୋଷ୍ଠୀ ଶିକ୍ଷାଧିକାରୀ କାର୍ଯ୍ୟାଳୟ ଠାରେ ଗୋଷ୍ଠୀ ଦିବ୍ୟାଙ୍ଗ ସାଧନ କେନ୍ଦ୍ରରେ ଛାତ୍ରଛାତ୍ରୀ ମାନଙ୍କ ସହାୟତା ଉପକରଣ ବଣ୍ଟନ ଶିବିର ଅନୁଷ୍ଠିତ ହୋଇଯାଇଛି। ଗୋଷ୍ଠୀ ଶିକ୍ଷା ଅଧିକାରୀ ଦିଲୀପ କୁମାର ଗଣ୍ଡଙ୍କ ନିର୍ଦ୍ଦେଶ କ୍ରମେ ତପସ୍ୱିନି ସାହୁଙ୍କ ସହଯୋଗରେ ମାଲକାନଗିରି ଜିଲ୍ଲାର ଖଇରପୁଟ ବ୍ଲକଠାରେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ୫୦ଙ୍କୁ ସହୟତା ଉପକରଣ ବଣ୍ଟନ ପାଇଁ ଡାକ୍ତର ବିକ୍ରମ୍ ମହାରଣା, ମହା ବୀର ସିଂ, ଆମର କୁମାର, ଖଇରପୁଟ ବ୍ଲକ ଠାରେ ବିଭିନ୍ନ ବିଦ୍ୟାଳୟରେ ଆସିଥିବା ଦିବ୍ୟାଙ୍ଗଙ୍କୁ ବିଭିନ୍ନ ସହାୟକ ଉପକରଣ ବଣ୍ଟନ କରାଯାଇଥିଲା। ଗୋକୁଳ ଦାସ, ପ୍ରଫୁଲ୍ କୁମାର ଭାଗ, ଆସିଥିବା ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ସହୟତା ଉପକରଣ ବଣ୍ଟନ ନିମନ୍ତେ ସହଯୋଗ କରିଥିଲେ।



## ସିପିଆଇ କର୍ମୀଙ୍କ ଭୁବନେଶ୍ୱର ଯାତ୍ରା

ଜୟପୁର, ୩।୯(ସମିସ): ଭରତୀୟ କମ୍ୟୁନିଷ୍ଟ ପାର୍ଟିର ( ସିପିଆଇ)ର ଶତବାର୍ଷିକୀ ପାଳନ ଅବସରରେ ଭୁବନେଶ୍ୱର ଠାରେ ୨୪ତମ ରାଜ୍ୟ ସମ୍ମିଳନୀରେ ଯୋଗ ଦେବା ପାଇଁ କୋରାପୁଟ ଜିଲ୍ଲାର କର୍ମକର୍ତ୍ତାଙ୍କ ସମେତ ୫୦୦ରୁ ଅଧିକ କର୍ମୀ ରେଳଯୋଗେ ଜୟପୁର ରେଳଷ୍ଟେଶନରୁ ଆଜି ଯାତ୍ରା କରିଛନ୍ତି। ଆସନ୍ତା ୪ ତାରିଖ ଠାରୁ ୬ ତାରିଖ ଠାରୁ ତିନି ଦିନ ଭୁବନେଶ୍ୱର ଠାରେ ରାଜ୍ୟ ସମ୍ମିଳନୀ ଏବଂ ଶତବାର୍ଷିକ ଉତ୍ସବ ଅବସରରେ ଗଣ ସମାବେଶ ଓ ସାଧାରଣସଭାକୁ ସିପିଆଇ ଜାତୀୟ ନେତାମାନେ ସମ୍ବୋଧିତ କରିବେ। ଚଳିତମାସ ଶେଷରେ ଜାତୀୟ ମହାସମ୍ମିଳନୀ ଚଣ୍ଡୀଗଡ଼ ଠାରେ ଅନୁଷ୍ଠିତ ହେବ ତେଣୁ ଏଥିନେଇ ମଧ୍ୟ ଆଲୋଚନ ହେବ। ଏହି ଯାତ୍ରାରେ ରାଜ୍ୟ କାର୍ଯ୍ୟକାରୀ କମିଟି ସଦସ୍ୟ ପ୍ରମୋଦ କୁମାର ମହାନ୍ତି, ଜିଲ୍ଲା ସମ୍ପାଦକ ରାମକୃଷ୍ଣ ଦାଶ, ପୂର୍ବତନ ଜିଲ୍ଲା ସମ୍ପାଦକ ଯୁଧିଷ୍ଠିର ରାଉଳ,ଶ୍ରମିକନେତା ଉତ୍ତମ ମଲ୍ଲିକ, ମହିଳାମୋର୍ଚ୍ଚା ନେତ୍ରୀ ଦୟାମଣୀ ଗୋଲାରୀଙ୍କ ପ୍ରମୁଖ ରହିଛନ୍ତି।

## ରେଳଷ୍ଟେସନରୁ ଅଜଣା ଶବ ଉଦ୍ଧାର

ଟିକିରି,୩।୯(ସମିସ): ରାୟଗଡ଼ା ଜିଲ୍ଲା ଟିକିରି ରେଳ ଷ୍ଟସନର ୩ ନମ୍ବର ପ୍ଲାଟଫର୍ମ ରେଳ ଲାଇନ୍‌ରୁ ଏକ ଅଜଣା ବ୍ୟକ୍ତିଙ୍କ ଶବ ଉଦ୍ଧାର କରିଛି ସରକାରୀ ରେଳବାଇ ପୋଲିସ। ମଙ୍ଗଳବାର ରାତିରେ ସ୍ଥାନୀୟ କିଛି ଲୋକ ଶବକୁ ଦେଖି ଟିକିରି ରେଳବାଇ ଆଉଟପୋଷ୍ଟକୁ ଜଣାଇଥିଲେ। ପରେ ରାତିରେ ମୃତଦେହକୁ ଉଦ୍ଧାର କରାଯାଇ ପ୍ଲାଟଫର୍ମ ଉପରେ ରଖାଯାଇଥିଲା। ଖବର ପାଇ ରାୟଗଡ଼ା ଜିଆରପି ଡିଏସପି ପ୍ରଭାତ ତ୍ରିପାଠୀଙ୍କ ନିର୍ଦ୍ଦେଶ କ୍ରମେ ଏସ୍‌ଆଇ ଆଲୋକ ନାୟକଙ୍କ ନେତୃତ୍ୱରେ ତଦନ୍ତକାରୀ ପୋଲିସ ଅଧିକାରୀ ଏଏସଆଇ ମାଣିକ ଚନ୍ଦ୍ର ଗୌଡ଼ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ କରି ଶବକୁ ରାୟଗଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଶବ ବ୍ୟବଛେଦ ପାଇଁ ପଠାଇଥିଲେ। ମୃତକଙ୍କ ପକେଟରୁ ଶ୍ରୀକାକୁଲମ ଠାରୁ ଜଗଦଲପୁର ଓ ଜଗଦଲପୁର ଠାରୁ ପୁଣି ଫେରିବା ଟିକେଟ ମିଳିଥିବା ବେଳେ ଟିକେଟ ବ୍ୟତୀତ ଅନ୍ୟ କୌଣସି ପରିଚୟ ପତ୍ର ମିଳି ନାହିଁ। ଚଳନ୍ତା ଟ୍ରେନରୁ ଖସିପଡି ତାଙ୍କର ମୃତ୍ୟୁ ଘଟିଥିବା ଅନୁମାନ କରାଯାଉଛି। ସେ ଆନ୍ଧ୍ର ପ୍ରଦେଶର ବାସିନ୍ଦା ହୋଇପାରନ୍ତି ବୋଲି ପ୍ରାଥମିକ ତଦନ୍ତରୁ ପୋଲିସ ଅନୁମାନ କରିଛି ।

## ଜିଲ୍ଲାପାଳଙ୍କ ରାମନାଗୁଡ଼ା ବ୍ଲକ୍ ପରିଦର୍ଶନ

ରାୟଗଡ଼ା/ରାମନାଗୁଡ଼ା,୩।୯(ସମିସ): ରାୟଗଡ଼ା ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣି ଆଜି ଦିନିକିଆ ରାମନାଗୁଡ଼ା ବ୍ଲକ ପରିଦର୍ଶନ କରିଥିଲେ। ଏହି ପରିଦର୍ଶନ ସମୟରେ ପ୍ରଥମେ କରଡା ଗ୍ରାମକୁ ଯାଇ



ସ୍ୱୟଂସହାୟକ ଗୋଷ୍ଠୀଙ୍କ ତେନ୍ତୁଳି ପ୍ରକ୍ରିୟାକରଣ ୟୁନିଟ୍ ବୁଲି ଦେଖିଥିଲେ। ପରେ ଖାମ୍ବାଗୁଡ଼ାରେ ସ୍ୱୟଂ ସହାୟିକା ଗୋଷ୍ଠୀ ସଦସ୍ୟାଙ୍କ ଦ୍ୱାରା ଗୋଲାପ ବଗିଚା, ରାମନାଗୁଡ଼ା ଇ -ଲାଇବ୍ରେରୀ, ଗୋସାଇଁ ଗୁଲୁମୁଣ୍ଡାରେ ଇଣ୍ଡଷ୍ଟ୍ରିଆଲ ପାର୍କ, ନୀଳକଣ୍ଠପୁରରେ ସ୍ୱୟଂସହାୟିକ ସଦସ୍ୟାଙ୍କ ଦ୍ୱାରା ମଲ୍ଲିଫୁଲ ବଗିଚା, ଗଦଗଦା ଶୈବପୀଠ ତଥା ଜଳପ୍ରପାତ, କୁଜେନ୍ଦ୍ରି ଗ୍ରାମାଞ୍ଚଳ ପାର୍କ, କୁଜେନ୍ଦ୍ରୀ ଉଚ୍ଚ ବିଦ୍ୟାଳୟ, ଓମଡିଂରେ ନିର୍ମାଣାଧିନ ପୋଲ ଆଦି ପ୍ରକଳ୍ପ ବୁଲି ଦେଖିଥିଲେ। ଗୋଗୁପଡୁ ଅଞ୍ଚଳରେ ଚାଲିଥିବା ଡ୍ରାଗନ ଚାଷରେ ଫଳ ହେଉଥିବା ବୁଲି ଦେଖିଥିଲେ। ବ୍ଲକର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ଦେଖି ଖୁସି ବ୍ୟକ୍ତ କରିବା ସହ ଗୋଲାପ ଚାଷ କରୁଥିବା ସଦସ୍ୟାଙ୍କୁ ଦେଶୀ ଗୋଲାପ ଚାଷ କରି ସେଥିରୁ ଗୋଲାପ ଜଳ ପ୍ରକ୍ରିୟାକରଣ ୟୁନିଟ କାର୍ଯ୍ୟକାରୀ ପାଇଁ ପଦକ୍ଷେପ ଗ୍ରହଣ କରିବାକୁ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ କହିଥିଲେ। ଜିଲ୍ଲାପାଳଙ୍କ ଏହି ଗସ୍ତ ସମୟରେ ଗୁଣପୁର ଉପ ଜିଲ୍ଲାପାଳ ଦୁଧାଳ ଅଭିଷେକ ଦିଲିପ, ରାୟଗଡ଼ା ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅକ୍ଷୟ ଖେମୁଣ୍ଡୁ, ରାମନାଗୁଡା ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରଦ୍ୟୁମ୍ନ କୁମାର ମଣ୍ଡଳ, ରାମନାଗୁଡା ତହସିଲଦାର ପ୍ରାଣକୃଷ୍ଣ ପାଣିଗ୍ରାହୀ, ରାମନାଗୁଡା ବ୍ଲକ ଅଧ୍ୟକ୍ଷ ରବିଶଙ୍କର ଗମାଙ୍ଗ, ମଙ୍ଗଳ ସଂପ୍ରସାରଣ ଅଧିକାରୀ ସୁସ୍ମିତା ରଥ, ସହକାରୀ ଯନ୍ତ୍ରୀ ପ୍ରତାପ ମିଶ୍ର, ବିପିସି ସନ୍ତୋଷ ରହ୍ମାଲୁ ଉଦ୍ୟାନ ବିଭାଗ ର ଅକ୍ଷୟ କୁମାର ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

### ବେଆଇନ ସାର ଗୋଦାମରେ ଚଢ଼ଉ

## ଦୋକାନୀକୁ କାରଣ ଦର୍ଶାଅ ନୋଟିସ

ବିଷମ କଟକ,୩।୯(ସମିସ): ରାୟଗଡ଼ା ଜିଲ୍ଲା ବିଷମ କଟକ ବ୍ଲକ ଅନ୍ତର୍ଗତ ପାଇକ ଡାକୁଲୁଗୁଡା ସଦର ପଞ୍ଚାୟତର ପଦ୍ମନ ତୁଳଙ୍କ ଦୋକାନରେ ବେଆଇନ ସାର ରଖିଥିବା ଓ କଳା ବଜାରୀ କରୁଥିବା ଅଭିଯୋଗ ହେବା ପରେ ତହସିଲଦାର ଓ ପୁଲିସ ଅଚାନାକ ଚଢଉ କରିଛନ୍ତି। ପାଇକ ଡ଼ାଲୁଲୁଗୁଡା ଗ୍ରାମବାସୀ ବିନା ଲାଇସେନ୍ସରେ ସାର ବ୍ୟବସାୟୀ କରିବା ସହ କଳା ବଜାରୀ କରୁଥିବା ନେଇ ଅଭିଯୋଗ କରିଥିବାରୁ ଅଚାନକ ଏହି ଚଢ଼ଉ କରାଯାଇଛି। ପାଇକ ଡାକୁଲୁଗୁଡା ଗ୍ରାମର ପଦ୍ମନ ତୁଳ ବେଆଇନ ଭାବେ ଚାଷୀଙ୍କୁ ଚଢ଼ାଦରରେ ସାର ବିକ୍ରି କରୁଥିବା ଅଭିଯୋଗ ଆସିବା ପରେ ତାଙ୍କ ଗୋଦାମ ଉପରେ ଏହି ଚଢ଼ାଉ କରାଯାଇଥିଲା। ବିଷମ କଟକ ତହସିଲଦାର କେ. ଭେଙ୍କେଟେଶ୍ୱର ରେଡିଙ୍କ ଅଧ୍ୟକ୍ଷତାରେ ଏକ ଟିମ ଗଠନ କରି ଏହି ଚଢ଼ଉ କରାଯାଇଛି। ଏହି ଚଢ଼ଉରେ ତହସିଲଦାରଙ୍କ ସମେତ ବ୍ଲକ କୃଷି ଅଧିକାରୀ ଘନଶ୍ୟାମ ହାଇବ୍ରୁ ଏବଂ ମୁନିଗୁଡା ଥାନା ଅଧିକାରୀ ସୌଦାମିନୀ ବେହେରାଙ୍କ ଉପସ୍ଥିତିରେ ପାଇକ ଡାକୁଲୁଗୁଡା ଗ୍ରାମର ସାର ଗୋଦାମ ଉପରେ ଚଢ଼ଉ କରି ତଦନ୍ତ କରିଛନ୍ତି। ବିଷମ କଟକ ତହସିଲଦାର ଓ ମୁନିଗୁଡାର ପୋଲିସ ଟିମ ମିଳିତ ଭାବେ ସନ୍ଧ୍ୟା ସାଢେ ସାତଟା ସମୟରେ ଚଢ଼ଉ କରିଥିବା ସୂଚନା ମିଳିଛି।ଏହି ସାର ଗୋଦାମରେ ୩୭ ବସ୍ତା ସାର ଗଚ୍ଛିତ ରହିଥଲା। ପଦ୍ମନ ତୁଳ ଏତେ ପରିମାଣର ସାର କେଉଁଠାରୁ ଆଣିଲେ ଏବଂ କାହିଁକି ଗଚ୍ଛିତ ରଖିଥିଲେ ସେ ନେଇ ପଚରଉଚରା କରାଯାଇଥିଲା। ଯାଞ୍ଚ ସମୟରେ ପଦ୍ମନ ତୁଳ ସାର କ୍ରୟ କରିଥିବା କାଗଜପତ୍ର ଉପସ୍ଥାପନ କରି ପାରିନଥିଲେ। ବିନା ଲାଇସେନ୍ସରେ ଏତେ ପରିମାଣ ସାର ରଖିବା ବେଆଇନ ହୋଇଥିବାରୁ ପଦ୍ମନ ତୁଳଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି ତହସିଲଦାର। ତେବେ ପଦ୍ମନ ତୁଳ ନିଜ ଜମି ପାଇଁ ସାର ରଖିଥିବା ତହସିଲଦାରଙ୍କୁ ଜଣାଇଛନ୍ତି। ତେଣୁ ପଦ୍ମନ ତୁଳଙ୍କୁ ଆସନ୍ତା କାଲି ସାର କ୍ରୟ କରିଥିବା ବିଲ୍ ଏବଂ ସମସ୍ତ ତଥ୍ୟ ଉପସ୍ଥାପନ କରିବା ପାଇଁ କହିଛନ୍ତି। ତଥ୍ୟ ପ୍ରଦାନ ନକରି ପାରିଲେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି ତହସିଲଦାର ଶ୍ରୀ ରେଡ୍ଡି।






## ଦଳ ଛାଡ଼ିଲେ କବିତା

ହାଇଦରାବାଦ୍, ୩।୯(ଏଜେନ୍ସି): ଭାରତ ରାଷ୍ଟ୍ର ସମିତ (ବିଆରଏସ୍) ସୁପ୍ରିମୋ କେସିଆରଙ୍କ ଝିଅ କେ କବିତା ବିଆରଏସ୍ ପାର୍ଟିର ଏମ୍ଏଲ୍ସି ପଦରୁ ଇସ୍ତଫା ଦେଇଛନ୍ତି। ଗୋଟିଏ ଦିନ ପୂର୍ବରୁ ମଙ୍ଗଳବାର ଶୃଙ୍ଖଳା ଭଙ୍ଗ ଓ ଦଳ



ବିରୋଧୀ କାର୍ଯ୍ୟକଳାପ ଯୋଗୁଁ ତାଙ୍କୁ ପାର୍ଟିରୁ ନିଲମ୍ବନ କରାଯାଇଥିଲା। କବିତା ସମ୍ବାଦିକ ସମ୍ମିଳନୀରେ ନିଜ ଭାଇ ତଥା ପାର୍ଟି ନେତା କେଟି ରାମା ରାଓ (କେଟିଆର)ଙ୍କୁ ସେ ଦାଦା ପୁଅ ଭାଇ ସନ୍ତୋଷ ରାଓଙ୍କ ଉପରେ ଭରସା ନ କରିବାକୁ ସତର୍କ କରାଇଛନ୍ତି। ଉଲ୍ଲେଖଥାଉ କି, କବିତା ୨୦୧୪ରୁ ୨୦୧୯ ପର୍ଯ୍ୟନ୍ତ ନିଜାମାବାଦ୍ରୁ ସାଂସଦ ରହିଥିଲେ। ଦୀର୍ଘ ସମୟ ହେବ ପାର୍ଟି ନେତୃତ୍ୱକୁ ନେଇ ତାଙ୍କର ଭାଇ କେଟି ରାମା ରାଓ ଓ ଦାଦାପୁଅ ଭାଇ ହରିଶ ରାଓଙ୍କ ମଧ୍ୟରେ ବିବାଦ ଚାଲିଛି। ମୁଖ୍ୟମନ୍ତ୍ରୀ ରେବନ୍ତ ରେଡ୍ଡୀ ଓ ବିଆରଏସ୍ର କେତେଜଣ ନେତାଙ୍କ ସହ ମିଶି ଆମର ପରିବାର ଭାଙ୍ଗିବାକୁ ଚେଷ୍ଟା କରୁଛନ୍ତି ବୋଲି ସେ ଅଭିଯୋଗ ଆଣିଛନ୍ତି। ଭାଇ କେଟିଆରଙ୍କ ସମେତ ପାର୍ଟିର କେତେଜଣ ନେତାଙ୍କ ବିରୋଧରେ ସେ ଏକାଧିକ ଅଭିଯୋଗ ଆଣିଛନ୍ତି।

## ଆମେରିକା ଅଧିକାରୀଙ୍କ ମୃତ୍ୟୁକୁ ନେଇ ହଇଚଇ

ଢ଼ାକା, ୩।୯(ଏଜେନ୍ସି): ବାଂଲାଦେଶ ରାଜଧାନୀ ଢ଼ାକାର ଏକ ହୋଟେଲରେ ଶନିବାର ଆମେରିକୀୟ ସେନାବାହିନୀର ଏକ ସ୍ପେଶାଲ ଫୋର୍ସ କମାଣ୍ଡର ଜଣେ ବରିଷ୍ଠ ଅଧିକାରୀଙ୍କ ମୃତଦେହ ଉଦ୍ଧାର କରାଯିବା ପରେ ହଇଚଇ ସୃଷ୍ଟି ହୋଇଛି। ଏହି ଅଧିକାରୀଙ୍କ ନାମ ଟେରେନ୍ସ ଅରଭେଲ ଜ୍ୟାକ୍ସନ। ଏ ନେଇ ଭାରତୀୟ ଗୁଇନ୍ଦା ଏଜେନ୍ସି ଚିନ୍ତା ପ୍ରକାଟ କରିଛି। କିନ୍ତୁ ଭାରତ ଆନୁଷ୍ଠାନିକ ଭାବେ ଏ ନେଇ କୌଣସି ମନ୍ତବ୍ୟ ଦେଇନାହିଁ। ଜ୍ୟାକସନ୍ ଗତକେତେ ମାସ ହେବ ଢ଼ାକାରେ ରହୁଥିଲେ ଓ ସେ ଅଗଷ୍ଟ ୨୯ରେ ବେଷ୍ଟିନ ହୋଟେଲରେ ଅବସ୍ଥାନ କରିଥିଲେ। ସେ କ'ଣ ପାଇଁ ବାଂଲାଦେଶ ଯାତ୍ରା କରି ସେଠାରେ ରହୁଥିଲେ ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। କୌଣସି ଯାଞ୍ଚ ନ କରାଯାଇ ତାଙ୍କ ମୃତଦେହକୁ ଆମେରିକା ଦୂତାବାସକୁ ଦିଆଯାଇଛି। ଫଳରେ ଏ ନେଇ ପ୍ରଶ୍ନ ଉଠିଛି। ଜ୍ୟାକସନ ବାଂଲାଦେଶରେ କାହିଁକି ରହୁଥିଲେ ଓ କାହାକୁ ଭେଟିବାକୁ ଯାଇଥିଲେ ବୋଲି ଭାରତ ପ୍ରଶ୍ନ କରିଛି। ଜ୍ୟାକସନ ହଠାତ ମୃତ୍ୟୁବରଣ କରିବା ଖବରକୁ ଭାରତ ସହଜରେ ଗ୍ରହଣ କରିପାରୁନାହିଁ। ଏହା ଆଞ୍ଚଳିକ ସୁରକ୍ଷା ତଥା ନିରାପତ୍ତା ପାଇଁ ଏହା ଏକ ଗମ୍ଭୀର ପ୍ରଶ୍ନ ବୋଲି ଭାରତୀୟ ଗୁଇନ୍ଦା ଏଜେନ୍ସି ତରଫରୁ କୁହାଯାଇଛି।

## ଗଣେଶ ଶୋଭାଯାତ୍ରାରେ ପଶିଗଲା ଏସ୍ୟୁଭି କାର; ୩ ମୃତ, ଡ୍ରାଇଭର ଗିରଫ

ଯଶପୁର, ୩।୯ (ଏଜେନ୍ସି): ଛତିଶଗଡ଼ର ଯଶପୁର ଜିଲ୍ଲାର ଏକ ଧାର୍ମିକ ଶୋଭାଯାତ୍ରା ବାହାରିଥିବା ବେଳେ ଏକ ବଡ଼ ଅଘଟଣ ଘଟିଛି। ଦ୍ରୁତଗତିରେ ଆସୁଥିବା ଏକ ଏସ୍ୟୁଭି କାର ନିୟନ୍ତ୍ରଣ ହରାଇ ଗଣେଶ ପ୍ରତିମା ବିସର୍ଜନ ଶୋଭାଯାତ୍ରା ଭିତରକୁ ପଶିଯାଇଥିଲା। ଫଳରେ ୨ ଜଣ ଲୋକ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଲୋକ ଆହତ ହୋଇଛନ୍ତି ବୋଲି ପୁଲିସ ବୁଧବାର ସୂଚନା ଦେଇଛି। କାର ଚାଳକ ସୁଖସାଗର ବୈଷ୍ଣବଙ୍କୁ ଗିରଫ କରାଯାଇଛି। ମଙ୍ଗଳବାର ରାତିରେ ବଗିଚା ପୁଲିସ ଥାନ ଅଞ୍ଚଳର ଜୁରୁଡାଣ୍ଡ ଗାଁରେ ଏହି ଘଟଣା ଘଟିଥିଲା। ୧୦୦ରୁ ଊର୍ଦ୍ଧ୍ୱ ଲୋକ ଶୋଭାଯାତ୍ରାରେ ବାହାରି ଗଣେଶ ପ୍ରତିମା ବିସର୍ଜନ କରିବାକୁ ବାହାରିଥିଲେ। ଗୁରୁତର ଭାବେ ଆହତ ଶ୍ରଦ୍ଧାଳୁଙ୍କୁ ନିକଟସ୍ଥ ସୁରଗୁଜା ଜିଲ୍ଲାର ଅମ୍ବିକାପୁର ମେଡିକାଲ କଲେଜରେ ଭର୍ତ୍ତି କରାଯାଇଛି। ସେହିପରି ଅନ୍ୟମାନଙ୍କୁ ଲୋକାଲ କମ୍ୟୁନିଟି ହେଲ୍ଥ ସେଣ୍ଟରରେ ଭର୍ତ୍ତି କରାଯାଇଛି। ଏହି ଘଟଣାରେ ଏକ ମାମଲା ରୁଜୁ କରାଯାଇଛି ଓ ତଦନ୍ତ ଜାରି ରହିଛି ବୋଲି କୁହାଯାଇଛି।

## ୧୭ ବର୍ଷ ପରେ ଜେଲ୍ରୁ ମୁକୁଳିଲେ ଗ୍ୟାଙ୍ଗଷ୍ଟର ଗୱାଲୀ



ନୂଆଦିଲ୍ଲୀ, ୩।୯(ଏଜେନ୍ସି): ୧୭ ବର୍ଷ ବନ୍ଦୀ ଭାବେ ରହିବା ପରେ ଗ୍ୟାଙ୍ଗଷ୍ଟର ଅରୁଣ ଗୱାଲି ନାଗପୁର ସେଣ୍ଟ୍ରାଲ ଜେଲରୁ ମୁକୁଳିଛନ୍ତି। ୨୦୦୭ରେ ଘଟିଥିବା ଏକ ହତ୍ୟା ମାମଲାରେ ତାଙ୍କୁ ସୁପ୍ରିମକୋର୍ଟ ଜାମିନ ପ୍ରଦାନ କରିଥିଲେ। ମୁମ୍ବାଇ ଶିବସେନା କର୍ପୋରେଟର କମଲାକର ଜାମସାନ୍ଦେକର ହତ୍ୟା କରିଥିବା ଅଭିଯୋଗରେ ୭୬ ବର୍ଷୀୟ ଗୱାଲୀଙ୍କୁ ଆଜୀବନ କାରାଦଣ୍ଡାଦେଶ ହୋଇଥିଲା। ବିଭିନ୍ନ ପ୍ରକାର ଔପଚାରିକତା ଶେଷ ହେବା ପରେ ଗୱାଲୀ ବୁଧବାର ଦିନ ୧୨.୩୦ରେ ଜେଲ ବାହରକୁ ଆସିଥିଲେ। ତାଙ୍କ ପରିବାର ସଦସ୍ୟ, ଓକିଲ ଓ ସମର୍ଥକମାନେ ଜେଲ ବାହାରେ ସ୍ୱାଗତ କରିଥିଲେ। ସେ ମଧ୍ୟ ଅଖିଳ ଭାରତୀୟ ସେନା ନାମକ ଏକ ରାଜନୈତିକ ଦଳ ଗଠନ କରିଥିଲେ। ତାଙ୍କର ଅପରାଧ ତାଲିକା ବେଶ୍ ଲମ୍ବା ରହିଛି।

## ନିଶାଦ୍ରବ୍ୟ ବୋଟ ଉପରେ ଆକ୍ରମଣ; ୧୧ ମୃତ

ୱାଶିଂଟନ, ୩।୯ (ଏଜେନ୍ସି): ଲାଟିନ ଆମେରିକାରେ ଚାଲିଥିବା ନିଶାଦ୍ରବ୍ୟ ଚୋରା ଚାଲାଣକୁ ରୋକିବା ପାଇଁ ଆମେରିକା ଏକ ବଡ଼ ପଦକ୍ଷେପ ଗ୍ରହଣ କରିଛି। ଆମେରିକା ନୌସେନା ଭେନେଜୁଏଲାରୁ ନିଶାଦ୍ରବ୍ୟ ନେଇ ଯାଉଥିବା ଏକ ବୋଟ୍ ଉପରେ ଆକ୍ରମଣ କରିଛି ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଏଥିରେ ୧୧ଜଣ ନିଶାଦ୍ରବ୍ୟ ଚୋରା ଚାଲଣକାରୀ ମୃତ୍ୟୁବରଣ କରିଛନ୍ତି। ଆମେରିକା ସେନା ତରଫରୁ ଏକ କାଇନେଟିକ୍ ଷ୍ଟ୍ରାଇକ୍ ଦ୍ୱାରା ଏହି ଡ୍ରଗ୍ସ ମାଫିଆଙ୍କ ଉପରେ ଆକ୍ରମଣ କରାଯାଇଛି। ଟ୍ରମ୍ପ ସାମାଜିକ ଗଣମାଧ୍ୟମ ଟ୍ରୁଥ୍ରେ ପୋଷ୍ଟ କରି ଏ ନେଇ ସୂଚନା ଦେଇଛନ୍ତି। ଏଥିରେ ଆମେରିକା ନୌସେନାର କୌଣସି କର୍ମଚାରୀଙ୍କର କ୍ଷତି ହୋଇନାହିଁ ବୋଲି କୁହାଯାଇଛି। ଆମେରିକାରେ ଡ୍ରଗ୍ସ ଚୋରା ଚାଲାଣ କରୁଥିବା ବ୍ୟକ୍ତିଙ୍କୁ ଏହା ଦ୍ୱାରା ଟ୍ରମ୍ପ ଚେତାବନୀ ଦେଇଛନ୍ତି।



## ଉ.କୋରିଆ ବାହାରେ ପ୍ରଥମଥର ଦେଖାଦେଲେ କିମ୍ ଜୋଙ୍ଗ୍ଙ୍କ ଝିଅ

ବେଜିଂ, ୩।୯(ଏଜେନ୍ସି): ଉତ୍ତର କୋରିଆର ସୁପ୍ରିମ ଲିଡର କିମ୍ ଜୋଙ୍ଗ୍ ଅନ୍ଙ୍କ ଝିଅ କିମ୍ ଜୁ ଆଏଙ୍କୁ ପ୍ରଥମଥର ପାଇଁ ଦେଶ ବାହାରେ ଦେଖିବାକୁ ମିଳିଛି। ଚୀନ୍ର ବିଜୟ ଦିବସ ପାଳନ ଅବସରରେ ପିତାଙ୍କ ସହ କିମ୍ ଜୁ ଆଏଙ୍କୁ ସମସ୍ତେ ଦେଖିବାକୁ ପାଇଥିଲେ। ତାଙ୍କୁ କିମ୍ ଜୋଙ୍ଗଙ୍କ ଉତ୍ତରାଧିକାରୀ ଭାବେ ବିବେଚନା କରାଯାଉଛି। ଜୁଙ୍କ ବୟସ ଏବେ ୧୩ ବର୍ଷ। ସେ ୨୦୨୨ରେ ପିତାଙ୍କ ସହ ସୈନ୍ୟ ପରେଡ, ଅସ୍ତ୍ରଶସ୍ତ୍ର ପରିକ୍ଷଣ ଓ ଅନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମରେ ଦେଖିବାକୁ ମିଳିଥାନ୍ତି। ତେବେ ଉତ୍ତର କୋରିଆ ବାହାରେ ତାଙ୍କୁ ପ୍ରଥମଥର ଦେଖାଯାଇଛି ବୋଲି ଗଣମାଧ୍ୟମଗୁଡିକ ଦାବି କରିଛି। କିମ୍ ଜୋଙ୍ଗଙ୍କ ୩ଟି ସନ୍ତାନ ଅଛନ୍ତି। କିମ୍ ଜୁଙ୍କ ବାଦ୍ ଦେଲେ ତାଙ୍କର ଆଉ ଜଣେ ଭାଇ ଅଛନ୍ତି। ତେବେ ତୃତୀୟ ସନ୍ତାନ ଜଣକ ପୁଅ କି ଝିଅ ତାହା ସ୍ପଷ୍ଟ ହୋଇନାହିଁ। କିମ୍ ଜୁଙ୍କୁ ପିତା କିମ ଜଙ୍ଗ ତାଙ୍କ ଉତ୍ତରାଧିକାରୀ ଭାବେ ଉପସ୍ଥାପନା କରୁଛନ୍ତି।



## ଭାରତକୁ ଅଧିକ ଏସ୍-୪୦୦ ଦେବ ରୁଷ୍

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ରୁଷିଆ ଭାରତକୁ ପୁଣି ଏସ୍-୪୦୦ ଡିଫେନ୍ସ ସିଷ୍ଟମ ଦେବ। ଏହି ମିସାଇଲ ପ୍ରଣାଳୀ କିଣିବାକୁ ଦୁଇ ଦେଶ ମଧ୍ୟରେ କଥାବାର୍ତ୍ତା ଚାଲିଛି। ଭାରତକୁ ଆହୁରି ଅଧିକ ଏସ୍-୪୦୦ ଦେବାକୁ ରୁଷ ପ୍ରସ୍ତୁତ ବୋଲି ରୁଷିଆର ଜଣାଶୁଣା ନ୍ୟୁଜ ଏଜେନ୍ସି ଟାସ୍ ସୂଚନା ଦେଇଛି। ରୁଷିଆର ଜଣେ ବରିଷ୍ଠ ପ୍ରତିରକ୍ଷା ଅଧିକାରୀ ଏ ସଂକ୍ରାନ୍ତରେ ଆନୁଷ୍ଠାନିକ ଭାବେ ମନ୍ତବ୍ୟ ଦେଇଛନ୍ତି ବୋଲି ଟାସ କହିଛି। ଉଲ୍ଲେଖଥାଉ କି, ୨୦୧୮ରେ ୫ଟି ଏସ୍-୪୦୦ ସିଷ୍ଟମ କ୍ରୟ କରିବାକୁ ଭାରତ ଓ ରୁଷ୍ ମଧ୍ୟରେ ୫.୪ ବିଲିୟନ ଡଲାର ଅର୍ଥାତ ୪୮ ହଜାର କୋଟି ଟଙ୍କା ମୂଲ୍ୟରେ ଚୁକ୍ତି କରିଥିଲା। ଏପର୍ଯ୍ୟନ୍ତ ଭାରତକୁ ୩ଟି ଏସ୍-୪୦୦ ସଷ୍ଟମ ମିଳିଛି। ବାକି ଦୁଇଟି ୨୦୨୬-୨୭ରେ ମିଳିବ ବୋଲି ଆଶା କରାଯାଉଛି। ପାକିସ୍ତାନ ବିପକ୍ଷରେ ହୋଇଥିବା ଅପରେସନ ସିନ୍ଦୂରରେ ଏସ୍-୪୦୦ ଡିଫେନ୍ସ ସିଷ୍ଟମ ବେଶ୍ ଉପାଦେୟ ସାବ୍ୟସ୍ତ ହୋଇଥିଲା ଓ ପାକିସ୍ତାନ ତରଫରୁ ଛଡା ଯାଇଥିବା ମିସାଇଲ ଓ ଡ୍ରୋନ୍ ଆକ୍ରମଣକୁ ଏହି ସିଷ୍ଟମ ଆକାଶରେ ହିଁ ନିଷ୍କ୍ରିୟ କରିଥିଲା।

# ତୃତୀୟ ବିଶ୍ୱଯୁଦ୍ଧ ପ୍ରସ୍ତୁତିରେ ୟୁରୋପ

ପ୍ୟାରିସ, ୩।୯ (ଏଜେନ୍ସି): ନାଟୋ ରାଷ୍ଟ୍ର ଏବଂ ରୁଷ ମଧ୍ୟରେ ଲାଗି ରହିଥିବା ଉତ୍ତେଜନା ଯୋଗୁଁ ଯେକୌଣସି ମୁହୂର୍ତ୍ତରେ ତୃତୀୟ ବିଶ୍ୱଯୁଦ୍ଧ ଆରମ୍ଭ ହୋଇପାରେ ବୋଲି ଆଶଙ୍କା କରାଯାଉଛି। ଫ୍ରାନ୍ସର ଯୁଦ୍ଧ ପ୍ରସ୍ତୁତିରୁ ଏହି ଆଶଙ୍କା କରାଯାଉଛି। ପ୍ରଘଟ ହୋଇଯାଇଥିବା ଏକ ଗୁଇନ୍ଦା ଚିଠିରୁ ଏହା ଜଣାପଡ଼ିଛି। ଫ୍ରାନ୍ସ ନିଜ ନାଗରିକ ଏବଂ ହସ୍ପିଟାଲଗୁଡ଼ିକୁ ବଡ଼ଧରଣର ଯୁଦ୍ଧ ପାଇଁ ପ୍ରସ୍ତୁତି ହେବାକୁ କହିଛି। ଏଥିପାଇଁ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ମାର୍ଗଦର୍ଶିକା ମଧ୍ୟ ଜାରି କରିସାରିଛି। ୨୦୨୬ ମାର୍ଚ୍ଚ ସୁଦ୍ଧା ଦିନକୁ ଶତାଧିକ ଆହତ ସୈନିକଙ୍କ ଯତ୍ନ ନେବା ପାଇଁ ପ୍ରସ୍ତୁତ ରହିବାକୁ ଡାକ୍ତରଖାନାଗୁଡ଼ିକୁ କୁହାଯାଇଛି।

ଏହି ଗୁପ୍ତ ଚିଠିରୁ ଜଣାପଡ଼ିଛି ଯେ ଫ୍ରାନ୍ସ କେବଳ ନିଜର ନୁହେଁ, ବରଂ ନାଟୋ ଦେଶର ସୈନିକଙ୍କ ପାଇଁ ମଧ୍ୟ ଚିକିତ୍ସା ବ୍ୟବସ୍ଥା କରୁଛି। ଏ ନିମନ୍ତେ ଉନ୍ନତ ବ୍ୟବସ୍ଥା ପ୍ରସ୍ତୁତ କରିବାକୁ କୁହାଯାଇଛି। ନାଟୋର ଧାରା-୫ ଅନୁଯାୟୀ କୌଣସି ସଦସ୍ୟ ରାଷ୍ଟ୍ରଙ୍କ ଉପରେ ଆକ୍ରମଣ ହେଲେ ସବୁ ଦେଶକୁ ଯୁଦ୍ଧକୁ ଡେଇଁବାକୁ ହେବ। ଏଭଳି ସ୍ଥିତିରେ ବ୍ରିଟେନ, ଆମେରିକା ଏବଂ ୟୁରୋପର ଅନେକ ଦେଶ ମଧ୍ୟ ସିଧାସଳଖ ଯୁଦ୍ଧରେ ସାମିଲ ହୋଇପାରନ୍ତି। ତେଣୁ ତୃତୀୟ ବିଶ୍ୱଯୁଦ୍ଧ ଭଳି ସ୍ଥିତି ସୃଷ୍ଟି ହେବାର ଆଶଙ୍କା ରହିଛି। ଜର୍ମାନୀର ପ୍ରମୁଖ ଜେନେରାଲ କାର୍ଷ୍ଟନ ବ୍ରେଉର ଚେତାବନୀ ଦେଇଛନ୍ତି ଯେ ରୁଷର ଜାପାଡ-୨୦୨୫ ଯୁଦ୍ଧାଭ୍ୟାସର

### ହସ୍ପିଟାଲ ସଜାଡୁଛି ଫ୍ରାନ୍ସ

### ପୋଲାଣ୍ଡରେ ସେନା ମୁତୟନ ବୃଦ୍ଧି

### ଉତ୍ତେଜନା ପଛରେ ରୁଷ୍ର ଯୁଦ୍ଧାଭ୍ୟାସ

ଭୟାବହତାକୁ ଦେଖାଇ ବିଶ୍ୱଯୁଦ୍ଧର ଅଗ୍ନି ସଂଯୋଗ କରାଯାଇପାରେ। ଗୁପ୍ତ ଚିଠିରୁ ଯୁଦ୍ଧ ସ୍ଥିତିରେ ସ୍କାଣ୍ଡିନାଭିଆନ ଦେଶର ନାଗରିକ କେମିତି ଜୀବିତ ରହିଥିଲେ ତାହା ଜଣାପଡ଼ିଛି। ଏହାର ସୂଚନା ସହିତ ଲୋକଙ୍କ ପାଇଁ ମାର୍ଗଦର୍ଶିକା ଜାରି କରିଛି। ଯୁଦ୍ଧ ସ୍ଥିତିକୁ ଦୃଷ୍ଟିରେ ରଖି ଏଭଳି ପ୍ରସ୍ତୁତି କରାଯାଉଛି ବୋଲି ଫ୍ରାନ୍ସ ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି। ସେହିପରି ସେନାରେ ଅଧିକ ଯବାନଙ୍କୁ ନିଯୁକ୍ତି କରାଯାଉଛି। ପୋଲାଣ୍ଡ ଏବଂ ବାଲ୍ଟିକ ଦେଶଗୁଡିକରେ ମଧ୍ୟ ସେନାକୁ ମଜବୁତ କରାଯାଉଛି। ଏହି ରାଷ୍ଟ୍ରଗୁଡିକରେ ଟ୍ୟାଙ୍କ, ମାଇଲଫିଲ୍ଡ ଏବଂ ରକେଟ ସିଷ୍ଟମ ସହ ସଂଯୁକ୍ତ ବାୟୁରକ୍ଷା ପ୍ରଣାଳୀ ପ୍ରସ୍ତୁତ ହୋଇ ରହିଛି।

ଅନ୍ୟପଟେ 'ଅପରେସନ ଡାୟଚଲାଣ୍ଡ' ନାମରେ ଜର୍ମାନୀ ଏକ କାଗଜପତ୍ର ପ୍ରସ୍ତୁତ କରିଛି। ଏଥିରେ ସୁରକ୍ଷିତ ସ୍ଥାନ, ବଙ୍କର ଏବଂ ନାଟୋ ସୈନିକ ସହିତ ଗାଡ଼ି ଗୁଡିକର ମୁତୟନ ନେଇ ସୂଚନା ଦିଆଯାଇଛି। ଏହା ବ୍ୟତୀତ ପରମାଣୁ ଯୁଦ୍ଧ ପାଇଁ ମଧ୍ୟ ପ୍ରସ୍ତୁତି ହେଉଛି। ଏଭଳି ଆକ୍ରମଣ ସ୍ଥିତିରେ ଜୀବନ ବଞ୍ଚାଇବାର ଉପାୟ ଉପରେ କାର୍ଯ୍ୟାରମ୍ଭ କରିଦେଇଛନ୍ତି। ପ୍ରଘଟ ଚିଠିରୁ ଜଣାପଡ଼ିଛି ଯେ ଜୁଲାଇରେ ବ୍ରିଟେନ ଏବଂ ଫ୍ରାନ୍ସ ମଧ୍ୟରେ ଏକ ଚୁକ୍ତି ସ୍ୱାକ୍ଷର ହୋଇଥିଲା। ତୃତୀୟ ବିଶ୍ୱଯୁଦ୍ଧ ସ୍ଥିତିରେ ଦୁଇ ଦେଶ ସମନ୍ୱିତ ଭାବେ ଆକ୍ରମଣ କରିବେ ବୋଲି ଏଥିରେ ନିୟମ ଥିଲା।

## କୋହଲ ହେଲା ସିଏଏ ସୀମା

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ପାକିସ୍ତାନ, ବାଂଲାଦେଶ ଓ ଆଫଗାନିସ୍ତାନରୁ ଆସିଥିବା ଅଳ୍ପସଂଖ୍ୟକଙ୍କ ପାଇଁ କେନ୍ଦ୍ର ସରକାର ବୁଧବାର ନାଗରିକତା ସଂଶାଧନ କାନୁନ୍ (ସିଏଏ)ରେ ଏକ ବଡ଼ ପରବର୍ତ୍ତନ କରିଛନ୍ତି। ଏହି ୩ଟି ପଡୋଶୀ ଦେଶରୁ ଆସିଥିବା ଅଳ୍ପସଂଖ୍ୟକ ନାଗରିକ ଯଥା ହିନ୍ଦୁ, ଶିଖ, ବୌଦ୍ଧ, ଜୈନ, ପାରସୀ ଓ ଖ୍ରୀଷ୍ଟିଆନ୍ ସମ୍ପ୍ରଦାୟର ଲୋକମାନଙ୍କ ପାଇଁ ଅସ୍ୱାସ୍ଥ୍ୟକର ଖବର ଆସିଛି। ୨୦୨୪ ଡିସେମ୍ବର ୩୧ ପର୍ଯ୍ୟନ୍ତ ଆସିଥିବା ଏହି ସମ୍ପ୍ରଦାୟର ଲୋକମାନଙ୍କୁ ଭାରତରେ ବିନା ପାସପୋର୍ଟରେ ରହିବାକୁ ଅନୁମତି ଦିଆଯାଇଛି। ପୂର୍ବରୁ ସିଏଏ ଅନୁସାରେ ଏହା ୨୦୧୪ ପର୍ଯ୍ୟନ୍ତ ସୀମିତ ଥିଲା। ଯଦି ଏହି ଲୋକମାନଙ୍କର ପାସପୋର୍ଟ ଓ କାଗଜପତ୍ରର ବୈଧତା ଶେଷ ହୋଇଛି, ସେମାନେ ଭାରତରେ ରହିପାରିବେ ବୋଲି କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ପୂର୍ବରୁ ସିଏଏ ଅନୁସାରେ ୨୦୧୪ ଡିସେମ୍ବର ୩୧ରେ ତାରିଖ ପର୍ଯ୍ୟନ୍ତ ଆସିଥିବା ଅଳ୍ପସଂଖ୍ୟକଙ୍କୁ ଭାରତରେ ରହିବାକୁ ଅନୁମତି ଦିଆଯାଇଥିଲା। ଉଲ୍ଲେଖଥାଉ କି, କେନ୍ଦ୍ର ସରକାର ୨୦୨୪ ମାର୍ଚ୍ଚ ୧୧ରେ ସାରା ଦେଶରେ ସିଏଏ ଆଇନ୍ ଲାଗୁ କରିଥିଲେ। ଏହି ଆଇନ୍ ଅନୁସାରେ ଚଳିତ ବର୍ଷ ମେ ମାସରେ ୧୪ ଜଣ ଲୋକଙ୍କୁ ଭାରତର ନାଗରିକତା ପ୍ରଦାନ କରାଯାଇଥିଲା। ସେହିପରି ନେପାଳ ଓ ଭୁଟାନର ନାଗିରକଙ୍କୁ ଭାରତ ଆସିବା ପାଇଁ ଭିସାର ଆବଶ୍ୟକତା ନାହିଁ ବୋଲି କୁହାଯାଇଛି। ୧୯୫୫ରେ ଲାଗୁ ହୋଇଥିବା ଆଇନ୍ରେ ପରିବର୍ତ୍ତନ କରାଯାଇଥିଲା।

### ୨୦୨୪ ପର୍ଯ୍ୟନ୍ତ ପଡୋଶୀ ଦେଶରୁ ଆସିଥିବା ଅଳ୍ପସଂଖ୍ୟକ ଭାରତରେ ରହିପାରିବେ

# ପୁଣି ବିଲିବିଲେଇଲେ ଟ୍ରମ୍ପ

## ଏକତରଫା ସମ୍ପର୍କ ଚଳିବନି



ୱାଶିଂଟନ, ୩।୯ (ଏଜେନ୍ସି): 'ମୃତ୍ୟୁ ଚର୍ଚ୍ଚା'ରେ ବିରାମ ଲଗାଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବୁଧବାର ସର୍ବ ସମ୍ମୁଖକୁ ଆସିଛନ୍ତି। ସେ ହ୍ୱାଇଟ ହାଉସ୍ରେ ସାମ୍ବାଦିକ ସମ୍ମିଳନୀ କରି ଭାରତକୁ ପୁଣି ଦୋଷ ଦେଇଛନ୍ତି। ଟ୍ରମ୍ପ କହିଛନ୍ତି ଯେ ଦୀର୍ଘ ଦିନ ହେଲା ଆମେରିକା ସହ ଭାରତର ଏକତରଫା ସମ୍ପର୍କ ଥିଲା। ସେଥିପାଇଁ ନୂଆଦିଲ୍ଲୀ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଯାଇଛି। ଟ୍ରମ୍ପଙ୍କ ଅନୁଯାୟୀ ଆମେରିକା ସାମଗ୍ରୀ ଉପରେ ଭାରତ ଶତ ପ୍ରତିଶତ ଶୁଳ୍କ ଲଗାଉଛି। ଏହା ବିଶ୍ୱରେ ସର୍ବାଧିକ। ଏଥିଯୋଗୁଁ ଦୁଇ ଦେଶର ମଧ୍ୟରେ ବାଣିଜ୍ୟ ଅସନ୍ତୁଳନ ସୃଷ୍ଟି ହୋଇଛି। ଆମେରିକା ବହୁତ କମ୍ ଏବଂ ଭାରତ ସର୍ବାଧିକ ବ୍ୟବସାୟ କରୁଥିଲା। କାରଣ ସେତେବେଳେ କୌଣସି ଶୁଳ୍କ ଲଗାଯାଉ ନ ଥିଲା। ଏହାର ଲାଭ ଭାରତ ଉଠାଉ ଥିଲା। ଟ୍ରମ୍ପ ଏଥିପାଇଁ ଆମେରିକୀୟ କମ୍ପାନୀ ହାର୍ଲେ ଡେଭିଡସନର ଉଦାହରଣ ଦେଇଛନ୍ତି। ଏହି କମ୍ପାନୀର ମୋଟରସାଇକେଲ ଉପରେ ଭାରତ ୨୦୦ ପ୍ରତିଶତ ଶୁଳ୍କ ଲଗାଉ ଥିଲା। ଏଥିପାଇଁ କମ୍ପାନୀ ଗାଡ଼ି ବିକ୍ରି କରିପାରୁ ନ ଥିଲା। ତେଣୁ ଏହି କମ୍ପାନୀକୁ ଭାରତରେ କାରଖାନା ପ୍ରତିଷ୍ଠା କରିବାକୁ ପଡ଼ିଥିଲା। ଏହା ଫଳରେ ଆଉ ହାର୍ଲେ ଡେଭିଡସନକୁ ଶୁଳ୍କ ଦେବାକୁ ପଡୁନାହିଁ।

ଟ୍ରମ୍ପ ଦାବି କରିଛନ୍ତି ଯେ ଭାରତୀୟ ସାମଗ୍ରୀ ଉପରେ ଲଗାଯାଇଥିବା ୫୦ ପ୍ରତିଶତ ଶୁଳ୍କ ଦ୍ୱାରା ଆର୍ଥିକ ଉତ୍ତେଜନା ବୃଦ୍ଧି ପାଇଛି। ରୁଷରୁ ଅଶୋଧିତ ତୈଳ କିଣୁଥିବାରୁ ଭାରତକୁ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଦେବାକୁ ପଡୁଛି। ଟ୍ରମ୍ପ ପୁଣି ନିଜ ଶୁଳ୍କକୁ ଉଚିତ ଦର୍ଶାଇଛନ୍ତି। ସେ ଏହାକୁ ଯୁଦ୍ଧ ସମାଧାନର ଅସ୍ତ୍ର କହିଛନ୍ତି। ଏହି ନୀତି ଯୋଗୁଁ ଆମେରିକାକୁ ଆଲୋଚନାର ଶକ୍ତି ମିଳୁଛି। ଏହି ଚମତ୍କାର ଅସ୍ତ୍ରବଳରେ ୭ ଯୁଦ୍ଧ ଅଟକାଇ ଥିବା ଟ୍ରମ୍ପ ଦାବି କରିଛନ୍ତି। ସେ ପୂର୍ବତନ ଜୋ ବାଇଡେନ ପ୍ରଶାସନକୁ ମଧ୍ୟ ନିଶାଣ କରିଛନ୍ତି। ଟ୍ରମ୍ପ କହିଛନ୍ତି ଯେ ଆମେରିକା ହେଉଛି ବିଶ୍ୱର ମେରୁଦଣ୍ଡ। ପ୍ରଥମ ଚାରି ବର୍ଷର କାର୍ଯ୍ୟକାଳରେ ସେ ଏହାକୁ ମଜବୁତ କରିଥିଲେ। କିନ୍ତୁ ବାଇଡେନ ପ୍ରଶାସନ ଏହାକୁ ଦୁର୍ବଳ କରିଦେଇଥିଲା। ଏବେ ଶୁଳ୍କ ନୀତି ଯୋଗୁଁ ଆମେରିକା ଆର୍ଥିକ ଭାବେ ମଜବୁତ ହେଉଛି।

## ଭାରତ ସହ ତିକ୍ତତା ଆମେରିକାକୁ ମହଙ୍ଗା ପଡ଼ିବ: ଫିନ୍ଲାଣ୍ଡ ରାଷ୍ଟ୍ରପତି

ହେଲସିଙ୍କି, ୩।୯ (ଏଜେନ୍ସି): ବୈଦେଶିକ ନୀତିକୁ ଗ୍ଲୋବାଲ ସାଉଥ୍ ପ୍ରତି ବିଶେଷ କରି ଭାରତ ନିମନ୍ତେ ଅଧିକ ସମ୍ମାନ ଏବଂ ସହଯୋଗ ଦେବା ଜରୁରୀ। ଯଦି ଏପରି ନ ହୁଏ ତେବେ ଆମେରିକା ଏହି ବାଜି ହାରିଯିବ ବୋଲି ଫିନଲାଣ୍ଡ ରାଷ୍ଟ୍ରପତି ଆଲେକଜାଣ୍ଡାର ଷ୍ଟବ୍ କହିଛନ୍ତି। ବିଦେଶୀ ନୀତିକୁ ନେଇ ପାଶ୍ଚାତ୍ୟ ରାଷ୍ଟ୍ର ବିଶେଷ କରି ଆମେରିକାକୁ ଚେତାବନୀ ଦେଇ ଷ୍ଟବ୍ ଏହି ଟିପ୍ପଣୀ ଦେଇଛନ୍ତି। ସେ ୟୁରୋପୀୟ ଦେଶଗୁଡିକୁ ମଧ୍ୟ ଏହି ବାର୍ତ୍ତା ଦେଇଛନ୍ତି। ସେ ଚୀନ୍ର ଟିଆନଜିନ୍ରେ ଅନୁଷ୍ଠିତ ସାଂଘାଇ ସହଯୋଗ ସଂଗଠନ (ଏସ୍ସିଓ) ସମ୍ମିଳନୀର ଉଦାହରଣ ମଧ୍ୟ ଦେଇଛନ୍ତି। ସେ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଯୋଗ ଦେଇଥିବା ଏହି ବୈଠକ ୟୁରୋପୀୟ ରାଷ୍ଟ୍ରଗୁଡିକ ପାଇଁ ସତର୍କ ଘଣ୍ଟି ସଦୃଶ। ଏହି ସମ୍ମିଳନୀ କ'ଣ ବାଜିରେ ଲାଗିଛି ବୋଲି ମନେ ପକାଇ ଦେଉଛି। ଆମେ ସମସ୍ତେ ଏକ ପୁରୁଣା ବ୍ୟବସ୍ଥାକୁ ସଂରକ୍ଷିତ କରି ରଖିବାକୁ ଚାହୁଁଛେ। କିନ୍ତୁ ଏସ୍ସିଓ ପାଶ୍ଚାତ୍ୟ ରାଷ୍ଟ୍ରଗୁଡିକର ଏକତାକୁ ଦୁର୍ବଳ କରିବାରେ ଲାଗିଛି। ଶୁଳ୍କକୁ ନେଇ ଆମେରିକା ଏବଂ ଭାରତ ମଧ୍ୟରେ ବିବାଦ ବଢ଼ିଥିବାବେଳେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଘନିଷ୍ଠ ଭାବେ ପରିଚିତ ଆଲେକଜାଣ୍ଡାର ଏହି ଟିପ୍ପଣୀ ଦେଇଛନ୍ତି। ରିପୋର୍ଟ ଅନୁଯାୟୀ ଟ୍ରମ୍ପଙ୍କ ଉପରେ ପ୍ରଭାବ ପକାଇ ପାରୁଥିବା ନେତାଙ୍କ ମଧ୍ୟରେ ଷ୍ଟବ୍ ସାମିଲ ଅଛନ୍ତି। ବିଶେଷଜ୍ଞଙ୍କ ଅନୁଯାୟୀ ଷ୍ଟବ୍ଙ୍କ ଉପରେ ପ୍ରଭାବ ପକାଇ ପାରୁଥିବା କ୍ଷୁଦ୍ର ରାଷ୍ଟ୍ରଗୁଡିକ ମଧ୍ୟରେ ଷ୍ଟବ୍ଙ୍କ ପରି ନେତା ନାହାନ୍ତି। ଏହା ପୂର୍ବରୁ କୌଣସି ୟୁରୋପୀୟ ନେତାଙ୍କୁ ଏଭଳି କ୍ଷମତା ମିଳି ନ ଥିଲା।

## ମରାଠା ଆନ୍ଦୋଳନ: ଆଜାଦ ମଇଦାନରେ କୁଢ଼ କୁଢ଼ ଆବର୍ଜନା

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ଅଗଷ୍ଟ ୨୯ରୁ ସେପ୍ଟେମ୍ବର ୨ ପର୍ଯ୍ୟନ୍ତ ଆୟୋଜନ ହୋଇଥିବା ମରାଠା ସଂରକ୍ଷଣ ଆନ୍ଦୋଳନ ଅବସରରେ ଆଜାଦ ମଇଦାନରେ୧୨୫ ମେଟ୍ରିକ୍ ଟନ୍ରୁ ଅଧିକ ଆବର୍ଜନା ଗଦା ହୋଇଛି। ବ୍ରିହାନମୁମ୍ବଇ ନଗରନିଗମ (ବିଏମ୍ସି) ବୁଧବାର ଏ ନେଇ ସୂଚନା ଦେଇଛି। ଗତ ୫ ଦିନ ହେବ ୪୬୬ ଜଣ କର୍ମଚାରୀ ଆବର୍ଜନାକୁ ସଫା କରିବାରେ ଲାଗି ପଡ଼ିଛନ୍ତି। ୨୯ ତାରିଖରେ ପ୍ରଥମ ଦିନରେ ୪ ମେଟ୍ରିକ ଟନ୍ ଆବର୍ଜନା ବାହାର କରାଯାଇଥିଲା। ସେହିପରି ୩୦ରେ ୭, ୩୧ ଓ ୧ ତାରିଖରେ ୩୦ ମେଟ୍ରିକ ଟନ୍ ଲେଖାଏ ଆବର୍ଜନା ଜମା ହୋଇଥିଲା। ୨ ତାରିଖରେ ସର୍ବାଧିକ ୫୭ ମେଟ୍ରିକ୍ ଟନ୍ ଆବର୍ଜନା ଜମି ରହିଥିଲା। ଅନ୍ୟପଟେ ଏହି ଆନ୍ଦୋଳନ ଅବସରରେ ପ୍ରଦର୍ଶନକାରୀମାନେ ମୁମ୍ବଇରେ ବହୁ ପରିମାଣରେ ଧନସମ୍ପତ୍ତି ନଷ୍ଟ କରିଥିଲେ। ଏ ନେଇ ବମ୍ବେ ହାଇକୋର୍ଟ ମରାଠା ଆନ୍ଦୋଳନର ନେତା ମନୋଜ ଜରାଙ୍ଗେଙ୍କୁ ଏହି ସମ୍ପତ୍ତିର ଭରଣା କିଏ କରିବ ବୋଲି ପ୍ରଶ୍ନ କରିଛନ୍ତି। ମନୋଜ ଅଗଷ୍ଟ ୨୯ରେ ଆଜାଦ ମଇଦାନରେ ଆମରଣ ଅନଶନ ଆରମ୍ଭ କରିଥିଲେ। ବମ୍ବେ ହାଇକୋର୍ଟଙ୍କ ଆଦେଶ ଅନୁସାରେ ମଙ୍ଗଳବାର ତାଙ୍କର ଅନଶନ ଶେଷ ହୋଇଥିଲା। ମନୋଜଙ୍କ ୮ଟି ସର୍ତ୍ତରୁ ସରକାର ୬ଟି ସର୍ତ୍ତ ମାନିଛନ୍ତି। ପ୍ରଦର୍ଶନକାରୀ ମାନେ ଆନ୍ଦୋଳନ ଅବସରରେ ରାସ୍ତା ଓ ଫୁଟ୍ପାଥ ଉପରେ ରୋଷେଇ କରିବା ସହ ଗାଧୋଉଥିବାର ଦେଖାଯାଇଥିଲା। ଫଳରେ ଏତେ ପରିମାଣରେ ଆବର୍ଜନା ଗଦା ହୋଇଥିଲା ବୋଲି କୁହାଯାଉଛି।



## ୮୦ତମ ବିଜୟ ଦିବସ ପାଳନ କଲା ଚୀନ୍

ବେଜିଂ, ୩।୯(ଏଜେନ୍ସି): ଚୀନ ବୁଧବାର ତା'ର ୮୦ତମ ବିଜୟ ଦିବସ ପାଳନ କରିଛି। ଏହି ଅବସରରେ ରାଜଧାନୀ ବେଜିଂରେ ଦେଶର ସର୍ବବୃହତ୍ ସୈନ୍ୟ ପରେଡର ଆୟୋଜନ କରାଯାଇଥିଲା। ଏଥିସହ ଚୀନ୍ ସାରା ବିଶ୍ୱ ଆଗରେ ନିଜ ଶକ୍ତି ଓ ସାମର୍ଥ୍ୟର ନମୁନା ପ୍ରଦର୍ଶନ କରିଥିଲା। ଆମେରିକାର ଚ୍ୟାଲେଞ୍ଜକୁ ପ୍ରତିହତ କରିବା ପାଇଁ ଚୀନ ବିଜୟ ଦିବସ ଅବସରରେ ଏହି ସାମରିକ ଶକ୍ତି ଓ ସାମର୍ଥ୍ୟ ପ୍ରଦର୍ଶିତ କରିଥିଲା। ଏଥିରେ ମହାକାଶ ବା ଅନ୍ତରୀକ୍ଷରେ ଆକ୍ରମଣ କରୁଥିବା ମିସାଇଲ, ବିନା ପାଇଲଟ୍ରେ ଉଡୁଥିବା ଫାଇଟର ଜେଟ୍, ପାଣି ଭିତର ଚାଲୁଥିବା ଡ୍ରୋନ୍ ସମେତ ବହୁ ଅତ୍ୟାଧୁନିକ ଅସ୍ତ୍ରଶସ୍ତ୍ର ପ୍ରଦର୍ଶନ କରାଯାଇଥିଲା। ପରେଡ୍ରେ ୧୦୦ରୁ ଊର୍ଦ୍ଧ୍ୱ ଅସ୍ତ୍ର, ୪୫ଟି ସୈନ୍ୟ ଦଳ ଓ ୧୦୦ରୁ ଊର୍ଦ୍ଧ୍ୱ ବିମାନ ସାମିଲ ଥିଲା। ପ୍ରଦର୍ଶିତ ହୋଇଥିବା ଅଧିକାଂଶ ଅସ୍ତ୍ରଶସ୍ତ୍ର ସ୍ୱଦେଶୀ ଜ୍ଞାନ କୌଶଳରେ ନିର୍ମିତ। ଏହି ଅସ୍ତ୍ରଶସ୍ତ୍ର ଚୀନ୍ର ସାମରିକ ଦକ୍ଷତା ଓ ଉନ୍ନତ ବୈଷୟିକ ଜ୍ଞାନକୌଶଳ ପ୍ରଦର୍ଶନ କରୁଛି ବୋଲି ଚୀନ୍ ରାଷ୍ଟ୍ରପତି ସି ଜିଙ୍ଗ୍ପିଙ୍ଗ୍ କହିଛନ୍ତି। ବିଜୟ ଦିବସ ପାଳନ ଅବସରରେ ଚୀନ୍ ପ୍ରଥମଥର ପାଇଁ ଟାଇପ୍ ୯୯ବି ମେନ ବ୍ୟାଟଲ ଟ୍ୟାଙ୍କ ପ୍ରଦର୍ଶିତ କରିଥିଲା। ଏହା ଟାଇପ୍ ୯୯ ସିରିଜର ସବୁଠାରୁ ନୂଆ ତୃତୀୟ ପୀଢ଼ିର ଟ୍ୟାଙ୍କ ବିବେଚିତ ହେଉଛି। ଏହି ଅବସରରେ ଚୀନ୍ ପିଏଚ୍ଏଲ୍-୧୬ ମଲ୍ଟିପଲ ରକେଟ ଲଞ୍ଚର ପ୍ରଦର୍ଶିତ କରିଥିଲା। ସେହପରି ପାଣି ଭିତରେ ଚାଲୁଥିବା ଏଜେଏକ୍ସ୦୦୨ ଡ୍ରୋନ୍ ମଧ୍ୟ ପ୍ରଦର୍ଶିତ ହୋଇଥିଲା।

# ସୁନା ଅଳଙ୍କାରକୁ ମାନିବ ଏହି ମେକ୍ଅପ୍

ମେକ୍ଅପ୍ ଭଳି ଅଳଙ୍କାରର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥାଏ । ଏହା ସାଧା ପରିଧାନକୁ ସୁନ୍ଦର କରିଥାଏ । ବର୍ତ୍ତମାନ ବିଭିନ୍ନ ଅଳଙ୍କାର ବିକଳ୍ପ ଥିଲେ ମଧ୍ୟ, ସୁନା ଅଳଙ୍କାରର ଏକ ସ୍ୱତନ୍ତ୍ର ସ୍ଥାନ ରହିଛି । ଏହାର ଲୋକପ୍ରିୟତା ସବୁବେଳେ ରହିଥାଏ । ତେଣୁ ପାରିବାରିକ ଉତ୍ସବ, ବିବାହ, ଜନ୍ମଦିନ, ବର୍ଷପୂରାଣୀ ଆଦିରେ ମହିଳାମାନେ ସୁନା ଅଳଙ୍କାର ପିନ୍ଧି ଯିବାକୁ ପସନ୍ଦ କରନ୍ତି । ଏଥିରୁ ଏକ ରାଜକୀୟ ଲୁକ୍ ମିଳିଥାଏ । ତେଣୁ ସୁନା ଅଳଙ୍କାର ପିନ୍ଧି ସୁନ୍ଦର ଦିଶିବାକୁ ଚାହୁଁଥିଲେ, ମେକ୍ଅପ୍ ପ୍ରତି ଧ୍ୟାନ ଦେବା ଜରୁରି ।



### ମେକ୍ଅପ୍ ବେସ୍‌କୁ ରଖନ୍ତୁ ହାଲୁକା

ମେକ୍ଅପ୍ କରୁଥିବା ସମୟରେ ବେସ୍‌କୁ ଧ୍ୟାନ ଦିଅନ୍ତୁ । ବିଶେଷ କରି ସୁନା ଅଳଙ୍କାର ପିନ୍ଧୁଥିଲେ ଯତ୍ନବାନ ହେବା ଆବଶ୍ୟକ । କାରଣ ସୁନା ଅଳଙ୍କାର ମୁହଁର ସୌନ୍ଦର୍ଯ୍ୟକୁ ଦ୍ୱିଗୁଣିତ କରିଥାଏ । ତେଣୁ ମେକ୍ଅପ୍‌କୁ ହାଲୁକା ରଖିଲେ ଏହା ବେଶି ସୁନ୍ଦର ଲାଗିଥାଏ । ଏଥିପାଇଁ ହାଲୁକା ଫାଉଣ୍ଡେସନ୍ କିମ୍ବା ବିବି କ୍ରିମ୍ ବ୍ୟବହାର କରିପାରିବେ । ଥରେ ଫାଉଣ୍ଡେସନ୍ ଲଗାଇବା ପରେ ମୁହଁରେ ଥିବା ଦାଗକୁ କମ୍ କରିବା ପାଇଁ କନ୍‌ସିଲର୍ ଲଗାନ୍ତୁ । ଏହାପରେ ଟ୍ରାନ୍ସଲୁସେଣ୍ଟ ପାଉଡର ବ୍ୟବହାର କରି ଫ୍ରେଶ୍ ମ୍ୟାଟ୍ ଲୁକ୍ ଦିଅନ୍ତୁ ।

### ଆଖିକୁ କରନ୍ତୁ ହାଇଲାଇଟ୍

ମେକ୍ଅପ୍ କରିବା ସମୟରେ ଆଖିକୁ ହାଇଲାଇଟ୍ କରନ୍ତୁ । ଏଥିରୁ ଏକ ସୁନ୍ଦର ଲୁକ୍ ମିଳିଥାଏ । ତେଣୁ ଆଖିକୁ ହାଇଲାଇଟ୍ କରିବା ପାଇଁ ହାଲୁକା ଗୋଲଡେନ୍ କିମ୍ବା ବ୍ରୋଞ୍ଜ ସିମର ଆଇସ୍ୟାଡୋ ବ୍ୟବହାର କରିପାରିବେ । ଏହାପରେ କପର୍ କିମ୍ବା ବ୍ରାଉନ୍ ଆଇସ୍ୟାଡୋ ସ୍ମଜ୍ କରି ଲଗାଇପାରିବେ । ଏହାଦ୍ୱାରା ଆଖିର ସୁନ୍ଦରତା ଦ୍ୱିଗୁଣା ବୃଦ୍ଧି ପାଇଥାଏ । ସେହିପରି ଆଖିରେ କଳା ଆଇଲାଇନରରେ ୱିଙ୍ଗ୍ କରିପାରିବେ । ସେହିପରି ଆଖି ମେକ୍ଅପ୍‌କୁ ସମ୍ପୂର୍ଣ୍ଣ କରିବା ପାଇଁ ମସ୍କାରା ଲଗାଇବାକୁ ଭୁଲନ୍ତୁନି ।

### ତ୍ୱଚାକୁ ୱାର୍ମ ଟୋନ୍ ଦିଅନ୍ତୁ

ସୁନା ଅଳଙ୍କାର ପିନ୍ଧୁଥିଲେ ବ୍ରୋଞ୍ଜ, ପୀଚ୍ ଓ ଧୂସର ରଙ୍ଗ ପ୍ରତି ଧ୍ୟାନ ଦିଅନ୍ତୁ । ଏହି ୱାର୍ମଟୋନ୍ ତ୍ୱଚାରେ ପ୍ରାକୃତିକ ଚମକ ଆଣିଥାଏ । ଏଥିସହ ଅଳଙ୍କାରର ରଙ୍ଗକୁ ନିୟନ୍ତ୍ରଣ କରିଥାଏ । ବ୍ଲଶ୍‌କୁ ମଧ୍ୟ ୱାର୍ମ ରଖିବା ଆବଶ୍ୟକ । ସୁନା ଅଳଙ୍କାର ସହ ପିଚ୍ କିମ୍ବା କୋରାଲ ବ୍ଲଶ୍ ଅଧିକ ସୁନ୍ଦର ଲାଗିଥାଏ ।

# ରୋଜଗାରର ରାହା ପାଲଟିଛି ରେଜିନ୍ ଆର୍ଟ

ସାଧାରଣତଃ ଫୁଲଟିଏ ନିଜର ରଙ୍ଗ, ସୌନ୍ଦର୍ଯ୍ୟ, ସୁଗନ୍ଧ ଓ କୋମଳତା ପାଇଁ ସବୁରି ମନ ହରଣ କରିଥାଏ । ଏହାକୁ ଠାକୁର ପୂଜା, ସାଜସଜ୍ଜା, ବିବାହ ଆଦି ମାଙ୍ଗଳିକ କାର୍ଯ୍ୟରେ ବ୍ୟବହାର କରାଯାଏ; କିନ୍ତୁ ଏବେ ଏହା କେବଳ ସାଜସଜ୍ଜା ନୁହେଁ, ଫେଶନର ଏକ ଅଂଶ ପାଲଟିଛି । ଫୁଲ ଓ ପତ୍ରକୁ ଶୁଖାଇ ରେଜିନ୍ ଆର୍ଟ ମାଧ୍ୟମରେ ଭଳିକି ଭଳି ଲକେଟ୍, କାନଫୁଲ, ଅଳଙ୍କାର ଓ ବ୍ରେସ୍‌ଲେଟ୍ ଆଦି ପ୍ରସ୍ତୁତ କରି ରୋଜଗାରକ୍ଷମ ହୋଇଛନ୍ତି, ଉତ୍ତରାଖଣ୍ଡ ହଲ୍‌ଦ୍ୱାନିର ରକ୍ଷନ୍ଦା ବିଷ୍ଟ । ଏଥିସହ ସେ ରେଜିନ୍ ଆର୍ଟରେ ଘରସଜ୍ଜା ଉପକରଣ ପ୍ରସ୍ତୁତ କରି ଅନ୍ୟ ମହିଳାଙ୍କୁ ପ୍ରୋତ୍ସାହିତ କରିଛନ୍ତି ।



### ଅଳଙ୍କାର ଓ ସାଜସଜ୍ଜା ଉପକରଣ

ରକ୍ଷନ୍ଦା ସୂର୍ଯ୍ୟମୁଖୀ, ଗୋଲାପ, ମୋଗରା, ମଲ୍ଲୀ, ଚମେଲି ଭଳି ଫୁଲ ଉପଯୋଗ କରି ମୁଦି, କାନଫୁଲ, ଲକେଟ୍, ବ୍ରେସ୍‌ଲେଟ୍ ଭଳି ରେଜିନ୍ ଅଳଙ୍କାର ତିଆରି କରନ୍ତି । ଏଥିସହ ରେଜିନ୍ ଆର୍ଟ ମାଧ୍ୟମରେ ସେ ଫଟୋ ଫ୍ରେମ୍,ବୁକ୍‌ମାର୍କ୍ସ, ଟ୍ରେ ଏବଂ ଅନ୍ୟ ଘରକରଣା ଜିନିଷ ତିଆରି କରିଥାନ୍ତି । ବିଶେଷ କଥା ହେଉଛି ତାଙ୍କର ସମସ୍ତ ଉତ୍ପାଦ ଘର ତିଆରି ହୋଇଥିବାରୁ ଲୋକେ ଏହାକୁ ଅଧିକ ପସନ୍ଦ କରିଥାନ୍ତି । ଏହା ଜିନିଷ ଦେଖିବାକୁ ଖୁବ୍ ସୁନ୍ଦର ଓ ଆକର୍ଷଣୀୟ ହୋଇଥାଏ ।

### କରିଛନ୍ତି ନିଜର ବ୍ରାଣ୍ଡ

ରେଜିନ୍, ଅକ୍ସୀ ରେଜିନ୍, ଏବଂ ଜାସମୋନାଇଟ୍ ଭଳି ଉପାଦାନ ବ୍ୟବହାର କରି ସେ ଫୁଲକୁ ସଂରକ୍ଷିତ କରନ୍ତି । ଏହାଦ୍ୱାରା ଫୁଲ ଦୀର୍ଘ ସମୟ ଧରି ସତେଜ ଓ ସୁନ୍ଦର ରହିଥାଏ । ଏହା ଦେଖିବାକୁ ମଧ୍ୟ ଖୁବ୍ ଆକର୍ଷଣୀୟ ଦେଖାଯାଏ । ତାଙ୍କ କହିବାନୁଯାୟୀ ସେ ସାମାଜିକ ଗଣମାଧ୍ୟରେ ରେଜିନ୍ ଆର୍ଟ ଦେଖି ଏଥିପ୍ରତି ଆକର୍ଷିତ ହୋଇଥିଲେ । ଧୀରେ ଧୀରେ ଶିଖି ଏଥିରେ ସଫଳ ହୋଇଥିଲେ । ସେ ଦୀର୍ଘ ତିନିବର୍ଷ ଧରି ଏହି କାର୍ଯ୍ୟ କରି ଆସୁଛନ୍ତି । ସେ ଇନ୍‌ଷ୍ଟାଗ୍ରାମରେ 'ରେସ୍‌ମୋନାଇଟ୍' ନାମରେ ଏକ ଆକାଉଣ୍ଟ ଖୋଲି ଏହି ବ୍ୟବସାୟ ଜାରି ରଖିଛନ୍ତି । ଏଥିରେ ଲୋକେ ତାଙ୍କ ହାତ ତିଆରି ଜିନିଷ ଦେଖି କିଣିଥାନ୍ତି । ଏଥିସହ ସେ ବିଭିନ୍ନ ପ୍ରଦର୍ଶନୀରେ ନିଜ ଷ୍ଟଲ୍ ପକାଇଥାନ୍ତି ।



### ବଢୁଛି ରେଜିନ୍ ଆର୍ଟର ଚାହିଦା

ଏହା ଏକ ପ୍ରକାର କଳା । ଏଥିରେ ତରଳ ରେଜିନରେ ବିଭିନ୍ନ ଗ୍ଲିଟର୍ ମିଶାଇ ସେଥିରେ ଫୁଲ ଦେଇ ବିଭିନ୍ନ ଅଳଙ୍କାର ଓ ଘରସଜ୍ଜା ଜିନିଷ ଆଦି ପ୍ରସ୍ତୁତ କରାଯାଇଥାଏ । ଏହା ଦୀର୍ଘସ୍ଥାୟୀ ମଧ୍ୟ ହୋଇଥାଏ । ସ୍ଥାନୀୟ ଅଞ୍ଚଳର ଲୋକେ ରକ୍ଷନ୍ଦାଙ୍କ ରେଜିନ୍ ଜୁଏଲାରୀକୁ ଖୁବ୍ ପସନ୍ଦ କରନ୍ତି । ଏହା ଅନ୍ୟ ଅଳଙ୍କାରଠୁ ଭିନ୍ନ ହୋଇଥିବାରୁ ଯୁବତୀମାନେ ଏଥିପ୍ରତି ଅଧିକ ଆକର୍ଷିତ ହୋଇଥାନ୍ତି । ତେବେ ଏହି ଅଳଙ୍କାର ତିନିଶହ ଟଙ୍କାରୁ ଆରମ୍ଭ ହୋଇ ବିଭିନ୍ନ ମୂଲ୍ୟ ଯାଏ ରହିଛି । ରକ୍ଷନ୍ଦାଙ୍କ କହିବାନୁଯାୟୀ ଲୋକେ ଏହି ଜିନିଷକୁ ଖୁବ୍ ପସନ୍ଦ କରୁଛନ୍ତି । ଏହାଦ୍ୱାରା ସେ ନିଜେ ରୋଜଗାରକ୍ଷମ ହେବା ସହ ଅନ୍ୟ ମହିଳାଙ୍କୁ ଏ ଦିଗରେ ପ୍ରେରିତ କରିଛନ୍ତି । ତେବେ ଆତ୍ମବିଶ୍ୱାସ ଓ ସୃଜନଶୀଳତା ଥିଲେ ସବୁକିଛି ସମ୍ଭବ ବୋଲି ସେ ପ୍ରମାଣ କରିଛନ୍ତି ।

# କାନ୍ଥରୁ କ୍ରେୟନ୍ ରଙ୍ଗ ସଫା କରିବାର ଉପାୟ



ଘରର କାନ୍ଥ ସଫାସୁତୁରା ରହିଲେ ସୁନ୍ଦର ଦେଖାଯାଏ; କିନ୍ତୁ ଘରେ ଛୋଟ ପିଲାଥିଲେ କାନ୍ଥ ଅପରିଷ୍କାର ତଥା ଗାରେଇ ହେବା ସ୍ୱାଭାବିକ କଥା । ବାରମ୍ବାର ମନା କରିବା ସତ୍ତ୍ୱେ ପିଲାମାନେ କାନ୍ଥରେ କ୍ରେୟନ, ପେନ୍‌ସିଲ୍ ଆଦି ଗାରେଇଥାନ୍ତି । ଏହା ଆଖିକୁ ଅସୁନ୍ଦର ଦେଖାଯାଏ । ତେବେ କାନ୍ଥରୁ ଏହି ରଙ୍ଗକୁ ସହଜ ଉପାୟରେ କିପରି ଛଡ଼ାଇବେ ଜାଣିବା ସେ ବିଷୟରେ...

### ଗ୍ଲାସ୍ କ୍ଲିନର୍

କାନ୍ଥରେ ପିଲାମାନେ ରଙ୍ଗ, ପେନ୍‌ସିଲ୍, କଲମ ଆଦି ଗାରେଇ ଥିଲେ, ଏଥିପାଇଁ ଓଦା କପଡ଼ା ବ୍ୟବହାର ନ କରି ଗ୍ଲାସ କ୍ଲିନର୍ ବ୍ୟବହାର କରିପାରିବେ । ଏହା ମାର୍କେଟରେ ସହଜରେ ମିଳିବ । ଏଥିପାଇଁ ଗ୍ଲାସ୍ କ୍ଲିନର୍‌କୁ କାନ୍ଥରେ ସ୍ପ୍ରେ କରି ପାଞ୍ଚସାତ ମିନିଟ୍ ଯାଏ ଛାଡ଼ି ଦିଅନ୍ତୁ । ଏହାପରେ ଏହାକୁ ଏକ କପଡ଼ାରେ ସଫା କରନ୍ତୁ ।

### ଡିସ୍‌ୱାସ୍ ଲିକ୍ୱିଡ୍

ଡିସ୍‌ୱାସ୍‌ରେ କେବଳ ବାସନ ନୁହେଁ, କାନ୍ଥକୁ ମଧ୍ୟ ଚମକାଇ ପାରିବେ । ଏଥିପାଇଁ ଉଷୁମ ପାଣିରେ ଡିସ୍‌ୱାସ୍ ଜେଲ୍ ପକାଇ ଘାଣ୍ଟି ଦିଅନ୍ତୁ । ଏହି ପାଣିରେ ଏକ କପଡ଼ା ଭିଜାଇ କାନ୍ଥକୁ ସଫା କରନ୍ତୁ ।

# ଦୋ ମୁହାଁ କେଶର ଘରୋଇ ଉପଚାର



ଅନେକ ମହିଳା ଦୋମୁହାଁ କେଶ ସମସ୍ୟା ଦୂର କରିବା ପାଇଁ କେଶ କାଟି ଦିଅନ୍ତି । କିନ୍ତୁ ଏହା ସତ୍ତ୍ୱେ ଦୋ ମୁହାଁ କେଶ ପୁଣି ଦେଖିବାକୁ ମିଳିଥାଏ । ଏହାଦ୍ୱାରା କେଶ ରୁକ୍ଷ ଓ ଦୁର୍ବଳ ହୋଇଯାଏ । ବାରମ୍ବାର ପାର୍ଲର ଯାଇ ଖର୍ଚ୍ଚାନ୍ତରୁ ବଞ୍ଚିବାକୁ ଚାହୁଁଥିଲେ, ଘରୋଇ ଉପଚାର ଆପଣାଇ ଦୋମୁହାଁ କେଶ ସମସ୍ୟା ଦୂର କରିପାରିବେ । ଜାଣିବା ସେ ବିଷୟରେ...

### ହେୟାର୍ ମାସ୍କ

ଏଥିପାଇଁ ନଡ଼ିଆ ତେଲ ଓ ଶୁଦ୍ଧ ମହୁ ବ୍ୟବହାର କରିପାରିବେ । କେଶର ଲମ୍ବ ଅନୁସାରେ ଗୋଟିଏ ପାତ୍ରରେ ନଡ଼ିଆ ତେଲ ନେଇ ସେଥିରେ ଦୁଇ ଚାମଚ ମହୁ ମିଶାନ୍ତୁ । ଏହାକୁ ଭଲରେ ଚାମଚ ସାହାଯ୍ୟରେ ଗୋଳାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ ।

### ଏପରି କରନ୍ତୁ ବ୍ୟବହାର

ଏହାକୁ ବ୍ୟବହାର କରିବା ଖୁବ୍ ସହଜ । ଏଥିପାଇଁ ପ୍ରଥମେ କେଶ ପରିଷ୍କାର ଅଛି କି ନାହିଁ ତାହା ଧ୍ୟାନ ରଖିବା ଜରୁରୀ । ସେହିପରି ଆବଶ୍ୟକ ହେଲେ ସାମ୍ପୁ ଲଗାଇ ପୁଣିଥରେ କେଶ ସଫା କରି ଦିଅନ୍ତୁ । ଏହାପରେ ପ୍ରସ୍ତୁତ କରି ରଖିଥିବା ହେୟାର୍ ମାସ୍କ ଲଗାନ୍ତୁ । ଏହାକୁ କେଶମୂଳରୁ ନେଇ ଅଗ ଯାଏ ଭଲରେ ଲଗାନ୍ତୁ । ଏହାକୁ ଲଗାଇବାର ୪୦ ମିନିଟ୍ ପରେ ଏକ ମାଇଲ୍ଡ ସାମ୍ପୁରେ କେଶ ଧୋଇଦିଅନ୍ତୁ ।

### ସପ୍ତାହରେ ଲଗାନ୍ତୁ ଦୁଇଥର

ସପ୍ତାହରେ ଅତି କମ୍‌ରେ ଦୁଇଥର ଏହି ମାସ୍କ ଲଗାଇବା ଆବଶ୍ୟକ । ଏହା ଦ୍ୱାରା ଧୀରେ ଧୀରେ ଦୋମୁହାଁ କେଶ ସମସ୍ୟା ଦୂର ହୋଇଥାଏ । କେଶ ସୁସ୍ଥ, ସୁନ୍ଦର ଓ ମଜଭୂତ ରହିଥାଏ ।

# ଫେଶନରେ ଆଫ୍‌ଗାନୀ ସୁଟ୍



ଫେଶନ ଅନୁଯାୟୀ ଯୁବତୀମାନେ ପାରମ୍ପରିକ ଓ ଆଧୁନିକ ସ୍ପର୍ଶ ଥିବା ପୋଷାକ ପିନ୍ଧିବାକୁ ବେଶୀ ପସନ୍ଦ କରନ୍ତି । ସେମିତି ଏକ ସୁଟ୍ ହେଉଛି ଆଫ୍‌ଗାନୀ ସୁଟ୍ । ଏହା ଦେଖିବାକୁ ଆକର୍ଷଣୀୟ ହେବାସହ, ପିନ୍ଧିବାକୁ ଆରାମଦାୟକ ଲାଗିଥାଏ । ତେଣୁ ଯୁବତୀମାନେ ଏହାକୁ ପାର୍ଟି, ଫଙ୍କସନ୍ ଆଦି ସ୍ଥାନକୁ ପିନ୍ଧିଯିବାକୁ ପସନ୍ଦ କରିଥାନ୍ତି ।

### ଆଫ୍‌ଗାନୀ ସୁଟ୍

ଅଫିସ୍ ଓ କଲେଜ ଯାଉଥିବା ମହିଳାଙ୍କ ପାଇଁ ଆଫ୍‌ଗାନୀ ସୁଟ୍ ଭଲ ବିକଳ୍ପ । ଏହା ଅଧିକ କ୍ଲାସି ଓ ପ୍ରଫେସ୍‌ନାଲ୍ ଲାଗିଥାଏ । ଏହାକୁ ବଜାରରୁ କିଣିପାରିବେ, ନଚେତ୍ ନିଜ ପସନ୍ଦ ଅନୁଯାୟୀ କପଡ଼ା କିଣି ଏହାକୁ ପ୍ରସ୍ତୁତ କରିପାରିବେ । ଏଥିସହ କଣ୍ଟ୍ରାଷ୍ଟ ଦୁପଟା ପକାଇ ଷ୍ଟାଇଲ୍‌କୁ ଦୁଇଗୁଣା କରିପାରିବେ ।

### ଫର୍ମାଲ କୁର୍ତ୍ତା

ଫର୍ମାଲ ଓ ଷ୍ଟାଇଲିଶ୍ କୁର୍ତ୍ତା ସେଟ୍ ଚାହୁଁଥିଲେ, ଭି-ନେକ୍ ଓ ଏ-ଲାଇନ୍ କଟିଙ୍ଗ ଯୁକ୍ତ କୁର୍ତ୍ତାସେଟ୍ କରିପାରିବେ । ଏହାକୁ ସାଧା ସୂତା ପ୍ରିଣ୍ଟ କପଡ଼ାରେ ପ୍ରସ୍ତୁତ କରିପାରିବେ । ଆଫ୍‌ଗାନୀ କୁର୍ତ୍ତା ସେଟ୍‌ର ଏହି ଷ୍ଟାଇଲ୍ କାର୍ଯ୍ୟସ୍ଥଳୀ ପାଇଁ ଖୁବ୍ ଭଲ ହୋଇଥାଏ ।

### ପାର୍ଟି ପାଇଁ ସିମର୍


ବିବାହ କିମ୍ବା କୌଣସି ପାର୍ଟି, ଫଙ୍କସନ୍ ପାଇଁ ଆକର୍ଷଣୀୟ ପୋଷାକ ପିନ୍ଧିବାକୁ ଚାହୁଁଥିଲେ, ସିମର୍ ଫ୍ୟାବ୍ରିକ୍‌ରେ ନିର୍ମିତ, ଆଫ୍‌ଗାନୀ ସୁଟ୍ ଭଲ ବିକଳ୍ପ । ମାଳି ଓ ହାଲୁକା ଏମ୍ବ୍ରୋଡୋରୀ ଡିଜାଇନର ଏହି ସୁଟ୍ ଅଧିକ ଓଜନିଆ ଲାଗେ ନାହିଁ । ଏଥିରୁ ଏକ ସୁନ୍ଦର ଲୁକ୍ ମିଳିଥାଏ ।

### ଫ୍ଲୋରାଲ୍ ପ୍ରିଣ୍ଟ

ଏବେ ଫ୍ଲୋରାଲ୍ ପ୍ରିଣ୍ଟ ଶାଢ଼ି ଓ ଡ୍ରେସ୍‌ର ଲୋକପ୍ରିୟତା ରହିଛି । ଏହା ଷ୍ଟାଇଲିଶ୍ ହେବା ସହ ଦେଖିବାକୁ ଖୁବ୍ ସୁନ୍ଦର ହୋଇଥାଏ । ଏପରି ସ୍ଥଳେ ଚାହିଁଲେ, ପ୍ରିଣ୍ଟେଡ୍ କପଡ଼ାରେ ଏହି ସୁଟ୍ ତିଆରି କରିପାରିବେ । ଫୁଲ୍ ସ୍ଲିଭ୍‌ସ କିମ୍ବା ପଫ୍ ସ୍ଲିଭ୍ ବ୍ଲାଉଜ୍ ଏହାକୁ ଅଧିକ ଆକର୍ଷଣୀୟ କରିଥାଏ ।

## ମୋ ହାଣ୍ଡିଶାଳରୁ...

# ମିଲେଟ୍ ଖିରି



### ଆବଶ୍ୟକ ସାମଗ୍ରୀ

କ୍ଷୀର – ଚାରି କପ୍, ପିସ୍ତା ଗୁଣ୍ଡ – ଦୁଇଚାମଚ, କାଜୁ ଗୁଣ୍ଡ – ଦୁଇ ଚାମଚ, କିସମିସ୍ –ଚାରି ପାଞ୍ଚୋଟି, କୋଡୋ ମିଲେଟ୍ – ଦୁଇ କପ୍, ଚିନି – ଅଧା କପ୍, ଗୁଆଘିଅ – ଦୁଇ ଚାମଚ, ଗୁଜରାତି- ଅଧା ଚାମଚ ।

### ପ୍ରସ୍ତୁତି ପ୍ରଣାଳି

ଚୁଲାରେ କଡ଼େଇ ବସାଇ ଚାରି କପ୍ କ୍ଷୀର ଦେଇ ଫୁଟାନ୍ତୁ । ଏହାପରେ ଏକ କଡ଼େଇ ବସାଇ ସେଥିରେ ଦୁଇଚାମଚ ଘିଅ ଦେଇ, ଦୁଇ ଚାମଚ ପିସ୍ତା, ବାଦାମ, କାଜୁ ଓ କିସ୍‌ମିସ୍ ଦେଇ ଅଳ୍ପ ସମୟ ଭାଜି ଏକ ପାତ୍ରରେ କାଢ଼ି ଦିଅନ୍ତୁ । ଏହାପରେ କଡ଼େଇରେ ଅଳ୍ପ ଘିଅ ଦେଇ ସେଥିରେ କୋଡୋ ମିଲେଟ୍ ପକାଇ ଭାଜନ୍ତୁ । ହାଲୁକା ଭାଜି ହୋଇଯିବା ପରେ ଏହାକୁ ଫୁଟନ୍ତା କ୍ଷୀରରେ ପକାଇ ବହଳିଆ ହେବା ଯାଏ ଘାଣ୍ଟନ୍ତୁ । ଏହାପରେ ସେଥିରେ ଆବଶ୍ୟକ ଅନୁସାରେ ଚିନି, ଗୁଜରାତି ଗୁଣ୍ଡ ଦେଇ ଘାଟନ୍ତୁ । ଶେଷରେ ଭାଜି ରଖିଥିବା ଡ୍ରାଏ ଫ୍ରୁଟ୍ସ ସବୁକୁ ଦେଇ ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ମିଲେଟ୍ ଖିରୀ' ।

# ଚର୍ଚ୍ଚାରେ କ୍ରିକେଟରଙ୍କ ବ୍ରୋଙ୍କୋ ଟେଷ୍ଟ

ବେଙ୍ଗାଲୁରୁ,୩।୯ (ଏଜେନ୍ସି): ଆଇପିଏଲ୍ ଓ ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍ ପରେ ଅନେକ ପ୍ରତିଷ୍ଠିତ ଭାରତୀୟ କ୍ରିକେଟର କୌଣସି ପ୍ରତିଯୋଗିତାମୂଳକ କ୍ରିକେଟ ଖେଳି ନାହାନ୍ତି। ଏହା ମଧ୍ୟରେ କିଛି ଖେଳାଳି ଦୁଲୀପ୍ ଟ୍ରଫିରେ ଅବତୀର୍ଣ୍ଣ ହୋଇଥିଲାବେଳେ ଆଉ କିଛି ଏସିଆ କପ ଓ ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍ ଲାଗି ପ୍ରସ୍ତୁତି ଚଳାଇଛନ୍ତି। ସେଥିଲାଗି ଏଠାରେ ଥିବା ସେଣ୍ଟର ଫର ଏକ୍ସିଲେନ୍ସିରେ ଖେଳାଳିମାନଙ୍କର ଫିଟନେସ ଟେଷ୍ଟ କରାଯାଇଛି। ନୂଆକରି ଷ୍ଟ୍ରେନ୍ଥ ଓ କଣ୍ଡିସନିଂ କୋଚ୍ ନିଯୁକ୍ତ ପାଇଥିବା ଆଡ୍ରିଆନ ଲୀ ରକ୍ସଙ୍କ ପ୍ରସ୍ତାବିତ ବ୍ରୋଙ୍କୋ ଟେଷ୍ଟକୁ ନେଇ ଚର୍ଚ୍ଚା ଚାଲିଛି। ଭାରତୀୟ ଖେଳାଳିମାନେ କଷ୍ଟସାଧ୍ୟ ବ୍ରୋଙ୍କୋ ଟେଷ୍ଟରେ ପାସ କଲେ ଚୟନଲାଗି ଉପଲବ୍ଧ ହେବେ ବୋଲି କୁହାଯାଇଥିଲା। କିନ୍ତୁ ରୋହିତ ଶର୍ମାଙ୍କଠାରୁ ଆରମ୍ଭ କରି ଅର୍ଶଦୀପ ସିଂହଙ୍କ ସମେତ ଅନେକ ଖେଳାଳି ଏଠାରେ ଫିଟ୍‌ନେସ ଟେଷ୍ଟରେ ପାସ୍ କରିଛନ୍ତି। ସେମାନଙ୍କୁ କେବଳ ୟୋ ୟୋ ଟେଷ୍ଟ କରାଯାଇଥିଲା। ଆବଶ୍ୟକ ହେଲେ ବ୍ରୋଙ୍କୋ ଟେଷ୍ଟକୁ ବିସିସିଆଇ ଗ୍ରହଣ କରିବ ବୋଲି କୁହାଯାଇଛି।

# ଜୁନିଅର ହକି ବିଶ୍ୱକପ୍ ବୟକଟ୍ କରିବ ପାକିସ୍ତାନ

ଲାହୋର, ୩।୯ (ଏଜେନ୍ସି): ଚଳିତ ବର୍ଷ ଶେଷ ଭାଗରେ ଏଫ୍‌ଆଇଏଚ୍ ଜୁନିଅର ପୁରୁଷ ହକି ବିଶ୍ୱକପ୍‌ର ୧୪ତମ ସଂସ୍କରଣ ଭାରତରେ ଆୟୋଜିତ ହେବ। ନଭେମ୍ବର ୨୮ରୁ ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଏହା ଚେନ୍ନାଇର ମଦୁରାଇରେ ଖେଳାଯିବ। ତେବେ ଏହି ମେଗା ଇଭେଣ୍ଟକୁ ପାକିସ୍ତାନ ଦଳ ବୟକଟ୍ କରିବ ବୋଲି ଜଣାପଡ଼ିଛି। 'ଦୁଇ ଦେଶ ମଧ୍ୟରେ ବର୍ତ୍ତମାନ ଯୁଦ୍ଧଭଳି ସ୍ଥିତି ରହିଛି। ଏଭଳି ସ୍ଥିତିରେ ଆମେ ଭାରତ ଗସ୍ତ କରିପାରିବୁ ନାହିଁ' ବୋଲି ପାକିସ୍ତାନ ହକି ମହାସଂଘର ସଭାପତି ତାରିକ ବଗତି କହିଛନ୍ତି। ଲାହୋରରେ ଗଣମାଧ୍ୟମ ସହ ଆଲୋଚନା ଅବସରରେ ତାରିକ କହିଛନ୍ତି, 'ଏଭଳି ଉତ୍ତେଜନାମୂଳକ ପରିସ୍ଥିତିରେ ଭାରତ ଯାଇ ଚଳିତ ଏସିଆ କପ୍ ଖେଳିବା ସମ୍ଭବପର ନ ଥିଲା। ଉଭୟ ପାର୍ଶ୍ୱରେ ବର୍ତ୍ତମାନ ଯୁଦ୍ଧଭଳି ସ୍ଥିତି। ଏଭଳି ସମୟରେ ବର୍ତ୍ତମାନ କି ନିକଟ ଭବିଷ୍ୟତରେ ଆମେ ଭାରତ ଗସ୍ତ କରିପାରିବୁ ନାହିଁ। ସେହିଭଳି ଯଦି ଭାରତୀୟ କ୍ରିକେଟ୍ ଦଳ ଏଠାକୁ ଆସିପାରୁ ନାହିଁ ତେବେ ପାକିସ୍ତାନ ହକି ଦଳ ଭାରତ ଗସ୍ତରେ ମଧ୍ୟ ଯିବ ନାହିଁ।' ଅପରପକ୍ଷରେ ପାକିସ୍ତାନ ବିଶ୍ୱକପରେ ଭାଗନେବ କି ନାହିଁ ତାହା ଅନିଶ୍ଚିତତା ମଧ୍ୟରେ ରହିଛି ବୋଲି ଭାରତୀୟ ହକି ମହାସଂଘର ସମ୍ପାଦକ ଭୋଲାନାଥ ସିଂ କହିଛନ୍ତି।

# ଜର୍ସି ସ୍ପନସର ବିନା ଏସିଆ କପ୍ ଖେଳିବ ଭାରତ

ନୂଆଦିଲ୍ଲୀ,୩।୯ (ଏଜେନ୍ସି): ୟୁଏଇରେ ସେପ୍ଟେମ୍ବର ୯ରୁ ୮ଟି ଦଳକୁ ନେଇ ଆରମ୍ଭ ହେବ ଏସିଆ କପ୍ ଟି-୨୦ କ୍ରିକେଟ। ଏହି ଟୁର୍ଣ୍ଣାମେଣ୍ଟ ଲାଗି ଭାରତ ସମସ୍ତ ପ୍ରକାର ପ୍ରସ୍ତୁତି ଚଳାଇଥିଲେ ମଧ୍ୟ ଜର୍ସି ଓ କିଟ୍ ସ୍ପନସର ବିନା ଏହି ଟୁର୍ଣ୍ଣାମେଣ୍ଟରେ ଖେଳିବ ବୋଲି ନିଶ୍ଚିତ ହୋଇଛି। ଅନ୍‌ଲାଇନ୍ ଗେମିଂ ପ୍ଲାଟଫର୍ମକୁ ଭାରତ ସରକାର ବାସନ୍ଦ କରିବା ପରେ ଜର୍ସି ସ୍ପନସରରୁ ବାଦ୍ ପଡ଼ିଥିଲା ଡ୍ରିମ-୧୧। ଏହି ସ୍ଥାନ ପୂରଣ ଲାଗି ବିସିସିଆଇ ଟେଣ୍ଡର ଆହ୍ୱାନ କରିଛି। ଏତେ ଶୀଘ୍ର ଏହା ପୂରଣ ହୋଇପାରିବ ନାହିଁ ବୋଲି ଜଣାପଡ଼ିଛି। ଫଳରେ ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ଜର୍ସି ସ୍ପନସର ନ ଥାଇ ଖେଳିବ ବୋଲି ସ୍ପଷ୍ଟ ହୋଇଛି। ସେପ୍ଟେମ୍ବର ୯ ରୁ ଆରମ୍ଭ ହେଉଥିବା ଏହି ଟୁର୍ଣ୍ଣାମେଣ୍ଟରେ ଭାରତ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଖେଳିବ। ୧୦ରେ ୟୁଏଇ, ୧୪ରେ ପାକିସ୍ତାନ ଓ ୧୯ ରେ ଓମାନ ସହ ଗ୍ରୁପ୍-ଏ' ମୁକାବିଲାରେ ଭାରତ ଅବତୀର୍ଣ୍ଣ ହେବ।


# ଆଜିଠାରୁ ଦୁଲୀପ ଟ୍ରଫି ସେମିଫାଇନାଲ ଲଢ଼େଇ

ବେଙ୍ଗାଲୁରୁ,୩।୯ (ଏଜେନ୍ସି): ଆନ୍ତଃଜୋନ୍ ଦୁଲୀପ୍ ଟ୍ରଫି କ୍ରିକେଟ ପ୍ରତିଯୋଗିତାର ସେମିଫାଇନାଲ ପର୍ଯ୍ୟାୟ ମୁକାବିଲା ଗୁରୁବାରଠାରୁ ଏଠାରେ ଆରମ୍ଭ ହେବ। ଜାତୀୟ ଦଳକୁ ଫେରିବା ଲାଗି ଆଶାୟୀ ଥିବା ଖେଳାଳିଙ୍କ ଲାଗି ଏହା ବେଶ ସହାୟକ ହେବ। ଆସନ୍ତାକାଲିର ସେମିଫାଇନାଲ ମୁକାବିଲାରେ ପଶ୍ଚିମାଞ୍ଚଳ ସହ କେନ୍ଦ୍ରାଞ୍ଚଳ ଖେଳିବ। ଏସିଆ କପ୍ ଦଳରୁ ବାଦ୍ ପଡ଼ି ଚର୍ଚ୍ଚାରେ ଥିବା ଶ୍ରେୟସ ଆୟର, ଯୁବ ଓପନର ଯଶସ୍ୱୀ ଜୟସ୍ୱାଲ ପ୍ରମୁଖ ଏଠାରେ ଭଲ ପ୍ରଦର୍ଶନ କରି ଚୟନକର୍ତ୍ତାଙ୍କ ଦୃଷ୍ଟି ଆକର୍ଷଣ କରିବାକୁ ଚେଷ୍ଟା କରିବେ। ରଜତ ପାଟିଦାରଙ୍କ ନେତୃତ୍ୱରେ କେନ୍ଦ୍ରାଞ୍ଚଳ ଜୋରଦାର ମୁକାବିଲା କରିବ ବୋଲି ଆଶା କରାଯାଉଛି। ସେହିପରି ଦ୍ୱିତୀୟ ସେମିଫାଇନାଲ ଉତ୍ତରାଞ୍ଚଳ ଓ ଦକ୍ଷିଣାଞ୍ଚଳ ମଧ୍ୟରେ ଖେଳାଯିବ।

# ୟୁଏସ୍ ଓପନ୍ | ସେମିରେ ଜୋକୋଭିଚ୍-ଆଲ୍‌କାରାଜ୍

ନ୍ୟୁୟର୍କ,୩।୯ (ଏଜେନ୍ସି):





ବିଶ୍ୱର ନଂ-୨ ଖେଳାଳି ସ୍ପେନ୍‌ର କାର୍ଲୋସ ଆଲକାରାଜ ଓ ରେକର୍ଡ ୨୫ତମ ଗ୍ରାଣ୍ଡସ୍ଲାମ୍ ଟାଇଟଲ ଜିତିବା ଲାଗି ଆଶାୟୀ ଥିବା ସର୍ବିଆର ନୋଭାକ ଜୋକୋଭିଚ୍‌ଙ୍କ ମଧ୍ୟରେ ୟୁଏସ୍ ଓପନ ୨୦୨୫ ପୁରୁଷ ଏକକ ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ମଙ୍ଗଳବାର ରାତିରେ ଅନୁଷ୍ଠିତ ପ୍ରତିଦ୍ୱନ୍ଦ୍ୱିତାମୂଳକ କ୍ୱାର୍ଟରଫାଇନାଲ ମୁକାବିଲାରେ ଜୋକୋଭିଚ୍ ୬-୩, ୭-୫, ୩-୬, ୬-୪ ସେଟ୍‌ରେ ଚତୁର୍ଥ ସିଡ୍ ଆମେରିକାର ଟେଲର ଫ୍ରିଜ୍‌ଙ୍କୁ ପରାସ୍ତ କରିଥିଲେ। ଏହି ମ୍ୟାଚ୍‌ଟି ୩ଘଣ୍ଟା ୪୨ ମିନିଟ୍‌ରେ ଶେଷ ହୋଇଥିଲା। ଏହା ଫଳରେ ୩୮ ବର୍ଷୀୟ ଜୋକୋଭିଚ ବୟସ ଓ କ୍ଲାନ୍ତହୀନତାକୁ ପଛରେ ପକାଇ ଏହି ମ୍ୟାଚ୍ ଜିତିନେଇଥିଲେ। ଏଠାରେ ୪ଥର ଟାଇଟଲ ଜିତିଥିବା ଜୋକୋଭିଚ୍ ୧୪ଥର ଲାଗି ସେମିଫାଇନାଲରେ ପ୍ରବେଶ କରି ଜିମି କନର୍ସଙ୍କ ରେକର୍ଡ ସହ ସମକକ୍ଷ ହୋଇଛନ୍ତି। ଅନ୍ୟ ପକ୍ଷରେ ପୂର୍ବରୁ ଖେଳାଯାଇଥିବା କ୍ୱାର୍ଟର ଫାଇନାଲ ମୁକାବିଲାରେ ଆଲକାରାଜ ୩-୦ ସେଟ୍‌ରେ ନଂ-୨୦ ସିଡ ଜିରି ଲେହେକାଙ୍କୁ ପରାସ୍ତ କରି ପ୍ରଥମ ଖେଳାଳିଭାବେ ସେମିଫାଇନାଲରେ ପ୍ରବେଶ କରିଥିଲେ। ଏହା ଫଳରେ ଜୋକୋଭିଚ୍‌ଙ୍କ ସହ ମୁକାବିଲା ଲାଗି ସେ ନିଜକୁ ଭଲ ଭାବେ ପ୍ରସ୍ତୁତ କରିନେଇଥିଲେ। ଜୋକୋଭିଚ୍‌ଙ୍କ ସହ ୭ଥର ମେଜର ମୁକାବିଲାରେ ଆଲକାରାଜ ହାରିନାହାନ୍ତି। କିନ୍ତୁ ଏଟିପି ମୁକାବିଲାରେ ଜୋକୋଭିଚ୍ ୩-୨ରେ ଆଗୁଆ ରହିଛନ୍ତି। ଆଲକାରାଜ ଓ ନଂ-୧ ଜାନିକ ସିନ୍ନରଙ୍କ ମଧ୍ୟରେ ଫାଇନାଲ ଲଢ଼େଇର ମୁଖ୍ୟ ପ୍ରତିବନ୍ଧକ ଭାବେ ମୁଁ ରହିଛି। ଏବେ ଉଭୟ ବିଶ୍ୱର ଶ୍ରେଷ୍ଠ ଖେଳାଳି। କିନ୍ତୁ ସେମିଫାଇନାଲ ମୁକାବିଲାରେ ମୁଁ ଖେଳ ଦେଖିବାକୁ ଯିବି ନାହିଁ, ଖେଳିବି ବୋଲି ସେମିଫାଇନାଲରେ ପ୍ରବେଶ କରିବା ପରେ କହିଛନ୍ତି ଜୋକୋଭିଚ୍।

ପୁରୁଷ ବିଭାଗର ଅନ୍ୟ ଦୁଇଟି କ୍ୱାର୍ଟର ଫାଇନାଲ ଆଜି ବା ବୁଧବାର ରାତିରେ ଖେଳାଯିବ। କ୍ୱାର୍ଟରରେ ୮ ନମ୍ବର ସିଡ୍ ଅଷ୍ଟ୍ରେଲିଆର ଆଲେକ୍ସ ଡି ମିନାଉର ଓ କାନାଡାର ଫେଲିକ୍ସ ଅଗର-ଆଲିଆସିମେଙ୍କ ମଧ୍ୟରେ ଖେଳାଯିବ। ସେହିପରି ଦ୍ୱିତୀୟ କ୍ୱାର୍ଟର ଇଟାଲୀର ଜାନିକ ସିନ୍ନର ସେମିଫାଇନାଲ ସ୍ଥାନ ଲାଗି ୧୦ ନମ୍ବର ସିଡ ତଥା ନିଜ ଦେଶର ଲୋରେଞ୍ଜୋ ମୁସେଟିଙ୍କ ସହ ମୁକାବିଲା କରିବେ।

## ଓହରିଲେ ଭୋଣ୍ଡ୍ରୋଉସୋଭା, ସେମିରେ ସାବାଲେଙ୍କା

ମଙ୍ଗଳବାର ରାତିରେ ବିଶ୍ୱର ନଂ-୧ ଖେଳାଳି ଆରିନା ସାବାଲେଙ୍କା ଓ ଚେକ୍ ରିପବ୍ଲିକ୍‌ର ମାର୍କେଟା ଭୋଣ୍ଡ୍ରୋଉସୋଭାଙ୍କ ମଧ୍ୟରେ ମହିଳା ଏକକ ଦ୍ୱିତୀୟ କ୍ୱାର୍ଟର ଫାଇନାଲ ଖେଳାଯିବାର କାର୍ଯ୍ୟକ୍ରମ ରହିଥିଲା। କିନ୍ତୁ ଆଘାତ ଲାଗିଥିବା ଆଣ୍ଠୁରେ ଯନ୍ତ୍ରଣା ଅଧିକ ହେବାରୁ ଭୋଣ୍ଡ୍ରୋଉସୋଭା ଏହି ମ୍ୟାଚ୍‌ରୁ ଓହରିଯାଇଥିଲେ। ଏହା ଫଳରେ ବିନା ଲଢ଼େଇରେ ନଂ-୧ ସାବାଲେଙ୍କା ସେମିଫାଇନାଲରେ ପ୍ରବେଶ କରିଥିଲେ। ସେମିରେ ତାଙ୍କର ମୁକାବିଲା ହେବ ନଂ-୪ ସିଡ୍ ଆମେରିକାର ଜେସିକା ପେଗୁଲାଙ୍କ ସହ। ପେଗୁଲା ଏକ ସହଜ ମୁକାବିଲାରେ ଚେକ୍ ରିପବ୍ଲିକ୍‌ର ଆଉ ଜଣେ ଖେଳାଳି ବାର୍ବରା କ୍ରେଜିକୋଭାଙ୍କୁ ୬-୩, ୬-୩ ସିଧାସଳଖ ସେଟ୍‌ରେ ପରାସ୍ତ କରି ସେମିରେ ପ୍ରବେଶ କରିଥିଲେ। ସେହିପରି ମହିଳା ଏକକ ବିଭାଗର ଅନ୍ୟ ଦୁଇ କ୍ୱାର୍ଟରଫାଇନାଲ ଆଜି ବା ବୁଧବାର ରାତିରେ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ଏହା ମଧ୍ୟରୁ ନଂ-୨ ପୋଲାଣ୍ଡର ଇଗା ସ୍ୱିଆଟେକଙ୍କ ସହ ନଂ-୮ ଆମେରିକାର ଆମାଣ୍ଡା ଆନିସିମୋଭାଙ୍କର ମୁକାବିଲା ହେବ। ଗୁରୁବାର ସକାଳେ ନଂ-୧୧ ସିଡ୍ ଚେକ୍ ରିପବ୍ଲିକ୍‌ର କାରୋଲିନା ମୁଚୋଭାଙ୍କ ସହ ଫର୍ମକୁ ଫେରିଥିବା ନଂ-୨୩ ସିଡ୍ ଜାପାନର ନାଓମି ଓସାକାଙ୍କ ସହ ମୁକାବିଲା ହେବ।

## ପୁରୁଷ ଯୁଗଳ କ୍ୱାର୍ଟରରେ ଭାମ୍ବ୍ରୀ-ଭେନସ

ଭାରତର ୟୁକି ଭାମ୍ବ୍ରୀ ଓ ତାଙ୍କ ନ୍ୟୁଜିଲାଣ୍ଡ ଯୋଡି ମାଇକେଲ ଭେନସ ୟୁଏସ୍ ଓପନ ପୁରୁଷ ଯୁଗଳ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ରାତିରେ ଖେଳାଯାଇଥିବା ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲାରେ ଭାମ୍ବ୍ରୀ-ଭେନସଙ୍କ ଯୋଡି ଚତୁର୍ଥ ସିଡ ଜର୍ମାନୀର ଟିମ୍ ପୁଏଜ୍ ଓ କେଭିନ କ୍ରୱିଏଜ୍‌ଙ୍କୁ ୬-୪, ୬-୪ ସିଧାସଳଖ ସେଟ୍‌ରେ ହରାଇଥିଲେ। ଏହି ମୁକାବିଲା ଦୀର୍ଘ ଏକ ଘଣ୍ଟା ୨୩ ମିନିଟକାଳ ଚାଲିଥିଲା। ଏହି ବିଜୟ ଫଳରେ ଭାରତର ଭାମ୍ବ୍ରୀ ଯେ କୌଣସି ଗ୍ରାଣ୍ଡସ୍ଲାମ୍ ଇଭେଣ୍ଟରେ ପ୍ରଥମଥର କ୍ୱାର୍ଟରଫାଇନାଲରେ ପ୍ରବେଶ କରିବାରେ ସମର୍ଥ ହୋଇଛନ୍ତି। ଆସନ୍ତାକାଲି ଖେଳାଯିବାକୁ ଥିବା କ୍ୱାର୍ଟର ଫାଇନାଲରେ ଭାମ୍ବ୍ରୀ-ଭେନସଙ୍କ ଯୋଡି ଏକାଦଶ ସିଡ୍ କ୍ରୋଏସିଆର ନିକୋଲା ମେକ୍‌ଟିକ୍ ଓ ଆମେରିକାର ଭେଟେରାନ ଖେଳାଳି ରାଜୀବ ରାମଙ୍କୁ ନେଇ ଗଠିତ ଯୋଡିଙ୍କୁ ଭେଟିବେ।

# ସିଏସ୍‌କେକୁ ଏନ୍ ଶ୍ରୀନିବାସନଙ୍କ ପ୍ରତ୍ୟାବର୍ତ୍ତନ



ଚେନ୍ନାଇ, ୩।୯ (ଏଜେନ୍ସି): ଦୀର୍ଘ ବର୍ଷର ବ୍ୟବଧାନ ପରେ ବରିଷ୍ଠ କ୍ରିକେଟ୍ ପ୍ରଶାସକ ତଥା ବିସିସିଆଇର ପୂର୍ବତନ ସଭାପତି ଏନ୍ ଶ୍ରୀନିବାସନ ପାଞ୍ଚଥରର ଆଇପିଏଲ୍ ଚାମ୍ପିଅନ ଚେନ୍ନାଇ ସୁପର୍ କିଙ୍ଗ୍‌ସ (ସିଏସ୍‌କେ) ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଶ୍ରୀନିବାସନଙ୍କ ସମେତ ତାଙ୍କ ଝିଅ ରୂପା ଗୁରୁନାଥଙ୍କୁ ଚେନ୍ନାଇ ସୁପର୍ କିଙ୍ଗ୍‌ସ କ୍ରିକେଟ୍ ଲିମିଟେଡ୍ (ସିଏସ୍‌କେସିଏଲ୍)ର ନିର୍ଦ୍ଦେଶକ ଭାବେ ନିଯୁକ୍ତ କରାଯାଇଛି। ତେବେ ବୟସକୁ ଦୃଷ୍ଟିରେ ରଖି ଯାତ୍ରାକୁ ସୀମିତ ରଖିବା ଲାଗି ୮୦ ବର୍ଷୀୟ ଶ୍ରୀନିବାସଙ୍କୁ ସିଏସ୍‌କେର ପରାମର୍ଶଦାତା ଭୂମିକାରେ ଦେଖିବାକୁ ମିଳିବ। ସିଏସ୍‌କେର ସିଇଓ କାଶୀ ବିଶ୍ୱନାଥନ ଏହି ସୂଚନା ଦେଇଛନ୍ତି। ତାଙ୍କର ଉପସ୍ଥିତି ସିଏସ୍‌କେର ରଣନୀତି ଓ ପରିଚାଳନା ଦକ୍ଷତାକୁ ବୃଦ୍ଧି କରିବ ବୋଲି ସେ କହିଛନ୍ତି। ଭାରତୀୟ କ୍ରିକେଟ୍‌ରେ ଦଶନ୍ଧିରୁ ଊର୍ଦ୍ଧ୍ୱ ବର୍ଷର ଅଭିଜ୍ଞତା ଥିବା ଶ୍ରୀନିବାସନଙ୍କ ପ୍ରତ୍ୟାବର୍ତ୍ତନ ଚେନ୍ନାଇ ସୁପର୍ କିଙ୍ଗ୍‌ସକୁ ଏଭଳି ସମୟରେ ହୋଇଛି ଯେତେବେଳେ ଦଳ ଗତ ଆଇପିଏଲ୍ ବିପର୍ଯ୍ୟୟରୁ ମୁକୁଳିବା ଲାଗି ଚେଷ୍ଟା କରୁଛି। ଆଇପିଏଲ୍ ଇତିହାସରେ ସିଏସ୍‌କେ ପ୍ରଥମଥର ଲାଗି ଗତ ସଂସ୍କରଣରେ ସର୍ବନିମ୍ନ ସ୍ଥାନରେ ରହି ଅଭିଯାନ ଶେଷ କରିଥିଲା। ୨୦୦୮ରେ ସିଏସ୍‌କେ ଗଠନ ପଛରେ ଶ୍ରୀନିବାସନ ପ୍ରମୁଖ ଭୂମିକା ରହିଥିଲେ। କିନ୍ତୁ ସେ କେବେ ମଧ୍ୟ ଅଫିସିଆଲ୍ ଭାବେ ସିଏସ୍‌କେ ଫ୍ରାଞ୍ଚାଇଜର କୌଣସି ପଦବୀରେ ରହି ନ ଥିଲେ।

# ଦକ୍ଷିଣ ଆଫ୍ରିକାର ନେତୃତ୍ୱ ନେବେ ଲୌରା

**ମହିଳା ଦିନିକିଆ ବିଶ୍ୱକପ୍**

ଜୋହାନ୍ସବର୍ଗ, ୩।୯ (ଏଜେନ୍ସି): ମହିଳା ଦିନିକିଆ ବିଶ୍ୱକପ୍‌ର ତ୍ରୟୋଦଶ ସଂସ୍କରଣ ସେପ୍ଟେମ୍ବର ୩୦ରୁ ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଆରମ୍ଭ ହେବ। ଏହି ମେଗା ଇଭେଣ୍ଟ ଲାଗି ବୁଧବାର ଦକ୍ଷିଣ ଆଫ୍ରିକା ମହିଳା କ୍ରିକେଟ୍ ଦଳ ଘୋଷଣା କରାଯାଇଛି। ଯୁବ ବ୍ୟାଟର୍ ଲୌରା ୱଲଭାର୍ଡଟଙ୍କୁ ଘୋଷିତ ୧୫ ଜଣିଆ ଦଳର ନେତୃତ୍ୱ ପ୍ରଦାନ କରାଯାଇଛି। ସେହିଭଳି ସୁନେ ଲସ୍, ମାରିଜାନ୍ନେ କାପ୍ପ, କ୍ଲୋଏ ଟ୍ରାୟନ ଓ ଆୟାବୋଙ୍ଗା ଖାକାଙ୍କ ଭଳି ଅଭିଜ୍ଞ ଖେଳାଳି ଦଳରେ ସ୍ଥାନ ବଜାୟ ରଖିଛନ୍ତି। ଅକ୍ଟୋବର ୩ରେ ଇଂଲଣ୍ଡ ବିପକ୍ଷରେ ଖେଳି ବିଶ୍ୱକପ୍‌ରେ ଅଭିଯାନ ଆରମ୍ଭ କରିବ।

**ଘୋଷିତ ଦକ୍ଷିଣ ଆଫ୍ରିକା ଦଳ:** ଲୌରା ୱଲଭାର୍ଡଟ୍ (ଅଧିନାୟିକା), ଆନେକ ବୋଶ୍, ତାଜମିନ ବ୍ରିଟ୍ସ, ନାଦିନେ ଡି କ୍ଲେର୍କ, ଆନେରି ଡେର୍କେସନ, ସିନାଲୋ ଜାଫତା, ମାରିଜାନ୍ନେ କାପ୍ପ, ଆୟାବୋଙ୍ଗା ଖାକା, ମାସାବାତା କ୍ଲାସ, ସୁନେ ଲସ୍, କାରାବୋ ମେସୋ, ନୋଙ୍କୁଲୁଲେକୋ ମାଲବା, ତୁମି ସେଖୁଖୁନେ, ନୋନ୍ଦୁମିସୋ ଶାଙ୍ଗାସେ ଓ କ୍ଲୋଏ ଟ୍ରାୟନ।

# ଡବଲ୍ ସ୍ୱର୍ଣ୍ଣ ବିଜୟିନୀ ରଶ୍ମିତା ସମ୍ବର୍ଦ୍ଧିତ



ଭୁବନେଶ୍ୱର, ୩।୯ (ସମିସ): ଖେଲୋ ଇଣ୍ଡିଆ ଜଳକ୍ରୀଡ଼ାରେ ଦୁଇ ଦୁଇଟି ସ୍ୱର୍ଣ୍ଣ ପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଥିବା ରଶ୍ମିତା ସାହୁଙ୍କୁ କିଟ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି। କିଟ୍‌ରେ ଅଧ୍ୟୟନ କରୁଥିବା ରଶ୍ମିତାଙ୍କୁ ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ବୁଧବାର ଆର୍ଥିକ ପ୍ରୋତ୍ସାହନ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଏଥିସହ ରଶ୍ମିତାଙ୍କୁ ଆଗାମୀ କ୍ରୀଡ଼ା କ୍ୟାରିୟରରେ ସମସ୍ତ ସହଯୋଗ ବିଶ୍ୱବିଦ୍ୟାଳୟ ପକ୍ଷରୁ ଯୋଗାଇ ଦେବାକୁ ଶ୍ରୀ ସାମନ୍ତ ପ୍ରତିଶ୍ରୁତି ଦେଇଥିଲେ। ଉଲ୍ଲେଖଯୋଗ୍ୟ, ଶ୍ରୀନଗରରେ ଶେଷ ହୋଇଥିବା ଖେଲୋ ଇଣ୍ଡିଆ ଜଳକ୍ରୀଡ଼ାରେ ଚୌଦ୍ୱାରର ରଶ୍ମିତା ୨୦୦ ମିଟର କାନୋଇଂ-୧ ଓ ୫୦୦ ମିଟର କାନୋଇଂ-୨ ଇଭେଣ୍ଟରେ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଏହି ସଫଳତା ଲାଗି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗତ ରବିବାର 'ମନ୍ କି ବାତ୍' କାର୍ଯ୍ୟକ୍ରମରେ ରଶ୍ମିତାଙ୍କୁ ଶୁଭେଚ୍ଛା ଜଣାଇଥିଲେ।

# ଜିଲ୍ଲାସ୍ତରୀୟ ଟାଏକ୍ୱୋଣ୍ଡୋ ଉଦ୍‌ଯାପିତ




ଭୁବନେଶ୍ୱର, ୩।୯ (ସମିସ): ସ୍ଥାନୀୟ ପାଣ୍ଡରାସ୍ଥିତ ବିନୋରୀ ଟାଏକ୍ୱୋଣ୍ଡୋ ଏକାଡେମୀରେ ଦୁଇ ଦିନିଆ ୨୩ତମ ଜିଲ୍ଲାସ୍ତରୀୟ ଟାଏକ୍ୱୋଣ୍ଡୋ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଭୁବନେଶ୍ୱର ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ୧୫ଟି ଏକାଡେମୀର ୨୮୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ବିନୋରୀ ଟାଏକ୍ୱୋଣ୍ଡୋ ଏକାଡେମୀର ୪୧ ଜଣ ପ୍ରତିଯୋଗୀ ଏଥିରେ ଭାଗ ନେଇଥିଲେ। ସେମାନଙ୍କ ମଧ୍ୟରୁ ୨୩ ଜଣ ସ୍ୱର୍ଣ୍ଣ, ୭ ଜଣ ରୌପ୍ୟ ଏବଂ ୧୦ ଜଣ କାଂସ୍ୟ ପଦକ ଜିତିବାରେ ସଫଳ ହୋଇଥିଲେ। ବିଧାୟକ ସୁଶାନ୍ତ କୁମାର ରାଉତ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ୧୯ ନମ୍ବର ୱାର୍ଡର କର୍ପୋରେଟର ସ୍ମୃତିଶିଖା ବରିସାଲ ପ୍ରମୁଖ ଅତିଥି ଭାବରେ ଯୋଗ ଦେଇଥିଲେ।

## ଏସିଆ କପ୍ ହକି ସୁପର-୪ ମୁକାବିଲା

# ଦକ୍ଷିଣ କୋରିଆ ସହ ମ୍ୟାଚ୍ ଡ୍ର ରଖିଲା ଭାରତ

ରାଜଗିର,୩।୯ (ଏଜେନ୍ସି):



ମନଦୀପ ସିଂହଙ୍କ ଶେଷ ମୁହୂର୍ତ୍ତ ଗୋଲ ବଳରେ ଏଠାରେ ଆଜି ଆରମ୍ଭ ହୋଇଥିବା ଏସିଆ କପ୍ ସୁପର-୪ ମୁକାବିଲାରେ ଦକ୍ଷିଣ କୋରିଆ ସହ ଭାରତ ମ୍ୟାଚ୍ ଡ୍ର ରଖିବାରେ ସମର୍ଥ ହୋଇଛି। ଏହା ଫଳରେ ଉଭୟ ଦଳ ପଏଣ୍ଟ ଭାଗ କରିଛନ୍ତି। ପ୍ରଥମାର୍ଦ୍ଧରେ ୨-୧ରେ ଦକ୍ଷିଣ କୋରିଆ ଆଗୁଆ ରହିବା ପରେ ଗୋଲ ଶୁଝାଇବାକୁ ଭାରତ କରିଥିବା ପ୍ରବଳ ଉଦ୍ୟମକୁ ଦକ୍ଷିଣ କୋରିଆ ପ୍ରତିହତ କରିଥିଲା। କିନ୍ତୁ ଖେଳ ଶେଷ ମୁହୂର୍ତ୍ତରେ ବା ୫୩ତମ ମିନିଟ୍‌ରେ ମନଦୀପ ପାଇଥିବା ସୁଯୋଗର ସଦ୍‌ବ୍ୟବହାର କରି ଗୋଲ ସ୍କୋର କରିବା ଫଳରେ ଭାରତ ଏହି ମ୍ୟାଚ୍ ଡ୍ର ରଖିଥିଲା। ଭାରତ ପକ୍ଷରୁ ପ୍ରଥମ ଗୋଲ୍‌ଟି ହାର୍ଦ୍ଦିକ ସିଂହ ଦେଇଥିଲେ। ଏହା ମଧ୍ୟ ଫିଲ୍ଡ ଗୋଲ ଥିଲା। ଭାରତୀୟ ଡ୍ରାଗ୍‌ଫ୍ଲିକରମାନେ ଏହି ମ୍ୟାଚ୍‌ରେ ଗୋଟିଏ ହେଲେ ଗୋଲ ସ୍କୋର ନ କରିବା ଦଳର ଦୁର୍ବଳ ପ୍ରସ୍ତୁତିକୁ ପଦାରେ ପକାଇଦେଇଛି। ଦକ୍ଷିଣ କୋରିଆ ପକ୍ଷରୁ ପେନାଲ୍ଟି ଷ୍ଟ୍ରୋକ୍‌ରୁ ଜିହୁନ ୟାଙ୍ଗ୍ ଓ ପେନାଲ୍ଟି କର୍ଣ୍ଣରରୁ କିମ୍ ହେୟନହଙ୍ଗ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ଏହି ମ୍ୟାଚ୍‌ରେ ପଏଣ୍ଟ ହରାଇବା ପରେ ଫାଇନାଲରେ ପ୍ରବେଶ କରିବାକୁ ହେଲେ ଭାରତକୁ ଅନ୍ୟ ଦୁଇଟି ସୁପର-୪ ମ୍ୟାଚ୍‌ରେ ଜିତିବା ନିହାତି ଆବଶ୍ୟକ ହୋଇପଡ଼ିଛି। ଏହି ମ୍ୟାଚ୍ ମଧ୍ୟରୁ ଆସନ୍ତାକାଲି ଲଢ଼ୁଆ ଖେଳ ପ୍ରଦର୍ଶନ କରିଥିବା ମାଲେସିଆ ସହ ଓ ଶନିବାର ଚୀନ୍ ସହ ସୁପର-୪ ମ୍ୟାଚ୍ ଖେଳିବ। ଆସନ୍ତାକାଲି ପ୍ରଥମ ସୁପର-୪ ମୁକାବିଲା ଚୀନ୍ ଓ କୋରିଆ ମଧ୍ୟରେ ଖେଳାଯିବ। ଏଠାରେ ବର୍ଷା ଯୋଗୁଁ ଭାରତ-କୋରିଆ ମୁକାବିଲା ପାଖାପାଖି ଏକ ଘଣ୍ଟା ବିଳମ୍ବରେ ଆରମ୍ଭ ହୋଇଥିଲା।

## ଚୀନ୍‌କୁ ୨-୦ ଗୋଲରେ ହରାଇଲା ମାଲେସିଆ

ବୁଧବାର ଖେଳାଯାଇଥିବା ପ୍ରଥମ ମୁକାବିଲାରେ ମାଲେସିଆ ୨-୦ ଗୋଲରେ ଚୀନ୍‌କୁ ହରାଇ ପୂରା ପଏଣ୍ଟ ସଂଗ୍ରହ କରିଛି। ଦଳ ପକ୍ଷରୁ ଏକ ନମ୍ବର ଜର୍ସି ପରିହିତ ଖେଳାଳି ସୟଦ ଚୋଲାନ ପେନାଲ୍ଟି କର୍ଣ୍ଣରୁ ଓ ୧୧ ନମ୍ବର ଅଖିମୁଲ୍ଲା ଅନୁଆର ଗୋଟିଏ ଫିଲ୍ଡ ଗୋଲ କରିଥିଲେ। ପ୍ରଥମାର୍ଦ୍ଧ ଖେଳ ଶେଷ ସୁଦ୍ଧା ଉଭୟ ଦଳ ଗୋଲ ସ୍କୋର କରିବାରେ ସମର୍ଥ ହୋଇ ନ ଥିଲେ। ଟୁର୍ଣ୍ଣାମେଣ୍ଟରେ ୩ଟି ଯାକ ଲିଗ୍ ମୁକାବିଲାକୁ ସହଜରେ ଜିତିଥିବା ମାଲେସିଆ ପକ୍ଷରୁ ତୃତୀୟ ଓ ଚତୁର୍ଥ କ୍ୱାର୍ଟରରେ ଗୋଟିଏ ଲେଖାଏଁ ଗୋଲ କରିବାରେ ସମର୍ଥ ହୋଇଥିଲା। ଆସନ୍ତାକାଲି ସୁପର-୪ର ଦ୍ୱିତୀୟ ମୁକାବିଲାରେ ଭାରତ ସହ ଖେଳିବ ମାଲେସିଆ। ଏହି ଟୁର୍ଣ୍ଣାମେଣ୍ଟରେ ଉଭୟ ଦଳ ଏଯାଏ ଶ୍ରେଷ୍ଠ ଖେଳ ପ୍ରଦର୍ଶନ କରିଆସିଛନ୍ତି। ସୁପର-୪ ମୁକାବିଲା ପୂର୍ବରୁ ଖେଳାଯାଇଥିବା କ୍ଲାସିଫିକେସନ ମୁକାବିଲାରେ ଜାପାନ ୨-୦ ଗୋଲରେ ଚାଇନିଜ୍ ତାଇପେକୁ ପରାସ୍ତ କରିଛି। ଆସନ୍ତାକାଲି ବାଂଲାଦେଶ ଓ କାଜାଖସ୍ଥାନ ମଧ୍ୟରେ ମୁକାବିଲା ହେବ।


ନନ୍ଦିଘୋଷ

**'ନନ୍ଦିଘୋଷ ଟିଭି'**

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ୧) ସ୍କ୍ରଲ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୨) ଇନପୁଟ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୩) ବୁଲେଟିନ ପ୍ରଡ୍ୟୁସର | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୭ ସେପ୍ଟେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡ଼ିକୁ ସାକ୍ଷାତକାର ପାଇଁ ଡକାଯିବ।

ଯୋଗାଯୋଗ: ୯୪୩୭୦୧୬୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯


PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS